◆ RNI REGD NO: 42041/83
◆ www.sakalaepaper.com
◆ /sakalanews
◆ /sakalanews
◆ www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-73 ◆SATURDAY ◆6 SEPTEMBER 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୭୩ ◆ଶନିବାର ◆୬ ସେପ୍ଟେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ଲକ୍ଷେ ଆଠ ହଜାର ଟପିଲା ସୁନା ଦର



**୨୨ କ୍ୟାରେଟ୍ ୯୮ ହଜାର ଉପରେ**

■ **ଭୁବନେଶ୍ୱର, ୫।୯ (ଏଜେନ୍ସି):** ଦିନକୁ ଦିନ ଆକାଶଛୁଆଁ ହେବାରେ ଲାଗିଛି ସୁନା ଏବଂ ରୂପା ଦର। ଶୁକ୍ରବାର ଘରୋଇ ବଜାରରେ ସୁନା ମୂଲ୍ୟ ୧୦ ଗ୍ରାମ ପ୍ରତି ୧.୦୮ ଲକ୍ଷ ଟଙ୍କା ଉପରକୁ ଯାଇ ଏକ ନୂତନ ଶିଖରରେ ପହଞ୍ଚିଛି। ସେହିପରି ସୁନା ସହ ରୁପା ଦର ମଧ୍ୟ ଆଜି ସବୁ ରେକର୍ଡ ପାର୍ କରିଛି। ରାଜଧାନୀ ଭୁବନେଶ୍ୱରରେ ସୋମବାର ୧୦ ଗ୍ରାମ ପିଛା ୨୪ କ୍ୟାରେଟ୍ ସୁନା ଦର ରେକର୍ଡ ୧,୦୮,୦୦୦ ଟଙ୍କାରେ ପହଞ୍ଚିଛି। ସେହିପରି ୨୨ କ୍ୟାରେଟ୍ ସୁନା ଦର ମଧ୍ୟ ୧୦ ଗ୍ରାମ ପିଛା ପ୍ରଥମ କରି ୯୮,୬୫୦ ଟଙ୍କା ହୋଇଛି। ତେବେ ରୁପା କିଲୋ ପିଛା ୧,୨୯,୨୦୦ ଟଙ୍କା ସ୍ତର ଟପି ନୂଆ ଇତିହାସ ରଚିଛି। ସେହିପରି ନୂଆଦିଲ୍ଲୀରେ ଆଜି ୨୪ କ୍ୟାରେଟ୍ ସୁନା ଦର ୧୦ ଗ୍ରାମ ପ୍ରତି ୧,୦୭,୭୬୦ ଟଙ୍କାର ନୂତନ ସ୍ତରରେ ପହଞ୍ଚିଛି। ତେବେ ୨୨ କ୍ୟାରେଟ୍ ସୁନା ମୂଲ୍ୟ ମଧ୍ୟ ୧୦ ଗ୍ରାମ ପିଛା ପ୍ରଥମ କରି ୯୮,୮୦୦ ଟଙ୍କା ହୋଇଛି। କେତେକ ବୈଶ୍ୱିକ କାରଣ ଯୋଗୁ ବିଶ୍ୱ ସମେତ ଘରୋଇ ବଜାରରେ ସୁନା ଦର ମହଙ୍ଗା ହେବାରେ ଲାଗିଛି। ସୂଚନାଯୋଗ୍ୟ ଯେ ଚଳିତବର୍ଷ ଘରୋଇ ବଜାରରେ ସୁନା ଦର ୩୦ ହଜାର ଏବଂ ରୁପା ୩୭ ହଜାର ଟଙ୍କା ବୃଦ୍ଧି ଘଟିଛି।

## ଭାରତରେ ବିକ୍ରିର ସବୁ ରେକର୍ଡ ଭାଙ୍ଗିଲା ଆପଲ୍

**୨୦୨୪-୨୫ରେ ବିକିଲା ୯୦୦ କୋଟି ଟଙ୍କାର ଆଇଫୋନ୍**

■ **ନୂଆଦିଲ୍ଲୀ, ୯।୫ (ଏଜେନ୍ସି):** ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ୍ ଭାରତ ଉପରେ ଟାରିଫ୍ ଲଗାଇବାରେ ବ୍ୟସ୍ତ ଅନ୍ୟପଟେ ତାଙ୍କ ଦେଶର କମ୍ପାନୀ ଭାରତରୁ ମୋଟ ଅଙ୍କର ରାଜସ୍ୱ ଅସୁଲ କରିଚାଲିଛି। ଆଇଫୋନ୍ ନିର୍ମାତା ଆପଲ୍ ଭାରତରେ ତାର ବିକ୍ରିର ସମସ୍ତ ରେକର୍ଡ ଭାଙ୍ଗିଛି। କମ୍ପାନୀ ୨୦୨୪-୨୫ ଆର୍ଥିକବର୍ଷରେ ଭାରତରେ ପ୍ରାୟ ୯୦୦ କୋଟି ଟଙ୍କାର ଆଇଫୋନ୍ ବିକ୍ରି କରିଛି। ବ୍ଲୁମ୍‌ବର୍ଗଙ୍କ ରିପୋର୍ଟ ଅନୁଯାୟୀ, ଗତ ଆର୍ଥିକବର୍ଷରେ ଭାରତରେ କମ୍ପାନୀର ମୋଟ ବିକ୍ରି ପ୍ରାୟ ୯ ବିଲିୟନ ଡଲାରରେ ପହଞ୍ଚିଛି, ଯାହା ଏକ ବର୍ଷ ପୂର୍ବ ତୁଳନାରେ ପ୍ରାୟ ୧୩% ଅଧିକ। ଏହି ବୃହତ୍ ବିକ୍ରିରେ ଆଇଫୋନ ସର୍ବାଧିକ ଯୋଗଦାନ ରଖିଛି। ଏହାଛଡା ମ୍ୟାକବୁକ କମ୍ପ୍ୟୁଟରର ଚାହିଦା ମଧ୍ୟ ଯଥେଷ୍ଟ ବୃଦ୍ଧି ପାଇଛି। ସବୁଠାରୁ କୌତୂହଳର ବିଷୟ ହେଉଛି ଯେ, ଭାରତରେ ଆପଲ୍‌ର ଏହି ରେକର୍ଡ ବିକ୍ରି ଅଭିବୃଦ୍ଧି ଏପରି ସମୟରେ ହୋଇଛି ଯେତେବେଳେ ସାରା ବିଶ୍ୱରେ ମୋବାଇଲ ଫୋନ୍ ବିକ୍ରି ହ୍ରାସ ପାଉଛି। ଯଦିଓ ଭାରତ ଏବେ ବି ଆପଲର ମୋଟ ବ୍ୟବସାୟର ଏକ ଛୋଟ ଅଂଶ, କମ୍ପାନୀ ଏଠାରେ ବହୁତ ଅଧିକ ଅର୍ଥ ନିବେଶ କରୁଛି, କାରଣ ଆଶା ରହିଛି ଯେ ଆଗାମୀ ବର୍ଷଗୁଡ଼ିକରେ ଭାରତ ଏକ ବିଶାଳ ବଜାର ହେବ।

# ବର୍ଷା ପରେ ଚିନ୍ତା ବଢ଼ାଇଲା ପୂର୍ଣ୍ଣିମା

## ପାଣି ଟାଣୁନି ଜୁଆରିଆ ସମୁଦ୍ର; ଫୁଲୁଛି ରାଜ୍ୟର ପ୍ରମୁଖ ନଦୀ

**୧୩ରେ ଆଉ ଏକ ଲଘୁଚାପ**

■ **ଭୁବନେଶ୍ୱର, ୫।୯ (ସମିସ):** ଲଘୁଚାପ ଯୋଗୁଁ ରାଜ୍ୟର ପ୍ରମୁଖ ନଦୀଗୁଡ଼ିକର ଉଭୟ ଉପର ଓ ତଳମୁଣ୍ଡରେ ପ୍ରବଳ ବର୍ଷା ହୋଇଛି। ତଳମୁଣ୍ଡରେ ବର୍ଷା ଯୋଗୁଁ ରାଜ୍ୟର ପ୍ରମୁଖ ନଦୀଗୁଡ଼ିକ ଏବେ ଫୁଲି ରହିଛି। ଅନ୍ୟପଟେ ଉପରମୁଣ୍ଡରେ ହୋଇଥିବା ବର୍ଷା ପାଇଁ ରାଜ୍ୟର ବଡ଼ ବଡ଼ ଡ୍ୟାମ୍‌ଗୁଡ଼ିକୁ ମଧ୍ୟ ପ୍ରଚୁର ଜଳ ପ୍ରବେଶ କରୁଛି। ଡ୍ୟାମ୍‌ର ଜଳଧାରଣ କ୍ଷମତାକୁ ଦୃଷ୍ଟିରେ ରଖି ଏଠାରୁ ଜଳ ନିଷ୍କାସନ ଅପରିହାର୍ଯ୍ୟ ହୋଇପଡ଼ିଥିବା ବେଳେ ଏହା ରାଜ୍ୟବାସୀ ଓ ସରକାରଙ୍କ ପାଇଁ ଚିନ୍ତା ବଢ଼ାଇଛି। କାରଣ ବର୍ତ୍ତମାନ ନଦୀ ଓ ଡ୍ୟାମ୍‌ଗୁଡ଼ିକରେ ଜଳ ପୂର୍ଣ୍ଣ ଅବସ୍ଥାରେ ରହିଥିବା ବେଳେ ୭ ତାରିଖରେ ପୂର୍ଣ୍ଣିମା ଥିବାରୁ ସମୁଦ୍ର ଜୁଆରିଆ ରହୁଛି ଓ ନଦୀରୁ ବନ୍ୟା ଜଳ ନିଷ୍କାସନ ହେବାରେ ବାଧା ସୃଷ୍ଟି ହେଉଛି। ସମୁଦ୍ର ପାଣି ଟାଣୁ ନ ଥିବାରୁ ବନ୍ୟା ଜଳ ନଦୀକୂଳିଆ ଲୋକଙ୍କ ପାଇଁ ବିପଦ ବଢ଼ାଇବାର ଆଶଙ୍କା ସୃଷ୍ଟି ହୋଇଛି।

ଶୁକ୍ରବାର ବୈତରଣୀ ନଦୀ ବିପଦ ସଙ୍କେତ ତଳକୁ ଖସିଥିଲେ ମଧ୍ୟ ଏବେ ବି ଭଦ୍ରକ ଓ ଯାଜପୁର ଜିଲ୍ଲାର ଅନେକ ଅଞ୍ଚଳ ଜଳବନ୍ଦୀ ଅବସ୍ଥାରେ ରହିଛି। ଯାଜପୁର ଓ ଆରଡ଼ି ରାସ୍ତା ବିଚ୍ଛିନ୍ନ ହୋଇଥିବା ବେଳେ ଜଳକା ନଦୀ ବିପଦ ସଙ୍କେତ ଉପରେ ପ୍ରବାହିତ ▶ପୃଷ୍ଠା-୭

## ୨୪ ଗେଟ୍‌ରେ ହୀରାକୁଦରୁ ଜଳ ନିଷ୍କାସନ



■ **ସମ୍ବଲପୁର, ୫।୯ (ସମିସ):** ଉପରମୁଣ୍ଡରେ ବର୍ଷାର ପରିମାଣ ବଢ଼ିବାରୁ ହୀରାକୁଦ ଡ୍ୟାମ୍ କର୍ତ୍ତୃପକ୍ଷ ଆଜି ଆଉ ୮ଟି ଗେଟ୍ ଖୋଲିଛନ୍ତି। ଗତକାଲି ସୁଦ୍ଧା ୧୬ଟି ଗେଟ୍ ଖୋଲାଥିବା ବେଳେ ଆଜି ୮ଟିକୁ ମିଶାଇ ମୋଟ ୨୪ ଗେଟ୍ ଦେଇ ବନ୍ୟାଜଳ ନିଷ୍କାସିତ ହେଉଛି। ଚଳିତବର୍ଷ ପ୍ରଥମଥର ଏକାଥରକେ ଏତେସଂଖ୍ୟକ ଗେଟ୍ ଖୋଲାଯାଇଛି। ନଦୀବନ୍ଧର ବାମପଟରେ ୧୬ଟି ଓ ଡାହାଣ ପଟରେ ୮ଟି ▶ପୃଷ୍ଠା-୭

## ସମ୍ବଲପୁର-ସୋନପୁର ଯାତାୟାତ ବିଚ୍ଛିନ୍ନ



■ **ସମ୍ବଲପୁର, ୫।୯ (ସମିସ):** ସମ୍ବଲପୁର ଗୁଣ୍ଡେରପୁର ବ୍ରିଜ ଉପରେ ତିନି ଫୁଟ୍‌ର ପାଣି। ସମ୍ବଲପୁର ସୋନପୁର ମୁଖ୍ୟ ରାସ୍ତା ଉପରେ ବୋହୁଛି ମହାନଦୀ ପାଣି। ହୀରାକୁଦ ଡ୍ୟାମରୁ ୨୪ଟି ଗେଟ୍ ଖୋଲିବା ପରେ ଏହି ବ୍ରିଜଟି ସମ୍ପୂର୍ଣ୍ଣ ବୁଡିଯାଇ ଯାତାୟତ ବାଧାପ୍ରାପ୍ତ ହୋଇଛି। ସୂଚନା ଅନୁସାରେ ସମ୍ବଲପୁର ସୋନପୁର ଯିବାକୁ ହେଲେ ଉକ୍ତ ରାସ୍ତା ଦେଇ ଯିବାକୁ ପଡ଼େ। ପ୍ରତିଦିନ ଶହଶହ ଗାଡ଼ି ଏହି ରାସ୍ତା ଦେଇ ଯାଇଥାନ୍ତି। ହୀରାକୁଦ ଡ୍ୟାମରେ ଜଳସ୍ତର ବୃଦ୍ଧି ହେବା ପରେ କତ୍ତୃପକ୍ଷ ୨୪ ଗେଟ ଦେଇ ବନ୍ୟା ଜଳଛାଡ଼ିଛନ୍ତି। ଫଳରେ ଏହି ଗୁଣ୍ଡେରପୁର ବ୍ରିଜ ଉପରେ ବର୍ତ୍ତମାନ ୩ ଫୁଟ ଉଚ୍ଚତାରେ ବନ୍ୟାପାଣି ପ୍ରବାହିତ ହେଉଛି। ଯେତେବେଳେ ହୀରାକୁଦ ବନ୍ଧ ଚାରିଲକ୍ଷ ଘନଫୁଟ୍ ଜଳ ନିଷ୍କାସିତ କରୁଛି ଫଳରେ ଅନେକ ତଳିଆ ଅଞ୍ଚଳରେ ମହାନଦୀ ପାଣି ପଶି ଯାଇଥିବା ସୂଚନା ରହିଛି। ବଡ ବଡ ଗାଡ଼ି ଯାତାୟତ ବନ୍ଦ ରହିଥିବା ବେଳେ ଛୋଟ ଗାଡ଼ିଗୁଡ଼ିକ ବିପଦପୂର୍ଣ୍ଣ ଭାବରେ ଲୋକେ ଯାତାୟାତ କରୁଛନ୍ତି। ଏଥି ପ୍ରତି ପ୍ରଶାସନର ଟିକେ ହେଲେ ଦୃଷ୍ଟି ରହିନାହି।

# ଆତଙ୍କୀ ଧମକ ପରେ ମୁମ୍ବାଇରେ ହାଇଆଲର୍ଟ

■ **ମୁମ୍ବଇ, ୫।୯ (ଏଜେନ୍ସି):** ଆତଙ୍କବାଦୀ ସଙ୍ଗଠନ ଲସ୍କର-ଏ-ଜେହାଦୀର ବିସ୍ଫୋରଣ ଧମକ ପରେ ହାଇ ଆଲର୍ଟରେ ମୁମ୍ବାଇ ପୁଲିସ । ଏହି ଧମକପୂର୍ଣ୍ଣ ବାର୍ତ୍ତା ମିଳିବା ପରେ ହିଁ ମୁମ୍ବାଇ ପୁଲିସ ସତର୍କ ହୋଇଛି ଓ କ୍ରାଇମ ବ୍ରାଞ୍ଚ ଟିମ୍ ବିଭିନ୍ନ ସ୍ଥାନରେ ଯାଞ୍ଚ ଆରମ୍ଭ କରିଛି। ଆଣ୍ଟି- ଟେରରିଜମ୍ ସ୍କାଡ୍ (ଏଟିଏସ୍) ଓ ଅନ୍ୟ ସୁରକ୍ଷା ଏଜେନ୍ସିଗୁଡିକୁ ପୁଲିସ ପକ୍ଷରୁ ସତର୍କ ରଖାଯାଇଛି ।

ଗୁରୁବାର ବିଳମ୍ବିତ ରାତିରେ ମୁମ୍ବଇ ପୁଲିସକୁ ହ୍ୱାଟ୍ସଆପ୍‌ରେ ଏକ ଧମକ ଆସିଥିଲା। ଲସ୍କର-ଏ-ଜେହାଦୀର ୧୪ ଜଣ ଆତଙ୍କବାଦୀ ମୁମ୍ବଇ ସହରରେ ଅନୁପ୍ରବେଶ କରିଛନ୍ତି ଓ ୩୪ ଗାଡ଼ିରେ ପ୍ରାୟ ୪୦୦ କେଜି ଆର୍‌ଡ଼ିଏକ୍ସ ଲଗାଇ ବିସ୍ଫୋରଣ ଯୋଜନା କରିଥିବା ଏହି ମେସେଜରେ ଉଲ୍ଲେଖ ରହିଛି। ଯାହାକୁ ନେଇ ସାରା ସହରରେ ଆତଙ୍କ ସୃଷ୍ଟି ହୋଇଛି । ଶନିବାର ଗଣେଶ ଉତ୍ସବର ଅନ୍ତିମ ତଥା ୧୦ମ ଦିନ ଓ ଅନନ୍ତ ଚତୁର୍ଦ୍ଦଶୀ। ଗଣେଶ ଭସାଣି ଉତ୍ସବରେ ଏହି ଦିନ ଲକ୍ଷଲକ୍ଷ ଶ୍ରଦ୍ଧାଳୁ ସାମିଲ ହୋଇଥାଆନ୍ତି। ତେଣୁ ଆତଙ୍କବାଦୀମାନେ ଏହି ଦିନଟିକୁ ଟାର୍ଗେଟ କରିଥିବା କୁହାଯାଉଛି। ସୂଚନା ପାଇବା ପରେ ସାରା ସହର ଓ ମହାରାଷ୍ଟ୍ରର



**୪୦୦ କେଜି ଆର୍‌ଡିଏକ୍ସ ସହ ପଶିଛନ୍ତି ୧୪ ଆତଙ୍କୀ**

ଅନ୍ୟାନ୍ୟ ସ୍ଥାନରେ ସୁରକ୍ଷା ଓ ନିରାପତ୍ତାକୁ କଡ଼ାକଡ଼ି କରାଯାଇଛି । ବିଭିନ୍ନ ସ୍ଥାନରେ ସନ୍ଧାନୀ କୁକୁର ସହ ପୁଲିସ କମ୍ବିଂ ଅପରେସନ ଚଳାଇଛି। ତେବେ ଏହି ସମୟରେ କୌଣସି ପ୍ରକାର ଗୁଜବକୁ ବିଶ୍ୱାସ ନ କରିବାକୁ ପୁଲିସ ଲୋକମାନଙ୍କୁ ନିବେଦନ କରିଛି। ପୁଣି କୌଣସି ପ୍ରକାର ସନ୍ଦେହଜନକ ▶ପୃଷ୍ଠା-୭

# ବୁଢ଼ା ହେଉଛି ‘ୟଙ୍ଗିସ୍ତାନ’

## ୧୦%ରେ ପହଞ୍ଚିଛି ୬୦ ବର୍ଷରୁ ଊର୍ଦ୍ଧ୍ୱ ବୟସ୍କଙ୍କ ସଂଖ୍ୟା

**ବୟସ୍କଙ୍କ ସଂଖ୍ୟାରେ କେରଳ, ତାମିଲନାଡୁ ଆଗରେ**

**କମୁଛି ଯୁବାଙ୍କ ପ୍ରଜନନ କ୍ଷମତା**

■ **ନୂଆଦିଲ୍ଲୀ, ୫।୯ (ଏଜେନ୍ସି):** ଏକଦା ୟଙ୍ଗ ଇଣ୍ଡିଆ ବା ୟଙ୍ଗିସ୍ତାନ ଭାବେ ପରିଚିତ ହେଉଥିବା ଭାରତ ଏବେ ବୁଢ଼ା ହେବାରେ ଲାଗିଛି। ଦେଶର ଜନସଂଖ୍ୟାର ହାରାହାରି ୧୦%ଙ୍କ ବୟସ ୬୦ ବର୍ଷ ଅତିକ୍ରମ କରିଛି। ରେଜିଷ୍ଟ୍ରାର ଜେନେରାଲ ଅଫ୍ ଇଣ୍ଡିଆ (ଆରଜିଆଇ)ଙ୍କ ନମୁନା ରିପୋର୍ଟରେ ଏହା ଉଲ୍ଲେଖ କରାଯାଇଛି ଏବଂ ଦେଶରେ ୧୪ ବର୍ଷରୁ କମ୍ ବୟସ୍କ ପିଲାଙ୍କ ସଂଖ୍ୟା ଉଲ୍ଲେଖନୀୟ ଭାବରେ ହ୍ରାସ ଘଟିଥିବା ରିପୋର୍ଟରେ କୁହାଯାଇଛି ।



ରିପୋର୍ଟ ଅନୁସାରେ ସମ୍ପ୍ରତି ପ୍ରତି ଦଶ ଜଣ ଭାରତୀୟଙ୍କ ମଧ୍ୟରୁ ପ୍ରାୟ ଜଣେ ଏବେ ୬୦ ବର୍ଷରୁ ଅଧିକ ବୟସର ଓ ୬.୪% ଲୋକଙ୍କ ବୟସ ୬୫ ବର୍ଷରୁ ଅଧିକ। ୨୦୧୧ ଜନଗଣନା ସମୟରେ ୬୦ ବର୍ଷରୁ ଅଧିକ ବୟସର ଲୋକଙ୍କ ସଂଖ୍ୟା ୮.୬% ରହିଥିବା ବେଳେ ଏବେ ତାହା ୯.୭% ଅତିକ୍ରମ କରିଛି। ଲୋକଙ୍କର ଜୀବନକାଳ ବୃଦ୍ଧି ଓ ପ୍ରଜନନ କ୍ଷମତା ହ୍ରାସ ଭାରତକୁ ଏକ ବୃଦ୍ଧ ଦେଶରେ ପରିଣତ କରିବ ବୋଲି ଏଥିରେ ଆଶଙ୍କା କରାଯାଇଛି।

ଜନସଂଖ୍ୟା ନିର୍ଦ୍ଦେଶକଙ୍କ ଏହି ରିପୋର୍ଟ ସମାଜ ତତ୍ତ୍ୱବିତ୍‌ମାନଙ୍କୁ ଚିନ୍ତିତ କରିଛି। ଦେଶ ନିକଟ ଭବିଷ୍ୟତରେ ବୟସ୍କ ଜନସଂଖ୍ୟାର ଚାପର ସମ୍ମୁଖୀନ ହେବ ଓ ବାର୍ଦ୍ଧକ୍ୟ ସ୍ୱାସ୍ଥ୍ୟସେବାଠାରୁ ଆରମ୍ଭ କରି ପେନସନ ଓ ସାମାଜିକ କଲ୍ୟାଣ କାର୍ଯ୍ୟକ୍ରମର ଆବଶ୍ୟକତା ଅଧିକ ଅନୁଭବ ହେବ। ସମ୍ପ୍ରତି କେରଳରେ ବୟସ୍କ ନାଗରିକଙ୍କ ହାର ସାରା ଦେଶରେ ସର୍ବାଧିକ ୧୫.୧ ପ୍ରତିଶତ ରହିଛି। ଏହା ପଛକୁ ତାମିଲନାଡୁରେ ଏହା ୧୪ %, ହିମାଚଳରେ ୧୩.୨ % ଥିବା ସୂଚନା ମିଳିଛି। ଏହାବ୍ୟତୀତ ପଞ୍ଜାବ ଓ ମହାରାଷ୍ଟ୍ରରେ ମଧ୍ୟ ବୟସ୍କ ନାଗରିକଙ୍କ ସଂଖ୍ୟା ଅନ୍ୟ ରାଜ୍ୟ ତୁଳନାରେ ଅଧିକ ରହିଛି। ଅନ୍ୟପକ୍ଷରେ ବିହାର, ଉତ୍ତରପ୍ରଦେଶ, ମଧ୍ୟପ୍ରଦେଶ, ଝାଡ଼ଖଣ୍ଡ ଆଦି ରାଜ୍ୟଗୁଡ଼ିକରେ ବୟସ୍କ ନାଗରିକଙ୍କ ସଂଖ୍ୟା ତୁଳନାତ୍ମକ ଭାବରେ ଅନ୍ୟ ରାଜ୍ୟଠାରୁ କମ୍ ଅର୍ଥାତ୍ ୭%ରୁ ୮% ମଧ୍ୟରେ ସୀମିତ ରହିଛି ।

ଉତ୍ତର ଭାରତରେ ଜନସଂଖ୍ୟା ଓ ନବଜାତ ଶିଶୁଙ୍କ ଜନ୍ମ ହାର ବୃଦ୍ଧି ଏକ ସ୍ଥିର ସ୍ଥିତି ସୃଷ୍ଟି କରିଥିବାବେଳେ ଦକ୍ଷିଣ ଓ ପଶ୍ଚିମ ଭାରତରେ ପ୍ରଜନନ ହାର ହ୍ରାସ ଅସ୍ଥିରତା ସୃଷ୍ଟି କରିଛି। ଅନ୍ୟପକ୍ଷରେ ସମ୍ପ୍ରତି ଭାରତୀୟ ପୁରୁଷମାନଙ୍କର ହାରାହାରି ଆୟୁ ବୃଦ୍ଧି ପାଇ ୬୮.୫ ବର୍ଷ ଓ ମହିଳାମାନଙ୍କ ହାରାହାରି ଆୟୁ ୭୨.୫ ବର୍ଷରେ ପହଞ୍ଚିଛି। କେରଳ ଓ ଦିଲ୍ଲୀ ଭଳି ରାଜ୍ୟଗୁଡ଼ିକରେ ଏହି ଆୟୁ ବର୍ଗ ଯଥାକ୍ରମେ ୭୮ ବର୍ଷ ଓ ୭୪ ବର୍ଷରେ ପହଞ୍ଚିଛି । ଏକପକ୍ଷରେ ହାରାହାରି ଆୟୁ ବୃଦ୍ଧି ଓ ବୟସ୍କଙ୍କ ଜୀବନକାଳ ବଢୁଥିବାବେଳେ କମ୍ ଶିଶୁ ଜନ୍ମ ଦେଶକୁ ବୟସ୍କ କରିଦେଉଛି।

ସେହିପରି ବୟସ୍କମାନଙ୍କ ସଂଖ୍ୟା ବୃଦ୍ଧି ଦେଶର ଅର୍ଥନୀତିକୁ ଅଧିକ ପ୍ରଭାବ ପକାଇବା ଆଶଙ୍କା କରୁଛନ୍ତି ସମାଜତତ୍ତ୍ୱବିତ୍। ବୃଦ୍ଧ ଲୋକଙ୍କ ପାଇଁ ଅଧିକ ଚିକିତ୍ସାର ଆବଶ୍ୟକତା ସହ ମଧୁମେହ, ହୃଦରୋଗ, ଆର୍ଥାଇଟିସ୍ ପରି ଦୀର୍ଘକାଳୀନ ରୋଗର ମୁକାବିଲା, ପେନସନ ଓ ସାମାଜିକ ସୁରକ୍ଷା ଦେଶର ଆର୍ଥିକ ବ୍ୟବସ୍ଥାକୁ ଚାପଗ୍ରସ୍ତ କରିପାରେ ବୋଲି ଆଶଙ୍କା କରାଯାଉଛି। ଅନ୍ୟପକ୍ଷରେ ଯୁବବର୍ଗ ରାଜ୍ୟ ତଥା ଦେଶର ଆର୍ଥିକ ଅଭିବୃଦ୍ଧିକୁ ▶ପୃଷ୍ଠା-୭

# ଗୁରୁ ଦିବସରେ ରାଜରାସ୍ତାରେ ଗୁରୁ




■ **ଭୁବନେଶ୍ୱର, ୫।୯ (ସମିସ):** ଗୁରୁ ଦିବସରେ ରାଜରାସ୍ତାକୁ ଓହ୍ଲାଇଛନ୍ତି ଶିକ୍ଷକ। ଦୀର୍ଘ ଦିନରୁ ଏକାଧିକ ଦାବି କରୁଥିଲେ ମଧ୍ୟ ସରକାର କର୍ଣ୍ଣପାତ କରୁନଥିବା ଅଭିଯୋଗ କରି କ୍ଷୋଭ ପ୍ରକାଶ କରିଛନ୍ତି। ବର୍ଷାରେ ଭିଜିଭିଜି ଆନ୍ଦୋଳନ କରିବା ସହ ରାତିରେ ବିଧାନସଭା ସମ୍ମୁଖରେ ଶୋଇଛନ୍ତି। ସାରା ଦେଶରେ ଆଜି ଗୁରୁଙ୍କୁ ପୂଜା କରାଯାଉଥିବା ବେଳେ ଓଡ଼ିଶାରେ ଶିକ୍ଷକ ଓ ଶିକ୍ଷା କର୍ମଚାରୀଙ୍କୁ ସରକାରଙ୍କ ଏହା କି’ ପ୍ରକାର ଉପହାର ବୋଲି ପ୍ରଶ୍ନ କରିଛନ୍ତି। ଖାଲି ସେତିକି ନୁହେଁ, ଦାବି ପୂରଣ ନ ହେବା ପର୍ଯ୍ୟନ୍ତ ଅନିର୍ଦ୍ଦିଷ୍ଟ କାଳ ପର୍ଯ୍ୟନ୍ତ ଆନ୍ଦୋଳନ କରିବେ ବୋଲି ଚେତାବନୀ ଦେଇଛନ୍ତି।

ଓଡ଼ିଶା ସ୍କୁଲ କଲେଜ ଶିକ୍ଷକ ଓ କର୍ମଚାରୀ ସମନ୍ୱୟ ସମିତି ପକ୍ଷରୁ ଅନୁଦାନଯୋଗ୍ୟ ସ୍କୁଲ, କଲେଜକୁ ଅନୁଦାନ ପ୍ରଦାନ କରିବା ସହ ୨୦୦୪ରୁ ଅବସର ନେଇଥିବା ଏବଂ ନେଉଥିବା ଶିକ୍ଷକଙ୍କୁ ପେନସନ୍ ଓ ଅବସରକାଳୀନ ସୁବିଧା, ଉଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶକୁ କାର୍ଯ୍ୟକାରୀ କରି ଶିକ୍ଷକଙ୍କୁ ନ୍ୟାୟ ପ୍ରଦାନ କରିବା, ସମସ୍ତ ସ୍କୁଲ କଲେଜକୁ

**ମୁଖ୍ୟମନ୍ତ୍ରୀ ନିଜ ପ୍ରତିଶ୍ରୁତି ପାଳନ କରନ୍ତୁ**

**୨୫ ତାରିଖରେ ଜେଲ୍‌ଭରୋ ଆନ୍ଦୋଳନ**

ସରକାରୀକରଣ, ପୁରୁଣା ପେନସନ୍ ପ୍ରଦାନ, ଅବସର ବୟସସୀମା ୬୨ବର୍ଷକୁ ବୃଦ୍ଧି, ଗ୍ରେଡ୍ ପେ’ ଅସଙ୍ଗତି ଦୂର କରିବା, ଚୁକ୍ତିଭିତ୍ତିକ ଶିକ୍ଷକଙ୍କୁ ୬ଟି ନୋସନାଲ୍ ଇନ୍‌କ୍ରିମେଣ୍ଟ ସହ ବରିଷ୍ଠତା ▶ପୃଷ୍ଠା-୭

# ରାଜ୍ୟରେ ଗଡ଼ିବ ୬ଶହ ନୂଆ ଇ-ବସ୍

■ **ଭୁବନେଶ୍ୱର, ୫।୯ (ସମିସ):** ରାଜ୍ୟରେ ଆହୁରି ୬ଶହ ଇ-ବସ୍ ଚାଲିବ। ବର୍ତ୍ତମାନ ୪ଶହ ବସ୍ ଚଳାଚଳ କରୁଥିବାବେଳେ ଆଉ ୬ଶହ ବସ୍ ଚାଲିଲେ, ମୋଟ ଇ-ବସ୍ ସଂଖ୍ୟା ଏକ ହଜାରକୁ ବୃଦ୍ଧି ପାଇବ। ଆଜି ନଗର ଉନ୍ନୟନ ମନ୍ତ୍ରୀ କୃଷ୍ଣଚନ୍ଦ୍ର ମହାପାତ୍ର ଏହି ସୂଚନା ଦେଇଛନ୍ତି। ମନ୍ତ୍ରୀ ଶ୍ରୀ ମହାପାତ୍ର କହିଛନ୍ତି, ଖୁବଶୀଘ୍ର ସମ୍ବଲପୁରକୁ ୨୫ଟି ନୂଆ ଇ-ବସ୍ ଆସୁଛି। ପରିବେଶକୁ ସୁରକ୍ଷା ଦେବା ପାଇଁ ରାଜ୍ୟରେ ଅଧିକରୁ ଅଧିକ ଇ-ବସ୍ ଚାଲିବାର ଆବଶ୍ୟକତା ରହିଛି। ବର୍ତ୍ତମାନ ରାଜ୍ୟ ସରକାର ୨୦୦ ଇ-ବସ୍ ଆଣିବାକୁ ଯୋଜନା କରିଛନ୍ତି। ଆଉ ୪୦୦ ଇ-ବସ୍ ପ୍ରଧାନମନ୍ତ୍ରୀଙ୍କ ତରଫରୁ ଓଡ଼ିଶାକୁ ମିଳିବାକୁ ଯାଉଛି। ରାଜ୍ୟରେ ଏସବୁକୁ ମିଶାଇ ମୋଟ ୧ ହଜାର ଇ-ବସ୍ ଚାଲିବାର ବ୍ୟବସ୍ଥା ହୋଇଛି। ଏହାଦ୍ୱାରା ସାଧାରଣ ଲୋକଙ୍କ ଯାତାୟାତ ସୁଗମ ହେବ। ପରିବେଶ ପ୍ରଦୂଷଣ ମଧ୍ୟ ବହୁ ମାତ୍ରାରେ ହ୍ରାସ ପାଇବ। ରାଜଧାନୀ ଅଞ୍ଚଳ ସହରାଞ୍ଚଳ ପରିବହନ (କ୍ରୁଟ୍) ସମ୍ବଲପୁର, ଝାରସୁଗୁଡ଼ା, କେନ୍ଦୁଝର, ବ୍ରହ୍ମପୁର ଏବଂ ଅନୁଗୁଳକୁ ‘ଆମ ବସ୍’ ସେବାର ସମ୍ପ୍ରସାରଣ ପାଇଁ ମଧ୍ୟ ପ୍ରସ୍ତୁତି ଚଳାଇଛି ।



## ପୁଲିସ ନିଷ୍କ୍ରିୟତା ପାଇଁ ଗଲା ଯୁବତୀଙ୍କ ଜୀବନ

# ମାରି ଫିଙ୍ଗିଦେଲା ପୁରୁଷ ବନ୍ଧୁ





**ତାପଙ୍ଗ ଖଣିରୁ ମିଳିଲା ଅପହୃତାଙ୍କ ଗଳିତ ଶବ**

**ଏଟିଏମ୍ କାର୍ଡରୁ ଟଙ୍କା ଉଠାଇନେଲା ପୁରୁଷ ବନ୍ଧୁ**

**୭ ମାସ ତଳେ ହୋଇଥିଲା ନିଖୋଜ ଅଭିଯୋଗ**

**ଗିରଫ ଯୁବକ ଦେଖାଇଲା ହତ୍ୟାକାଣ୍ଡର ଡେମୋ**

■ **ଭୁବନେଶ୍ୱର/ଖୋର୍ଦ୍ଧା, ୫।୯ (ସମିସ):** ପାତ୍ରପଡ଼ା ଅଞ୍ଚଳରୁ ନିଖୋଜ ଯୁବତୀଙ୍କ ମୃତଦେହ ୭ ମାସ ପରେ ଠାବ ହୋଇଛି। ତାପଙ୍ଗ କଳିଙ୍ଗ ମୁଣ୍ଡିଆରୁ ମୃତଦେହକୁ ଉଦ୍ଧାର କରିଛି ଭରତପୁର ଥାନା ପୁଲିସ। ମୃତ ଯୁବତୀ ହେଲେ ରଣପୁର ଥାନା ହରିପୁର ଗାଁର ନିରୂପମା ପରିଡ଼ା ଓରଫ୍ ମିତା (୨୨)। ତାଙ୍କୁ ହତ୍ୟା କରିଥିବା ମଝିଆଖଣ୍ଡ ଗାଁର ଦେବାଶିଷ ବିଷୋୟୀକୁ ଉଠାଇ ଆଣିଛି। ଦେବାଶିଷକୁ ନେଇ ଘଟଣାସ୍ଥଳରେ ସିନ୍ ରିକ୍ରିଏସନ୍ କରିଛି। ତେବେ ମିତା ୭ ମାସ ପୂର୍ବେ ନିଖୋଜ ହୋଇଥିବା ଥାନାରେ ଅଭିଯୋଗ ହୋଇଥିଲେ ମଧ୍ୟ ପୁଲିସର ନିଷ୍କ୍ରିୟତାର ଯୋଗୁଁ ଝିଅର ଜୀବନ ଗଲା ବୋଲି ପରିବାର ଲୋକେ ଅଭିଯୋଗ କରିଛନ୍ତି। ଅଭିଯୋଗ ଅନୁଯାୟୀ, ହରିପୁରର ମିତା ଗତବର୍ଷ ▶ପୃଷ୍ଠା-୭








ସକାଳ
THE SAKALA
www.sakalaepaper.com

## ହସ୍ପିଟାଲ୍‌ରେ ପଞ୍ଜାବ ମୁଖ୍ୟମନ୍ତ୍ରୀ

ଚଣ୍ଡିଗଡ଼, ୫।୯(ଏଜେନ୍ସି): ପଞ୍ଜାବ ମୁଖ୍ୟମନ୍ତ୍ରୀ ଭାଗବନ୍ତ ମାନ ହସ୍ପିଟାଲାର ଭର୍ତ୍ତି ହୋଇଛନ୍ତି। ପ୍ରବଳ ଜ୍ୱରରେ ପୀଡିତ ହେବା କାରଣରୁ ତାଙ୍କୁ ଡାକ୍ତରଙ୍କ ପରାମର୍ଶ କ୍ରମେ ମୋହାଲିର ଫୋର୍ଟିସ ହସ୍ପିଟାଲରେ ଚିକିତ୍ସା କରାଯାଉଛି। ତାଙ୍କ ସହ ପତ୍ନୀ ଗୁରୁପ୍ରୀତ କୌର ମାନ ଅଛନ୍ତି। ଫଳରେ ଶୁକ୍ରବାର ଆୟୋଜନ ହେବାକୁ ଥିବା କ୍ୟାବିନେଟ ବୈଠକକୁ ବାତିଲ କରାଯାଇଛି। ଅସୁସ୍ଥତା କାରଣରୁ ସେ ବନ୍ୟା ପ୍ରବାବିତ ଅଞ୍ଚଳରେ ଆମ ଆଦମୀ ପାର୍ଟି ସୁପ୍ରିମୋ ଅରବିନ୍ଦ କେଜ୍ରିୱାଲଙ୍କ ସହ ବୁଲିବାକୁ ଯାଇପାରି ନଥିଲେ। ଗତ ଦୁଇଦିନ ହେବ ସେ ଅସୁସ୍ଥ ଅନୁଭବ କରୁଥିଲେ। ସେ ଔଷଧ ସେବନ କରି ଘରେ ବିଶ୍ରାମ ନେଉଥିଲେ ମଧ୍ୟ ସ୍ଥିତିରେ ଉନ୍ନତି ହୋଇ ନଥିଲା। ଫଳରେ ତାଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା।

## ଏନ୍‌କାଉଣ୍ଟରରେ ୬ ମାଓବାଦୀ ନିହତ

ରାୟପୁର, ୫।୯(ଏଜେନ୍ସି): ଛତିଶଗଡ଼ର ଦାନ୍ତେୱାଡ଼ା ଓ ନାରାୟଣପୁର ଜିଲ୍ଲାର ସୀମାରେ ଡିଷ୍ଟ୍ରିକ୍ଟ ରିଜର୍ଭ ଗାର୍ଡ (ଡିଆରଜି) ଯବାନଙ୍କ ସହ ହୋଇଥିବା ଏନକାଉଣ୍ଟରରେ ୬ଜଣ ମାଓବାଦୀ ନିହତ ହୋଇଛନ୍ତି। ଏମାନଙ୍କ ମଧ୍ୟରେ ଜଣେ ମହଳା ମାଓବାଦୀ ସାମିଲ ରହିଛି। ଆଉ କିଛି ଆହତ ହୋଇଥିବା ସୂଚନା ମିଳିଛି। ଯବାନମାନେ ସର୍ଚ୍ଚ ଅପରେସନ ଜାରି ରଖିଛନ୍ତି। ଶୁକ୍ରବାର ସକାଳେ ଏହି ଏନ୍‌କାଉଣ୍ଟର ଅବୁଝମାଡ ଜଙ୍ଗଲରେ ହୋଇଥିଲା। ମାଓବାଦୀଙ୍କ ମୃତଦେହ ଉଦ୍ଧାର କରାଯାଇଛି। ଯବାନମାନେ ଘଟଣାସ୍ଥଳରୁ ୩୦୩ ରାଇଫଲ, ୨ଟି ବିଜିଏଲ ଲଞ୍ଚର ଜବତ କରିଛନ୍ତି। ପୂର୍ବରୁ ଅଗଷ୍ଟ ୨୮ ରେ ଛତିଶଗଡ଼ ଓ ମହାରାଷ୍ଟ୍ର ସୀମାରେ ସୁରକ୍ଷାବଳ ସହ ହୋଇଥିବା ଏନକାଉଣ୍ଟରରେ ୪ ଜଣ ମାଓବାଦୀ ନିହତ ହୋଇଥିଲେ। କେନ୍ଦ୍ର ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହା ୨୦୨୬ ପର୍ଯ୍ୟନ୍ତ ନକ୍ସଲବାଦକୁ ଶେଷ କରିବେ ବୋଲି ଡେଡ୍‌ଲାଇନ୍ ଜାରି କରିଥିଲେ।

## ଇସ୍ରାଏଲ- ହମାସ ଲଢ଼େଇ ମୃତ୍ୟୁସଂଖ୍ୟା ୬୪ ହଜାର ଟପିଲା

ଗାଜା, ୫।୯(ଏଜେନ୍ସି): ପାଖାପାଖି ଦୁଇବର୍ଷ ହେବ ଇସ୍ରାଏଲ ଓ ହମାସ ମଧ୍ୟରେ ଲଢ଼େଇ ଚାଲିଛି। ଏହି ଯୁଦ୍ଧ କାରଣରୁ ଗାଜା ପଟିରେ ପାଲେଷ୍ଟାଇନ ନାଗରିକଙ୍କ ମୃତ୍ୟୁ ସଂଖ୍ୟା ୬୪ ହଜାର ପାର କରିଛି ବୋଲି ଏକ ସ୍ଥାନୀୟ ସ୍ୱାସ୍ଥ୍ୟ ଅଧିକାରୀ ସୂଚନା ଦେଇଛନ୍ତି। ଗୁରୁବାର ଇସ୍ରାଏଲର ସଦ୍ୟତମ ଆକ୍ରମଣରେ ୨୮ ଜଣ ଲୋକ ପ୍ରାଣ ହରାଇଛନ୍ତି। ଏଥିରେ ଅଧିକାଂଶ ମହିଳା ଓ ଛୋଟ ପିଲା ସାମିଲ ରହିଛନ୍ତି। ଉଲ୍ଲେଖଥାଉ କି, ୨୦୨୩ ଅକ୍ଟୋବର ୭ରେ ହମାସ ଆତଙ୍କବାଦୀମାନେ ଇସ୍ରାଏଲ ଉପରେ ଆକ୍ରମଣ କରି ୧, ୨୦୦ ଲୋକଙ୍କୁ ହତ୍ୟା କରିଥିଲେ ଓ ୨୫୧ଜଣଙ୍କୁ ଅପହରଣ କରି ନେଇଥିଲେ। ଏହାପରଠାରୁ ଇସ୍ରାଏଲ ତା'ର ଆକ୍ରମଣ ଜାରି ରଖିଛି। ଫଳରେ ଗାଜାରେ ଖାଦ୍ୟାଭାବ ସହ ବହୁ ଲୋକ, ଛୋଟପିଲା ଅନାହାରରେ ମୃତ୍ୟୁବରଣ କରିଛନ୍ତି। ଏ ନେଇ ସାରା ବିଶ୍ୱରେ ଚନ୍ତା ପ୍ରକଟ କରାଯାଇଛି। ଅସ୍ତ୍ରବିରତି ନେଇ ଏକାଧିକ ପ୍ରୟାସ ହୋଇଥିଲେ ମଧ୍ୟ ତାହା ଫଳପ୍ରଦ ହୋଇପାରିନାହିଁ।

## ୧ ହଜାର ଫୁଟ୍ ତଳକୁ ବସ୍ ଖସି ୧୫ ମୃତ

କଲମ୍ବୋ, ୫।୯(ଏଜେନ୍ସି): ଶ୍ରୀଲଙ୍କାର ଉଭା ପ୍ରଦେଶରେ ବାଦୁଲ୍ଲା ଜିଲ୍ଲାରେ ଏକ ମର୍ମନ୍ତୁଦ ବସ୍ ଦୁର୍ଘଟଣା ଘଟିଛି। ଏଥିରେ ୯ ମହିଳା ସମେତ ୧୫ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୧୫ ଜଣ ଆହତ ହୋଇଛନ୍ତି। ୩୦ରୁ ଉର୍ଦ୍ଧ୍ୱ ଲୋକଙ୍କୁ ନେଇ ଏହି ବସ୍ ଆନନ୍ଦ ଯାତ୍ରାରେ ବାହାରିଥିଲା। ଏକ ଜିପ୍‌କୁ ବସ ଧକ୍କା ଦେଇଥିଲା। ଏହାପରେ ବସ୍ ସଡ଼କ କଡରେ ରେଲିଂକୁ ମାଡ଼ କରି ୧୦୦୦ ଫୁଟ୍ ତଳେ ଥିବା ଖାଇକୁ ଖସି ପଡ଼ିଥିଲା। ସବୁ ମୃତକ ଟାଂଗେଲ ଅର୍ବାନ ପରିଷଦର କର୍ମଚାରୀ ଥିଲେ। ଆହତ ହୋଇଥିବା କେତେଜଣଙ୍କ ଅବସ୍ଥା ଗୁରୁତର ବୋଲି ପୁଲିସ କହିଛି। ଆହତଙ୍କୁ ବଦ୍ଦୁଲା ଟିଚିଂ ହସ୍ପିଟାଲରେ ଭର୍ତ୍ତି କରାଯାଇଛି।

## ଆମେରିକା ଯୁଦ୍ଧପୋତ ଉପରେ ଏଫ୍-୧୬ ଉଡ଼ାଇଲା ଭେନେଜୁଏଲା

ନୂଆଦିଲ୍ଲୀ, ୫।୯(ଏଜେନ୍ସି): ଆମେରିକା ଓ ଲାଟିନ ଆମେରିକୀୟ ଦେଶ ଭେନେଜୁଏଲା ମଧ୍ୟରେ ତିକ୍ତତା ଦିନକୁ ଦିନ ବଢ଼ିବାରେ ଲାଗିଛି। ଭେନେଜୁଏଲାର ଦୁଇଟି ଏଫ୍-୧୬ ଲଢୁଆ ବିମାନ ଗୁରୁବାର କ୍ୟାରିବିୟାନ ସାଗରରେ ଆମେରିକାର ଯୁଦ୍ଧପୋତ ୟୁଏସ୍‌ଏ ଜେସନ ଡନହାମ ଉପରେ ଉଡିଥିଲା। ଭେନେଜୁଏଲାର ଏହି ଦୁଃସାହସକୁ ଆମେରିକା ନାପସନ୍ଦ କରିବା ସହ ସମାଲୋଚନା କରିଛି। ଭେନେଜୁଏଲା ନିଜର ଶକ୍ତି ପ୍ରଦର୍ଶନ ନ କରିବାକୁ ଆମେରିକା ଚେତାବନୀ ଦେଇଛି। ନହେଲେ ପରିଣାମ ଭୟଙ୍କର ହେବ ବୋଲି ଆମେରିକା ସତର୍କ କରାଇଛି। ଆମେରିକାର ଏହି ଡନ୍‌ହାମ ଯୁଦ୍ଧପୋତ ଏକ ଗାଇଡେଡ ଡେଷ୍ଟ୍ରୟର ୱାରଶିପ୍ ଓ ଏହାକୁ ଗତ ସପ୍ତାହରେ ଭେନେଜୁଏଲା ପାଖରେ ଆମେରିକା ନିୟୋଜିତ କରିଥିଲା। ନିଶାଦ୍ରବ୍ୟ ଚୋରା କାରବାର ଓ ଅପରାଧିକ ସଂଗଠନକୁ ନିଶାଣ କରି ଏହି ଯୁଦ୍ଧପୋତ ଆମେରିକା ନିୟୋଜିତ କରିଥିଲା। ଉଲ୍ଲେଖଥାଉ କି, ୪୦ ବର୍ଷ ପୂର୍ବେ ଦୁଇ ଦେଶ ମଧ୍ୟରେ ସମ୍ପର୍କ ବେଶ୍ ଭଲ ଥିଲା। କିନ୍ତୁ ଏବେ ଆଉ ସେକଥା ନାହିଁ।

## ଶେଷ ହୋଇଛି ଟ୍ରମ୍ପ- ମୋଦୀ ବନ୍ଧୁତା: ପୂର୍ବତନ ଆମେରିକା ଏନ୍‌ଏସ୍‌ଏ



ୱାଶିଂଟନ, ୫।୯(ଏଜେନ୍ସି): ଆମେରିକାର ପୂର୍ବତନ ରାଷ୍ଟ୍ରୀୟ ସୁରକ୍ଷା ଉପଦେଷ୍ଟା (ଏନ୍‌ଏସ୍‌ଏ) ଜନ୍ ବୋଲ୍ଟନ ଏକ ଚକିତ କଲା ଭଳି ମନ୍ତବ୍ୟ ଦେଇଛନ୍ତି। ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଓ ଭାରତ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ମଧ୍ୟରେ ବନ୍ଧୁତା ଏବେ ଶେଷ ହୋଇଛି ବୋଲି ସେ ବ୍ରିଟେନ ଗଣମାଧ୍ୟମ ଏଲ୍‌ବିସିକୁ ଏକ ସାକ୍ଷାତକାର ଦେବା ଅବସରରେ ଏହି କଥା କହିଛନ୍ତି। ଆମେରିକା- ଭାରତ ସମ୍ପର୍କକୁ ହ୍ୱାଇଟ୍ ହାଉସ୍ ତଥା ଟ୍ରମ୍ପ ପ୍ରଶାସନ କେତୋଟି ଦଶନ୍ଧି ପଛକୁ ଠେଲି ଦେଇଛି। ତେଣୁ ମୋଦୀ ରୁଷ୍ ଓ ଚୀନ୍‌ର ନିକଟତର ହୋଇଛନ୍ତି। ଫଳରେ ଚୀନ୍ ଏବେ ଆମେରିକା ଓ ଟ୍ରମ୍ପଙ୍କ ବିକଳ୍ପ ଭାବେ ନିଜକୁ ଉପସ୍ଥାପନ କରିବାର ସୁଯୋଗ ପାଇଛି। ଆମେରିକାର ଏହା ଏକ ବଡ଼ ତ୍ରୁଟି ବୋଲି ସେ ସ୍ୱୀକାର କରିଛନ୍ତି। ଏବେ ଏହାକୁ ଠିକ୍ କରାଯିବା ଏକ ପ୍ରକାର ଅସମ୍ଭବ। ସ୍ଥିତି ବହୁତ ଖରାପ ହୋଇଥିବାରୁ ଏବେ ଏହା ଅସମ୍ଭବ ବୋଲି ସେ ସ୍ପଷ୍ଟ କରିଛନ୍ତି। ଆମେରିକାର ବୈଦେଶିକ ନୀତିକୁ ଟ୍ରମ୍ପ ନିଜ ବ୍ୟକ୍ତିଗତ ବନ୍ଧୁତ୍ୱ ଚଷମାରେ ଦେଖୁଛନ୍ତି ବୋଲି ସେ ଅଭିଯୋଗ କରିଛନ୍ତି। ବ୍ୟକ୍ତିଗତ ସମ୍ପର୍କ ଓ ଦେଶର ସମ୍ପର୍କରେ ଥିବା ପାର୍ଥକ୍ୟକୁ ଟ୍ରମ୍ପ ବୁଝିବାରେ ବିଫଳ ହୋଇଛନ୍ତି। ଟ୍ରମ୍ପ ଓ ମୋଦୀଙ୍କ ମଧ୍ୟରେ ପୂର୍ବରୁ ବହୁତ ଭଲ ସମ୍ପର୍କ ଥିଲା। କିନ୍ତୁ ଏବେ ଏହା ଶେଷ ହୋଇଛି। ଟ୍ରମ୍ପ ସେପ୍ଟେମ୍ବର ୧୭ରୁ ୧୯ ମଧ୍ୟରେ ବ୍ରିଟେନ ଯାତ୍ରା କରିବା ପୂର୍ବରୁ ବୋଲ୍ଟନ ଏହି କଥା କହିଛନ୍ତି। ଭାରତ ଉପରେ ୫୦ ପ୍ରତିଶତ ଟାରିଫ୍ ଲାଗୁ କରି ଆମେରିକ ବଡ଼ ଭୁଲ କରିଛି ବୋଲି ସେ ସ୍ୱୀକାର କରିଛନ୍ତି।

## ଭାରତ-ରୁଷ୍‌କୁ ଚୀନ୍ ହାତରେ ଟେକି ଦେଇଛୁ: ଟ୍ରମ୍ପ

ୱାସିଂଟନ, ୫।୯(ଏଜେନ୍ସି): ଭାରତ ଓ ରୁଷିଆକୁ ଏବେ ଆମେ ହରାଇଛୁ ଓ ଏହି ଦୁଇ ଦେଶ ଏବେ ଚୀନ୍ ପଟରେ ସାମିଲ ହୋଇଛନ୍ତି ବୋଲି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ସାମାଜିକ ଗଣମାଧ୍ୟମ ଟ୍ରୁଥ୍‌ରେ ପୋଷ୍ଟ କରି ଉଲ୍ଲେଖ କରିଛନ୍ତି। ଭାରତ ଓ ରୁଷକୁ ଆମେ ଚୀନ୍ ହାତରେ ଟେକି ଦେଇଛୁ। ଆଶାକରୁଛି ସେମାନଙ୍କ ଭବିଷ୍ୟତ ଉଜ୍ଜ୍ୱଳ ବୋଲି ଟ୍ରମ୍ପ ଉଲ୍ଲେଖ କରିଛନ୍ତି। ସେପଟେ ଭାରତର ବୈଦେଶିକ ମନ୍ତ୍ରଣାଳୟ ମୁଖପାତ୍ର ରଣଧୀର ଜୟସ୍ୱାଲ ଏ ସଂକ୍ରାନ୍ତରେ କିଛି କହିବାକୁ ମନା କରିଦେଇଛନ୍ତି। ଭାରତ ଉପରେ ଆମେରିକା ୫୦ ପ୍ରତିଶତ ଟାରିଫ ଲଗାଇବା ପରେ ଦୁଇ ଦେଶ ମଧ୍ୟରେ କୂଟନୈତିକ ସମ୍ପର୍କ ଖରାପ ହୋଇଛି। ଭାରତ ସମେତ କେତୋଟି ଦେଶ ଉପରେ ଉଚ୍ଚ ଟାରିଫ ଲଗାଇବା ମାମଲାର ଶୁଣାଣି ଏବେ ଆମେରିକାର କୋର୍ଟରେ ଚାଲିଛି। ଭାରତ ଉପରେ ଟାରିଫ ଲାଗୁ କରିବା ଜରୁରି ଥିଲା ବୋଲି ଟ୍ରମ୍ପ ଗୁରୁବାର କୋର୍ଟରେ କହିଛନ୍ତି। ଏପରି କରା ନଗଲେ ଆମେରିକା ବହୁତ ଆର୍ଥିକ କ୍ଷତି ସହିବ ବୋଲି ସେ କହିଛନ୍ତି। ୟୁକ୍ରେନ ଓ ରୁଷିଆ ମଧ୍ୟରେ ଚାଲିଥିବା ଯୁଦ୍ଧକୁ ଶେଷ କରିବା ପାଇଁ ମଧ୍ୟ ଭାରତ ଉପରେ ଟାରିଫ ଲାଗୁ କରାଯାଇଛି ବୋଲି ସେ କହିଛନ୍ତି। ରୁଷିଆଠାରୁ ଭାରତ ତୈଳ କ୍ରୟ କରୁଛି ଓ ରୁଷିଆ ଏଥିରେ ଲାଭବାନ ହେବା ସହ ଯୁଦ୍ଧ ପାଇଁ ବଳ ପାଉଛି। ତେଣୁ ଭାରତ ଉପରେ ଏହି ଟାରିଫ ଲାଗୁ କରିବା ଜରୁରି ଥିଲା ବୋଲି ସେ କୋର୍ଟକୁ ଅବଗତ କରାଯାଇଛନ୍ତି। ଏକ ତଳ କୋର୍ଟ ଟ୍ରମ୍ପଙ୍କ ଟାରିଫ ନୀତିକୁ ତ୍ରୁଟି ପୂର୍ଣ୍ଣ କହିବା ସହ ଟ୍ରମ୍ପ ଏପରି କରିବା ଠିକ୍ ନୁହଁ ବୋଲି କହିଥିଲେ। ଫଳରେ ଟ୍ରମ୍ପ ସେପ୍ଟେମ୍ବର ୪ରେ ସୁପ୍ରିମକୋର୍ଟରେ ଅପିଲ କରିଥିଲେ।

# ମୌସୁମୀ ବର୍ଷାର ତାଣ୍ଡବ | ଦିଲ୍ଲୀ- ଏନ୍‌ସିଆର୍‌ରେ ବନ୍ୟା

ନୂଆଦିଲ୍ଲୀ, ୫।୯(ଏଜେନ୍ସି): ସାରା ଉତ୍ତର ଭାରତରେ ମୌସୁମୀ ବର୍ଷାର ତାଣ୍ଡବ ଜାରି ରହିଛି। କ୍ରମାଗତ ବର୍ଷା କାରଣରୁ ପାହାଡ଼ି ରାଜ୍ୟଗୁଡିକଠାରୁ ସମତଳ ଅଞ୍ଚଳ ପର୍ଯ୍ୟନ୍ତ ବିପର୍ଯ୍ୟୟ ଜାରି ରହିଛି। କ୍ରମାଗତ ବର୍ଷା କାରଣରୁ ଯମୁନା ନଦୀର ଜଳ ବିପଦ ସଂକେତ ଉପରେ ପ୍ରବାହିତ ହେଉଛି। ଫଳରେ ଦିଲ୍ଲୀ-ଏନ୍‌ସିଆରରେ ବନ୍ୟା ଆସିଛି। ନୋଏଡାର ସେକ୍ଟର-୧୩୫ ଓ ସେକ୍ଟର-୧୫୧ ଜଳମଗ୍ନ ହୋଇଛି। ବହୁ ଅଞ୍ଚଳରେ ୩ରୁ ୪ ଫୁଟ ପାଣି ଜମି ରହିଛି। ଦିଲ୍ଲୀର ମୟୂର ବିହାର ସମ୍ପୂର୍ଣ୍ଣ ଭାବେ ଜଳମଗ୍ନ ହୋଇଛି। ହରିୟାଣାର ପଞ୍ଚକୁଲା, ହିସାର, ରୋହତକ ଓ ଝାଜରରେ ସବୁ ସ୍କୁଲକୁ ବନ୍ଦ କରିଦିଆଯାଇଛି। ଫତେହାବାଦ୍, କୁରୁକ୍ଷେତ୍ର, ଯମୁନାନଗର ଓ ଫରିଦାବାଦ୍‌ରେ ମଧ୍ୟ କେତୋଟି ସ୍କୁଲ ଓ କଲେଜକୁ ବନ୍ଦ କରିଦିଆଯାଇଛି। ଗୁରୁଗ୍ରାମରେ ସିଗନେଚର ଗ୍ଲୋବାଲ ସାଲୋରା ସୋସାଇଟିରେ ପାଣି ପସିଯାଇଛି। ଫଳରେ ଏହି ଅଞ୍ଚଳରେ ମହିଳା ଓ ଛୋଟ ପିଲାମାନେ ଘରୁ ବାହରକୁ ବାହରିପାରିନାହାନ୍ତି ଓ ଜଳବନ୍ଦୀ ହୋଇ ରହିଛନ୍ତି।

ରାଜସ୍ଥାନ ଆଜ୍‌ମେରରେ ଗୁରୁବାର ରାତିରେ ପ୍ରବଳ ବର୍ଷା ହେବା କାରଣରୁ ବୋରାଜ ପୋଖରୀର ପାଚେରୀ ଭାଙ୍ଗିଯାଇଛି। ଫଳରେ ଅଚାନକ ଏକ ହଜାରରୁ ଉର୍ଦ୍ଧ୍ୱ ଘରେ ବନ୍ୟା ପାଣି ପସିଯାଇଛି। ସ୍ଥିତି ଏପରି ହୋଇଥିଲା ଯେ, ଲୋକ ଛାତ ଉପରେ ଯାଇ ଜୀବନ ବଞ୍ଚାଇଛନ୍ତି। ପାଣି ସୁଅ ଏତେ ପ୍ରଖର ଥିଲା ଯେ, କେତୋଟି ଗାଡ଼ି ଖେଳାଣା ଭଳି ଭାସି ଯାଇଥିଲା। କେତୋଟି ଘର ଓ ବାସଗୃହ କ୍ଷତିଗ୍ରସ୍ତ ହୋଇଛି। ଲୋକଙ୍କୁ ଏହି ବିପର୍ଯ୍ୟୟରୁ ବାହାର କରିବା ପାଇଁ ବିଳମ୍ବିତ ରାତି ପର୍ଯ୍ୟନ୍ତ ଉଦ୍ଧାର କାର୍ଯ୍ୟ ଚାଲୁ ରହିଥିଲା। ଅନ୍ୟପଟେ ପଞ୍ଜାବରେ ବନ୍ୟାସ୍ଥିତିରେ ସୁଧାର ଆସିନାହିଁ। ବ୍ୟାନ ଯୋଗୁଁ ଏହି ଉତ୍ତର ପଶ୍ଚିମ ସୀମାନ୍ତ ରାଜ୍ୟରେ ଏପର୍ଯ୍ୟନ୍ତ ୪୩ ଲୋକ ମୃତ୍ୟୁବରଣ କରିଛନ୍ତି। ରାଜ୍ୟର ୨୩ଟି ଜିଲ୍ଲାରେ ୧, ୬୫୫

**ନୋଏଡାରେ ଏକାଧିକ ସେକ୍ଟର ଜଳମଗ୍ନ**

**ପଞ୍ଜାବରେ ବନ୍ୟା ଯୋଗୁଁ ୪୩ ମୃତ**

ଗାଁ ପାଣି ଘେରରେ ରହିଛି ଓ ୩.୫୫ ଲକ୍ଷ ଲୋକ ପ୍ରଭାବିତ ହୋଇଛନ୍ତି। ୧.୭୧ ହେକ୍ଟର ଜମିରେ ହୋଇଥିବା ଚାଷ ନଷ୍ଟ ହୋଇଛି। ପୁଣି ଆଗାମୀ ୫ ଦିନ ଏହି ରାଜ୍ୟରେ ପ୍ରବଳ ବର୍ଷା ହେବାର ସତର୍କତା ଜାରି କରାଯାଇଛି। ଫଳରେ ସ୍ଥିତି ଆହୁରି ଗୁରୁତର ହେବ ବୋଲି ଆଶଙ୍କା କରାଯାଉଛି।

କଶ୍ମୀରରେ ଗୁରୁବାର ପ୍ରବଳ ବର୍ଷା ହେବା କାରଣରୁ ଭୂସ୍ଖଳନ ହୋଇଛି ଓ ଏହି କାରଣରୁ ଦେଶର ବାକି ଅଞ୍ଚଳ ସହ ସମ୍ପର୍କ କଟିଯାଇଛି। ଜମ୍ମୁ-କଶ୍ମୀର ଜାତୀୟ ରାଜପଥ ସହ ସବୁ ସଡ଼କ ବନ୍ଦ ରହିଛି। ଅବଶ୍ୟ ଝେଲମ ନଦୀର ଜଳସ୍ତରରେ ହ୍ରାସ ପାଇଛି। ନଦୀ ଏବେ ବିପଦ ସଂକେତ ତଳେ ପ୍ରବାହିତ ହେଉଛି। କିନ୍ତୁ ସତର୍କତା ଅବଲମ୍ବନପୂର୍ବକ କଶ୍ମୀର ଅଞ୍ଚଳର ସବୁ ସ୍କୁଲ ଓ କଲେଜକୁ ଶନିବାର ପର୍ଯ୍ୟନ୍ତ ବନ୍ଦ କରାଯାଇଛି।





ଅନ୍ୟପଟେ ଜମ୍ମୁର ରାମବନ ଜିଲ୍ଲାରେ ପ୍ରବଳ ବର୍ଷା କାରଣରୁ ହଠାତ ବନ୍ୟା ଆସିବା ସହ ଭୂସ୍ଖଳନ ହୋଇଛି। ଫଳରେ ଏହି ଅଞ୍ଚଳରେ ୨୮୩ ଘର କ୍ଷତିଗ୍ରସ୍ତ ହୋଇଛି। ୯୫୦ ଲୋକଙ୍କୁ ଉଦ୍ଧାର କରାଯାଇ ସୁରକ୍ଷିତ ଅଞ୍ଚଳକୁ ନିଆଯାଇଛି। ଗତ ଅଗଷ୍ଟ ୨୯ରେ ରାମବନର ରାଜଗଡ଼ ତହସିଲର ଦୁବଲା ଗାଁରେ ବାଦଲ ଫଟା ବର୍ଷା ଯୋଗୁଁ ଭୂସ୍ଖଳନ ହୋଇଥିଲା। କଶ୍ମୀର ବନ୍ଦୀପୋରାର ବୁଲର ହ୍ରଦରେ ଜଳସ୍ତର ବୃଦ୍ଧି ପାଇବା ଯୋଗୁଁ ୧୧ଟି ପରିବାରକୁ ସୁରକ୍ଷିତ ସ୍ଥାନକୁ ସ୍ଥାନାନ୍ତର କରାଯାଇଛି। ସେହିପରି ହିମାଚଳ ପ୍ରଦେଶରେ ଗତ ୧୧ ଦିନ ହେବ ଫସି ରହିଥିବା ୫୦ ଜଣ ଯାତ୍ରୀଙ୍କୁ ଚିନୁକ ହେଲିକପ୍ଟର ଦ୍ୱାରା ଉଦ୍ଧାର କରାଯାଇଛି। ଭାରତ ଓ ପାକିସ୍ତାନର ସୀମାରେ ଥିବା ତାର ବାଡ଼ଗୁଡିକ କେତେ କିମି ଧରି ବୁଡି ରହିଥିବାର ଦେଖାଯାଇଛି। ସେହିପରି ଓଖଳା ବ୍ୟାରେଜର ସବୁ ଗେଟ୍‌କୁ ଖୋଲି ଦିଆଯାଇଛି। ଫଳରେ ଯମୁନା ନଦୀର ଜଳସ୍ତରରେ ବୃଦ୍ଧି ଘଟିଛି। ହିମାଚଳ ପ୍ରଦେଶରେ ୫ଟି ଜଲ୍ଲାରେ ପ୍ରବଳ ବର୍ଷା ହେବ ବୋଲି ସତର୍କତା ଜାରି କରାଯାଇଛି।

## ଦେଶ ପାଇଁ ବିଚାରଧାର ଜରୁରି: ସିଡିଏସ୍ ଅନିଲ ଚୌହାନ




ଗୋରଖପୁର, ୫।୯(ଏଜେନ୍ସି): ଦେଶ ପାଇଁ ଏକ ବିଚାରଧାରା ଜରୁରି ବୋଲି ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ୍ (ସିଡିଏସ୍) ଜେନେରାଲ ଅନିଲ ଚୌହାନ କହିଛନ୍ତି। ଗୋରଖପୁରାରେ ଗୋର୍ଖା ଯୁଦ୍ଧ ସ୍ମାରକୀର ସୌନ୍ଦର୍ଯ୍ୟକରଣ କାର୍ଯ୍ୟ ଓ ସଂଗ୍ରାହଳୟ ଶିଳାନ୍ୟାସ କାର୍ଯ୍ୟକ୍ରମରେ ଯୋଗ ଦେବା ଅବସରରେ ସେ କହିଛନ୍ତି ଯେ, ଏକ ରାଷ୍ଟ୍ରର ସଞ୍ଚାଳନ ପାଇଁ ବିଚାରଧାରା ନିହାତି ଜରୁରି। ଭୂମି ରାଷ୍ଟ୍ରର ଭୌତିକ ପରିଚୟ। ଶରୀର ପାଇଁ ଯେପରି ରକ୍ତର ଆବଶ୍ୟକତା ଅଛି, ଠିକ୍ ସେହିପରି ଦେଶ ପାଇଁ ଏକ ବିଚାରଧାରା ଜରୁରି ବୋଲି ସେ କହିଛନ୍ତି। ଏହା ମଧ୍ୟ ପ୍ରଶାସନିକ ଢ଼ାଞ୍ଚାକୁ ଦୃଢ଼ କରିଥାଏ। ଶତ୍ରୁ ଦେଶ ପରମାଣୁ ଅସ୍ତ୍ରରେ ଶକ୍ତି ସମ୍ପର୍ଣ୍ଣ। ପୁଣି ଭାରତ ସମ୍ମୁଖରେ ସୀମା ବିବାଦ କଡ଼ା ଚ୍ୟାଲେଞ୍ଜ ସୃଷ୍ଟି କରିଛି। ସ୍ୱାଧୀନତା ପାଇବା ପରେ ମଧ୍ୟ ସୀମାକୁ ନେଇ ଶତ୍ରୁ ଦେଶ ସହ ଏକାଧିକବାର ଯୁଦ୍ଧ ହୋଇ ସାରିଛି। ଖାସ୍ କରି ଚୀନ୍ ସହିତ ଥିବା ବହୁଦିନର ସୀମା ବିବାଦ ଭାରତ ପାଇଁ ସବୁଠାରୁ ବଡ଼ ଚ୍ୟାଲେଞ୍ଜ। ପୁଣି ଭାରତରେ ଏକାଧିକ ଆଞ୍ଚଳିକ ସମସ୍ୟା ରହିଛି ବୋଲି ସେ କହିଛନ୍ତି। ତେଣୁ ଦେଶର ଚାରିପଟୁ ବିପଦ ରହିଛି। ସେହିପରି ଦେଶ ପାଇଁ ଅଭ୍ୟନ୍ତରୀଣ ବିପଦ ମଧ୍ୟ ରହିଛି। ତେଣୁ ଏହି ସବୁ ବିପଦକୁ ପ୍ରତିହତ କରିବାର ଚ୍ୟାଲେଞ୍ଜ ଆମ ସମ୍ମୁଖରେ ରହିଛି। ଆଧୁନିକ ଯୁଗରେ ଏବେ ଯୁଦ୍ଧର ସ୍ୱରୂପ ବଦଳିଛି। ଜଳ, ସ୍ଥଳ ଓ ବାୟୁ ସେନା ମଧ୍ୟରେ ସମନ୍ୱୟ ଓ ସନ୍ତୁଳନ ରକ୍ଷା କରିବାକୁ ହେବ ବୋଲି ସେ କହିଛନ୍ତି। ଦେଶର ସୁରକ୍ଷା ପ୍ରତି ବିପଦ ସୃଷ୍ଟି କରୁଥିବା ତତ୍ତ୍ୱକୁ ଶେଷ କରିବାକୁ ହେବ ବୋଲି ସେ କହିଛନ୍ତି।

## ଆମେରିକାଠାରୁ ୫ମ ପିଢ଼ିର ବିମାନ ଇଞ୍ଜିନ୍ କିଣିବ ଭାରତ

ନୂଆଦିଲ୍ଲୀ, ୫।୯(ଏଜେନ୍ସି): ଭାରତ ଓ ଆମେରିକା ମଧ୍ୟରେ ଚାଲିଥିବା ଟାରିଫ ଯୁଦ୍ଧ ବିବାଦ ମଧ୍ୟରେ ଏକ ଭଲ ଖବର ଆସିଛି। ଭାରତର ବିମାନ ନିର୍ମାତା କମ୍ପାନୀ ହିନ୍ଦୁସ୍ଥାନ ଏରୋନେଟିକ୍ସ ଲିମିଟେଡ (ହାଲ) ଓ ପ୍ରସିଦ୍ଧ ଆମେରିକା କମ୍ପାନୀ ଜେନେରାଲ ଇଲେକଟ୍ରିକ୍ (ଜିଇ) ମଧ୍ୟରେ ୫ମ ପିଢ଼ିର ଜେଟ୍ ଇଞ୍ଜିନ୍ କ୍ରୟକୁ ନେଇ ଏକାଧିକ ପ୍ରତିରକ୍ଷା ଚୁକ୍ତି ଅନ୍ତିମ ପର୍ଯ୍ୟାୟରେ ପହଞ୍ଚିଛି। ୧୪ ହଜାର କୋଟି ଟଙ୍କାରେ ଏହି ଚୁକ୍ତି ହୋଇଛି। ଜେଟ୍ ଜିଇ୪୧୪ ଇଞ୍ଜିନକୁ ନେଇ ଏକ ବଡ଼ ଚୁକ୍ତି ହୋଇଛି ବୋଲି ହାଲ ସୂତ୍ରରୁ ଜଣାପାଇଛି। ଏହି ଇଞ୍ଜିନ୍ ଭାରତର ୫ମ ପିଢ଼ୀର ସ୍ୱଦେଶୀ ଲଢୁଆ ବିମାନ ଅର୍ଥାତ ଆଡଭାନ୍ସଡ୍ ମିଡିୟମ କମ୍ବାଟ ଏୟାରକ୍ରାଫ୍ଟ (ଏଏମ୍‌ସିଏ)ରେ ଲାଗିବ। ଜିଇ ଏହି ଇଞ୍ଜିନର ୮୦ ପ୍ରତିଶତ ବୈଷୟିକ ଜ୍ଞାନକୌଶଳ ଦେବାକୁ ହାଲର ସର୍ତ୍ତକୁ ମାନିନେଇଛି। ଫଳରେ ଜିଇ-୪୧୪ ଇଞ୍ଜିନର ଉତ୍ପାଦନ ଭାରତରେ ହୋଇପାରିବ। ହାଲ ମଧ୍ୟ ଆଗୁଆ ୧୦ଟି ଜିଇ-୪୧୪ ଇଞ୍ଜିନ କ୍ରୟ କରିଛି। ଫଳରେ ଏଏମ୍‌ସିଏ ବିକାଶରେ

**୧୪ ହଜାର କୋଟିର ଚୁକ୍ତି**

**୮୦ ପ୍ରତିଶତ ବୈଷୟିକ ଜ୍ଞାନ କୌଶଳ ଦେବାକୁ ପ୍ରସ୍ତୁତ**





ବିଳମ୍ବ ହେବ ନାହିଁ। ଆସନ୍ତାମାସ ଅର୍ଥାତ ଅକ୍ଟୋବରରେ ବାୟୁସେନାକୁ ଦୁଇଟି ତେଜସ୍ ଏମ୍‌କେ୧ ବିମାନ ମିଳିବ।

■ ଏୟାର ଇଣ୍ଡିଆ ଏକ୍ସପ୍ରେସ୍ ବିମାନରେ ବୈଷୟିକ ତ୍ରୁଟି

## ଇନ୍ଦୋରରେ ଜରୁରିକାଳୀନ ଅବତରଣ

ନୂଆଦିଲ୍ଲୀ, ୫।୯(ଏଜେନ୍ସି): ଦିଲ୍ଲୀରୁ ଇନ୍ଦୋର ଯାଉଥିବା ଏୟାର ଇଣ୍ଡିଆ ଏକ୍ସପ୍ରେସର ଏକ ବିମାନ ଶୁକ୍ରବାର ସକାଳେ ଇନ୍ଦୋର ବିମାନ ବନ୍ଦରରେ ଜରୁରିକାଳୀନ ଅବତରଣ କରିଛି। ଏହି ବିମାନରେ ୧୬୧ ଜଣ ଯାତ୍ରୀ ଥିଲେ। ଫ୍ଲାଇଟ୍ ନଂ ଆଇଏକ୍ସ-୧୧୦୪ ଇଞ୍ଜିନରେ ବୈଷୟିକ ତ୍ରୁଟି ଦେଖାଯିବା ଫଳରେ ଏହା ସକାଳ ୯.୫୪ ମିନିଟ୍‌ରେ ଜରୁରିକାଳନୀ ଅବତରଣ କରିଥିଲା। ଜରୁରିକାଳନୀ ଅବତରଣ ଖବର ଶୁଣି ଯାତ୍ରୀମାନଙ୍କ ମଧ୍ୟରେ ଆତଙ୍କ ଖେଳିଯାଇଥିଲା। ବିମାନବନ୍ଦରରେ ଅପେକ୍ଷା କରିଥିବା ଯାତ୍ରୀମାନଙ୍କ ସମ୍ପର୍କୀୟମାନେ ମଧ୍ୟ ଆତଙ୍କିତ ହୋଇ ପଡ଼ିଥିଲେ। ଦିଲ୍ଲୀରୁ ଏହି ବିମାନ ବିଳମ୍ବରେ ଉଡାଣ ଭରିଥିଲା। ଏହି ବିମାନ ଦିଲ୍ଲୀରୁ ୬.୪୦ରୁ ବାହାରି ଇନ୍ଦୋରରେ ୮.୧୫ରେ ପହଞ୍ଚିଥାଏ। କିନ୍ତୁ ଆଜି ସକାଳେ ଏହା ୮.୨୮ରେ ଟେକ୍‌ଅଫ୍ କରିଥିଲା। ଇନ୍ଦୋର ପହଞ୍ଚିବା ବେଳକୁ ବିମାନର ବାମପଟ ଇଞ୍ଜିନରେ ତ୍ରୁଟି ଦେଖାଦେଇଥିଲା। ଏହାପରେ ପାଇଲଟ୍ ଯଥାଶୀଘ୍ର ଏୟାର ଟ୍ରାଫିକ କଣ୍ଟ୍ରୋଲ (ଏଟିସି)କୁ ଅବଗତ କରାଇଥିଲେ ଓ ଏଟିସି ତୁରନ୍ତ ଜରୁରିକାଳୀନ ଅବତରଣର ବ୍ୟବସ୍ଥା କରିଥିଲେ। ଏବେ ଇଞ୍ଜିନିୟରିଂ ଟିମ୍ ଏହି ବିମାନର ଯାଞ୍ଚ୍ କରୁଛି।

## ୟୁକ୍ରେନକୁ ସୁରକ୍ଷା ଗ୍ୟାରେଣ୍ଟି ଦେବେ ୨୬ ଦେଶ

ପ୍ୟାରିସ, ୫।୯(ଏଜେନ୍ସି): ୨୬ଟି ୟୁରୋପୀୟ ଦେଶ ୟୁକ୍ରେନ୍‌କୁ ପୋଷ୍ଟ ୱାର ଅର୍ଥାତ ଯୁଦ୍ଧ ପରର ସୁରକ୍ଷା ଗ୍ୟାରେଣ୍ଟ ଦେବାକୁ ପ୍ରତିଶ୍ରୁତି ଦେଇଛନ୍ତି। ଫ୍ରାନ୍ସ ରାଷ୍ଟ୍ରପତି ଇମାନୁଏଲ ମାକ୍ରୋନ୍ ଗୁରୁବାର ଏ ନେଇ ସୂଚନା ଦେଇଛନ୍ତି। ୟୁକ୍ରେନ୍‌ରେ ଏକ ଇଣ୍ଟରନ୍ୟାସନାଲ ଫୋର୍ସ ନିୟୋଜିତ କରାଯିବ ବୋଲି ସେ କହିଛନ୍ତି। 'କୋଆଲିସନ ଅଫ୍ ୱିଲିଂ' ସମ୍ମିଳନୀ ପରେ ଗଣମାଧ୍ୟମ ସହ କଥା ହେବା ବେଳେ ମାକ୍ରୋନ ଏହିକଥା କହିଛନ୍ତି। ଏହି ବୈଠକରେ ୟୁରୋପୀଆନ ୟୁନିୟନ ସମେତ ୩୫ ଦେଶର ନେତା ସାମିଲ ହୋଇଥିଲେ। ବୈଠକ ପରେ ମାକ୍ରୋନ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସହ କଥା ହୋଇଥିଲେ ଓ ଏହି ଗ୍ୟାରେଣ୍ଟି ପାଇଁ ସମର୍ଥନ ଦେବାକୁ କହିଥିଲେ। ୟୁକ୍ରେନ ସେନାବାହିନୀକୁ କେତୋଟି ଦେଶ ଟ୍ରେନିଂ ଦେବା ସହ ଅସ୍ତ୍ରଶସ୍ତ୍ର ଯୋଗାଇବେ। ୟୁକ୍ରେନ- ରୁଷିଆ ଯୁଦ୍ଧ ଶେଷ ହେବା ମାତ୍ରେ ହିଁ ଏହି ସୁରକ୍ଷା ଗ୍ୟାରେଣ୍ଟି ଲାଗୁ ହେବ। କିନ୍ତୁ ଏହା ବିରୋଧରେ ରୁଷି ରାଷ୍ଟ୍ରପତି ଭ୍ଲାଦିମିର ପୁତିନ ସିଧାସଳଖ ଧମକ ଦେଇଛନ୍ତି। ଯଦି ୟୁକ୍ରେନରେ ପାଶ୍ଚାତ୍ୟ ଦେଶର କୌଣସି ସୈନ୍ୟ ନିୟୋଜିତ ହୁଅନ୍ତି ତେବେ ରୁଷିଆ ତାଙ୍କୁ ଟାର୍ଗେଟ କରିବା ସହ ଆକ୍ରମଣ କରିବ ବୋଲି ପୁତିନ କହିଛନ୍ତି।

## ମହିଳା ଆଇପିଏସ୍‌ଙ୍କୁ ଅଜିତ ପାୱାରଙ୍କ ଧମକ

ମୁମ୍ବଇ, ୫।୯(ଏଜେନ୍ସି): ମହାରାଷ୍ଟ୍ର ଉପ- ମୁଖ୍ୟମନ୍ତ୍ରୀ ତଥା ନ୍ୟାସାଲିଷ୍ଟ କଂଗ୍ରେସ ପାର୍ଟି (ଏନ୍‌ସିପି) ଅଧ୍ୟକ୍ଷ ଅଜିତ ପାୱାର ଅଞ୍ଜନା କ୍ରିଷ୍ଣା ନାମକ ଜଣେ ମହିଳା ଆଇପିଏସ୍ ଅଧିକାରୀଙ୍କୁ ଧମକ ଦେବାର ଏକ ଭିଡିଓ ଭାଇରାଲ ହୋଇଛି। ଦୁହିଁଙ୍କ ମଧ୍ୟରେ ଫୋନ୍‌ରେ ଗରମାଗରମ ଯୁକ୍ତିତର୍କ ହେବା ବେଳେ ଅଜିତ ତାଙ୍କୁ ପାଟି କରିବା ସହ ଧମକ ଦେଉଥିବା ଦେଖିବାକୁ ମିଳିଛି। ଅଗଷ୍ଟ ୩୧ରେ ସୋଲାପୁର ଜିଲ୍ଲାର କୁର୍ଦ୍ଦୁ ଗାଁରେ ଏହି ଘଟଣା ଘଟିଥିଲା ବୋଲି କୁହାଯାଇଛି। ଅଞ୍ଜନା ଏହି ଅଞ୍ଚଳରେ ମୋହରମର ଅବୈଧ ଖନନକୁ ରୋକିବାକୁ ସେଠାରେ ପହଞ୍ଚିଥିଲେ। କିନ୍ତୁ ଏହାକୁ ରୋକିବାକୁ ଅଜିତ ଏହି ମହିଳା ଆଇପିଏସ୍‌କୁ କହୁଥିବାର ଶୁଣାଯାଇଛି। ଭିଡିଓରେ ଅଞ୍ଜନା ହାତରେ ଏକ ମାବାଇଲ ଧରି ଛିଡା ହୋଇଥିବାର ଲକ୍ଷ୍ୟ କରାଯାଇଛି ଓ ତାଙ୍କ ପାଖରେ କିଛି ଲୋକ ଠିଆ ହୋଇଛନ୍ତି। ଏନ୍‌ସିପିର ଜଣେ କର୍ମୀଙ୍କ ମୋବାଇଲରୁ ଅଜିତ ଫୋନ୍ କରିଥିଲେ। କିନ୍ତୁ ଅଞ୍ଜନା ତାଙ୍କ ସ୍ୱର ଜାଣିପାରି ନଥିଲେ। ଫଳରେ ଅଜିତ ଭିଡିଓ କଲ୍ କରିଥିଲେ। ଭିଡିଓ ଭାଇରାଲ ହେବା ପରେ ଅଜିତ ନିଜ ତ୍ରୁଟି ସ୍ୱୀକାର କରିଛନ୍ତି ଓ ପୁଲିସ ଓ ଅଧିକାରୀଙ୍କ ପ୍ରତି ମୋର ଯଥେଷ୍ଟ ସମ୍ମାନ ରହିଛି ବୋଲି ସେ ସାମାଜିକ ଗଣମାଧ୍ୟମ ଏକ୍ସରେ ପୋଷ୍ଟ କରି ଉଲ୍ଲେଖ କରିଛନ୍ତି।

# ଦେଶର ୪୭% ମନ୍ତ୍ରୀଙ୍କ ଉପରେ ଆପରାଧିକ ମାମଲା



ନୂଆଦିଲ୍ଲୀ, ୫।୯(ଏଜେନ୍ସି): ଦେଶରେ ୩୦୨ ଜଣ ମନ୍ତ୍ରୀ (ପାଖାପାଖି ୪୭ ପ୍ରତିଶତ) ନିଜ ଉପରେ ଆପରାଧିକ ମାମଲା ଥିବା କଥା ସ୍ୱୀକାର କରିଛନ୍ତି। ଏମାନଙ୍କୁ ମଧ୍ୟରୁ ୧୭୪ ଜଣ ମନ୍ତ୍ରୀଙ୍କ ଉପରେ ହତ୍ୟା, ଅପହରଣ ଓ ମହିଳାଙ୍କ ବିରୋଧରେ ଅପରାଧ ଭଳି ଗମ୍ଭୀର ଅଭିଯୋଗ ରହିଛି। ସେହିପରି କେନ୍ଦ୍ର ସରକାରଙ୍କ ୭୨ ମନ୍ତ୍ରୀଙ୍କ ମଧ୍ୟରୁ ୨୯ଜଣ (୪୦ ପ୍ରତିଶତ) ନିଜ ଉପରେ ଆପରାଧିକ ମାମଲା ଥିବା କଥା ସ୍ୱୀକାର କରିଛନ୍ତି। ନିର୍ବାଚନ ସୁଧାର ସଂସ୍ଥା 'ଆସୋସିଏସନ ଫର୍ ଡେମୋକ୍ରାଟିକ ରିଫର୍ମ୍ସ' (ଏଡିଆର) ଦ୍ୱାରା ପ୍ରକାଶିତ ରିପୋର୍ଟରେ ଏ ନେଇ ଉଲ୍ଲେଖ କରାଯାଇଛି। ଏଡିଆର ୨୭ ରାଜ୍ୟ, ୩ କେନ୍ଦ୍ର ଶାସିତ ଅଞ୍ଚଳ ଓ କେନ୍ଦ୍ର ସରକାରଙ୍କ ମୋଟ୍ ୬୪୩ ମନ୍ତ୍ରୀଙ୍କ ଶପଥ ପତ୍ର ବା ଆଫିଡେବିଟ୍‌ର ବିଶ୍ଳେଷଣ କରି ଏହି ନିଷ୍କର୍ଷରେ ପହଞ୍ଚିଛି। ୨୦୨୦ ଓ ୨୦୨୫ ମଧ୍ୟରେ ଅନୁଷ୍ଠିତ ନିର୍ବାଚନ ଅବସରରେ ଦାଖଲ ହୋଇଥିବା ଶପଥ ପତ୍ରକୁ ଆଧାର କରି ଏହି ରିପୋର୍ଟ ପ୍ରସ୍ତୁତ କରାଯାଇଛି ବୋଲି ଏଡିଆର ତରଫରୁ କୁହାଯାଇଛି। ୧୧ଟି ରାଜ୍ୟରେ ୬୦ ପ୍ରତିଶତ ମନ୍ତ୍ରୀ ଆପରାଧିକ ମାମଲାରେ ଅଭିଯୁକ୍ତ ଅଛନ୍ତି। ଏହିକ୍ରମରେ ଦେଖିବାକୁ ଗଲେ ବିଜେପିର ୩୩୬ ମନ୍ତ୍ରୀଙ୍କ ମଧ୍ୟରୁ ୧୩୬ ମନ୍ତ୍ରୀଙ୍କ ବିରୋଧରେ ଆପରାଧିକ ମାମଲା ରହିଛି ଓ ୮୮ ଜଣଙ୍କ ଉପରେ ଗମ୍ଭୀର ମାମଲା ରୁଜୁ କରାଯାଇଛି। ଅନ୍ୟପଟେ କଂଗ୍ରେସର ୬୧ ମନ୍ତ୍ରୀଙ୍କ ମଧ୍ୟରୁ ୪୫ ଜଣଙ୍କ ବିରୋଧରେ ମାମଲା ରହିଥିବା ବେଳେ ୧୮ଜଣଙ୍କ ବିରୋଧରେ ଗମ୍ଭୀର ମାମଲା ରହିଛି। ସେହିପରି ଡିଏମ୍‌କେର ୩୧ରୁ ୨୭, ଟିଏମ୍‌ସିର ୪୦ରୁ ୧୩, ଟିଡିପିର ୨୩ରୁ ୨୨ ଏବଂ ଆପ୍‌ର ୧୬ରୁ ୧୧ ଜଣ ବିରୋଧରେ ଆପରାଧିକ ମାମଲା ରହିଛି। ଉଲ୍ଲେଖଥାଉ କି, କିଛିଦିନ ତଳେ କେନ୍ଦ୍ର ସରକାର ଏକ ପ୍ରସ୍ତାବ ରଖିଥିଲେ। ଏହା ଅନୁସାରେ ଯେଉଁ ପ୍ରଧାନମନ୍ତ୍ରୀ, ମୁଖ୍ୟମନ୍ତ୍ରୀ ଓ ମନ୍ତ୍ରୀ ଗମ୍ଭୀର ଆପରାଧିକ ମାମଲାରେ ୩୦ ଦିନ ଜେଲରେ ରହିବା ପରେ ପଦରୁ ହଟିବେ ବୋଲି କୁହାଯାଇଥିଲା।

## ଦାଗୀ ମନ୍ତ୍ରୀ ତାଲିକା | ଦେଶରେ ଓଡ଼ିଶା ପ୍ରଥମ

**ରାଜ୍ୟର ୮୮ ପ୍ରତିଶତ ମନ୍ତ୍ରୀଙ୍କ ନାମରେ ମାମଲା**

**କନକ ସବୁଠାରୁ ଧନୀ, ଦ୍ୱିତୀୟ ସ୍ଥାନରେ ପ୍ରଦୀପ**

ଭୁବନେଶ୍ୱର,୫।୯(ସମିସ): ଓଡ଼ିଶାର ୧୬ ଜଣ ମନ୍ତ୍ରୀଙ୍କ ମଧ୍ୟରୁ ୧୪ ଜଣ ମନ୍ତ୍ରୀଙ୍କ ନାମରେ ରହିଛି ଅପରାଧିକ ମାମଲା । ଏପରିକି ଅପରାଧିକ ମାମଲା ଥିବା ୧୪ ଜଣ ମନ୍ତ୍ରୀଙ୍କ ମଧ୍ୟରୁ ୮ ଜଣଙ୍କ ୧୪ ମନ୍ତ୍ରୀଙ୍କ ମଧ୍ୟରୁ ୯ ଜଣଙ୍କ ନାମରେ ଗୁରୁତର ଅପରାଧିକ ମାମଲା ପଞ୍ଜିକୃତ ହୋଇଛି। ନିକଟରେ ଦେଶର ୨୭ଟି ରାଜ୍ୟ ଓ ୩ ଟି କେନ୍ଦ୍ର ଶାସିତ ଅଞ୍ଚଳର ମନ୍ତ୍ରୀମାନଙ୍କ ସତ୍ୟପାଠ ଆଧାରରେ ଏପରି ରିପୋର୍ଟ ପ୍ରକାଶ କରିଛି ଆସୋସିଏସ୍‌ନ ଫର ଡେମୋକ୍ରାଟିକ ରିଫର୍ମ୍ସ (ଏଡିଆର) ଓ ନ୍ୟାସନାଲ ଇଲେକ୍ସନ ୱାଚ୍ (ଏନ୍‌ଇଡବ୍ଲ୍ୟୁ) । ଦାଗୀ ବା ଅପରାଧିକ ମାମଲା ଥିବା ମନ୍ତ୍ରୀଙ୍କ ସୂଚୀରେ ଓଡ଼ିଶା ସହ ଆନ୍ଧ୍ରପ୍ରଦେଶ ଯୁଗ୍ମ ଭାବରେ ସାରା ଦେଶରେ ପ୍ରଥମସ୍ଥାନ ଅଧିକାର କରିଛନ୍ତି ।

ଏଡିଆର ପକ୍ଷରୁ ପ୍ରକାଶିତ ରିପୋର୍ଟ ଅନୁସାରେ ଉଭୟ ଓଡ଼ିଶା ଓ ଆନ୍ଧ୍ର ପ୍ରଦେଶର ୮୮ ପ୍ରତିଶତ ମନ୍ତ୍ରୀଙ୍କ ନାମରେ ଅପରାଧିକ ମାମଲା ରହିଛି। ସେହିପରି ଉଭୟ ରାଜ୍ୟରେ ୫୬ ପ୍ରତିଶତ ମନ୍ତ୍ରୀଙ୍କ ନାମରେ ମଧ ଗୁରୁତର ଅପରାଧିକ ମାମଲା ଥିବା ସୂଚନା ମିଳିଛି । ଅନ୍ୟପକ୍ଷରେ ଓଡ଼ିଶାର ସବୁଠାରୁ ଧନୀ ମନ୍ତ୍ରୀ ଭାବରେ ଉପମୁଖ୍ୟମନ୍ତ୍ରୀ ତଥା କୃଷିମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓଙ୍କ ନାମ ସ୍ଥାନ ପାଇଛି। ତାଙ୍କର ସମ୍ପତ୍ତି ୬୭ କୋଟି ୩୦ ଲକ୍ଷ ୬୦ ହଜାର ୬୨୯ ଟଙ୍କା ବୋଲି ଉଲ୍ଲେଖ ରହିଛି। ସେହିପରି ତାଙ୍କ ନାମରେ ୭୫ ଲକ୍ଷ ଟଙ୍କା ଋଣ ଥିବା ଏଡ଼ିଆର୍ ଉଲ୍ଲେଖ କରିଛି। ସମବାୟ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ ରାଜ୍ୟର ଦ୍ୱିତୀୟ ଧନୀ ମନ୍ତ୍ରୀ ବୋଲି କୁହାଯାଇଛି ଓ ତାଙ୍କ ନିକଟରେ ୧୭.୩ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ସମ୍ପତ୍ତି ରହିଛି। ତାଙ୍କ ନାମରେ ୮୫ ଲକ୍ଷ ଟଙ୍କା ଋଣ ରହିଛି। ଅନ୍ୟପକ୍ଷରେ ସମ୍ପତ୍ତି ସୂଚୀରେ ଯୋଗାଣମନ୍ତ୍ରୀ ତୃତୀୟ ସ୍ଥାନରେ ରହିଛନ୍ତି । ତାଙ୍କ ପାଖରେ ୭ କୋଟି ୬୬ ଲକ୍ଷ ୫୮ ହଜାର ୨୩୭ ଟଙ୍କା ସମ୍ପତ୍ତି ରହିଛି।



ନବୀନ ନିବାସରେ ବିଜେଡି ସୁପ୍ରିମୋ ନବୀନ ପଟ୍ଟନାୟକଙ୍କୁ ଭେଟୁଛନ୍ତି ବିଜୁ ମହିଳା ଜନତା ଦଳର ସଭାନେତ୍ରୀ ଓ ମହିଳା ବ୍ୟାପାର କମିଟି ସଦସ୍ୟ

## ଏସ୍‌ସି, ଏସ୍‌ଟିଙ୍କୁ ମିଳୁନି ନ୍ୟାୟ | ବିଚାର ଅପେକ୍ଷାରେ ୩୦ ହଜାର ମାମଲା

**ଦଣ୍ଡ ବିଧାନ ହାର ନଗଣ୍ୟ ● ଥାନା, କଚେରୀକୁ ଦୌଡ଼ି ଦୌଡ଼ି ଜନସାଧାରଣ ନୟାନ୍ତ**

ଭୁବନେଶ୍ୱର, ୫।୯ (ସମିସ): ଏସ୍‌ସି/ଏସ୍‌ଟି(ଅନୁସୂଚିତ ଜାତି ଓ ଜନଜାତି)ଙ୍କୁ ନ୍ୟାୟ ଦେବାରେ ବିଫଳ ହୋଇଛି ପ୍ରଶାସନ। ବର୍ଷ ବର୍ଷ ଧରି ମାମଲା କୋର୍ଟରେ ଗଡୁଛି। ଅଭିଯୋଗକାରୀ ଥାନା, କୋର୍ଟକୁ ଦୌଡ଼ି ନୟାନ୍ତ ହେଉଛନ୍ତି । ମାତ୍ର ଅଧିକାଂଶ କ୍ଷେତ୍ରରେ ନ୍ୟାୟ ମିଳୁନାହିଁ ବୋଲି ଅଭିଯୋଗ ହେଉଛି। ଏପରିକି ଏସ୍‌ସି/ଏସ୍‌ଟି ମାମଲାଗୁଡ଼ିକରେ ଓଡ଼ିଶାରେ ଦଣ୍ଡ ବିଧାନ ହାର ଜାତୀୟ ହାରଠାରୁ ଢେର କମ୍ ରହିଛି। ଏପରିକି ଏଭଳି ସମ୍ବେଦନଶୀଳ ଯେତେ ମାମଲା ବିଚାର ପାଇଁ ରହିଛି ତାହାର ଦୁଇ ପ୍ରତିଶତ ମଧ ବର୍ଷକରେ ଫଇସଲା ହୋଇପାରୁ ନାହିଁ। ଏହି ସମୟରେ ଅନୁସୂଚିତ ଜାତି ଏବଂ ଜନଜାତିଙ୍କୁ ତ୍ୱରିତ ନ୍ୟାୟ ମିଳୁନଥିବାରୁ ନିକଟରେ ସରକାର ଏହି ମାମଲାର ତଦନ୍ତ ଏସ୍‌ଆଇ ଏବଂ ଆଇଆଇସିଙ୍କୁ ତଦନ୍ତ ଅନୁମତିକୁ ନେଇ ସୃଷ୍ଟି ହୋଇଛି ବିବାଦ । ଅନ୍ୟୂନ ଡ଼ିଏସ୍‌ପି ପାହ୍ୟା ଅଧିକାରୀଙ୍କ ଦ୍ୱାରା ତଦନ୍ତ ପାଇଁ ରହିଥିବା ବ୍ୟବସ୍ଥା ପରିବର୍ତ୍ତନକୁ ନେଇ ବିରୋଧୀ ସରକାରଙ୍କୁ ନିଶାଣ କରିଛନ୍ତି।

ଏନସିଆର ପକ୍ଷରୁ ପ୍ରକାଶିତ କ୍ରାଇମ୍ ଇନ୍ ଇଣ୍ଡିଆ ରିପୋର୍ଟ-୨୦୨୩ର ତଥ୍ୟ ଅନୁସାରେ ଓଡ଼ିଶାରେ ଅନୁସୂଚୀତ ଜାତି ଓ ଜନଜାତି ଅପରାଧ ମାମଲା ସଂଖ୍ୟା ୩୦ ହଜାର ହେବ। ଏହି ରିପୋର୍ଟର ପରିସଂଖ୍ୟାନ ଅନୁଯାୟୀ ୨୦୨୨ରେ ସାରା ଦେଶରେ ଏସ୍‌ସିଙ୍କ ପ୍ରତି ଥିବା ମାମଲାରୁ ମାତ୍ର ୮ ହଜାର ୬୨ଟିର ବିଚାର ହୋଇଥିବା ବେଳେ ସେଥିରୁ ୩ ହଜାର୨୩୪ଟି ଫଇସଲା ହୋଇଥିଲା। ଏଥିମଧ୍ୟରୁ ମାତ୍ର ୯୦୨ଟିରେ ଦଣ୍ଡ ବିଧାନ ହୋଇଥିଲା। ସେହିଭଳି ଏସ୍‌ଟିମାନଙ୍କ ପ୍ରତି ଘଟିଥିବା ଅପରାଧିକ ମାମଲାରୁ ୪୫ ହଜାର୮୨୭ଟି ମାମଲା ବିଚାର ପାଇଁ ଯାଇଥିବା ବେଳେ ସେଥିରୁ ମାତ୍ର ୧୬ ହଜାର୭୧୪ଟି ଫଇସଲା ହୋଇଥିଲା। ଯେଉଁଥିରେ ମୋଟ ୫୬୨୯ଟି ମାମଲାରେ ଦଣ୍ଡବିଧାନ କରାଯାଇଛି। ମୋଟାମୋଟି ଭାବେ ସାରା ଦେଶରେ ବିଚାର ଅପେକ୍ଷାରେ ଥିବା ଏହି କିସମର ଅପରାଧିକ ମାମଲାଗୁଡ଼ିକ ଭିତରୁ ୬ ପ୍ରତିଶତରୁ କମ୍ ଫଇସଲା ହୋଇଥିବା ବେଳେ ୯୩ ପ୍ରତିଶତରୁ ଅଧିକ ବାକିଆ ମାମଲା ଭାବେ ପରବର୍ତ୍ତୀ ବର୍ଷକୁ ଗଡ଼ିଛି।

ଅନୁରୂପ ଭାବରେ ଏସ୍‌ସି ଓ ଏସ୍‌ଟିଙ୍କ ପ୍ରତି ଅପରାଧିକ ମାମଲାଗୁଡିକ ମଧ୍ୟରେ ଦଣ୍ଡବିଧାନ ଓ ଫଇସଲା ହାର ଓଡ଼ିଶାରେ କମ୍ ରହିଥିବା ଦେଖିବାକୁ ମିଳିଛି। ଏନ୍‌ସିଆର୍‌ବି ରିପୋର୍ଟ ଅନୁସାରେ ଓଡ଼ିଶାରେ ଏସସିଙ୍କ ବିରୋଧରେ ଅପରାଧ କ୍ଷେତ୍ରରେ ଦଣ୍ଡବିଧାନ ହାର ୧୬.୧ ପ୍ରତିଶତ ଥିବା ବେଳେ ଏସ୍‌ଟିଙ୍କ କ୍ଷେତ୍ରରେ ଏହା ୧୬.୬ ରହିଛି। ଏସ୍‌ସିଙ୍କ ପ୍ରତି ଅପରାଧିକ ମାମଲାରୁ ଉକ୍ତ ବର୍ଷରେ ଓଡ଼ିଶାରେ ମାତ୍ର ୪୦ଟି ଘଟଣାରେ ଦଣ୍ଡବିଧାନ ହୋଇଥିବାବେଳେ ଏସ୍‌ଟିଙ୍କ ପ୍ରତି ଅପରାଧିକ ମାମଲାରେ ମାତ୍ର ୯ଟିରେ ଆସାମୀଙ୍କ ପ୍ରତି ଦଣ୍ଡାଦେଶ ହୋଇଛି। ବିଶେଷ କରି ଗ୍ରାମାଞ୍ଚଳରେ ରହୁଥିବା ଏସ୍‌ସି ଏବଂ ଏସ୍‌ଟିଙ୍କୁ ଆକ୍ରମଣ କରାଯାଉଛି। ଅନେକ ସ୍ଥାନରେ କଙ୍ଗାରୁ କୋର୍ଟ କରି ଦଣ୍ଡ ଦିଆଉଥିବା ବେଳେ ଆଉ କେଉଁଠି ପଶୁପରି ବ୍ୟବହାର କରାଯାଉଥିବା କୁହାଯାଉଛି ।

## ପାରାଦୀପ ବନ୍ଦରରେ ଅଘଟଣ | ଜାହାଜରୁ ଖସିପଡ଼ିଲେ ୨ ନାବିକ

**ଚୀନ୍ ନାଗରିକ ନିଖୋଜ, ବାଂଲାଦେଶୀ ନାଗରିକ ଉଦ୍ଧାର**

ପାରାଦୀପ,୫।୯(ସମିସ): ପାରାଦୀପ ବନ୍ଦର ୫ନଂ ଗେଟ୍‌ର ଇଣ୍ଟରନ୍ୟାସନାଲ କାର୍ଗୋ ଟର୍ମିନାଲ ବର୍ଥରେ ଆଜି ସକାଳେ ଏକ ଅଘଟଣ ଘଟିଛି। ପାନାମା ଜାତୀୟ ପତାକା ଲାଗିଥିବା ଏକ



ପଣ୍ୟବାହୀ ଜାହାଜ 'ଏମ୍‌ଭି ଲକି ଡ୍ରାଗନ୍'ରୁ ୨ଜଣ ନାବିକ ଖସି ପଡ଼ିଥିଲେ। ୨ ନାବିକଙ୍କ ମଧ୍ୟରୁ ଜଣେ ଚୀନ୍‌ର ଓ ଅନ୍ୟ ଜଣେ ବାଂଲାଦେଶୀ ବୋଲି ଜଣାଯାଇଛି। ବାଂଲାଦେଶୀ ନାବିକଙ୍କୁ ଉଦ୍ଧାର କରାଯାଇଥିବା ବେଳେ ଚୀନ୍ ନାବିକ ନିଖୋଜ ଅଛନ୍ତି। ନିଖୋଜ ଯୁବକ ହେଲେ, ଝାଙ୍ଗ ତାଇ (୨୦) । ଆସନ୍ତାକାଲି ସେ ତାଙ୍କର ଜନ୍ମଦିନ ପାଳନ କରିଥା'ନ୍ତେ। ଉଦ୍ଧାର ବାଂଲାଦେଶୀ ନାବିକଙ୍କ ପରିଚୟ ମିଳି ପାରିନାହିଁ। ତାଙ୍କୁ ପିଆଇସିଟି କର୍ତ୍ତୃପକ୍ଷ ଅଧିକ ଚିକିତ୍ସା ପାଇଁ କଟକ ସ୍ଥାନାନ୍ତର କରାଯାଇଛି।

ସୂଚନା ମୁତାବକ, ଏମଭି ଲକି ଡ୍ରାଗନ ଜାହାଜ ପିଗ ଆଇରନ ଖଲାସ କରି ସକାଳେ ବର୍ଥ ଛାଡ଼ିବା ପାଇଁ ପ୍ରସ୍ତୁତି ଚଳାଇଥିଲା। ଝାଙ୍ଗ ତାଇ ଜାହାଜ ଶିଡ଼ି ରଶି ଖୋଲିବା ବେଳେ ତାହା ଛିଡ଼ିଯିବାରୁ ତାଇ ଛିଟ୍‌କି ପାଣିରେ ପଡ଼ିଥିଲେ। ତାଙ୍କୁ ଉଦ୍ଧାର କରିବା ପାଇଁ ବାଂଲାଦେଶୀ ନାବିକ ପାଣିକୁ ଡେଇଁଥିଲେ। ବହୁ ଚେଷ୍ଟା କରିଥିଲେ ମଧ ତାଙ୍କୁ ଉଦ୍ଧାର କରିବାରେ ଅସଫଳ ହୋଇଥିଲେ। ସେ ମଧ ପାଣିରେ ବୁଡ଼ିଯାଇଥିଲେ। ତାଙ୍କୁ ଜାହାଜର ଅନ୍ୟ ନାବିକ ଦଉଡ଼ି ସହାୟତାରେ ଉଦ୍ଧାର କରିଥିଲେ। ପରେ କୋଷ୍ଟଗାର୍ଡ, ବନ୍ଦର ମେରାଇନ ବିଭାଗ, ସିଆଇଏସଏଫ ଆଦି ସଂସ୍ଥାର ଅଧିକାରୀ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। ବନ୍ଦର ଅଧ୍ୟକ୍ଷ ପି.ଏଲ୍ ହାରନାଦ ମଧ ଘଟଣାସ୍ଥଳରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିଥିଲେ। ଏବେ ବି ନିଖୋଜ ନାବିକଙ୍କ କୌଣସି ପତ୍ତା ମିଳିପାରିନାହିଁ। ଉଦ୍ଧାର କାର୍ଯ୍ୟରେ ସିଆଇଏସଏଫ୍, ମେରାଇନ ପୁଲିସ, ସ୍କୁବା ଡାଇଭର୍, କୋଷ୍ଟଗାର୍ଡ ଓ ଏନଡିଆରଏଫ ଟିମ୍ ନିୟୋଜିତ ହୋଇଛନ୍ତି। ଜାହାଜରେ ମୋଟ ୨୨ ଜଣ ନାବିକ ରହିଥିବା ଜଣାପଡ଼ିଛି।

## ଓଡ଼ିଶାର ୨ ଶିକ୍ଷକଙ୍କୁ ରାଷ୍ଟ୍ରପତି ପୁରସ୍କାର





ଭୁବନେଶ୍ୱର, ୫।୯(ସମିସ): ଗୁରୁଦିବସ ଅବସରରେ ଓଡ଼ିଶାର ଦୁଇଜଣ ଶିକ୍ଷକଙ୍କୁ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ 'ଜାତୀୟ ଶିକ୍ଷକ ପୁରସ୍କାର' ପ୍ରଦାନ କରିଛନ୍ତି। କୋରାପୁଟସ୍ଥିତ ପିଏମ୍‌ଶ୍ରୀ କେନ୍ଦ୍ରୀୟ ବିଦ୍ୟାଳୟର ଶିକ୍ଷକ ତରୁଣ କୁମାର ଦାଶଙ୍କୁ ଅଭିନବ ଶିକ୍ଷାଦାନ ପଦ୍ଧତି ଓ ଭାଷା ଶିକ୍ଷା କ୍ଷେତ୍ରରେ ଅବଦାନ ପାଇଁ ପୁରସ୍କୃତ କରାଯାଇଛି। କଥା ଚିତ୍ର, ମାଇଁ ରିଡିଂ ବୁକ୍, ମାଇଁ ପିକ୍‌ଚର ମାଇଁ ଷ୍ଟୋରୀ, ନ୍ୟୁଜ୍ ନେଷ୍ଟ, ମେ ଭି ସ୍ପିକର୍ ପରି ଅଭିନବ ଶିକ୍ଷାଦାନ ମାଧ୍ୟମରେ ଛାତ୍ରଛାତ୍ରୀଙ୍କ ମଧ୍ୟରେ ସୃଜନଶୀଳତା, ସାକ୍ଷରତା ଓ ଯୋଗାଯୋଗ ଦକ୍ଷତା ବୃଦ୍ଧି କରିପାରିଛନ୍ତି।

ସେହିପରି ମାଲକାନାଗିରି ଜିଲ୍ଲା କୋରକୁଣ୍ଡା ବ୍ଲକ୍ କୋଣ୍ଡେଲ ସରକାରୀ ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଶିକ୍ଷକ ବସନ୍ତ କୁମାର ରଣାଙ୍କୁ ମଧ ରାଷ୍ଟ୍ରପତି ପୁରସ୍କୃତ କରିଛନ୍ତି। ନୂତନ ଶିକ୍ଷାଦାନ ଶୈଳୀ ଓ ଗୋଷ୍ଠୀ ସହଭାଗିତା ପାଇଁ ଶ୍ରେଣୀଗୃହରେ ଛାତ୍ରଛାତ୍ରୀଙ୍କ ଉପସ୍ଥାନରେ ସେ ସୁଧାର ଆଣି ପାରିଛନ୍ତି। ସଚେତନତା ସହିତ ପଥପ୍ରାନ୍ତ ସଭା, କଣ୍ଢେଇ ନାଚ, ଭ୍ରାମ୍ୟମାଣ ପାଠାଗାର ପରି ଅଭିନବ ପଦକ୍ଷେପ ନେଇ ଶିକ୍ଷା, ବିଦ୍ୟାଳୟ ଓ ସମାଜ ମଧ୍ୟରେ ଦୂରତା ହ୍ରାସ କରିପାରିଛନ୍ତି। କେନ୍ଦ୍ର ଶିକ୍ଷା ମନ୍ତ୍ରାଳୟ ପକ୍ଷରୁ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଦେଶର ମୋଟ୍ ୪୫ ଜଣ ଶିକ୍ଷକଙ୍କୁ ରାଷ୍ଟ୍ରପତି ପୁରସ୍କୃତ କରିଛନ୍ତି।

**ଗୁରୁଦିବସରେ ମୁଖ୍ୟମନ୍ତ୍ରୀଙ୍କ ଆହ୍ୱାନ**

## ଶିକ୍ଷକ ପିଲାଙ୍କ ମାର୍ଗଦର୍ଶକ ହୁଅନ୍ତୁ

ଭୁବନେଶ୍ୱର, ୫।୯(ସମିସ): ଛାତ୍ରଛାତ୍ରୀଙ୍କ ଉଜ୍ଜ୍ୱଳ ଭବିଷ୍ୟତ ଗଠନ କରିବା ପ୍ରତ୍ୟେକ ଅଭିଭାବକଙ୍କ ସ୍ୱପ୍ନ ରହିଛି। ଏହି ଆକାଂକ୍ଷା ପୂରଣ କରିବାକୁ ବିଦ୍ୟାଳୟରେ ଶିକ୍ଷକଙ୍କ ଭୂମିକା ଗୁରୁତ୍ୱପୂର୍ଣ୍ଣ। ଛାତ୍ରଛାତ୍ରୀଙ୍କ ମଧ୍ୟରେ

**ତିନି ବର୍ଷରେ ନିଯୁକ୍ତି ପାଇବେ ୪୫ ହଜାର ଶିକ୍ଷକ**

ଥିବା ଲୁକ୍କାୟିତ ପ୍ରତିଭାଗୁଡ଼ିକୁ ଚିହ୍ନଟ କରିବା ସହ ଏ ଦିଗରେ ସେମାନଙ୍କୁ ପ୍ରୋତ୍ସାହିତ କରାଯିବା ଆବଶ୍ୟକ। ଫଳରେ ପିଲାମାନେ ସେମାନଙ୍କ ରୁଚି ଅନୁସାରେ ନିଜର ଉଜ୍ଜ୍ୱଳ ଭବିଷ୍ୟତ ଗଠନ ଦିଗରେ ଅଗ୍ରସର ହେବେ। ତେଣୁ ପିଲାମାନଙ୍କ ସ୍ୱପ୍ନକୁ ସାକାର କରିବା ପାଇଁ ଜଣେ ଜଣେ ମେଣ୍ଟର ଭାବେ କାମ କରିବାକୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଶିକ୍ଷକ ସମାଜକୁ ଆହ୍ୱାନ ଦେଇଛନ୍ତି।



ଲୋକସେବା ଭବନରେ ଅନୁଷ୍ଠିତ ରାଜ୍ୟସ୍ତରୀୟ ଗୁରୁ ଦିବସ ଉତ୍ସବ ଏବଂ 'ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର' ସମାରୋହରେ ମୁଖ୍ୟମନ୍ତ୍ରୀ ଆସନ୍ତା ୩ ବର୍ଷ ମଧ୍ୟରେ ରାଜ୍ୟରେ ୪୫ ହଜାର ଶିକ୍ଷକ ନିଯୁକ୍ତି କରାଯିବାକୁ ସରକାର ଲକ୍ଷ୍ୟ ରଖିଛନ୍ତି ବୋଲି କହିଛନ୍ତି।

ଏହି ଅବସରରେ ବିଭିନ୍ନ ଜିଲ୍ଲାକୁ 'ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର' ପ୍ରଦାନ କରାଯାଇଛି। ଝାରସୁଗୁଡ଼ା ଜିଲ୍ଲା ପ୍ରଥମ ସ୍ଥାନରେ ରହି ୩ କୋଟି ଟଙ୍କା ପୁରସ୍କାର ରାଶି ଜିତିଥିବାବେଳେ ଖୋର୍ଦ୍ଧା ଓ ଜଗତସିଂହପୁର ଜିଲ୍ଲା ଯଥାକ୍ରମେ ଦ୍ୱିତୀୟ ଓ ତୃତୀୟ ସ୍ଥାନରେ ରହି ପୁରସ୍କୃତ ହୋଇଛନ୍ତି। ଏହି ଅବସରରେ ଶ୍ରେଷ୍ଠ ଜିଲ୍ଲା ଶିକ୍ଷା ଅଧିକାରୀ (ଡିଇଓ) ଭାବେ ୩ ଜଣ, ୧୦ ଜଣ ଶ୍ରେଷ୍ଠ ବ୍ଲକ୍ ଶିକ୍ଷା ଅଧିକାରୀ, ୭୦ ଜଣ ଶ୍ରେଷ୍ଠ ଶିକ୍ଷକ ଓ ନିଟ୍ ପରୀକ୍ଷାରେ କୃତିତ୍ୱ ଅର୍ଜନ କରିଥିବା ଅନୁସୂଚିତ ଜନଜାତି ବର୍ଗର ଦୁଇ ଜଣ ଛାତ୍ରଙ୍କୁ ମୁଖ୍ୟମନ୍ତ୍ରୀ ସମ୍ବର୍ଦ୍ଧିତ କରିଛନ୍ତି। କାର୍ଯ୍ୟକ୍ରମରେ ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ ଗୁରୁ-ଶିଷ୍ୟ ପରମ୍ପରା ଉପରେ ବକ୍ତବ ରଖିଥିଲେ। ବିଭାଗୀୟ ସଚିବ ଶାଳିନୀ ପଣ୍ଡିତ ସ୍ୱାଗତ ଭାଷଣ ପ୍ରଦାନ କରିଥିବାବେଳେ ଓସେପା ପ୍ରକଳ୍ପ ନିର୍ଦ୍ଦେଶିକା ଅନନ୍ୟା ଦାସ ଧନ୍ୟବାଦ ଦେଇଥିଲେ।

## ପୋଖରୀରେ ବୁଡ଼ି ଦୁଇ ଭାଇ ମୃତ



ଭବାନୀପାଟଣା, ୫।୯ (ସମିସ): ପୋଖରୀରେ ବୁଡ଼ି ଦୁଇ ନାବାଳକ ଭାଇ ମୃତ। କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ସଦର ଥାନା ଅନ୍ତର୍ଗତ ଗୁଞ୍ଜିପଦର୍ ଗାଁରେ ଆଜି ଏପରି ଏକ ଅଘଟଣ ଘଟିଛି। ମୃତକ ଦ୍ୱୟ ହେଲେ ଜଗନ୍ନାଥ ରଣା(୧୨) ଓ ତା ସାନ ଭାଇ ରାଧାକାନ୍ତ ରଣା(୯) । ଆଜି ଦୁହେଁ ଗାଁ ମୁଣ୍ଡ ପୋଖରୀକୁ ଗାଧୋଇବାକୁ ଯାଇଥିବା ବେଳେ ଏହି ଅଘଟଣ ଘଟିଥିଲା। ଅସାବଧାନତାବଶତଃ ରାଧାକାନ୍ତ ଗଭୀର ପାଣିକୁ ଚାଲିଯିବାରୁ ଜଗନ୍ନାଥ ତାକୁ ବଞ୍ଚାଇବାକୁ ଚେଷ୍ଟା କରି ବୁଡ଼ି ଯାଇଥିଲା। ତେବେ ଦୀର୍ଘ ସମୟ ଧରି ଦୁଇ ଭାଇ ଘରକୁ ନ ଫେରିବାରୁ ପରିବାରଲୋକଙ୍କ ସନ୍ଦେହ ହୋଇଥିଲା। ଖୋଜାଖୋଜି କରିବା ପରେ ପୋଖରୀ କୂଳରେ ସେମାନଙ୍କ ପୋଷାକ ଥିବା ଦେଖି ସନ୍ଦେହ ହୋଇଥିଲା। ପରେ ଗ୍ରାମବାସୀଙ୍କଠାରୁ ଖବର ପାଇ ଓଡ୍ରାଫ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲା। କିଛି ସମୟ ଖୋଜାଖୋଜି ପରେ ଦୁହିଁଙ୍କ ଶବ ଉଦ୍ଧାର ହୋଇଥିଲା। ସଦର ଥାନା ପୁଲିସ୍ ଶବଦ୍ୱୟକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିବା ସହ ଏନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି।

## ପଦମ୍‌ପୁର ଏନ୍‌ଏସି ଉପାଧ୍ୟକ୍ଷ ବିଜେଡିରୁ ନିଲମ୍ବିତ

ଭୁବନେଶ୍ୱର, ୫।୯ (ସମିସ): ବରଗଡ଼ ଜିଲ୍ଲା ପଦ୍‌ମପୁର ଏନ୍‌ଏସିର ଉପାଧ୍ୟକ୍ଷ ଭାରତୀ ପଟ୍ଟନାୟକଙ୍କୁ ଦଳରୁ ନିଲମ୍ବନ କରିଛି ବିଜେଡି। ଦଳବିରୋଧୀ କାର୍ଯ୍ୟ ପାଇଁ ତାଙ୍କୁ ଦଳରୁ ନିଲମ୍ବନ କରାଯାଇଛି ବୋଲି ବିଜେଡି ପକ୍ଷରୁ ଜାରି ପ୍ରେସ୍ ବିଜ୍ଞପ୍ତିରେ ସୂଚନା ଦିଆଯାଇଛି।

## ଅବହେଳିତ ମହିଳାଙ୍କ ସ୍ୱର ହେବ ବିଜେଡି: ସ୍ନେହାଙ୍ଗିନୀ



**୧୫ ମାସରେ ୪୦୦୦ରୁ ଊର୍ଦ୍ଧ୍ୱ ଦୁଷ୍କର୍ମ**

**ବିପଦରେ ମହିଳାଙ୍କ ସୁରକ୍ଷା ଓ ସମ୍ମାନ**

**ମିଶନ ଶକ୍ତିକୁ ବନ୍ଦ ଉଦ୍ୟମ ହେଉଛି**

ଭୁବନେଶ୍ୱର, ୫।୯ (ସମିସ): ରାଜ୍ୟରେ ମହିଳାମାନଙ୍କ ବିରୋଧରେ ଅପରାଧ ଅହେତୁକ ବୃଦ୍ଧି ପାଉଛି। ମହିଳାମାନଙ୍କୁ ସୁରକ୍ଷା ଓ ସମ୍ମାନ ପ୍ରଦାନରେ ରାଜ୍ୟ ବିଜେପି ସରକାର ବିଫଳ ହୋଇଛନ୍ତି। ତେଣୁ ବିଜୁ ମହିଳା ଜନତା ଦଳ ରାଜ୍ୟର ଅବହେଳିତ ଓ ନିଷ୍ପେସିତ ମହିଳାମାନଙ୍କ ସ୍ୱର ହେବ ଏବଂ ସେମାନଙ୍କ ନ୍ୟାୟ ପାଇଁ ଲଢ଼େଇ କରିବ ବୋଲି ବିଜୁ ମହିଳା ଜନତା ଦଳର ନବନିଯୁକ୍ତ ସଭାନେତ୍ରୀ ସ୍ନେହାଙ୍ଗିନୀ ଛୁରିଆ କହିଛନ୍ତି।

ଗୁରୁବାର ବିଜୁ ମହିଳା ଜନତା ଦଳର ସଭାନେତ୍ରୀ ସ୍ନେହାଙ୍ଗିନୀଙ୍କ ଅଧ୍ୟକ୍ଷତାରେ ବୈଠକ ଅନୁଷ୍ଠିତ ହୋଇଥିଲା। ବୈଠକ ପରେ ଅନୁଷ୍ଠିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀମତୀ ଛୁରିଆ କହିଥିଲେ ଯେ ଗତ ୧୫ମାସର ବିଜେପି ଶାସନରେ ରାଜ୍ୟର ମହିଳାମାନେ ଅସୁରକ୍ଷିତ ହୋଇପଡ଼ିଛନ୍ତି। ମହିଳାଙ୍କ ସମ୍ମାନ କ୍ଷୁଣ୍ଣ ହୋଇଛି। ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ସମୟରେ ମିଶନ ଶକ୍ତି ମାଧ୍ୟମରେ ମହିଳାମାନଙ୍କୁ ସ୍ୱାବଲମ୍ବୀ କରାଯାଇଥିଲା। ସେମାନେ ବିଭିନ୍ନ କ୍ଷେତ୍ରରେ ନିଜର ଦକ୍ଷତା ପ୍ରତିପାଦିତ କରିବା ସହ ସମାଜରେ ନିଜର ପ୍ରତିଷ୍ଠା ହାସଲ କରିବାରେ ସକ୍ଷମ ହୋଇଥିଲେ। କିନ୍ତୁ ବିଜେପି ସରକାରଙ୍କ ୧୫ ମାସର ଶାସନ ସମୟରେ ମହିଳାମାନଙ୍କୁ ସମାଜରେ ପ୍ରତିଷ୍ଠା ଓ ସମ୍ମାନ ଦେଉଥିବା କାର୍ଯ୍ୟକ୍ରମ ମିଶନ ଶକ୍ତି ଏବେ ବନ୍ଦ ହେବାକୁ ବସିଲାଣି।

ଏହାଛଡ଼ା, ଏହି ସମୟରେ ପ୍ରାୟ ୪ହଜାର ମହିଳା ଦୁଷ୍କର୍ମର ଶିକାର ହୋଇଛନ୍ତି। ରାଜ୍ୟରେ ପ୍ରତିଦିନ ପ୍ରାୟ ୧୫ଜଣ ମହିଳା ଦୁଷ୍କର୍ମର ଶିକାର ହେଉଛନ୍ତି। ବିଭିନ୍ନ ଅତ୍ୟାଚାରର ଶିକାର ହେଉଥିବା ମହିଳା ଓ ଛାତ୍ରୀମାନେ ଆତ୍ମାହୁତି ଭଳି ଚରମ ନିଷ୍ପତ୍ତି ନେଉଛନ୍ତି। ଦୁଷ୍କର୍ମ, ଅସଦାଚରଣ ଭଳି ଘଟଣା ପ୍ରତିଦିନ ଖବରକାଗଜରେ ଶିରୋନାମା ମଣ୍ଡନ କରୁଥିବା ବେଳେ ସରକାର ଏହାକୁ ରୋକିବା ପାଇଁ କୌଣସି ଆଖିଦୃଶିଆ ପଦକ୍ଷେପ ନେଉନାହାନ୍ତି। କେବଳ ଧର୍ମକୁ ଆଖିଠାର ସଦୃଶ ଅପରାଧୀମାନଙ୍କୁ ଗିରଫ କରାଯାଉଛି, କିନ୍ତୁ ସେପରି ଦୃଷ୍ଟାନ୍ତମୂଳକ କାର୍ଯ୍ୟାନୁଷ୍ଠାନ ନିଆଯାଉନାହିଁ। ଆଗାମୀ ଦିନରେ ମହିଳାମାନଙ୍କ ସୁରକ୍ଷା, ସମ୍ମାନ ପାଇଁ ଦଳ ଲଢ଼େଇ ଜାରି ରଖିବା ସହ ରାଜ୍ୟର ମହିଳାମାନଙ୍କ ନ୍ୟାୟ ପାଇଁ ସ୍ୱର ଶାଣିତ କରିବାକୁ ମହିଳା ଜନତା ଦଳ ସଙ୍କଳ୍ପ ନେଉଛି ବୋଲି ଶ୍ରୀମତୀ ଛୁରିଆ କହିଥିଲେ।

ଏହି ସାମ୍ବାଦିକ ସମ୍ମିଳନୀରେ, ଦଳର ମହିଳା ବ୍ୟାପାର ଦାୟିତ୍ୱ ପ୍ରଦାନ କରାଯାଇଥିବା ନେତ୍ରୀମାନେ ଯଥା ପୂର୍ବତନ ସାଂସଦ ତଥା ବରିଷ୍ଠ ସାଧାରଣ ସମ୍ପାଦିକା ରାଜଶ୍ରୀ ମଲ୍ଲିକ, ବରିଷ୍ଠ ସାଧାରଣ ସମ୍ପାଦିକା ଲେଖାଶ୍ରୀ ସାମନ୍ତସିଂହାର, ରାଜ୍ୟସଭା ସାଂସଦ ତଥା ସାଧାରଣ ସମ୍ପାଦିକା ସୁଲତା ଦେଓ, ମେୟର୍ ତଥା ସାଧାରଣ ସମ୍ପାଦିକା ସୁଲୋଚନା ଦାସ, ପୂର୍ବତନ ସାଂସଦ ତଥା ସାଧାରଣ ସମ୍ପାଦିକା ଶର୍ମିଷ୍ଠା ସେଠୀ, ସାଧାରଣ ସମ୍ପାଦିକା ଲୋପାମୁଦ୍ରା ବକ୍ସିପାତ୍ର, ସାଧାରଣ ସମ୍ପାଦିକା ମିନତି ବେହେରା, ସାଧାରଣ ସମ୍ପାଦିକା ଗୀତାଞ୍ଜଳି ବସ୍ତିଆ ପ୍ରମୁଖ ଉପସ୍ଥିତ ଥିଲେ।

## ଲଗାଣ ବର୍ଷାରେ ଧସିଲା ପାହାଡ଼



**ପାତ୍ରପଡ଼ା-ହଣ୍ଡପା ରାସ୍ତାରେ ଯାତାୟାତ ଠପ୍**

ଛେଣ୍ଡିପଦା, ୫।୯(ସମିସ): ଅନୁଗୋଳ ଜିଲ୍ଲା ଛେଣ୍ଡିପଦା ବ୍ଲକ ପାତ୍ରପଡ଼ାର ମା' ବାୟାଣୀ ପୀଠରୁ ହଣ୍ଡପାକୁ ସଂଯୋଗ କରୁଥିବା ରାସ୍ତା ଉପରେ ଦେବୀନଗର ପାହାଡ଼ର କିଛି ଅଂଶ ଲଗାଣ ବର୍ଷାରେ ଧସିବା ଯୋଗୁଁ ମାଟି ପଡ଼ି ଯାତାୟାତ ଠପ ହୋଇଯାଇଛି। ଏହି ରାସ୍ତା କିଶୋରନଗର ଓ ଆଠମଲ୍ଲିକ ଅଞ୍ଚଳକୁ ସଂଯୋଗ କରୁଥିବାବେଳେ ବହୁ ଜନସାଧାରଣଙ୍କ ଯାତାୟାତ ବାଧାପ୍ରାପ୍ତ ହୋଇଛି।

ତିନିଦିନ ଧରି ଲଗାଣ ବର୍ଷା ସାଙ୍ଗକୁ ଗତକାଲି ହୋଇଥିବା ବାଦଲଫଟା ବର୍ଷା ଯୋଗୁଁ ପାହାଡ଼ରୁ ଅତଡ଼ା ଖସି ରାସ୍ତା ଉପରେ ୫ ଫୁଟ୍ ଉଚ୍ଚ ମାଟି ଜମା ହୋଇଛି। ରାସ୍ତା ଅବରୋଧ ଯୋଗୁଁ ଉଭୟ ପାର୍ଶ୍ୱରୁ ଯାତାୟାତ ବନ୍ଦ ହୋଇଯାଇଛି। ତୁରନ୍ତ ରାସ୍ତାରୁ ମାଟି ବାହାର କରି ମରାମତି କାର୍ଯ୍ୟ ଆରମ୍ଭ କରିବାକୁ ସ୍ଥାନୀୟ ଜନସାଧାରଣ ଦାବି କରିଛନ୍ତି। ଅନ୍ୟପଟେ ପୂର୍ବରୁ ଏପରି ଅନେକଥର ମାଟି ଅତଡ଼ା ପଡ଼ିଥିଲେ ମଧ ପ୍ରଶାସନ କୌଣସି ପଦକ୍ଷେପ ନେଉ ନଥିବାରୁ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ସନ୍ଧ୍ୟାରେ ଅବସରପ୍ରାପ୍ତ ପ୍ରାଧ୍ୟପକ ଲୋକନାଥ ସାହୁଙ୍କ ଉଦ୍ୟମରେ ସମିତି ସଭ୍ୟ ଦୀପକ ସାହୁ ଓ ହିମାଂଶୁ ସ୍ୱାଇଁଙ୍କ ନେତୃତ୍ୱରେ ଜେସିବି ମାଧ୍ୟମରେ ରାସ୍ତାକୁ ପରିଷ୍କାର କରାଯାଇଥିଲା। ଫଳରେ ଗାଡ଼ିଗୁଡ଼ିକ ଚଳପ୍ରଚଳ କରିଥିଲା।

# ଜିଲ୍ଲା ବିଜେଡି ସଭାପତି ପ୍ରଦୀପ ଦିଶାରୀଙ୍କୁ ସମ୍ବର୍ଦ୍ଧନା



ଭବାନୀପାଟଣା,୫।୯(ସମିସ):ନବ ନିଯୁକ୍ତ ଜିଲ୍ଲା ବିଜେଡି ସଭାପତି ତଥା ଲାଞ୍ଜିଗଡ଼ ବିଧାୟକ ପ୍ରଦୀପ କୁମାର ଦିଶାରୀଙ୍କୁ କଳାହାଣ୍ଡି ଜିଲ୍ଲା ବିଜେଡି ପକ୍ଷରୁ ସ୍ଥାନୀୟ ଟାଉନହଲ ଠାରେ ସମ୍ବର୍ଦ୍ଧନା ଦିଆଯାଇଛି। କଳାହାଣ୍ଡି ଜିଲ୍ଲା ବିଜେଡି ସଭାପତିଙ୍କୁ ସ୍ୱାଗତ ଓ ସମ୍ବର୍ଦ୍ଧନା ଦେବା ପାଇଁ ବିଜେଡି ପକ୍ଷରୁ ବିଭିନ୍ନ କାର୍ଯ୍ୟକ୍ରମ ହାତକୁ ନିଆଯାଇଥିଲା। ଜିଲ୍ଲା ବିଜେଡି ସଭାପତିଙ୍କୁ ଭବ୍ୟ ସ୍ୱାଗତ ପାଇଁ ବିଜୁ ଯୁବ ଓ ଛାତ୍ର ବିଜେଡି ପକ୍ଷରୁ ରେଲୱେ ଷ୍ଟେସନ ଛକ ଠାରୁ ବିଶାଳ ବାଇକ ରେଲି ବାହାରି ଭବାନୀପାଟଣା ସହର ପରିକ୍ରମା କରି ମାଁ ମାଣିକେଶ୍ୱରୀ ମନ୍ଦିର ନିକଟରେ ପହଞ୍ଚିଥିଲା।

ମାଁ ମାଣିକେଶ୍ୱରୀ ମନ୍ଦିର ଠାରୁ ଏକ ଶୋଭାଯାତ୍ରାରେ ବାହାରି ସମସ୍ତ ନେତୃମଣ୍ଡଳୀ ଟାଉନ ସଭାରେ ଯୋଗଦେଇଥିଲେ। ଟାଉନ ହଲ ଠାରେ ଆୟୋଜିତ ସ୍ୱାଗତ ଓ ସମ୍ବର୍ଦ୍ଧନା ସଭାରେ ସମସ୍ତ ବ୍ଲକ୍ ,ଏନ୍ଏସି, ମ୍ୟୁନିସିପାଲଟି ଏବଂ ବିଭିନ୍ନ ଛାମୁଆ ସଂଗଠନ କର୍ମକର୍ତ୍ତା ତରଫରୁ ଜିଲ୍ଲା ସଭାପତିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପୂର୍ବତନ ଜିଲ୍ଲା ବିଜେଡି ସଭାପତି ପୁଷ୍ପେନ୍ଦ୍ର ସିଂହଦେଓଙ୍କ ସଭାପତିତ୍ୱରେ ଆୟୋଜିତ ହୋଇଥିବା ଏହି କାର୍ଯ୍ୟକ୍ରମରେ ଜିଲ୍ଲା ପରିଷଦ ଅଧ୍ୟକ୍ଷ ପୁଷ୍ପେନ୍ଦ୍ର ସିଂହ ଦେଓ, ପୂର୍ବତନ ମନ୍ତ୍ରୀ ତଥା ଜୁନାଗଡ଼ ବିଧାୟକ ଦିବ୍ୟ ଶଙ୍କର ମିଶ୍ର, ନର୍ଲା ବିଧାୟକ ମନୋରମା ମହାନ୍ତି, ପୂର୍ବତନ ବିଧାୟକ ଦୁଷ୍ମନ୍ତ ନାଏକ, ପୂର୍ବତନ ବିଧାୟକ ଗୋବର୍ଦ୍ଧନ ଦାସ, ମହୋଦଧି ବାଗ, ନଗରପାଳ ବିଷ୍ଣୁ ପ୍ରଧାନ, ମହିଳା ସଭାନେତ୍ରୀ ଲଳିତା ନାଏକ, ଜିଲ୍ଲା ଯୁବ ବିଜେଡି ସଭାପତି ଆଦିତ୍ୟ ନନ୍ଦ, ବରିଷ୍ଠ ବିଜେଡି ନେତା ଭବାନୀ ଶଙ୍କର ମିଶ୍ର, ଜିତେନ୍ଦ୍ର ମହାନ୍ତି, ପ୍ରଦୀପ ମୁଣ୍ଡ, ବିସିସି ବ୍ୟାଙ୍କ ସଭାପତି ଗିରୀଶ ଚନ୍ଦ୍ର ବେହେରା, ଜିତେନ୍ଦ୍ର ନାରାୟଣ ସିଂହଦେଓ, ବିଜେଡି ନେତା ଟିକେଲାଲ ସାହୁ, ଜାକୀର ହୁସେନ, ଦୁର୍ଗା ପ୍ରସାଦ ମହାନ୍ତି, ନୃପରାଜ ଯାଦବ, ଜିଲ୍ଲା ପରିଷଦ ଉପାଧ୍ୟକ୍ଷ ସୁଧିରା ମେହେର, ସାରଦା ପ୍ରସନ୍ନ ସ୍ୱାଇଁ, ଥବୀର ସାହୁ, ଆଇନଜୀବୀ ମୀନା ସାହାଣୀ, ପୂର୍ବତନ ପୌରାଧ୍ୟକ୍ଷା ସଂଯୁକ୍ତା ବେହେରା, ସବିତା ପ୍ରଧାନ, କଲ୍ୟାଣୀ ନାଏକ, ମନିଷା ମିଶ୍ର, ରାଜ୍ୟ ଛାତ୍ର ବିଜେଡି କାର୍ଯ୍ୟକାରୀ ସଭାପତି ଅବିନାଶ ଠାକୁର, ରାଜ୍ୟ ଯୁବ ବରିଷ୍ଠ ଉପ ସଭାପତି ମଣ୍ଟୁ ନାଏକ, ଜୋନ ସଭାପତି ମନିନ୍ଦ୍ର ମହାନ୍ତି , ପ୍ରଶାନ୍ତ ନାଏକ, ଧବଳେଶ୍ୱର ମହାପାତ୍ର, ସାମନ୍ତ ଖମାରୀ, ଜିଲ୍ଲା ଛାତ୍ର ବିଜେଡି ସଭାପତି ଅଜିତ ସାହୁ, ମାଣିକ୍ୟ ନାଏକ, ବଦ୍ରିନାରାୟଣ ପଟ୍ଟନାୟକ, ପରମାନନ୍ଦ ମାଝୀ, ପିତବାସ ବେହେରା, ଶିବା ସାହୁ, ଅମିତ ଯାଦବ, ଅବଦୁଲ କାଦୀର ପ୍ରମୁଖ ଉଦ୍‌ବୋଧନ ଦେଇଥିଲେ।

# ବ୍ଲକ୍ ବିଜେଡି ସଭାପତି ଡାକେ ଲହଜଲ , ନଗର ସଭାପତି ମଦନ ନାଏକ



ଧର୍ମଗଡ,୫।୯(ସମିସ):ବିଜୁ ଜନତା ଦଳ ଧର୍ମଗଡ ବ୍ଲକ୍ ସଭାପତି ଭାବେ ଯୁବ ନେତା ଡାକେଶ୍ୱର ଲହଜଲ ଏବଂ ଧର୍ମଗଡ ନଗର ସଭାପତି ଭାବେ ମଦନ ନାଏକଙ୍କୁ ମନୋନୀତ କରାଯାଇଛି। କଳାହାଣ୍ଡି ଜିଲ୍ଲା ସଭାପତି ତଥା ଲାଞ୍ଜିଗଡ ବିଧାୟକ ପ୍ରଦୀପ କୁମାର ଦିଶାରୀଘୋଷଣା କରିଛନ୍ତି।ତୃଣମୂଳସ୍ତରରେ ଦଳକୁ ମଜଭୁତ କରିବାକୁ କାର୍ଯ୍ୟ କରିବେ ବୋଲି ଶ୍ରୀ ଲହଜଲ କହିଛନ୍ତି।

# ମରଣଯନ୍ତା ପାଲଟିଛି ରାସ୍ତା



କୋମନା,୫।୯(ସମିସ):ନୂଆପଡା ଜିଲ୍ଲା କୋମନା ବ୍ଲକ୍ ଶିଆଳଲଟି ପଞ୍ଚାୟତର କରଙ୍ଗାଭଟା ନାଏକପଡାରୁ ଦିଆମୁଣ୍ଡା ବିଜୁ ଏକ୍ସପ୍ରେସ ରାସ୍ତାକୁ ସଂଯୋଗ କରୁଥିବା କଚ୍ଚା ରାସ୍ତା ଶୋଚନୀୟ ହୋଇପଡିଛି। ଯାହାଫଳରେ ଲୋକେ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେଉଥିବା ଗ୍ରାମବାସୀ ଅଭିଯୋଗ କରିଛନ୍ତି। ବର୍ଷା ଆରମ୍ଭ ଦିନ ଠାରୁ ଉକ୍ତ ରାସ୍ତାର ବିଭିନ୍ନ ସ୍ଥାନ ବଡ଼ ବଡ଼ ଖାଲଖମା ହେବା ସହ ଆଣ୍ଠୁଏ ଆଣ୍ଠୁଏ ପାଣି ଜମାଟ ବାନ୍ଧିଛି। ଯାହାଦ୍ୱାରା ସାଇକେଲ କିମ୍ବା ବାଇକରେ ଯିବା ସମ୍ଭବ ହୋଇ ପାରୁନି। ଲୋକେ ଉକ୍ତ କାଦୁଅ ନିକଟରେ ପଡି ଖଣ୍ଡିଆ ଖାବରା ହେବାରୁ ଘରକୁ ଫେରି ଯାଉଥିବା ଦେଖିବାକୁ ମିଳିଛି।ଏନେଇ ସ୍ଥାନୀୟ ଲୋକେ ବିଭାଗକୁ ରାସ୍ତା ମରାମତି କରିବା ପାଇଁ କାକୁତି ମିନତି ହେଲେ ମଧ୍ୟ ବିଭାଗ ଧ୍ୟାନ ଦେଉନଥିବା ଅଭିଯୋଗକାରୀ ମହିଳାମାନେ ପ୍ରକାଶ କରିଛନ୍ତି।

ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଇ ଉକ୍ତ ରାସ୍ତାର ମରାମତି କରିବାକୁ ପଦକ୍ଷେପ ଗ୍ରହଣ କଲେ ଲୋକଙ୍କ ଯିବା ଆସିବାରେ ସୁବିଧା ହେବ ବୋଲି ସ୍ଥାନୀୟବାସିନ୍ଦା ଆଶା ପ୍ରକଟ କରିଛନ୍ତି।

# ଜିଲ୍ଲାସ୍ତରୀୟ ଯୁବ ନେତୃତ୍ୱ ତାଲିମ୍ ଶିବିର ଉଦ୍‌ଘାଟିତ

ନୂଆପଡା,୫।୯(ସମିସ):ଓଡ଼ିଶା ସରକାରଙ୍କ ଉଚ୍ଚଶିକ୍ଷା ବିଭାଗ ଓ ମା'ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ,କଳାହାଣ୍ଡି ସହବନ୍ଧିତ ନେସନାଲ କଲେଜ୍ ନୂଆପଡ଼ା ଜାତୀୟ ସେବା ସଂସ୍ଥା ଦ୍ୱାରା ୩ ଦିନିଆ ଜିଲ୍ଲାସ୍ତରୀୟ ଯୁବ ନେତୃତ୍ୱ ତାଲିମ ଶିବିର ଉଦ୍‌ଘାଟିତ ହୋଇଯାଇଛି। ଏଥିରେ ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର ଜାତୀୟ ସେବା ଯୋଜନାର କାର୍ଯ୍ୟକ୍ରମ ସଂଯୋଜକ ଡ଼. ଚିତ୍ତରଞ୍ଜନ ଖୁଣ୍ଟିଆ ସମ୍ମାନିତ ଅତିଥି,ମୁଖ୍ୟଅତିଥି ଭାବେ ନୂଆପଡ଼ା ଜିଲ୍ଲାପାଳ ମଧୁସୂଦନ ଦାଶ,ଜିଲ୍ଲା କାର୍ଯ୍ୟକ୍ରମ ଅଧିକାରୀ ଅଧ୍ୟାପିକା ପ୍ରଣତୀ ପଣ୍ଡା,ନ୍ୟାସନାଲ କଲେଜର ପୂର୍ବତନ ଅଧ୍ୟକ୍ଷ ଡ. ରାମଚନ୍ଦ୍ର ମିଶ୍ର, ଜିଲ୍ଲା ଆଞ୍ଚଳିକ ଅଧିକାରୀ ଶର୍ମିଳା ମହାରଣା,ଅଧ୍ୟାପକ ବିଧାନ ଚରଣ ମିଶ୍ର ପ୍ରମୁଖ ସମ୍ମାନୀତ ଅତିଥି ଭାବେ ଯୋଗଦେଇଥିଲେ।




କଲେଜ ଅଧ୍ୟକ୍ଷ ହିତେଶ କୁମାର ସାହୁ ଏଥିରେ ସଭାପତିତ୍ୱ କରିଥିଲେ। ଅଧ୍ୟାପକ କପିଳ ଦେବ ପାଣିଗ୍ରାହୀ ଅତିଥି ପରିଚୟ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମ ଅଧିକାରୀ ହେମଲ ସା ଉଦ୍ଦେଶ୍ୟ ଜ୍ଞାପନ କରିଥିଲେ।ଏହି ଶିବିରରେ ମାଁ ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ ଦ୍ୱାରା ଅନୁବନ୍ଧିତ କଳାହାଣ୍ଡି ଓ ନୂଆପଡା ଜିଲ୍ଲାର ୧୦୦ ଜଣ ସ୍ୱେଚ୍ଛାସେବୀ ଓ ୧୨ ଜଣ କାର୍ଯ୍ୟକ୍ରମ ଅଧିକାରୀ ଯୋଗଦାନ କରିଛନ୍ତି। ଏହା ୩ ଦିନ ଧରି ଚାଲିବ। ୧୦ ଟି ବିଭିନ୍ନ ବିଷୟ ବସ୍ତୁକୁ ନେଇ ୧୦ ଟି ଅଧିବେଶନ ରହିବ। ଶିବିରରେ ସ୍ୱେଚ୍ଛାସେବୀଙ୍କ ନିମନ୍ତେ ବିଭିନ୍ନ ପ୍ରତିଯୋଗିତା ଅନୁଷ୍ଠିତ ହେବ।ଶେଷରେ ବରିଷ୍ଠ ଅଧ୍ୟାପକ ବିଧାନ ଚରଣ ମିଶ୍ର ଧନ୍ୟବାଦ ଅର୍ପଣ କରିଥିଲେ।

## ■ ବିଦାୟୀ ଶିକ୍ଷକଙ୍କ ନିଆରା ଉପହାର

# ପିଲାଙ୍କୁ ଛବିଳ ବର୍ଣ୍ଣବୋଧ ବହି ବାଣ୍ଟିଲେ

ନୂଆପଡ଼ା,୫।୯(ସମିସ):ସରକାରୀ ଚାକିରିରେ ବଦଳି ଏକ ଚିରନ୍ତନ ପ୍ରକ୍ରିୟା। କିନ୍ତୁ ବଦଳି ହୋଇ ଥିବା ଦୁଇ ବିଦାୟୀ ଶିକ୍ଷକଙ୍କ ନିଆରା ବିଦାୟ ଶୈଳୀ ସମସ୍ତଙ୍କୁ ଅଭିଭୂତ କରିଛି।ଦୁଇ ଶିକ୍ଷକ ପିଲାଙ୍କୁ ଏତେ ଭଲ ପାଉଥିଲେ, ସ୍କୁଲ ଛାଡ଼ିବା ବେଳେ ପିଲାଙ୍କୁ ୨୦୦ ଖଣ୍ଡ ଛବିଳ ମଧୁ ବର୍ଣ୍ଣବୋଧ ଓ କଲମ ପ୍ରଦାନ କରିଥିଲେ। ଏମିତି ଏକ ଦୃଶ୍ୟ ନୂଆପଡ଼ା ଜିଲ୍ଲା ବୋଡ଼େନ ବ୍ଲକ ଲିଟିସର୍ଗୀ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଦେଖିବାକୁ ମିଳିଥିଲା। ଉକ୍ତ ବିଦ୍ୟାଳୟର ଦୁଇ ଶିକ୍ଷକ ପିତାମ୍ବର ଦୀପ ଓ ପରମାନନ୍ଦ ଧରୁଆଙ୍କ ଅନ୍ୟ ବିଦ୍ୟାଳୟକୁ ବଦଳି ହେଲା। କିନ୍ତୁ



ସ୍କୁଲ ଛାଡ଼ିବା ବେଳେ ପିଲାଙ୍କୁ ଛବିଳ ମଧୁ ବର୍ଣ୍ଣବୋଧ ଓ କଲମ ଉପହାର ଦେଇ ବିଦାୟ ନେଇଛନ୍ତି। ଦୁଇ ଶିକ୍ଷକଙ୍କୁ ବିଦ୍ୟାଳୟ ପକ୍ଷରୁ ବିଦାୟ ସମ୍ବର୍ଦ୍ଧନା ପରେ ଛାତ୍ରଛାତ୍ରୀ ଅଶ୍ରୁ ବିଗଳିତ ଅବସ୍ଥାରେ ଗାଁ ମୁଣ୍ଡ ପର୍ଯ୍ୟନ୍ତ ଛାଡି ଯାଇଥିଲେ। ବିଦ୍ୟାଳୟରେ ଏକ ସ୍ୱତନ୍ତ୍ର ବିଦାୟ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଥିଲା। କାର୍ଯ୍ୟକ୍ରମରେ ବିଦ୍ୟାଳୟର ପ୍ରଧାନଶିକ୍ଷକ ଭୂପତି ଦୂରିଆ ସଭାପତିତ୍ୱ କରିଥିବା ବେଳେ ଶିକ୍ଷକ ଲକ୍ଷ୍ମଣ ଜାଲ,ସୁଧାଂଶୁ ପ୍ରଧାନ,ପ୍ରକୃତ ତାଣ୍ଡି,ଉମାକାନ୍ତ ବାଗ,କ୍ଷୀରସାଗର କାଣ୍ଡ, କମିନିଷ୍ଟ ବେହେରା, ଶିକ୍ଷା କମିଟି ସଭାପତି ରାଜେନ୍ଦ୍ର ନାଗ ଦୁଇ ବିଦାୟୀ ଶିକ୍ଷକ ପିତାମ୍ବର ଦୀପ ଓ ପରମାନନ୍ଦ ଧରୁଆଙ୍କୁ ମାନପତ୍ର ଓ ଉପଢ଼ୌକନ ପ୍ରଦାନ କରି ଥିଲେ।

# ଭବାନୀପାଟଣା ଟାଉନ ଥାନାରେ ଯୋଗଦେଲେ ନୂତନ ଥାନା ଅଧିକାରୀ



ଭବାନୀପାଟଣା,୫।୯(ସମିସ): ଭବାନୀପାଟଣା ଟାଉନ ଥାନାରେ ନୂତନ ଭାବେ ଯୋଗଦେଇଛନ୍ତି ଥାନା ଅଧିକାରୀ ପ୍ରଦ୍ୟୁମ୍ନ ମହାପାତ୍ର। ଶ୍ରୀ ମହାପାତ୍ର ଏହା ପୂର୍ବରୁ କେସିଙ୍ଗା ଥାନାରେ କାର୍ଯ୍ୟରତ ଥିଲେ। ତେବେ ସେ ଭବାନୀପାଟଣା ଟାଉନ ଥାନାରେ ଯୋଗଦେବା ପରେ ତାଙ୍କୁ ବିଭିନ୍ନ ମହଲରୁ ସ୍ୱାଗତ ସମ୍ବର୍ଦ୍ଧନା ଜଣାଯାଉଛି। ଏହି ପରିପ୍ରେକ୍ଷୀରେ ବିଜେଡି ରାଜ୍ୟ ବରିଷ୍ଠ ଉପସଭାପତି ମଣ୍ଟୁ ନାୟକ,ଜିଲ୍ଲା ଜୀବନ ବିନ୍ଦୁ ସଂଯୋଜକ ଅମିତ ଯାଦବ, କାଉନସିଲର ଭୁବନେ ବାଗ, କାଉନସିଲର ଶିବା ସାହୁ, ବିଜେଡି ଛାତ୍ର ନଗର ସଭାପତି ଯୁବ ନେତା ନବୀନ ନାୟକ, ତପନ ମୁଣ୍ଡ,ସମାଜସେବୀ ଓମ ରାଉତ ଯୁବ ନେତା ଗୌରବ ଦୁର୍ଗ, ଯୁବ ନେତା ଶୁଭମ୍ ଦୂର୍ଗା, ରଘୁବୀର ନିଆଲ, ମାନସ ସିନ୍ଧୁର ଯୁବ ନେତା ଜାଗା ପ୍ରଧାନ ପ୍ରମୁଖ ଉପସ୍ଥିତ ରହି ନୂତନ ଭାବେ ଯୋଗ ଦେଇଥିବା ଥାନା ଅଧିକାରୀ ଶ୍ରୀ ମହାପାତ୍ରଙ୍କୁ ସ୍ୱାଗତ ସମ୍ବର୍ଦ୍ଧନା ଜଣାଇବା ସହିତ ସହରରେ ଚାଲିଥିବା ଚୋରି, ଡକାୟତ, ନିଶାଖୋର ଲୋକମାନଙ୍କୁ କବଜାକୁ ଆଣିବା ପାଇଁ ଆଲୋଚନା କରିଛନ୍ତି।

ପ୍ରଥମ ଶ୍ରାଦ୍ଧ ବାର୍ଷିକୀ ଉପଲକ୍ଷେ ଶ୍ରଦ୍ଧାଞ୍ଜଳି



ଁ ଭାନୁମତି ସରକାର

ଆବିର୍ଭାବ : ୦୧.୦୧.୧୯୨୯ । ତିରୋଧାନ : ୧୭.୦୯.୨୦୨୪

ତୁମର ଅନାବିଳ ସ୍ନେହ, ଶ୍ରଦ୍ଧା ଓ ତ୍ୟାଗକୁ ଆମେ ପାଥେୟ କରି ଚାଲିଥିଲୁ ଓ ଆଗକୁ ଚାଲିବୁ। ଆଜି ପ୍ରଥମ ଶ୍ରାଦ୍ଧ ଦିବସ ଅବସରରେ ମା'ଅମ୍ବିକାଙ୍କ ନିକଟରେ ଆପଣଙ୍କ ଅମର ଆତ୍ମାର ସଦଗତି କାମନା କରୁଛୁ।

ଶୋକସନ୍ତପ୍ତ: ସରକାର ପରିବାର

ଭଞ୍ଜପୁର, ବାରିପଦା

# ବିଦାୟକାଳୀନ ସମ୍ବର୍ଦ୍ଧନା ସଭା

ଧର୍ମଗଡ଼/ଗୋଲାମୁଣ୍ଡା,୫।୯(ସମିସ): ଗୋଲାମୁଣ୍ଡା ବ୍ଲକ୍ ସଭାଗୃହରେ ବିଗତ ଦିନର ବ୍ଲକ୍‌ରେ କାର୍ଯ୍ୟରତ ଥିବା କର୍ମଚାରୀମାନଙ୍କୁ ବିଦାୟକାଳୀନ ସମ୍ବର୍ଦ୍ଧନା ଦିଆଯାଇଥିଲା। ଗୋଲାମୁଣ୍ଡା ବ୍ଲକ ଅଧ୍ୟକ୍ଷ ବିନ୍ଦୁ ମହାନନ୍ଦଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଉକ୍ତ କାର୍ଯ୍ୟକ୍ରମରେ ବିଡିଓ ତ୍ରିପୁରା ମହାନନ୍ଦ ଓ ଏବିଡିଓ ବିଜୟ କୁମାର ନାୟକ, ଦଶପୁର ସମିତି ସଭ୍ୟ ଦୁର୍ଗେଶ୍ୱର ସାହୁ,ମହାଲିଙ୍ଗ ସମିତି ସଭ୍ୟ କିରଣ ସିଂ, ଗଣ୍ଡାମେର ସମିତି ସଭ୍ୟ ଦୈତାରି ରାଉତ,ଉଦେସୁରୁଙ୍ଗ ସମିତି ସଭ୍ୟ ଚୈତନ୍ୟ ମାଝୀ, ଖଲିଆପାଲି ସରପଞ୍ଚ ଜିମୁତ ବାହାନ ହରପାଲ ପ୍ରମୁଖ ମଞ୍ଚାସୀନ ଥିଲେ।ଏହି ଅବସରରେ ପୂର୍ବତନ ବିଡିଓ ଶ୍ରୀଧର ପଣ୍ଡା,ଏସଓ ମନୋଜ କୁମାର ଠାକୁର,ଜିପିଡିଓ ରମିତ କୁମାର ପ୍ରଧାନ,ବିପିଏମଓଏଲଏମ ସୁଧାଂଶୁ ଶେଖର ବିଶ୍ୱାଳ,ଏସଆରଏ ନବୀନ ମାଝୀଙ୍କୁ ଓପଢୌକନ ସହିତ ପ୍ରଶଂଶା ପତ୍ର ପ୍ରଦାନ କରାଯାଇଥିଲା। ବିଦାୟୀ ବିଡିଓ ସହିତ ସମସ୍ତ କର୍ମଚାରୀ ଗୋଲାମୁଣ୍ଡା ବ୍ଲକ୍‌ରେ ବିତାଇ ଥିବା ତାଙ୍କ ସ୍ମୃତି ଉଜାଗର କରିବା ସହିତ ବ୍ଲକ୍ ଅଧ୍ୟକ୍ଷ ଶ୍ରୀ ମହାନନ୍ଦଙ୍କ କାର୍ଯ୍ୟଦକ୍ଷତାକୁ ପ୍ରଶଂସା କରିବା ସହିତ ତାଙ୍କ ସହିତ ହାତମିଳାଇ ବ୍ଲକର ଅନେକ ବିକାଶ ମୁଖୀ କାର୍ଯ୍ୟ ଗୁଡିକୁ ସୂଚାରୁ ରୁପେ ଆଗେଇ ନେଇଥିବା ନେଇ ନିଜ ନିଜ ବକ୍ତବ୍ୟ ରଖିଥିଲେ। ବ୍ଲକ୍ ଅଧ୍ୟକ୍ଷ ଶ୍ରୀ ମହାନନ୍ଦ ଓ ବିଡିଓ ଶ୍ରୀ ମହାନନ୍ଦ ଓ ଏବିଡିଓ ଶ୍ରୀ ନାୟକ ପୂର୍ବତନ କର୍ମଚାରୀମାନଙ୍କ କାର୍ଯ୍ୟଦକ୍ଷତାକୁ ପ୍ରଶଂଶା କରିବା ସହିତ ଆଗାମୀ ଦିନରେ ସମସ୍ତେ ଏକ ହୋଇ କାମ କରି ଗୋଲାମୁଣ୍ଡା ବ୍ଲକକୁ ରାଜ୍ୟରେ ଏକ ନମ୍ବର ବ୍ଲକ୍ କରିବା ପାଇଁ ସଂକଳ୍ପ ନେବାକୁ ଆହ୍ୱାନ ଦେଇଥିଲେ। ଉକ୍ତ କାର୍ଯ୍ୟକ୍ରମକୁ ପିଇଓ ବିଶ୍ୱ ରଂଜନ ପଣ୍ଡା ପରିଚାଳନା କରିଥିବା ବେଳେ ବ୍ଲକ୍‌ର ସମସ୍ତ କର୍ମଚାରୀ ଉପସ୍ଥିତ ଥିଲେ।

# କରଞ୍ଜୀକୋଟରେ କଂଗ୍ରେସର ସଂଗଠନ ସୃଜନ ଅଭିଯାନ

ଧର୍ମଗଡ଼/ଗୋଲାମୁଣ୍ଡା,୫।୯ (ସମିସ): ଗୋଲାମୁଣ୍ଡା ବ୍ଲକ୍ କରଞ୍ଜୀକୋଟ ଠାରେ କଂଗ୍ରେସ ଦଳର ସଂଗଠନ ସୃଜନ ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି।

ବ୍ଲକ୍ ସଭାପତି ନଉକେଶ୍ୱର ପୁଟେଲଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ରାଷ୍ଟ୍ରୀୟ ପର୍ଯ୍ୟବେକ୍ଷକ ଶଖେ ମସ୍ତାନ ଅଲ୍ଲୀ,ସମ୍ମାନିତ ଅତିଥି ଭାବେ ପିସିସି ପର୍ଯ୍ୟବେକ୍ଷକ ଫକିର ଜଗତ,ଜିଲ୍ଲା ସଂଯୋଜକ ଜଳନ୍ଧର ନାଏକ ପ୍ରମୁଖ ଉପସ୍ଥିତ ରହି କଂଗ୍ରେସ ଦଳର ସଂଗଠନ ସୃଜନ ଅଭିଯାନ କାର୍ଯ୍ୟକ୍ରମ ବିଷୟର ଉପସ୍ଥିତ କଂଗ୍ରେସ କର୍ମୀମାନଙ୍କୁ ବୁଝାଇଥିଲେ। କଂଗ୍ରେସର ଏହି ସୃଜନ କାର୍ଯ୍ୟକ୍ରମରେ ବରିଷ୍ଠ କଂଗ୍ରେସ ନେତା ସିଦ୍ଧାର୍ଥ ନାୟକ,ସଦର ବ୍ଲକ୍ ସଭାପତି ସୁବାସ ଚନ୍ଦ୍ର ପ୍ରଧାନ,ନରହରି ବାଗ,ସାଉଲ ମଙ୍ଗରାଜ ପ୍ରମୁଖ ମଞ୍ଚାସୀନ ରହିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ବ୍ଲକର କୋଣ ଅନୁକୋଣରୁ ଶତାଧିକ କଂଗ୍ରେସ ନେତା ଉପସ୍ଥିତ ଥିଲେ।

# ଗୁରୁ ଦିବସରେ ଗୁରୁଙ୍କୁ ସମ୍ମାନ

କେସିଙ୍ଗା,୫।୯(ସମିସ) କଳାହାଣ୍ଡି ଜିଲ୍ଲା କେସିଙ୍ଗା ବ୍ଲକ୍ ଦେଓଗାଁ ସରକାରୀ ଉଚ୍ଚ ବିଦ୍ୟାଳୟର ଖେଳ ଶିକ୍ଷକ ନବୀନ ନାଏକ ଚଳିତ ବର୍ଷ ମଧ୍ୟ ମୁଖ୍ୟମନ୍ତ୍ରୀ ଶିକ୍ଷକ ପୁରସ୍କାର ରେ ସମ୍ମାନିତ ହୋଇଛନ୍ତି।

ଶ୍ରୀ ନାଏକ କେସିଙ୍ଗା ମୂଳନିବାସୀ ହୋଇଥିଲେ ମଧ୍ୟ ବର୍ତ୍ତମାନ ସେ ଦେଓଗାଁ ଉଚ୍ଚ ବିଦ୍ୟାଳୟରେ ପିଇଟି ଭାବରେ କାର୍ଯ୍ୟରତ ଅଛନ୍ତି।ଗୁରୁଦିବସ ଅବସରରେ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଅତିରିକ୍ତ ଜିଲ୍ଲାପାଳ ତନ୍ମୟ ଦରୱାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବରେ ଯୋଗଦେଇ ଥିଲେ ଜିଲ୍ଲାପରିଷଦ ଅଧ୍ୟକ୍ଷ ପୁଷ୍ପେନ୍ଦ୍ର ସିଂହଦେଓ। ଅନ୍ୟମାନଙ୍କ ମଧ୍ୟରେ ମୁଖ୍ୟ ଉନ୍ନୟନ ଅଧିକାରୀ ଦୟାମୟ ପାଢ଼ୀ ଜିଲ୍ଲା ଶିକ୍ଷା ଅଧିକାରୀଙ୍କ ରାଧାକାନ୍ତ ଛତ୍ରୀ ପ୍ରମୁଖ ଉପସ୍ଥିତ ଥିଲେ।




# ଓକିଲ ସଂଘର ସାଧାରଣ ବୈଠକ



ଜୁନାଗଡ଼,୫।୯(ସମିସ):ଓଡିଶା ଷ୍ଟେଟ ବାର କାଉନସିଲ ଚିଠି ସଂଖ୍ୟା ୪୮୪୮(୧୫୬)୨୦୨୫ମତେ ଜୁନାଗଡ଼ ଓକିଲ ସଂଘର ସାଧାରଣ ବୈଠକ ଅନୁଷ୍ଠିତ ହୋଇ ଅଫିସ ଅଫ ପ୍ରଫିଟ କିମ୍ବା ଓକିଲାତି ଛାଡି ଅନ୍ୟ କୌଣସି ବ୍ୟବସାୟ କରୁଥିବା ଓକିଲ ବନ୍ଧୁମାନଙ୍କୁ ଜଣାଇ ଦେବା ପାଇଁ ସଂଘ ସଭାପତି ବାଳକୃଷ୍ଣ ଅଚାରୀଙ୍କ ସଭାପତିତ୍ୱରେ ସଭା ଅନୁଷ୍ଠିତ ହୋଇ ଯାଇଛି।

ସଭାରେ ସମସ୍ତ ସଭ୍ୟ ଅଂଶଗ୍ରହଣ କରି ଆଲୋଚନା ମାଧ୍ୟମରେ ସମସ୍ତ ବିଷୟ ବୁଝିଥିଲେ। ଯେଉଁମାନେ ଉକ୍ତ ବ୍ୟବସାୟ କରୁଛନ୍ତି ତେବେ ନିଜ ନିଜ ଓକିଲାତି ଲାଇସେନ୍ସ ସରେଣ୍ଡର କରିବା ପାଇଁ ବୈଠକରେ ମତ ପ୍ରକାଶ ପାଇଥିଲା।ବରିଷ୍ଠ ସଦସ୍ୟ ଅଶୋକ ପାତ୍ର, ମଦନ ମୋହନ ସାହୁ, ରମେଶ ନାଏକ,ଉପସଭାପତି ଦିଗାମ୍ବର ନାଏକ ନିଜ ନିଜ ମତ ରଖିଥିଲେ।

ସଂଘ ସମ୍ପାଦକ ହିମାଂଶୁ ଶେଖର ବରାଡ ଧନ୍ୟବାଦ ଦେଇ ସଭା ଶେଷ ହୋଇଥିଲା।ଏହି ସଭା ରେ ଜଗଜୀବନ ମାଝୀ, କୈଳାସ ଚୌଧୁରୀ, ଧନେଶ୍ୱର ନାଏକ, ଦିବ୍ୟ ଦୀପ, ନରେନ୍ଦ୍ର କ୍ଷିତୀ, ପ୍ରଦୀପ ଦାସ,ପ୍ରବୀଣ ପଟ୍ଟନାୟକ, ଅନନ୍ତ ବେହେରା, ସୁଶୀଲ ପାଢ଼ୀ, ସୁଦିପ ପୁଝାରୀ, ଚିନ୍ମୟ ମେହେର ତାପସ ସାହୁ, ଜୟଦେବ ସୁନାନୀ ପ୍ରମୁଖ ଅଂଶଗ୍ରହଣ କରିଥିଲେ।

Infosys Navigate your next | SGI Foundation | INFINITE SOLUTIONS | Gold Standard

**Newspaper Advertisement**

**Infosys Ltd,** in collaboration with the **Sustainable Green Initiative (SGI) Foundation** and with technical support from the carbon consultant **Infinite Environmental Solutions Limited**, is proposing the development of a Programme of Activity (PoA) titled "Agroforestry for Livelihoods and Climate Resilience in India: A Joint Initiative by Infosys and SGI Foundation" (GS23373). Under this PoA, a Voluntary Project Activity (VPA) titled "Agroforestry for Livelihoods and Climate Resilience in Odisha: A Joint Initiative by Infosys and SGI Foundation" (GS23374), will be implemented through targeted agroforestry plantation interventions. The project is intended to be registered as a voluntary carbon project under the Gold Standard framework. This initiative is expected to make substantial contributions to multiple Sustainable Development Goals (SDGs). As a part of Gold standard modalities and given the critical role of the local farmer community in ensuring the project's long-term success, it is important to gather their perspectives and address any concerns related to the present Voluntary Project Activity. Therefore, **a Stakeholder Consultation (Public Meeting) is scheduled as follows for:**

1. **Venue:** Kshatriya Samaj Bhawan, Ward No-1, in front of Khariar Autonomous College, RajKhariar, Nuapada, Odisha, India.
2. **Date:** 06/10/2025
3. **Time:** 11:00 AM

All concerned farmers and people are invited to attend the meeting. For any further clarifications on the project activity, please get in touch with our representative details given below. It should also be noted that people who would be unable to attend this meeting in person can send their concerns to the below E-mail ID.

**Contact Details:**

**Name:** Mr. Durgesh Raturi
**Organization:** SGI Foundation
**E-mail:** info@sgi.foundation
**Ph:** +91 7848969985

# ଯୌନ ଶୋଷଣ ଅଭିଯୋଗରେ ଶିକ୍ଷକ ଗିରଫ

**ଧର୍ମଗଡ଼, ୫।୯(ସମିସ):** କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ଥାନା ଅନ୍ତର୍ଗତ ଦଶପୁର ଫାଣ୍ଡି ଅଧିନ ବନ୍ଧାଗାଁରେ ଏକ ଅଭାବନୀୟ ଘଟଣା ଦେଖିବାକୁ ମିଳିଥିଲା। ଜଣେ ଶିକ୍ଷକଙ୍କ ନାଁରେ ଯୌନ ଶୋଷଣ ଭଳି ସଂଗୀନ ଅଭିଯୋଗ ଆଣିଥିଲେ ପରିବାର ଲୋକେ। ସୂଚନାମତେ ବନ୍ଧାଗାଁର ଜଣେ ଛାତ୍ରୀ ଛଦ୍ମ ନାମ କଳିକା ଓ ବନ୍ଧା ଗାଁ ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ସହ ଶିକ୍ଷକ ସୁନୀଲ ଚନ୍ଦ୍ର ଭୋଇଙ୍କ ସାଙ୍ଗରେ ଦୀର୍ଘ ଦିନ ଧରି ପ୍ରେମ ସମ୍ପର୍କ ଗଢିଉଠିଥିଲା। ଛାତ୍ରୀ ଜଣକଙ୍କୁ ବାହା ହେବା ପାଇଁ ପ୍ରତିଶ୍ରୁତି ଦେବା ସାଙ୍ଗକୁ ବିଭିନ୍ନ ପ୍ରକାରର ପ୍ରଲୋଭନ ଦେଖାଇ ଶିକ୍ଷକ ଜଣକ ଯୌନ ଶୋଷଣ କରିଚାଲିଥିଲେ। ବିଭିନ୍ନ ପ୍ରକାରର ପରୀକ୍ଷା ବାହାନାରେ ଗାଁରୁ ସହର କୁ ଯାଉଥିଲେ ଓ ସହରର ଘରୋଇ ହୋଟେଲ ଗୁଡିକରେ ସେମାନେ ଅନ୍ତରଙ୍ଗ ମୁହୂର୍ତ୍ତ ବିତାଉଥିଲେ। ଏଭଳି ଉଭୟ ମଧ୍ୟରେ ପ୍ରେମ ସମ୍ପର୍କ ଧିରେ ଧିରେ ବଢ଼ିବାକୁ ଲାଗିଥିଲା। ହଠାତ ଶିକ୍ଷକ ଜଣକ ଉକ୍ତ ଛାତ୍ରୀ ସାଙ୍ଗରେ କଥାବାର୍ତ୍ତା ବନ୍ଦ କରିଦେଇଥିଲେ ଏବଂ ଛାତ୍ରୀଙ୍କ ଠାରୁ ଦୂରେଇ ଯାଇଥିଲେ। ଯାହାଫଳରେ ଛାତ୍ରୀ ଜଣକ ଲୋକ ଲଜ୍ଜା ଭୟରେ ନିଜ ଘରେ ୩୧.୮ ରିଖ ରବିବାର ଦିନ ସକାଳ ସମୟରେ ନିଜ ଘରେ ବିଷ ପିଇ ଆତ୍ମହତ୍ୟା କରିଥିଲେ। ଏନେଇ ଖବର ପାଇ ଦଶପୁର ଫାଣ୍ଡି ପୁଲିସ ପହଞ୍ଚି ଶବ ଜବତ କରିଥିଲା। ଶବ ବ୍ୟବଚ୍ଛେଦ ପରେ ପରିବାରବର୍ଗଙ୍କୁ ହସ୍ତାନ୍ତର କରିଥିଲେ। ଯୁବତୀ ଜଣକ ଆକହତ୍ୟା କରିଥିବା ଘଟଣାସ୍ଥଳରୁ ଛାତ୍ରୀଙ୍କ ଏକ ହାତ ଲେଖା ଡାଇରୀ ଓ ସୁଇସାଇଡ଼ ନୋଟ ଜବତ କରିଥିଲା ପୁଲିସ। ଏହାକୁ ଆଧାର କରି ଦଶପୁର ପୁଲିସ ମାମଲା ରୁଜୁ କରିଥିବା ଜଣାପଡ଼ିଛି। ଅନ୍ୟପଟେ ଆଜି ଶିକ୍ଷକ ସୁନୀଲ ଚନ୍ଦ୍ର ଭୋଇଙ୍କ ମୋବାଇଲ ଲୋକେସନ ଟ୍ରାକିଂ କରି ଭବାନୀପାଟଣାରୁ ଗିରଫ କରିଥିବା ଜଣାପଡ଼ିଛି।

# ବିପୁଳ ମାଓବାଦୀ ସାମଗ୍ରୀ ଜବତ

ନୂଆପଡ଼ା, ୫।୯(ସମିସ): ନୂଆପଡ଼ା ଜିଲ୍ଲା ସୀମାନ୍ତରେ ଛତିଶଗଡ଼ ରାଜ୍ୟ ପୁଲିସକୁ ଏକ ବଡ ଧରଣର ସଫଳତା ମିଳିଛି। ନୂଆପଡ଼ା ଜିଲ୍ଲା ସୀମାନ୍ତ ଗରିଆବନ୍ଧ ଜିଲ୍ଲା ମୈନପୁର ଥାନା ଗୋବରା ପାହାଡ଼ରେ ଏକ ମାଓ କ୍ୟାମ୍ପ ଠାବ ହୋଇଛି। ମାଓ କ୍ୟାମ୍ପରୁ ଗୋଟିଏ ଆଇଇଡି, ମାଓ ସାହିତ୍ୟ, ୫୭ ଗୋଟି ବାଣ, ମାଓ ପୋଷାକ, ସିଙ୍ଗଲ ସର୍ଟ ବେରେଲ ସହ ଅନ୍ୟାନ୍ୟ ମାଓ ସାମଗ୍ରୀ ଜବତ ହୋଇଛି। ଏହା ଜିଡିଏନ(ଗରିଆବନ୍ଧ-ଧମତରୀ-ନୂଆପଡ଼ା ) ମାଓ ଡିଭିଜନ ବୋଲି ଜଣା ପଡ଼ିଛି। ଏବେ ମଧ୍ୟ ସର୍ଚ୍ଚ ଅପରେସନ ଜାରି ରହିଛି ବୋଲି ଗରିଆବନ୍ଧ ଏସପି ନିଖିଲ ରାଖେଚା ସୂଚନା ଦେଇଛନ୍ତି।



# କୋକସରା ବ୍ଲକ୍‌ରେ ମୁଖ୍ୟମନ୍ତ୍ରୀ ବସ୍‌ସେବା ବନ୍ଦ

**କୋକସରା, ୫।୯(ସମିସ):** କୋକସରା ବ୍ଲକରେ ପ୍ରାୟ ଦୁଇ ସପ୍ତାହ ହେବ ମୁଖ୍ୟମନ୍ତ୍ରୀ ବସ୍‌ସେବା (ଲକ୍ଷ୍ମୀ ବସ୍) ନଂ-୧ ବନ୍ଦ ରହିଛି। ଯାହାଫଳରେ ଛାତ୍ରଛାତ୍ରୀ ସମେତ ସାଧାରଣଯାତ୍ରୀମାନେ ମଧ୍ୟ ଅନେକ ଅସୁବିଧାର ସମ୍ମୁଖୀନ ହେଉଥିବା ଦେଖାଦେଇଛି। ସୂଚନା ମୂତାବକ ଉକ୍ତ ବସ୍ ପ୍ରତିଦିନ ବ୍ଲକ ସଦର ମହକୁମାରୁ ବାହାରି ଝରିଆଗୁଡ଼ା, ରେଙ୍ଗାଲପାଲି, ମୋଟେର ମାର୍ଗରେ ଯାଇଥାଏ। ଏବଂ ପୁଣି ଫୁଫଗାଁ, ଗତାବନ୍ଦ, କନ୍ଦାବୁଠୁରା, ଧନସରା, ତୁନଗାଁ, ଲଡୁଗାଁ, କାଉଡ଼ୋଲା ଓ ଅଁଳାଗୁଡ଼ା ଦେଇ ବ୍ଲକ ସଦର ମହକୁମାକୁ ଫେରୁଥିଲା। ହେଲେ ଗତ ୨୦ ତାରିଖରୁ ଏହି ବସ୍‌ସେବା ବନ୍ଦ ହୋଇଥିବାରୁ, ପ୍ରତିଦିନ ସ୍କୁଲ ଓ କଲେଜ ଛାତ୍ରଛାତ୍ରୀ, ସାଧାରଣ ଯାତ୍ରୀ ବ୍ୟତିତ ରୋଗୀମାନେ ବ୍ଲକ ମୁଖ୍ୟାଳୟକୁ ଆସିବାରରେ ବହୁ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଅନ୍ୟପଟେ ତୁନଗାଁ, ଧନସରା, ଗତାବନ୍ଧ ମାର୍ଗର ରାସ୍ତା ଶୋଚନୀୟ ଅବସ୍ଥାରେ ଥିବାରୁ ବସ୍ ଯାତାୟାତରେ ବାଧା ସୃଷ୍ଟି ହୋଇଥିବା ଜଣାପଡ଼ିଛି। ଏ ବିଷୟରେ ଛାତ୍ର ଅମର ନାଏକ, ହରିହର ପୁଞ୍ଜି, ଚିତ୍ରସେନ ସତନ୍ନାମୀ, ବାଲେଶ୍ୱର ରାଉତ ପ୍ରମୁଖ କୋକସରା ଗୋଷ୍ଠୀ ଉନ୍ନୟନ ଅଧିକାରୀ ଡ଼ଃ ହିମାଞ୍ଚଳ ମାଝୀଙ୍କୁ ଲିଖିତ ଅଭିଯୋଗ କରିଛନ୍ତି। ଏବଂ ତୁରନ୍ତ ବସ ସେବା ପୁନ ଚଲାଚଲ କରିବା ପାଇଁ ଦାବି କରିଛନ୍ତି। ନଚେତ୍ ସେମାନେ ଜିଲ୍ଲାପାଳଙ୍କୁ ଅଭିଯୋଗ କରିବା ସହ ଆନ୍ଦୋଳନ କରିବା ପାଇଁ ଚେତାବନୀ ଦେଇଛନ୍ତି।

# ନୃପରାଜ ଯାଦବ ହେଲେ କେସିଙ୍ଗା ବିଜେଡି ଟାଉନ ସଭାପତି

**କେସିଙ୍ଗା, ୫।୯(ସମିସ):** କଳାହାଣ୍ଡି ଜିଲ୍ଲା କେସିଙ୍ଗା ସହରର ନଗର ବିଜେଡି ସଭାପତି ଭାବରେ ବର୍ତ୍ତମାନ ର କେସିଙ୍ଗା ନଗରପାଳ ନୃପରାଜ ଯାଦବଙ୍କ ନାମ ଘୋଷଣା ହୋଇଛି।ସେ କେସିଙ୍ଗା ବିଜେଡିର ଜଣେ ଆଗଧାଡିର କର୍ମୀ।ତାଙ୍କର ନାମ ଘୋଷଣା ହେବା ପରେ ସହରରେ ବିଜୁ ପରିବାର ପକ୍ଷରୁ ଆନନ୍ଦର ଲହରୀ ଖେଳିଯାଇଛି। ଶ୍ରୀ ଯାଦବ ପୂର୍ବରୁ ଥିବା ସଭାପତି ବରିଷ୍ଠ ବିଜେଡି ନେତା ରମେଶ ଚନ୍ଦ୍ର ପଟ୍ଟନାୟକଙ୍କ ଠାରୁ ଦାୟିତ୍ୱ ନେବେ। ତେବେ ସଭାପତି ହେବା ପରେ ତାଙ୍କର ପ୍ରଥମ ପ୍ରତିକ୍ରିୟାରେ ସେ କେସିଙ୍ଗା ସହରରେ ବିଜେଡିକୁ ଆହୁରି ମଜଭୂତ କରିବା ସହିତ ସମସ୍ତ ବିଜେଡି କର୍ମୀଙ୍କ କାନ୍ଧରେ କାନ୍ଧରେ ମିଳାଇ ଆଗକୁ ବଢ଼ିବା ପାଇଁ ଘୋଷଣା କରିଥିଲେ। ସଭାପତି ଭାବରେ ନାମ ଘୋଷଣା ପରେ କେସିଙ୍ଗା ପୂର୍ବତନ ଟାଉନ ସଭାପତି ରମେଶ ଚନ୍ଦ୍ର ପଟ୍ଟନାୟକ, ବିଜେଡି ଯୁବ ନେତା ଶିଲୁ ପରିଡ଼ା, ନଳୀନ ପଟ୍ଟନାୟକ, ଶମ୍ଭୁ ବରର୍ଡି ପ୍ରମୁଖ ନୂତନ ଟାଉନ ସଭାପତିଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।



## ଚଢ଼ା ଦରରେ ୟୁରିଆ ସାର ବିକ୍ରି

# ପ୍ରତି ୟୁରିଆ ବସ୍ତାରେ ନାନୋ ୟୁରିଆ ଟ୍ୟାଗ୍

ଗୋଲାମୁଣ୍ଡା, ୫।୯(ସମିସ)

କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ ତାରିଣୀ ଟ୍ରେଡ଼ର୍ସ ରାସାୟନିକ ସାର ଦୋକାନ ଖଲିଆକାନୀ ଠାରେ ପ୍ରତି ୟୁରିଆ ବସ୍ତାରେ ଗୋଟିଏ ନାନୋ ୟୁରିଆ ଟ୍ୟାଗ ହୋଇଥିବା ଚାଷୀଙ୍କ ଅଭିଯୋଗ ହୋଇଛି। ଗତ କିଛି ଦିନ ହେବ ୟୁରିଆ ସାର ଅଭାବ ଯୋଗୁଁ ଚାଷ କାର୍ଯ୍ୟ ଠିକ ରୂପେ ହୋଇପାରୁନଥିବା ବେଳେ କଳାହାଣ୍ଡି ଜିଲ୍ଲା ରେ ମଧ୍ୟ ୟୁରିଆ ସାର ଅଭାବ ଥିଲା। ଗୋଲାମୁଣ୍ଡା ବ୍ଲକର ରାସାୟନିକ ସାର ହୋଲସେଲର ଘନଶ୍ୟାମ ମେହେରଙ୍କ ନାମରେ ଥିବା ବେଳେ ତାଙ୍କର ଆଉ ଏକ ତାରିଣୀ ଟ୍ରେଡର୍ସ ସାର ଦୋକାନ ଅଛି। ତାରିଣୀ ଟ୍ରେଡ଼ର୍ସ ଖଲିଆକାନୀରେ ଶୁକ୍ରବାର ୟୁରିଆ ସାର ପାଇଁ ପ୍ରବଳ ଜନସମାଗମ ହୋଇଥିଲା। ଗୁରୁବାର ଠାରୁ ଲୋକେ ସାର୍ ପାଇଁ ଲମ୍ବା ଧାଡି ଲାଗି ଥିଲେ। କିନ୍ତୁ ଦୁର୍ଭାଗ୍ୟର ବିଷୟ ନିରୀହ ଚାଷୀଙ୍କୁ ଗୋଟିଏ ବସ୍ତା ୟୁରିଆ ସାର ଓ ଗୋଟିଏ ଏକସ୍ୱାରି ନାନୋ ୟୁରିଆ ବାଧ୍ୟତାମୂଳକ ଭାବେ ଦେଇ ୫୦୦ ଟଙ୍କା ନେଉଥିବା ଚାଷୀମାନେ ଅଭିଯୋଗ କରିଛନ୍ତି। ସରକାରୀ ଧାର୍ଯ୍ୟ ଅନୁସାରେ ୫୦ କେଜି ୟୁରିଆ ସାରର ମୂଲ୍ୟ ୨୬୬ ଟଙ୍କା ଅଛି। ହେଲେ ଏଠାରେ ଏକ ବସ୍ତା ପ୍ରତି ଚାଷୀମାନଙ୍କ ଠାରୁ ୨୮୦ ଟଙ୍କା ନେଇ ତା ସହିତ ଏକ୍ସପ୍ୟାରୀ ଡେଟ ଯାଇଥିବା ନାନୋ ୟୁରିଆ ଟ୍ୟାଗ କରି ବାଧ୍ୟତାମୂଳ ଭାବେ ୫୦୦ ଟଙ୍କା ଚାଷୀ ମାନଙ୍କ ଠାରୁ ଶୋଷଣ କରାଯାଉଛି। ସାର ଚଢା ଦରରେ ବିକ୍ରିହେଉଥିବା ଖବର ପାଇ ଗଣମାଧ୍ୟମ ପ୍ରତିନିଧିମାନେ ପହଞ୍ଚି ପଚାରିବାରୁ ନିଜେ ଘନଶ୍ୟାମ ମେହେର ତୁମର ଦମ ଅଛି ଦୁଇ ଟ୍ରକ୍ ୟୁରିଆ ଆଣି ଚାଷୀଙ୍କୁ ଯୋଗାଇ ଦିଅ ବୋଲି ଗଣମାଧ୍ୟମ ପ୍ରତିନିଧିଙ୍କୁ ଓଲଟା କହିଥିଲେ। ଏ ନେଇ ଗୋଲାମୁଣ୍ଡା ଗୋଷ୍ଠୀ କୃଷି ଅଧିକାରୀ ନୌକେଶ୍ୱର ନାଗଙ୍କୁ ଫୋନ୍ ଯୋଗେ ଯୋଗାଯୋଗ କରାଯାଇଥିଲା। ଖବର ପାଇ କୃଷି ଅଧିକାରୀ ଖଲିଆକାନୀ ତାରିଣୀ ଟ୍ରେଡ଼ର୍ସ ସାର ଦୋକାନରେ ପହଞ୍ଚି ସମସ୍ତ କାଗଜ ପତ୍ର ଯାଞ୍ଚ କରିଥିଲେ। ଗୋଟିଏ ୟୁରିଆ ବସ୍ତାରେ ନାନୋ ୟୁରିଆ ଟ୍ୟାଗ ନ କରି ପ୍ରତି ୟୁରିଆ ବସ୍ତା ସରକାରୀ ଧାର୍ଯ୍ୟମୁତାବକ ବିକ୍ରି କରିବାକୁ ତାରିଣୀ ଟ୍ରେଡ଼ର୍ସ ମାଲିକ ମୁରଲୀ ଧର ମେହେରଙ୍କୁ ତାଗିଦ କରିଥିଲେ।





**ଅଭିଯୋଗ ଆଣିଲେ ଚାଷୀ**
**୨୬୬ ବଦଳରେ ୫୦୦ ଟଙ୍କାରେ ବିକ୍ରି**

ଗଣମାଧ୍ୟମ ପ୍ରତିନିଧିଙ୍କୁ ଧମକ ଚମକ ଦେବା କଥା ନିଜେ କୃଷି ଅଧିକାରୀ ସ୍ୱୀକାର କରିଥିବା ବେଳେ ଏହା ଏକ ନିନ୍ଦନୀୟ ଘଟଣା ବୋଲି ପ୍ରକାଶ କରିଥିଲେ। ଏହା ଉପରେ ଶ୍ରୀ ନାଗ ଘନଶ୍ୟାମ ମେହେର ଓ ତାଙ୍କ ପୁଅ ମୁରଲୀଧର ମେହେରଙ୍କୁ ତାଗିଦ କରିବା ସହ ଦରକାର ପଡ଼ିଲେ ଦୃଢ଼ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ପ୍ରକାଶ କରିଥିଲେ।

# କରଞ୍ଜକୋଟରେ କଂଗ୍ରେସର ସଂଗଠନ ସୃଜନ ଅଭିଯାନ

**ଧର୍ମଗଡ଼/ଗୋଲାମୁଣ୍ଡା, ୫।୯ (ସମିସ):** ଗୋଲାମୁଣ୍ଡା ବ୍ଲକ କରଞ୍ଜକୋଟ ଠାରେ କଂଗ୍ରେସ ଦଳର ସଂଗଠନ ସୃଜନ ଅଭିଯାନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବ୍ଲକ ସଭାପତି ନଉକେଶ୍ୱର ପୁଟେଲଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ରାଷ୍ଟ୍ରୀୟ ପର୍ଯ୍ୟବେକ୍ଷକ ଶଖେ ମସ୍ତାନ ଅଲ୍ଲୀ, ସମ୍ମାନିତ ଅତିଥି ଭାବେ ପିସିସି ପର୍ଯ୍ୟବେକ୍ଷକ ଫକିର ଜଗତ, ଜିଲ୍ଲା ସଂଯୋଜକ ଜଳନ୍ଧର ନାଏକ ପ୍ରମୁଖ ଉପସ୍ଥିତ ରହି କଂଗ୍ରେସ ଦଳର ସଂଗଠନ ସୃଜନ ଅଭିଯାନ କାର୍ଯ୍ୟକ୍ରମ ବିଷୟର ଉପସ୍ଥିତ କଂଗ୍ରେସ କର୍ମୀମାନଙ୍କୁ ବୁଝାଇଥିଲେ। ଉକ୍ତ କାର୍ଯ୍ୟକ୍ରମରେ ବରିଷ୍ଠ କଂଗ୍ରେସ ନେତା ସିଦ୍ଧାର୍ଥ ନାୟକ, ସଦର ବ୍ଲକ ସଭାପତି ସୁବାସ ଚନ୍ଦ୍ର ପ୍ରଧାନ, ନରହରି ବାଗ, ସାଉଲ ମଙ୍ଗରାଜ ପ୍ରମୁଖ ମଞ୍ଚାସୀନ ରହିଥିଲେ। ଉକ୍ତ କାର୍ଯ୍ୟକ୍ରମରେ ବ୍ଲକର କୋଣ ଅନୁକୋଣରୁ ଶତାଧିକ କଂଗ୍ରେସ ନେତା ଉପସ୍ଥିତ ଥିଲେ।

# ନ୍ୟାସନାଲ ହାଇସ୍କୁଲରେ ଜିଲ୍ଲାସ୍ତରୀୟ ଗୁରୁପୂଜା

ନୂଆପଡ଼ା, ୫।୯(ସମିସ): ଗୁରୁ ଯେ କେବଳ ପିଲାଙ୍କୁ ପାଠ ପଢ଼ାଇଲେ ନୁହେଁ ବରଂ ଅନ୍ଧାରକୁ ଚିରି ଆଲୁଅ ଦେଖାଉଥିବା ବ୍ୟକ୍ତିତ୍ୱ ହେଉଛନ୍ତି ଗୁରୁ। ନ୍ୟାସନାଲ ହାଇସ୍କୁଲରେ ଜିଲ୍ଲାସ୍ତରୀୟ ଗୁରୁଦିବସ ପାଳନ କମିଟି ଦ୍ୱାରା ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ଯୋଗଦେଇ ଏହା କହିଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଡ.ରେଶମଲାଲ ନାଏକଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ଜିଲ୍ଲାପାଳ ମୁଖ୍ୟ ଅତିଥି, ପୂର୍ବତନ କଳାହାଣ୍ଡି ସାଂସଦ ବସନ୍ତ କୁମାର ପଣ୍ଡା ମୁଖ୍ୟ ବକ୍ତା, ଆଦିବାସୀ କଲ୍ୟାଣ ସଂଘ ସଭାପତି ଭାନୁପ୍ରାପ ସିଂ ମାଝୀ, ନୂଆପଡ଼ା ଗୋଷ୍ଠୀ ଶିକ୍ଷାଧିକାରୀ ଗୀତାରାଣୀ ଯୋଷୀ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ବିଦ୍ୟାପତି ପଣ୍ଡା, ନ୍ୟାସନାଲ ହାଇସ୍କୁଲ ପ୍ରଧାନଶିକ୍ଷକ ଗୋଲାପ ଚନ୍ଦ୍ର ସାହୁ, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ପ୍ରମୋଦ କୁମାର ଠାକୁର, ଇନ୍ଦ୍ରମଣୀ ପାଣିଗ୍ରାହୀ, ରାଜ୍ୟ ପ୍ରାଥମିକ ଶିକ୍ଷକ ସଂଘ ଉପସଭାପତି ଆଶୀଷ କୁମାର ପାଢ଼ୀ, ଜିଲ୍ଲା ସାମ୍ବାଦିକ ସଂଘ( ଜାନ)ସଭାପତି ଘନଶ୍ୟାମ ଭୋଇ ପ୍ରମୁଖ ସମ୍ମାନୀତ ଅତିଥିଭାବେ ଯୋଗ ଦେଇଥିଲେ। ଏହି ଅବସରରେ ଜିଲ୍ଲା ସିଟି ଶିକ୍ଷକ ସଂଘ ସଭାପତି ଅମିଲାଲ ଶବର ଉଦ୍ଦେଶ୍ୟ ଜ୍ଞାପନ କରିଥିବାବେଳେ ବରିଷ୍ଠ ଶିକ୍ଷକ ରମାକାନ୍ତ ମିଶ୍ର ମଞ୍ଚ ପରିଚାଳନା କରିଥିଲେ। ଏହି ଅବସରରେ କମିଟୀ ତରଫରୁ ଜିଲ୍ଲାପାଳଙ୍କୁ ବର୍ଷକ ଭିତରେ ତାଙ୍କର କାର୍ଯ୍ୟକାଳ ସମୟରେ ଜିଲ୍ଲାର ପ୍ରଗତିପାଇଁ ରାଜ୍ୟ ତଥା ଜାତୀୟସ୍ତରରେ ନାଁ ରଖିଥିବାରୁ ସ୍ୱତନ୍ତ୍ର ଭାବେ ସମ୍ବର୍ଦ୍ଧିତ କରାଯାଇଥିବାବେଳେ ସାମ୍ବାଦିକତା କ୍ଷେତ୍ରରେ ଉଲ୍ଲେଖନୀୟ ଦକ୍ଷତା ପାଇଁ 'ସକାଳ' ଜିଲ୍ଲାପ୍ରତିନିଧି ଘନଶ୍ୟାମ ଭୋଇଙ୍କୁ ଶ୍ରେଷ୍ଠ ସାମ୍ବାଦିକ ସମ୍ମାନ, ରକ୍ତଦାନ କ୍ଷେତ୍ରରେ ରେକର୍ଡ କରିଥିବା ଶିକ୍ଷକ କିଶୋର କୁମାର ପରିଡ଼ାଙ୍କୁ ରକ୍ତବୀର ସମ୍ମାନ, ରକ୍ତଦାତା ରାଜେନ୍ଦ୍ର ଦଣ୍ଡସେନା, ଧନୁଯାତ୍ରାରେ କୋଶଳୀ କଂସ ଭୂମିକାରେ ଆସୁଥିବା ମଧୁସୂଦନ ପାଣିଗ୍ରାହୀଙ୍କୁ ଶ୍ରେଷ୍ଠ କଳାକାର, ଶିକ୍ଷୟିତ୍ରୀ ସରସ୍ୱତୀ ଶବରଙ୍କୁ କୃତୀ ଶିକ୍ଷୟିତ୍ରୀ ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା। ଏହି ଅବସରରେ ଅବସରପ୍ରାପ୍ତ ୪୦ଜଣ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମ ଶେଷରେ ବରିଷ୍ଠ ଶିକ୍ଷକ ଶରତ କୁମାର ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। ଶିକ୍ଷକ ସଂଘର ସଭାପତି ଶଙ୍କର୍ଷଣ ପୁରୋହିତ, ବିନୋଦ ଠାକୁର, ଜିତେନ୍ଦ୍ର ଖମାରୀଙ୍କୁ ଉତରୀୟ ଦେଇ ସମ୍ମାନିତ କରାଯାଇଥିଲା।



# କଳାହାଣ୍ଡି ଜିଲ୍ଲାସ୍ତରୀୟ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ସମାରୋହ

**ଭବାନୀପାଟଣା, ୫।୯(ସମିସ):** ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଅଧିନରେ କଳାହାଣ୍ଡି ଜିଲ୍ଲା ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ସ୍ଥାନୀୟ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଗୁରୁଦିବସ ଅବସରରେ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ସମାରୋହ ଆୟୋଜିତ ହୋଇଯାଇଛି। ପ୍ରାରମ୍ଭରେ ଅତିଥିମାନେ ଡ.ସର୍ବପଲ୍ଲୀ ରାଧାକୃଷ୍ଣନଙ୍କ ଫଟୋଚିତ୍ରରେ ମାଲ୍ୟାର୍ପଣ ଏବଂ ପ୍ରଦୀପ ପ୍ରଜ୍ୱଳନ କରିଥିଲେ। ଅତିରିକ୍ତ ଜିଲ୍ଲାପାଳ ତନ୍ମୟ ଦରୱାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଜିଲ୍ଲା ପରିଷଦ ଅଧ୍ୟକ୍ଷ ପୁଷ୍ପେନ୍ଦ୍ର ସିଂଦେଓ, ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ମୁଖ୍ୟ ଉନ୍ନୟନ ଅଧିକାରୀ ଦୟାମୟ ପାଢ଼ୀ, ଜିଲ୍ଲା ଶିକ୍ଷା ଅଧିକାରୀ ରାଧାକାନ୍ତ ଛତ୍ରି, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଶୁଭଲକ୍ଷ୍ମୀ ନାୟକ, ପବିତ୍ର ମୋହନ ସାହୁ ଓ ହେମସାଗର ମହାନନ୍ଦ, ଜିଲ୍ଲା ଶିକ୍ଷା ଓ ପ୍ରଶିକ୍ଷଣ ପ୍ରତିଷ୍ଠାନର ଅଧ୍ୟକ୍ଷ ଡ. ଦେଶବନ୍ଧୁ ସାହୁ, ବିଶିଷ୍ଟ ଶିକ୍ଷାବିତ୍ ଜଗବନ୍ଧୁ ମିଶ୍ର ପ୍ରମୁଖ ମଞ୍ଚାସୀନ ରହି ବକ୍ତବ୍ୟ ପ୍ରଦାନ କରିଥିଲେ। ଏହି ଅବସରରେ ଜିଲ୍ଲାସ୍ତରୀୟ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇଁ ଚୟନିତ ଭବାନୀପାଟଣା ବ୍ଲକର ତଳବେଲଗାଁ ଉଚ୍ଚ ବିଦ୍ୟାଳୟର ଶିକ୍ଷକ ନୀଳାଞ୍ଚଳ ପାନ ଏବଂ ପୁରୁଣାପଡ଼ା ଉ.ପ୍ରା ବିଦ୍ୟାଳୟର ବିଷ୍ଣୁପ୍ରିୟା ଚଣ୍ଡ; ଧର୍ମଗଡ଼ ବ୍ଲକର ବ୍ରାହ୍ମଣଛେଣ୍ଡିଆ ଉଚ୍ଚ ବିଦ୍ୟାଳୟର ଶିବଶଙ୍କର ମିଶ୍ର ଓ ରାଜେନ୍ଦ୍ର ଆଚାର୍ଯ୍ୟ, କନାଗାଁ ଉଚ୍ଚ ବିଦ୍ୟାଳୟର ପଲ୍ଲବୀ ପଣ୍ଡା ଓ ବଗାଡ଼ ଉ.ପ୍ରା ବିଦ୍ୟାଳୟର ବଟକୃଷ୍ଣ ବେହେରା; ଗୋଲାମୁଣ୍ଡା ବ୍ଲକର ଭାଟିପଡ଼ା ଉ.ପ୍ରା ବିଦ୍ୟାଳୟର ଗୀତାଞ୍ଜଳି ସାହୁ, ଜୟପାଟଣା ବ୍ଲକରୁ ହୀରାପୁର ଉଚ୍ଚ ବିଦ୍ୟାଳୟର ହେମନ୍ତ ମାଝୀ; ଜୁନାଗଡ଼ ବ୍ଲକର ଜୁନାଗଡ଼ ଉଚ୍ଚ ବିଦ୍ୟାଳୟର ମଳୟ ମୁଣ୍ଡ ଓ ବ୍ରାହ୍ମଣୀଗୁଡା ଉଚ୍ଚ ବିଦ୍ୟାଳୟର ସୋନାଲି କୁମାରୀ ମାଝୀ; କଲମପୁର ବ୍ଲକର ମଣ୍ଡଳ ଉଚ୍ଚ ବିଦ୍ୟାଳୟର ବୀରେନ୍ଦ୍ରେ ଚୌହାନ ଓ ଖମନପଡ଼ା ପ୍ରାଥମିକ ବିଦ୍ୟାଳୟର ଦେବେନ୍ଦ୍ର ନାଏକ, କର୍ଲାମୁଣ୍ଡା ବ୍ଲକର ସୁରୁଜୁଲି ଉ.ପ୍ରା ବିଦ୍ୟାଳୟର ପ୍ରତାପ ପ୍ରଧାନ; କେସିଙ୍ଗା ବ୍ଲକର କେସିଙ୍ଗା ଉଚ୍ଚ ବିଦ୍ୟାଳୟର ଯୁଗଳ ଛତ୍ରିଆ, ରଶ୍ମିତା ପାଣିଗ୍ରାହୀ, ରଶ୍ମିସ୍ମିତା ବେହେରା ଓ ନବୀନ ନାଏକ, ସିରୋଲ ଉଚ୍ଚ ବିଦ୍ୟାଳୟର ପ୍ରଳୟ ମହାପାତ୍ର, ନୁନମାଠ ଉଚ୍ଚ ବିଦ୍ୟାଳୟର କାଞ୍ଚନଲତା ଷଡ଼ଙ୍ଗୀ, କେସିଙ୍ଗା ୱାର୍ଡ ନଂ ୯ ପ୍ରାଥମିକ ବିଦ୍ୟାଳୟର ପୂଜାରାଣୀ ବଳସାମଲ, କୋକସରା ବ୍ଲକର ଜବାହର ଉଚ୍ଚ ବିଦ୍ୟାଳୟ, କୋକସରାର ଅମିତ ମହାନ୍ତି ଓ ଡେଙ୍ଗାଗୁଡା ପ୍ରାଥମିକ ବିଦ୍ୟାଳୟର ପଦ୍ମଲୋଚନ ସାହୁ; ଲାଞ୍ଜିଗଡ଼ ବ୍ଲକର କନର୍ଲା ପ୍ରାଥମିକ ବିଦ୍ୟାଳୟର ଆଦିତ୍ୟ ପଣ୍ଡା; ମଦନପୁର ରାମପୁର ବ୍ଲକର ନୁନପୁର ଉଚ୍ଚ ବିଦ୍ୟାଳୟର ସଞ୍ଜୟ ସେଠୀ ଓ ପ୍ରକାଶ ସେଠୀ, ମଦନପୁର ରାମପୁର ଉ.ପ୍ରା ବିଦ୍ୟାଳୟର ଶୁଭ୍ରକାନ୍ତି ସାହୁ; ନର୍ଲା ବ୍ଲକର ନର୍ଲା ପଞ୍ଚାୟତ ସମିତି ଉଚ୍ଚ ବିଦ୍ୟାଳୟର ସର୍ମିତା ସେଠୀ ଓ ପ୍ରଶାନ୍ତ ସାହୁ, ରୁପ୍ରାରୋଡ୍ ଉଚ୍ଚ ବିଦ୍ୟାଳୟର ରାକେଶ ସାହୁ, ଘଣ୍ଟମାଳ ବିଘ୍ନେଶ୍ୱର ଉଚ୍ଚ ବିଦ୍ୟାଳୟର ବସନ୍ତ ସାମନ୍ତରାୟ, ତୁଳାପଡ଼ା ଦାମୋଦର ଉଚ୍ଚ ବିଦ୍ୟାଳୟର ସନ୍ତୋଷାନନ୍ଦ ନାୟକ ଓ ରୁପ୍ରାରୋଡ୍ ଉ.ପ୍ରା ବିଦ୍ୟାଳୟର ଅନୀଲ ପ୍ରସାଦ ସାହୁ; ଥୁଆମୁଳ ରାମପୁର ବ୍ଲକର କର୍ଲାପାଟ ଉଚ୍ଚ ବିଦ୍ୟାଳୟର କିଶୋର ରାଉତରାୟ ଓ ଡାଳଗୁମା ପ୍ରାଥମିକ ବିଦ୍ୟାଳୟର ସୀମାଞ୍ଚଳ ପୁଝାରୀ; ଭବାନୀପାଟଣା ଉପଖଣ୍ଡ ଭୀମକେଲା କ୍ଲଷ୍ଟରର ସିଆରସିସି ବିଜୟ ସୁନା ଓ ଧର୍ମଗଡ଼ ଉପଖଣ୍ଡ ବରଗାଁ କ୍ଲଷ୍ଟରର ସିଆରସିସି ମନୋଜ ମେହେରଙ୍କୁ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ପବିତ୍ର ମୋହନ ସାହୁ ସ୍ୱାଗତ ଭାଷଣ ଦେଇଥିବା ବେଳେ ଶିକ୍ଷକ ଡିଲେଶ୍ୱର ରଣା ମଞ୍ଚ ପରିଚାଳନା କରିଥିଲେ। ଶେଷରେ ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ହେମସାଗର ମହାନନ୍ଦ ଧନ୍ୟବାଦ ଅର୍ପଣ କରିଥିଲେ। ପଞ୍ଚସଖା ଶିକ୍ଷା ସେତୁ ସଂଗଠନ ଜିଲ୍ଲା ସଂଯୋଜକ ପ୍ରଶାନ୍ତ ନନ୍ଦ ଓ ଉଚ୍ଚ ମାଧ୍ୟମିକ ଶିକ୍ଷା ସଂଯୋଜକ ବୀରେନ୍ଦ୍ର ଆଚାର୍ଯ୍ୟଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ଟଙ୍କଧର ସାହୁ, ଜିତେନ୍ଦ୍ର ମୁଣ୍ଡ, ରୂପସିଂ ରାଉତ, ଦୁଷ୍ମନ୍ତ ଶେଖର ପାଢ଼ୀ, ବାପାଙ୍ଗି ପ୍ରଧାନ, ସୁଧୀର ଧଙ୍ଗଡ଼ାମାଝୀ, ତିଲୋତ୍ତମା ନାଏକଙ୍କ ସମେତ ଜିଲ୍ଲା ଶିକ୍ଷା କାର୍ଯ୍ୟାଳୟ ଓ ସମଗ୍ର ଶିକ୍ଷା ଜିଲ୍ଲା ପ୍ରକଳ୍ପ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ସହଯୋଗ କରିଥିଲେ।



# ଗୁରୁ ପରମ୍ପରା ପାଳନ ଏକ ସମର୍ପଣ ଭାବର ସ୍ୱୀକାରୋକ୍ତି




## ଜିଲ୍ଲା ସିଟି ପ୍ରାଥମିକ ସଂଘ

ଭବାନୀପାଟଣା, ୫।୯(ସମିସ)

ଜଗତକୁ ଜ୍ଞାନର ଆଲୋକ ବାଣ୍ଟିଥିବା ଜ୍ଞାନ ଯୋଗୀ ସର୍ବପଲ୍ଲୀ ରାଧାକ୍ରିଷ୍ଣନଙ୍କ ଜନ୍ମତିଥିରେ ଗୁରୁ ଦିବସ ପାଳିତ ହୋଇଛି। ଗୁରୁ ପରମ୍ପରା ପାଳନ ଏକ ସମର୍ପଣ ଭାବର ସ୍ୱୀକାରୋକ୍ତି ବୋଲି ଶୁକ୍ରବାର ଭବାନୀପାଟଣା ଠାରେ ଆୟୋଜିତ କଳାହାଣ୍ଡି ସିଟି ପ୍ରାଥମିକ ଶିକ୍ଷକ ସଂଘ ପକ୍ଷରୁ ଜିଲ୍ଲାସ୍ତରୀୟ ଗୁରୁଦିବସ ପାଳନ ଉତ୍ସବରେ ଯୋଗଦେଇ ନିମନ୍ତ୍ରିତ ଅତିଥିମାନେ ପ୍ରକାଶ କରିଥିଲେ।

## କୁଳପତି ଡ଼ଃ ନିବେଦିତା ନାଥଙ୍କୁ ସର୍ବପଲ୍ଲୀ ରାଧାକ୍ରିଷ୍ଣନ ସମ୍ମାନ

ଜିଲ୍ଲା ସିଟି ପ୍ରାଥମିକ ଶିକ୍ଷକ ସଂଘ ପକ୍ଷରୁ ଭବାନୀପାଟଣା ସ୍ଥିତ ମାଁ ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ ଯୁବ ସଂସ୍କାର ସଭାଗୃହ ପରିସରରେ ଅନୁଷ୍ଠିତ ଗୁରୁଦିବସ କାର୍ଯ୍ୟକ୍ରମରେ ଗୁରୁମାନଙ୍କୁ ସମ୍ମାନିତ କରାଯାଇଥିଲାକଳାହାଣ୍ଡି ଜିଲ୍ଲା ସିଟି ସଂଘ ସଭାପତି ଲବ ଦୁର୍ଗାଙ୍କ ଅଧ୍ୟକ୍ଷତାରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ମାଁ ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଡ଼ଃ ନିବେଦିତା ନାଥ, ମୁଖ୍ୟବକ୍ତା ଭାବେ ବରିଷ୍ଠ ସାମ୍ବାଦିକ ସ୍ୱାଧୀନ ପାତ୍ର, ସ୍ୱତନ୍ତ୍ର ଅତିଥି ଭାବେ ସି.ଟି ଶିକ୍ଷକ ସଂଘ ରାଜ୍ୟ ସଭାପତି ପ୍ରଦୀପ କୁମାର ସାହୁ ସମ୍ମାନିତ ଅତିଥି ଭାବେ ଜିଲ୍ଲା ସଂସ୍କୃତି ଅଧିକାରୀ ବିବେକାନନ୍ଦ ମହାନନ୍ଦ, ସାଇବରକ୍ରାଇମ ଡିଏସ୍‌ପି ଅଳକା ସାହୁ, ମାଁ ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟ ଉପ କୁଳସଚିବ ଜୟଦେବ ସାହୁ, ରାଷ୍ଟ୍ରପତି ପୁରସ୍କାର ପ୍ରାପ୍ତ ଶିକ୍ଷକ ପ୍ରଭାସ ମିଶ୍ର ପ୍ରମୁଖ ମଞ୍ଚାସୀନ ଥିଲେ। ପୂର୍ବତନ କୁଳପତି ସ୍ୱର୍ଗତ ଡ଼ଃ ସଞ୍ଜୟ ଶତପଥୀଙ୍କ ଆତ୍ମାର ଶାନ୍ତି କାମନା ପୂର୍ବକ ନିରବ ପ୍ରାର୍ଥନା କରାଯାଇଥିଲା। ମାଁ ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର କୁଳପତି ଡ଼ଃ ନିବେଦିତା ନାଥଙ୍କୁ ସଂଘ ପକ୍ଷରୁ ସର୍ବଶ୍ରେଷ୍ଠ ସମ୍ମାନ ସର୍ବପଲ୍ଲୀ ରାଧାକ୍ରିଷ୍ଣନ ସମ୍ମାନରେ ସମ୍ମାନିତ କରାଯାଇଥିଲା। ଏହି ଅବସରରେ ବରିଷ୍ଠ ଓ ଅବସର ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ସଭାରେ ସନ୍ୟାସୀ ନାହକ ଏବଂ ଓଡ଼ିଶାର ବିଶିଷ୍ଟ ଭଜନ ଗାୟକ ଜଗନ୍ନାଥ ତ୍ରିପାଠୀ ସଙ୍ଗୀତ ପରିବେଷଣ କରିଥିଲେ। କାର୍ଯ୍ୟକ୍ରମ ସଭା ପରିଚାଳନା କରିଥିଲେ ଶିକ୍ଷକ ଦୁର୍ଯ୍ୟୋଧନ ମାଝୀ। ଏଥିରେ ଜିଲ୍ଲାର ବିଭିନ୍ନ ବ୍ଲକରୁ ଶିକ୍ଷକ ଶିକ୍ଷୟିତ୍ରୀମାନେ ଯୋଗ ଦେଇଥିଲେ। ଲାଞ୍ଜିଗଡ଼ ବ୍ଲକ ସିଟି ସଂଘ ସଭାପତି ଅନିଲ ତ୍ରିପାଠୀ ସମ୍ପାଦକ ମନୋଜ କୁମାର ମହାଖୁଡ଼, କାର୍ଯ୍ୟକାରୀ ସଭାପତି ପ୍ରଭାତ କୁମାର ପାଠୀ, ଶିକ୍ଷୟିତ୍ରୀ ଲକ୍ଷ୍ମୀପ୍ରିୟା ନାଏକ, ଶିକ୍ଷକ ସ୍ମୃତି ରଞ୍ଜନ ରଥ, ଯୁଧିଷ୍ଠିର ମହାନନ୍ଦ, ଜନାର୍ଦ୍ଦନ ମିଶ୍ର, ଭୃକୁଟି ଗଡଡ଼, ଜଗତରାମ ଶବର, ଧନଞ୍ଜୟ ପାଣିଗ୍ରାହୀ, ଜଗନ୍ନାଥ ତ୍ରିପାଠୀ, ପ୍ରଭାତ ସାହୁ, ଜୁଧିଷ୍ଠିର ମହାନନ୍ଦ, ସୁଶିଲ ଦାସ, ମୁକୁନ୍ଦ ରେଡ଼ିଙ୍କ ସମେତ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ଶେଷରେ ଧନଞ୍ଜୟ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।




## ଜିଲ୍ଲାସ୍ତରୀୟ ଗୁରୁ ଦିବସ

**ଧର୍ମଗଡ଼:** ପବିତ୍ର ଗୁରୁଦିବସ ଉପଲକ୍ଷେ କଳାହାଣ୍ଡି ଜିଲ୍ଲା ନିଖିଳ ଉତ୍କଳ ପ୍ରାଥମିକ ଶିକ୍ଷକ ସଙ୍ଘଦ୍ୱାରା ଜିଲ୍ଲାସ୍ତରୀୟ ଗୁରୁଦିବସ ପାଳନ ଧର୍ମଗଡ଼ ଠାରେ ପାଳିତ ହୋଇଯାଇଛି। ଜିଲ୍ଲା ସଭାପତି ବୀରେନ୍ଦ୍ର କୁମାର ବାଗଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବରେ ଧର୍ମଗଡ଼ ବିଧାୟକ ସୁଧୀର ରଞ୍ଜନ ପଟ୍ଟଯୋଶୀ ଯୋଗ ଦେଇଥିଲେ। ମୁଖ୍ୟବକ୍ତା ଭାବରେ ସୁବର୍ଣ୍ଣପୁର ଜିଲ୍ଲାପାଳ ଡ.ନୃପରାଜ ସାହୁ ଓ ସମ୍ମାନିତ ଅତିଥି ଭାବରେ ଜିଲ୍ଲା ଶିକ୍ଷା ଅଧିକାରୀ ରାଧାକାନ୍ତ ଛତ୍ରୀ ଓ ଜିଲ୍ଲା ସାଧାରଣ ସମ୍ପାଦକ ଧୀରେନ୍ଦ୍ର କୁମାର ପଟ୍ଟନାୟକ ଯୋଗଦାନ କରିଥିଲେ। ଏହି ଅବସରରେ ସଂଘର ଉପଦେଷ୍ଟା ମଣ୍ଡଳୀ, କୃତୀ ଶିକ୍ଷକ ଓ ଅବସର ପ୍ରାପ୍ତ ଶିକ୍ଷକ ମାନଙ୍କୁ ଅତିଥିଙ୍କ ଦ୍ୱାରା ସମ୍ବର୍ଦ୍ଧିତ କରାଯାଇଥିଲା। ସଭା କାର୍ଯ୍ୟକୁ ଜିଲ୍ଲା ସାଙ୍ଗଠନିକ ସମ୍ପାଦକ ପଦ୍ମ ଲୋଚନ ନାଏକ ପରିଚାଳନା କରିଥିଲା ବେଳେ ବିଶ୍ୱଜିତ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ।ଧର୍ମଗଡ଼ ବ୍ଲକ ସଂଘ ସଭାପତି କ୍ଷେତ୍ର ମୋହନ ମାଝୀ, ସମ୍ପାଦକ ଆଶିଷ କୁମାର ପ୍ରଧାନୀ ଓ ଅନ୍ୟମାନେ କାର୍ଯ୍ୟକ୍ରମ ଆୟୋଜନ କରିଥିଲେ।

## ଜିଲ୍ଲା ପ୍ରାଥମିକ ଶିକ୍ଷକ ସଂଘ

**ଭବାନୀପାଟଣା:** କଳାହାଣ୍ଡି ଜିଲ୍ଲା ପ୍ରାଥମିକ ଶିକ୍ଷକ(ଏକ୍ସ-କ୍ୟାଡର) ସଂଘ ତରଫରୁ ଗୁରୁଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ୧୩ଜଣ ଶିକ୍ଷକଙ୍କୁ ଅବସରକାଳୀନ ଏବଂ ୨ଜଣ କୃତୀ ଶିକ୍ଷକଙ୍କୁ ସମ୍ବର୍ଦ୍ଧନା ଦିଆଯାଇଥିଲା। କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ରାଜ୍ୟ ସଭାପତି ଜୟନ୍ତୀଲାଲ ସାହୁ, ଜିଲ୍ଲା ସଭାପତି ସୁବ୍ରତ ଦଣ୍ଡସେନା, କାର୍ଯ୍ୟକାରୀ ସଭାପତି ତ୍ରିଲୋଚନ ସାହୁ, ସାଧାରଣ ସମ୍ପାଦକ କୈଳାସ ବିଶି, ସମସ୍ତ ଜିଲ୍ଲା କର୍ମକର୍ତ୍ତା, ସମସ୍ତ ବ୍ଲକ ସଭାପତି, ସମ୍ପାଦକ ତଥା ଶତାଧିକ ଶିକ୍ଷକ ଉପସ୍ଥିତ ଥିଲେ।

## ସ୍ୱାମୀ ବିବେକାନନ୍ଦ ପବ୍ଲିକ ସ୍କୁଲ

**ଭବାନୀପାଟଣା:** ସ୍ଥାନୀୟ ତାରିଣୀ ମନ୍ଦିର ରୋଡ଼ ସ୍ଥିତ ସ୍ୱାମୀ ବିବେକାନନ୍ଦ ପବ୍ଲିକ ସ୍କୁଲରେ ଗୁରୁଦିବସ ପାଳିତ ହୋଇଯାଇଛି। ଭାରତୀୟ ସଂସ୍କୃତି ଓ ପରମ୍ପରାରେ ଗୁରୁଙ୍କ ପୂଜା ବହୁ ପ୍ରାଚୀନ ଓ ପୁରାତନ, ଗୁରୁ ଶିଷ୍ୟ ସମ୍ପର୍କ ଖୁବ ନିବିଡ଼। ସେପ୍ଟେମ୍ବର ପାଞ୍ଚ ଦେଶର ବିଶିଷ୍ଟ ଶିକ୍ଷାବିତ, ଦାର୍ଶନିକ, ରାଜନେତା ସ୍ୱାଧୀନ ଭାରତର ପ୍ରଥମ ଉପରାଷ୍ଟ୍ରପତି ଓ ଦ୍ୱିତୀୟ ରାଷ୍ଟ୍ରପତି ସର୍ବପଲ୍ଲୀ ରାଧାକ୍ରିଷ୍ଣାନଙ୍କ ପୂଣ୍ୟ ଜନ୍ମତିଥି କୁ ଗୁରୁଦିବସ ରୂପେ ପାଳିତ ହେଉଛି ବୋଲି ସ୍କୁଲର ପ୍ରତିଷ୍ଠାତା ତଥା ଅଧ୍ୟକ୍ଷ ଡ. ଶିବରାମ ନାୟକ ଉଦବୋଧନ ଦେଇଥିଲେ। ମୁଖ୍ୟଅତିଥି ଭାବେ ବିଶିଷ୍ଟ ଅବସରପ୍ରାପ୍ତ ସେନା ଅଧିକାରୀ ସରୋଜ କୁମାର ରାଜଗୁରୁ ବକ୍ତବ୍ୟ ରଖିଥିଲେ।ବରିଷ୍ଠ ଶିଶୁ ଚିତ୍ରଶିଳ୍ପୀ ମୁକୁନ୍ଦ ରେଡ୍ଡୀ ଓ ଶିକ୍ଷାବିତ୍ ମଧୁସ୍ମିତା ଧଙ୍ଗଡ଼ ମାଝୀ ସମ୍ମାନିତ ଅତିଥି ରୂପେ ଯୋଗ ଦେଇଥିଲେ। ପ୍ରଥମେ ଡ. ରାଧାକ୍ରିଷ୍ଣନଙ୍କ ଫୋଟୋ ଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ ପରେ କାର୍ଯ୍ୟକ୍ରମ ଆରମ୍ଭ ହୋଇଥିଲା। ଶିକ୍ଷୟିତ୍ରୀ ଚନ୍ଦ୍ରପ୍ରଭା ମିଶ୍ର, ସରିତା ବାଗେଲେ, ସୁଶୀସ୍ମିତା ସାହୁ, ତପସ୍ୱନୀ ଦୁର୍ଗା, ଧନମନ୍ତ ବେମାଲ ସହଯୋଗ କରିଥିଲେ ଓ ଶିକ୍ଷକ ପବିତ୍ର ମହାନନ୍ଦ ଧନ୍ୟବାଦ ଦେଇଥିଲେ।

## ବ୍ରଜବିହାର ଶିଶୁ ମନ୍ଦିର

**ଭବାନୀପାଟଣା:** ସ୍ଥାନୀୟ ଶିଶୁମନ୍ଦିର ବ୍ରଜବିହାର ଠାରେ ପବିତ୍ର ଗୁରୁଦିବସ ପାଳିତ ହୋଇଛି। ଅନୁଷ୍ଠାନର ପ୍ରଧାନଆଚାର୍ଯ୍ୟ ମନୋଜ କୁମାର ମୁଣ୍ଡ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ବିଦ୍ୟାଳୟର ଶିଶୁ ଭାଇଭଉଣୀମାନେ ଗାନ କରିଥିଲେ। ମୁଖ୍ୟଅତିଥି ଭାବେ ମା' ମାଣିକେଶ୍ୱରୀ ବିଶ୍ୱ ବିଦ୍ୟାଳୟର ଅବସର ପ୍ରାପ୍ତ ଅଧ୍ୟକ୍ଷ ତଥା ଗବେଷକ ଡ. ବାବା ମିଶ୍ର, ସମ୍ମାନିତ ଅତିଥି ପରିଚାଳନା କମିଟି ସଭାପତି ଦୀନବନ୍ଧୁ ମୁଣ୍ଡ ଯୋଗଦେଇଥିଲେ।ବିଦ୍ୟାଳୟର ଗୁରୁଜୀ କୌସ୍ତୁଭମଣି ବାଗ ଏବଂ ଅୟସକାନ୍ତ ପତି ବକ୍ତବ୍ୟ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ଗୁରୁଜୀ ଗୋଦାବରୀଶ ମିଶ୍ର ଏବଂ ନବମ ଓ ଦଶମର ଭାଇ ଭଉଣୀମାନେ ପରିଚାଳନା କରିଥିଲେ। ସନ୍ତୋଷିନୀ ଆଚାରୀ ଅତିଥିଙ୍କ ପରିଚୟ ପ୍ରଦାନ କରିଥିବାବେଳେ ସୁନିତା ରାଉଳ ଧନ୍ୟବାଦ ଦେଇଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ସମାଜ ଉପରେ ସାମାଜିକ ଗଣମାଧ୍ୟମର ନକାରାତ୍ମକ ପ୍ରଭାବକୁ ପ୍ରତିହତ କରିବା ପାଇଁ ଖୁବ୍‌ଶୀଘ୍ର ପ୍ରଭାବଶାଳୀ ନିୟାମକ ଆସିବା ଆବଶ୍ୟକ।

-ଏଲନ୍ ମସ୍କ

## ଉପଯୋଗୀ ଇଥାନଲ୍

ପେଟ୍ରୋଲରେ ୨୦ ପ୍ରତିଶତ ଇଥାନଲ ମିଶ୍ରଣ ବିରୋଧରେ ଅଦାଲତରେ କରାଯାଇଥିବା ଆବେଦନ ଖାରଜ ହୋଇଯାଇଛି। ଏପ୍ରକାର ଇନ୍ଧନ ପାଇଁ ପ୍ରଚଳିତ ମୋଟର ଇଞ୍ଜିନ ଉପଯୋଗୀ ହୋଇନଥିବାରୁ ତାହାର ପ୍ରତିକୂଳ ପ୍ରଭାବ ଅନୁଭୂତ ହେଉଛି ଏବଂ ଗାଡ଼ିର ମାଇଲେଜ ମଧ୍ୟ ହ୍ରାସ ପାଉଛି ବୋଲି ଅଭିଯୋଗ କରି ଉପରୋକ୍ତ ଆବେଦନ କରାଯାଇଥିଲା। ଏହି ପ୍ରସଙ୍ଗରେ କେତେକ ରାଜନୈତିକ ବିବାଦ ଥିବା ଚର୍ଚ୍ଚା ହେଉଛି। ସେବେ ସବୁର ଊର୍ଦ୍ଧ୍ୱରେ ବିଚାର କଲେ ସାମ୍ପ୍ରତିକ କ୍ରମବର୍ଦ୍ଧିଷ୍ଣୁ ପରିବେଶ ପ୍ରଦୂଷଣ ଦୃଷ୍ଟିକୋଣରୁ ସୁପ୍ରିମକୋର୍ଟଙ୍କ ନିଷ୍ପତ୍ତି ସ୍ୱାଗତଯୋଗ୍ୟ ନିଶ୍ଚୟ। ବର୍ଦ୍ଧିତ ଯାନବାହନ ଚଳାଚଳରୁ ନିର୍ଗତ ଅଙ୍ଗାର (କାର୍ବନ) ବାୟୁ ପ୍ରଦୂଷଣର ମୁଖ୍ୟ କାରଣ। ଏଭଳି ଏକ ପ୍ରତିକୂଳ ପରିସ୍ଥିତିର ସମ୍ମୁଖୀନ ହେଉଥିବା ବିଶ୍ୱ ସମୁଦାୟ ବିକଳ୍ପ ବ୍ୟବସ୍ଥା ପ୍ରତି ସ୍ୱତନ୍ତ୍ର ଗୁରୁତ୍ୱ ଦେବା ସ୍ୱାଭାବିକ। ଆଖୁ ଓ ମକାରୁ ପ୍ରସ୍ତୁତ ଇଥାନଲ ଜଳେଣୀରୁ କାର୍ବନ ଓ ମନୋକ୍ସାଇଡ ଭଳି ଅନ୍ୟ ପ୍ରଦୂଷଣ ସୃଷ୍ଟିକାରୀ ବାୟୁ ନିର୍ଗମନ ହେଉ ନ ଥିବାରୁ ପେଟ୍ରୋଲରେ ତାହାର ୨୦ ପ୍ରତିଶତ (ଇ୨୦) ମିଶ୍ରଣକୁ ଏକ ଗ୍ରହଣଯୋଗ୍ୟ ପ୍ରସ୍ତାବ ରୂପେ ମାନ୍ୟତା ମିଳିଛି। ରାଜଧାନୀ ଦିଲ୍ଲୀର ବାୟୁପ୍ରଦୂଷଣ ଏକ ବିପଦଜ୍ଜନକ ସ୍ଥିତିରେ ଅଛି। ସେଠାରେ ଅପେକ୍ଷାକୃତ ଅଧିକ ଯାନବାହାନ ଚଳାଚଳ କରୁଥିବାରୁ ଇଥାନଲ ମିଶ୍ରିତ ପେଟ୍ରୋଲ ବ୍ୟବାହାର ନିଶ୍ଚିତ ଏକ ସ୍ୱାଗତଯୋଗ୍ୟ ନିଷ୍ପତ୍ତି। ଏବେ ସୁପ୍ରିମକୋର୍ଟଙ୍କ ରାୟ କାର୍ଯ୍ୟକାରୀ ହେବା ପରେ ଅଙ୍ଗାର ନିର୍ଗମନ ହ୍ରାସ ପାଇବା ସହିତ ସରକାର ଇ୨୦ ଇନ୍ଧନ ବ୍ୟବହାର ମାଧ୍ୟମରେ ବର୍ଷକୁ ୪ ବିଲିୟନ ଡଲାର ସଞ୍ଚୟ କରିବେ।

ଏଠାରେ କିନ୍ତୁ ଆଉ ଦୁଇଟି ପ୍ରସଙ୍ଗ ଆମକୁ ବିବ୍ରତ କରୁଛି। ରୁଷରୁ ସରକାର ଶସ୍ତାରେ ଅଶୋଧିତ ତୈଳ ସଂଗ୍ରହ କରି ଆମେରିକା ରାଷ୍ଟ୍ରପତି ଟ୍ରମ୍ପଙ୍କ ବିରାଗଭାଜନ ହୋଇଛନ୍ତି। ଅନ୍ୟପକ୍ଷରେ ଇଥାନଲର ଲିଟର ପିଛା ମୂଲ୍ୟ ୬୦ ରୁ ୬୫ ଟଙ୍କା। ଏହି ଦୁଇଟି ଦିଗକୁ ବିଚାର କରି ପେଟ୍ରୋଲ ମୂଲ୍ୟ ହ୍ରାସ କରାଯିବା ଜରୁରୀ ନୁହେଁକି ? ଅଥଚ ଲିଟର ପିଛା ମୂଲ୍ୟ ସେହି ଶହେଟଙ୍କାରେ ଅପରିବର୍ତ୍ତିତ ରହିଛି। ଦ୍ୱିତୀୟରେ ଇଥାନଲ ଉତ୍ପାଦନର ଚାହିଦା ବୃଦ୍ଧି ସହିତ ଆଖୁ ଓ ମକା ଚାଷ କରୁଥିବା ଚାଷୀଙ୍କ ସକାଶେ ଅତିରିକ୍ତ ଆୟ ବା ଉପାର୍ଜନର ସୁଯୋଗ ଆସିବ ସତ, କିନ୍ତୁ ଅତିରିକ୍ତ ଲାଭ ସକାଶେ ଚାଷୀ ଯଦି ଇଥାନଲ ଉତ୍ପାଦନକୁ ଅଧିକ ଗୁରୁତ୍ୱ ଦେବେ ତେବେ ଭୟଙ୍କର ପରିସ୍ଥିତି ସୃଷ୍ଟି ହେବ। ବଜାରରେ ଆଖୁ ଓ ମକାର ଯେଉଁ ନିଅଣ୍ଟିଆ ପରିସ୍ଥିତି ସୃଷ୍ଟି ହେବ ତାହା ମୂଲ୍ୟ ବୃଦ୍ଧି ପାଇଁ ବାଟ କଢ଼ାଇନେବେ। ସାଧାରଣ ଖାଉଟି ଉଭୟ ଦୃଷ୍ଟିରୁ କ୍ଷତି ସହିବେ। କାରଣ ଏକ ପରିସଂଖ୍ୟାନରୁ ଜଣାପଡ଼ିଛି ଯେ ୨୦୩୦ ସୁଦ୍ଧା ଦେଶର ଚାହିଦା ପୂରଣ ପାଇଁ ୧୫୦୦ କୋଟି ଲିଟର ଇଥାନଲ ଉତ୍ପାଦନ କରିବାକୁ ହେବ।

ଯାହା ବି ହେଉ ଏହାକୁ ଅସ୍ୱୀକାର କରିହେବ ନାହିଁ ଯେ ଆଜିର ଦିନରେ ଓ ଭବିଷ୍ୟତ ପାଇଁ ଇଥାନଲ୍ ଏକ ଅପରିହାର୍ଯ୍ୟ ଆବଶ୍ୟକତା। ଆମଦେଶରେ ଇଥାନଲ ମିଶ୍ରିତ ପେଟ୍ରୋଲ ବ୍ୟବହାର ୨୦୧୩-୧୪ ରୁ ଆରମ୍ଭ ହୋଇଛି। ୧.୫ ଶତାଂଶ ମିଶ୍ରଣ ଅନୁପାତ କ୍ରମେ ବୃଦ୍ଧି ପାଇ ୨୦ ଶତାଂଶରେ ପହଞ୍ଚିଛି। ୨୦୩୦ରେ ଏହି ଅନୁପାତ ୩୦ ଶତାଂଶକୁ ବୃଦ୍ଧି କରିବାର ପ୍ରସ୍ତାବ ରହିଛି। ଆମେ ଏହି ପ୍ରୟୋଗ ଆରମ୍ଭ କରିବା ପୂର୍ବରୁ ବ୍ରାଜିଲ ସମଗ୍ର ବିଶ୍ୱକୁ ବାଟ ଦେଖାଇଥିଲା। ଏବେ ଆମେରିକା ମଧ୍ୟ ଏହି ପଦ୍ଧତିକୁ ଅନୁସରଣ କରୁଛି। ଯଦି ଆମ ଦେଶରେ ଏହି ବ୍ୟବସ୍ଥା ୧୦ ନିୟୁତ ଟନ ଅଙ୍ଗାରକାମ୍ଳ ନିର୍ଗମ ହ୍ରାସ କରିବାରେ ସହାୟକ ହେବ ତାହାକୁ ଆମେ ଏକ ଚମତ୍କାରିତା ଭାବେ ମାନିନେବା।

## ବସ୍ତାନି ବୋଝ

ପ୍ରଚଳିତ ଶିକ୍ଷା ଅବସ୍ଥାର ଭିତ୍ତିଭୂମି ଏତେ ଦୁର୍ବଳ ହୋଇଯାଇ ଯେ ତଥାକଥିତ ସଂସ୍କାରର କୌଣସି ପ୍ରଭାବ ଅନୁଭୂତ ହେଉନାହିଁ। ସରକାରୀ ଓ ବେସରକାରୀ ସ୍ତରରେ ପରିଚାଳିତ ବିଦ୍ୟାଳୟର ଶୈକ୍ଷିକ ଢାଞ୍ଚା ସେମିତି ଅପରବର୍ତ୍ତିତ ରହିଛି। କେଉଁଠି ଆଦୌ ପାଠପଢ଼ା ହେଉନାହିଁ ତ ଆଉ କେଉଁଠି ଶିକ୍ଷା ନାମରେ ବ୍ୟବସାୟିକ ଦୃଷ୍ଟିଭଙ୍ଗୀକୁ ଅଧିକ ପ୍ରାଧାନ୍ୟ ଦିଆଯାଇଛି। ଆମେ ଏଠାରେ ପବ୍ଲିକ ସ୍କୁଲ ବା ଇଂରାଜୀ ମାଧ୍ୟମ ବିଦ୍ୟାଳୟ ସଂପର୍କରେ ସ୍ୱତନ୍ତ୍ର ଭାବେ ଉଲ୍ଲେଖ କରୁଛୁ। ସେଠାରେ ଦୈନନ୍ଦିନ ୮ ଟି ବିଷୟରେ ପାଠପଢ଼ା ପାଇଥିବାରୁ ସେହି ବିଷୟର ପୁସ୍ତକ ଓ ତତ୍‌ସଂଲଗ୍ନ ଏକାଧିକ ନୋଟବୁକ୍ ସାଙ୍ଗରେ ନେଇ ବିଦ୍ୟାଳୟକୁ ଯିବାର ବାଧ୍ୟବାଧକତା ପିଲାଙ୍କ ଉପରେ ଲଦି ଦିଆଯାଇଛି। ବସ୍ତାନି ଭାର ଏତେ କଷ୍ଟଦାୟକ ଯେ ପିଲାଙ୍କୁ ବିଦ୍ୟାଳୟକୁ ନେବା ଆଣିବା କରୁଥିବା ଅଭିଭାବକଙ୍କୁ ହିଁ ବହନ କରିବା ବ୍ୟତୀତ ଅନ୍ୟ କୌଣସି ପନ୍ଥା ନାହିଁ। ବସ୍ତାନି ବୋଝ ପିଲାଙ୍କ ଶାରୀରିକ ଅଭିବୃଦ୍ଧିରେ ବାଧକ ସାଜିଛି। ଅଧିକାଂଶ ଆଗକୁ ଝୁଙ୍କି ଚଳପ୍ରଚଳ କରୁଥିବାରୁ ସେମାନଙ୍କ ପିଠି ବଙ୍କା ହୋଇଯିବା ସହ କାନ୍ଧ ଓ ବେକରେ ଅସମ୍ଭବ ଯନ୍ତ୍ରଣା ହୋଇଥାଏ। ସେମାନଙ୍କ ମେରୁଦଣ୍ଡ ଉପରେ ମଧ୍ୟ ଗୁରୁତର ପ୍ରଭାବ ପଡୁଥିବାର ନ୍ୟାସନାଲ ଲାଇବ୍ରେରୀ ଅଫ୍ ମେଡିସିନରେ ପ୍ରକାଶିତ ତଥ୍ୟାନୁସନ୍ଧାନ ରିପୋର୍ଟରୁ ଜଣାପଡ଼ିଛି।

ପିଲାଙ୍କ ସ୍ୱାସ୍ଥ୍ୟ ଓ ଶରୀର ପ୍ରତି ବିପଦ ସୃଷ୍ଟିକାରୀ ଏହି ବ୍ୟବସ୍ଥାରେ ଯେ ପରିବର୍ତ୍ତନ ଜରୁରୀ ଏକଥା ସମସ୍ତେ ଅନୁଭବ କରୁଥିଲେ ମଧ୍ୟ ତାହା ଅପରିବର୍ତ୍ତିତ ରହିଛି। ଭାର ବହନ କରିବାର କ୍ଷମତା ପୁଅଙ୍କ ଠାରୁ ଝିଅମାନଙ୍କ କମ୍ ଥିବାରୁ ଏହି ପରିସ୍ଥିତିରେ ସବୁଠାରୁ ଅଧିକ କ୍ଷତିଗ୍ରସ୍ତ ହେଉଛନ୍ତି ଛାତ୍ରୀମାନେ। ରିପୋର୍ଟରୁ ପ୍ରକାଶ ଯେ ପିଲାଙ୍କ ଶରୀରର ଓଜନର ୧୫ ରୁ ୨୫ ପ୍ରତିଶତ ଭାର କାନ୍ଧରେ ବହନ କରିଥା'ନ୍ତି। ଅନେକ କ୍ଷେତ୍ରରେ ଘରକୁ ଫେରିବା ପର୍ଯ୍ୟନ୍ତ ସେହି ବସ୍ତାନି ବୋଝ ପିଲାଙ୍କ କାନ୍ଧରେ ରହିଥାଏ। ପିଲାଙ୍କ ନିୟମିତ ଅସୁସ୍ଥତା ଓ ପାଠପଢ଼ା ପ୍ରତି ଅମନଯୋଗୀ ହେବା ପଛରେ ଏହି ବ୍ୟାଗ ବୋଝ ଅନେକାଂଶରେ ଦାୟୀ। ସଚେତନ ଅଭିଭାବକଙ୍କ ପକ୍ଷରୁ ଏନେଇ ବିଦ୍ୟାଳୟ କର୍ତ୍ତୃପକ୍ଷଙ୍କ ନିକଟରେ କ୍ରମାଗତ ଆପତ୍ତି ଦର୍ଶାଯାଉଥିଲେ ମଧ୍ୟ କୌଣସି ପ୍ରତିକାର ନହେବା କ୍ଷୋଭର ବିଷୟ।

ସମୟାନୁସାରେ ପାଠ୍ୟକ୍ରମ ଶେଷ ହେଉନଥିବାରୁ କୌଣସି ପ୍ରକାରେ ଶିକ୍ଷକ କିଛି ନୋଟ ଡାକି ଦାୟିତ୍ୱ ତୁଲାଉଥିବାର ଲକ୍ଷ୍ୟ କରାଯାଉଛି। ତେଣିକି ପିଲା ଖାତାରେ କ'ଣ ଲେଖିଲା ତାହା ଯାଞ୍ଚ କି ସଂଶୋଧନ ହୁଏ ନାହିଁ। ଏ ସଂପର୍କରେ ଅଭିଭାବକ ଆପତ୍ତି ଦର୍ଶାଇଲେ ତାଙ୍କ ପିଲା ଅକ୍ରୋଶର ସମ୍ମୁଖୀନ ହୁଏ। ତେଣୁ ବିଦ୍ୟାଳୟ ଅପେକ୍ଷା ପିଲାଙ୍କ ଟ୍ୟୁସନ ଉପରେ ଦିନକୁ ଦିନ ନିର୍ଭରଶୀଳତା ବୃଦ୍ଧି ପାଉଛି। ଏସବୁକୁ ଯାଞ୍ଚ କରିବା ସକାଶେ ଆମ ବ୍ୟବସ୍ଥାରେ କିଛି ସୁଯୋଗ ନାହିଁ। ଦଶମ ଓ ଦ୍ୱାଦଶ ଶ୍ରେଣୀ ପରୀକ୍ଷାରେ ଉନ୍ନତ ହାରର ଫଳାଫଳର ପ୍ରଚାର କରି ଘରୋଇ ବିଦ୍ୟାଳୟ କର୍ତ୍ତୃପକ୍ଷ ଅଭିଭାବକଙ୍କୁ ଆକର୍ଷିତ କରିଥା'ନ୍ତି। ହେଲେ ସେଥିରେ ସେମାନଙ୍କ ଅବଦାନ କେତେ ତାହା ଜାଣିବାର ବାଟ ନାହିଁ। ସେହିପରି ବିଦ୍ୟାଳୟରେ ବସ୍ତାନି ବୋଝ ଯାଞ୍ଚ କରିବା ପାଇଁ ସରକାରୀ ସ୍ତରରେ ବ୍ୟବସ୍ଥା ଥିଲେ ମଧ୍ୟ ତାହା ହୁଏ ନାହିଁ। ଅଥଚ ସ୍କ୍ୱାଡ ଗଠନ କରାଯାଇଛି ଏବଂ କାଗଜ ପତ୍ରରେ ରିପୋର୍ଟ ଦରଜ କରାଯାଇଛି। ବିଦ୍ୟାଳୟର ପ୍ରଥମ ତିନିଟି ଶ୍ରେଣୀ ପିଲାଙ୍କ ସକାଶେ ହୋମୱାର୍କ ନଦେବାକୁ କଟକଣା ବା ନିୟମ ଥିଲେ ମଧ୍ୟ ଘରୋଇ ବିଦ୍ୟାଳୟ ସେଥିପ୍ରତି ଧ୍ୟାନ ଦିଅନ୍ତି ନାହିଁ। ସବୁ ଅଛି, କିଛି ନଥିଲା ଭଳି ଅବସ୍ଥାରେ ପାଠପଢ଼ା ଚାଲିଛି। କାହାର ସେଥିପ୍ରତି ନିଘା ନାହିଁ।

# ଏଆଇ-ଉଦ୍ୟୋକ୍ତାଙ୍କ ଚିତ୍ରନାଟ୍ୟ ଓ ମେଧାର ଅନ୍ତଃସଂଘାତ

**ଦୁର୍ଗାପ୍ରସାଦ ଆଚାର୍ଯ୍ୟ**

'ଓପେନ୍ ଏଆଇ'ର ସର୍ବେସର୍ବା ସାମ୍ ଅଲ୍‌ଟାମାନ୍ ପ୍ରଥମେ ଆମକୁ 'ଚାଟ୍‌ଜିପିଟି' ପରି ଭାଷାଭିତ୍ତିକ ବୃହତ୍ କୃତ୍ରିମ-ବୁଦ୍ଧିମତ୍ତାଯୁକ୍ତ ପ୍ରବିଧିଟି ଭେଟି ଦେଲେ। ଏବେ ସେ ଦେଇଛନ୍ତି ଏହାର ନୂଆ ସଂସ୍କରଣ ଚାଟ୍‌ଜିପିଟି-୫। କିନ୍ତୁ ବିଚିତ୍ର କଥାଟି ହେଉଛି ଯେ ଏ ବିଜ୍ଞାନୀ ଯନ୍ତ୍ରୀ-ବିଶାରଦ ଜଣକ ମଝିରେ ମଝିରେ କୃତ୍ରିମ ବୁଦ୍ଧିମତ୍ତା(ଏଆଇ)ର ସମ୍ଭାବ୍ୟ ବିପଜ୍ଜନକ ପ୍ରଭାବ ସମ୍ପର୍କରେ ଅଚ୍ୟୁତ-ବଚନମାନ ଆମକୁ ଶୁଣାଇ ଏକପ୍ରକାର ସନ୍ତ୍ରସ୍ତ କରି ଚାଲିଛନ୍ତି। ଜଣାଯାଉଛି ଏ ବୁଦ୍ଧିମାନ ବ୍ୟକ୍ତି ଜଣକ ଏକାଥରକେ ଦୁଇଟି ଗୁରୁଦାୟିତ୍ୱ ନିଜ କାନ୍ଧ ଉପରକୁ ନେଇଯାଇଛନ୍ତି। ପ୍ରଥମଟି ହେଉଛି- ଏଆଇ ପ୍ରବିଧିମାନଙ୍କର ଉତ୍ତରୋତ୍ତର ବିକାଶ ଓ ବହୁଳ ବ୍ୟବହାର ନିଶ୍ଚିତ କରି ମାନବ ଜାତିର ତଥାକଥିତ କଲ୍ୟାଣ ସାଧନ କରିବା; ନିରବଚ୍ଛିନ୍ନ ପ୍ରଗତି ଓ ସମୃଦ୍ଧିର ଯେଉଁ ସ୍ୱପ୍ନ ମଣିଷ ତା'ର ସଭ୍ୟତାର ଉଷାକାଳରୁ ଦେଖିଆସିଛି, ଅଥଚ ଏ ପର୍ଯ୍ୟନ୍ତ ପୂର୍ଣ୍ଣମାତ୍ରାରେ ସାକାର କରିପାରିନାହିଁ, ଏବେ ତା'ହାତରେ ଏଆଇ ପ୍ରବିଧିମାନ ଧରାଇ ଦେଇ ତାକୁ ତା'ର ସେଇ ସ୍ୱପ୍ନ ସାକାର କରିବା ପାଇଁ ସମର୍ଥ କରିବା। ମଣିଷ ଜାତିର ଅନ୍ୟତମ ତ୍ରାଣକର୍ତ୍ତାଟିଏ ସାଜିବାର ମହତ୍ତ୍ୱାକାଂକ୍ଷା ପୋଷଣ କରିଛନ୍ତି ସେ ସତେଯେପରି! ଏ ଦାୟିତ୍ୱଟି ଖୁବ୍ ନିଷ୍ଠାପର ଭାବରେ ସେ ନିର୍ବାହ କରିଚାଲିଥିବା ସହିତ ଅନ୍ୟ ଯେଉଁଟି ନିର୍ବାହ କରିବାକୁ ସେ ସମପ୍ରକାର ନିଷ୍ଠା ପ୍ରଦର୍ଶନ କରି ଆସୁଛନ୍ତି, ସେଥିରୁ ତାଙ୍କର ଉଦ୍ଦେଶ୍ୟଟି ପ୍ରକୃତରେ କ'ଣ ସେଥିନେଇ ଘୋର ଦ୍ୱନ୍ଦ୍ୱ ଓ ସନ୍ଦିଗ୍ଧତାରେ ଆମକୁ ପକାଇ ଦେଇଥାଏ। ଏଇ ମାତ୍ର ଗୋଟିଏ କି ଦୁଇଟି ସପ୍ତାହ ତଳେ ସେ 'ଚାଟ୍‌ଜିପିଟି -୫'ର ଉଦ୍‌ଘାଟନ ସମୟରେ ଦ୍ୱିତୀୟ ଗୁରୁ ଦାୟିତ୍ୱଟି ନିର୍ବାହ କରିବା ବେଳେ ଆପାଣାକୁ ଦୋଷବୋଧର ଜ୍ୱଳନରୁ ମୁକ୍ତ କରିବାକୁ କିପରି ପ୍ରୟାସଟିଏ କରିଛନ୍ତି ଆସନ୍ତୁ ଜାଣିବା।

ସେହି ଅବସରରେ ଏ କରିତ୍‌କର୍ମା ଜଣକ କହିଦେଲେ, 'ମୁଁ ଏହି ଏଆଇ ବଟ୍‌ର ଅତୁଳନୀୟ ଶକ୍ତି ଦେଖି ଆତଙ୍କିତ। ମୁଁ ଭାବୁଛି ଏହା ଏକ 'ମାନ୍‌ହାଟେନ୍ ପ୍ରୋଜେକ୍ଟ'ର ମୁହୂର୍ତ୍ତ'। ୧୯୪୨ ମସିହାରେ ଯୁକ୍ତରାଷ୍ଟ୍ର ଆମେରିକା ଆରମ୍ଭ କରିଥିଲା ମାନ୍‌ହାଟେନ୍ ପ୍ରୋଜେକ୍ଟ, ଆଇନଷ୍ଟାଇନଙ୍କ ବାରଣ ସତ୍ତ୍ୱେ। ଏହି ଅବିମୃଶ୍ୟକାରୀ ଯୋଜନାର ଫଳଶ୍ରୁତି ଥିଲା ପରମାଣୁ ବୋମା। ଅଲ୍‌ଟାମାନ୍ ଚାଟ୍‌ଜିପିଟି-୫କୁ ପରମାଣୁ ବୋମା ଭଳି ମାରାତ୍ମକ କହି ଆମମାନଙ୍କୁ ଅବଶ୍ୟ ଚେତାବନୀଟିଏ ଦେଇଛନ୍ତି, ମାତ୍ର ସତ କଥାଟି ହେଉଛି ସେ ଏପରି କହି ଆପଣାକୁ ଦୋଷବୋଧରୁ ମୁକ୍ତ କରିବାର ଅସାଧୁ ପ୍ରୟାସଟିଏ କରିଛନ୍ତି। ସେ ଅଧାସତ କହିଛନ୍ତି। ପରମାଣୁ ବୋମା ଯେଉଁ ସଂହାରଲୀଳା ସୃଷ୍ଟି କରିବ, ତା'ର ଭୟାବହତା ଦେଖିବା ପାଇଁ ମଣିଷ ନଥିବ। ମାତ୍ର ବର୍ତ୍ତମାନର ରକ୍ତବୀର୍ଯ୍ୟ କୃତ୍ରିମ ବୁଦ୍ଧିମତ୍ତାର ଧ୍ୱଂସାତ୍ମକତାର ବୀଭତ୍ସ ରୂପକୁ ହୁଏତ ହଠାତ୍ କେହି ଦେଖିପାରିବେ ନାହିଁ କି ଅନୁଭବ କରିପାରିବେ ନାହିଁ। ଏହାର ରାହୁଛାୟା ଧୀରେ ଧୀରେ ଗ୍ରାସ କରିଚାଲିବ ଆମକୁ। ଆମେ ବଞ୍ଚିରହିଥିବା ଓ ସ୍ୱଚକ୍ଷୁରେ ଦେଖି ଚାଲୁଥିବା ସେ ଛାୟାର କ୍ରମବିସ୍ତାର ଆମ ଜୀବନର ପ୍ରତିଟି ମଞ୍ଚରେ। ଯେଉଁସବୁ ମଞ୍ଚରେ ଆମେ ଅପୂର୍ବ କଳାତ୍ମକତାର ସହ ଅଭିନୟମାନ କରିଚାଲିଥିଲେ, ସେଇଠି ଏଣିକି ଅଭିନୟ କରୁଥିବେ ଏଆଇ ପ୍ରବିଧିମାନ ଓ ଆମେ ନିରୋଳା ବିମୂଢ଼ତା, ଅସହାୟତାର ସହ ଠିଆ ହୋଇ ରହିଥିବା ନିର୍ବେଦ ଦର୍ଶକ ହୋଇ। ମରଣ ନୁହେଁ, ଜୀବନ୍ତ ମରଣର ମଞ୍ଚଚିରା ଯନ୍ତ୍ରଣାଭୋଗ କରି ଚାଲୁଥିବା ଆମେ।

କେବଳ ସାମ୍ ଅଲ୍‌ଟାମାନ୍ ନୁହନ୍ତି, ଆହୁରି ବେଶ୍ କେତେଜଣ ତଥାକଥିତ ପ୍ରଚଣ୍ଡ ମେଧାସମ୍ପନ୍ନ ବିଜ୍ଞାନୀ ରାତିଦିନ ଶକ୍ତିଶାଳୀରୁ ଅସାଧାରଣ ଶକ୍ତିଶାଳୀ ଏଆଇ ପ୍ରବିଧିମାନ ନିର୍ମାଣ କରିଚାଲିବା ସଙ୍ଗେ ସଙ୍ଗେ ପ୍ରାୟ ପ୍ରତି ସପ୍ତାହରେ ସେମାନଙ୍କ ମଧ୍ୟରୁ କେହି କେହି ମଧ୍ୟ କହିଥା'ନ୍ତି- 'ଏଆଇ ମଣିଷକୁ ଦିନେ ପୂରାପୂରି ଅଲୋଡ଼ା, ଅନାବଶ୍ୟକ କରିଦେବାର ବିମର୍ଷକର ଆଶଙ୍କାକୁ ଅସ୍ୱୀକାର କରାଯାଇ ନ ପାରେ।' ଅତ୍ୟାଧୁନିକ ପ୍ରଯୁକ୍ତିବିଦ୍ୟାର ଏହି ବିଶେଷଜ୍ଞ, ବିଶାରଦମାନଙ୍କୁ ନରନାରାୟଣ ଭାବରେ ଅସରନ୍ତି ଶ୍ରଦ୍ଧାସୁମନ ବାଢୁଥିବା ଥୋକେ ଭକ୍ତ ହୁଏତ କହିବେ - 'ଆହା, ମାନବସମାଜର ସମୃଦ୍ଧି ପାଇଁ ନିଜ ନିଜର ସୁଖଶାନ୍ତିକୁ ବିସର୍ଜନ ଦେଇଥିବା ଅଲ୍‌ଟାମାନ୍ ବା ମସ୍କମାନଙ୍କ ଭିତରେ ଏଆଇକୁ ନେଇ ଏ ଯେଉଁ ଅନ୍ତଦ୍ୱର୍ନ୍ଦ୍ୱଜନିତ ମାନସିକ ସଂଘାତ, ଏହା ସେମାନଙ୍କ ନିରୁତା ମଣିଷପଣିଆ, ସେମାନଙ୍କ ସମ୍ବେଦନଶୀଳ ଅନ୍ତର୍ସତ୍ତାର ନିର୍ଭୁଲ ପ୍ରମାଣ'।

ନା ଏହା ଆଦୌ ସତ ଅନ୍ତଦ୍ୱର୍ନ୍ଦ୍ୱ ନୁହେଁ। ଏହା ସେମାନେ ମଞ୍ଚସ୍ଥ କରୁଥିବା ନାଟକର ଚିତ୍ରନାଟ୍ୟ ମାତ୍ର। ଏ ନାଟକ ହେଉଛି ଏକ ବୃହତ୍ କର୍ପୋରେଟ୍ ଖେଳ। ଏହା 'ମେସିନ୍ ବନାମ ମଣିଷ' ଯୁଦ୍ଧ କି ଦ୍ୱନ୍ଦ୍ୱ ନୁହେଁ। ଏହା ହେଉଛି ହାତଗଣତି କେତେଜଣ ମେଧାସମ୍ପନ୍ନ ଅଥଚ ପ୍ରଚଣ୍ଡ ସ୍ୱାର୍ଥୀ, ଚତୁର ପ୍ରଯୁକ୍ତିବିଦ୍ୟା ବିଶାରଦ ଏବଂ ଅର୍ବପତି ବ୍ୟବସାୟୀ (ତଥାକଥିତ ଏଲିଟ୍) ବନାମ କୋଟି କୋଟି ଅଳ୍ପ ମେଧାସମ୍ପନ୍ନ ଶିକ୍ଷିତ, ସାକ୍ଷର କି ପୂରାପୂରି ନିରକ୍ଷର ଜନସାଧାରଣଙ୍କ ମଧ୍ୟରେ ଅନ୍ତଃସଂଘାତ। ଯୁଗ ଯୁଗ ଧରି ସୀମାନ୍ତରିତ ହୋଇରହିଥିବା ଅଗଣିତ ଦରିଦ୍ର, ସମ୍ବଳହୀନମାନେ, ଯେଉଁମାନଙ୍କ ପାଖରେ ବିଜ୍ଞାନ ବା ପ୍ରଯୁକ୍ତିବିଦ୍ୟାରେ ଦକ୍ଷତା ଅର୍ଜନ କରିବା ପାଇଁ ଆବଶ୍ୟକ ସୂକ୍ଷ୍ମ ବୁଦ୍ଧିମତ୍ତା ନାହିଁ କିମ୍ବା ସେମାନଙ୍କ ପାଇଁ ସୁଲଭ ହେବାକୁ ଯାଉଥିବା ଏଆଇ ବଟ୍ ବା ପ୍ରବିଧିମାନଙ୍କର ବ୍ୟବହାର, ପରିଚାଳନା ପାଇଁ ଲୋଡ଼ା ପଡୁଥିବା କଳାକୌଶଳ ନାହିଁ, ସେମାନେ ଆହୁରି ଆହୁରି ସୀମାନ୍ତରିତ ହୋଇଚାଲିବେ ଏବଂ ଏଆଇର ଅର୍ବପତି ବିଜ୍ଞାନୀ ଓ ବ୍ୟବସାୟୀମାନଙ୍କ କୋମଳ ଶୋଷଣର ବିକଳ ଶରବ୍ୟ ହୋଇ ନିଃଶବ୍ଦ ଆର୍ତ୍ତନାଦ ହିଁ କରି ଚାଲିବେ। ବିବ୍ରତକର ଏ ସତ୍ୟଟି ଜାଣି ମଧ୍ୟ କାହିଁକି ଯେ ଆମେ ପ୍ରତ୍ୟେକ 'ଗିନ୍ ପିଗ୍' ସାଜିବାକୁ ସଜବାଜ ହୋଇ ରହୁଛେ ଏବଂ କାହିଁକି ଏ ପ୍ରକାର ଅସହ୍ୟ ନିରବତା ଅବଲମ୍ବନ କରି ଚାଲିଛେ, ତାହା ବୁଝିବା ଦୁରୁହ।

ଏଆଇ ମଣିଷର ସାମର୍ଥ୍ୟ ଓ ଦକ୍ଷତାକୁ ବହୁଗୁଣିତ କରିଦେବ ବୋଲି ଯେଉଁ ଆଶ୍ୱାସନାଟି ଆମକୁ ଦିଆଯାଇଚାଲିଛି, ତାହା କେତେ ନିରାଧାର ଜଣାପଡ଼ିସାରିଲାଣି ଏଇ କେତୋଟି ଦିନ ମଧ୍ୟରେ। କ୍ଷମତାଧାରୀ ଓ କ୍ଷମତାହୀନ, ଥିଲା ବାଲା ଓ ନଥିଲାବାଲାମାନଙ୍କ ମଧ୍ୟରେ ଏକ ବିରାଟ ବିଭାଜନ ଏଆଇ ସୃଷ୍ଟି କରିବାର ଯଥେଷ୍ଟ ପ୍ରାକ୍-ଆଭାସ ଆମେ ପାଇ ସାରିଲେଣି। ଦୁଃଖଦ ବିଡ଼ମ୍ବନାଟି ହେଉଛି ଯେ ଆମ ବୁଦ୍ଧିଜୀବୀ ଓ ରାଜନୈତିକ କ୍ଷମତାଧାରୀମାନେ ଗୋଟିଏ ମୁହଁରେ ଗଣତାନ୍ତ୍ରିକ ସମାନତା, ସାର୍ବଜନୀନ ଅର୍ଥନୈତିକ ସମାନତା କଥା କହୁଥିବା ବେଳେ ଘୋର ବୈଷମ୍ୟ ଓ ଅସମାନତା ସୃଷ୍ଟି କରିବାକୁ ଯାଉଥିବା ଏଆଇର ପ୍ରସ୍ତୁତି ଓ ବ୍ୟାପକ ବ୍ୟବହାରକୁ ରୀତିମତ ପ୍ରୋତ୍ସାହନ ଦେଇ ଚାଲିଛନ୍ତି। କାହିଁକି ଯେ ଆମେ ଏଇ ଅଲ୍‌ଟାମାନ୍, ମସ୍କମାନଙ୍କୁ କହୁନାହେଁ ଯେ ଯେତିକି ଶକ୍ତିଶାଳୀ ଏଆଇ ପ୍ରବିଧିମାନ ସେମାନେ ଦେଇ ସାରିଛନ୍ତି, ସେତିକିରେ ସେମାନେ ସନ୍ତୁଷ୍ଟ ରୁହନ୍ତୁ; ଆହୁରି ଅଧିକ ଶକ୍ତିଶାଳୀ ଓ ଚେତନାଯୁକ୍ତ (ଏଜିଆଇ) ପ୍ରବିଧିମାନ ନିର୍ମାଣ କରିବା ପାଇଁ ସେମାନେ ଚଳାଇ ରଖିଥିବା ସମସ୍ତ ପ୍ରକାର ଗବେଷଣା ଓ ପରୀକ୍ଷଣ ଉପରେ ପୂର୍ଣ୍ଣଚ୍ଛେଦଟିଏ ପକାଇ ଦିଅନ୍ତୁ; ଏହା ସହଜରେ ବୁଝି ହୁଏନା।

ନିର୍ଦ୍ଦିଷ୍ଟ ଭାବରେ ସାମ୍ ଅଲ୍‌ଟାମାନଙ୍କୁ କାହିଁକି କହୁନାହେଁ - "ଆପଣ ଚାଟ୍‌ଜିପିଟି-୫କୁ ପରମାଣୁ ବୋମା ସହ ତୁଳନା କରିଥିବାରୁ ଅଶେଷ ଧନ୍ୟବାଦ। ଅନୁରୋଧ, ଆପଣଙ୍କ 'ଓପେନ୍ ଏଆଇ' ଗବେଷଣାଗାରକୁ ଏଥର କେବଳ ଏଆଇ କିପରି ପୂରାପୂରି କଲ୍ୟାଣକର ହେବ, କିପରି ସର୍ବଜନହିତାୟ ହେବ, ସେହି କାମଟିରେ ଲଗାଇ ଦିଅନ୍ତୁ। ସତରେ ଯଦି ଆପଣ ମାନବଜାତିର ମଙ୍ଗଳ ଚାହୁଁଛନ୍ତି, ତେବେ ନିଜର ଅମିତ ଉଚ୍ଚାକାଂକ୍ଷାରେ ଲଗାମ୍ ଦେଇ ଦିଅନ୍ତୁ ଏବଂ ଆପଣଙ୍କ ସମଧର୍ମାମାନଙ୍କୁ ବି ସେମାନଙ୍କ 'ମାନ୍‌ହାଟ୍‌ନ୍ ପ୍ରୋଜେକ୍ଟ'ଗୁଡ଼ିକରୁ ଓହରି ଆସିବାକୁ ପରାମର୍ଶ ଦିଅନ୍ତୁ। ଅନୁରୋଧ, ମଣିଷକୁ ତା' ନିଜ ଜୀବନ ଓ ସଭ୍ୟତାର ମଙ୍ଗ ଧରିବାକୁ ଦିଅନ୍ତୁ, ଯେମିତି ସେ ଧରି ଆସିଛି ଦୀର୍ଘ ପାଞ୍ଚ ହଜାରରୁ ଊର୍ଦ୍ଧ୍ୱ ବର୍ଷ ଧରି। ଏକବିଂଶ ଶତାବ୍ଦୀ ଓ ପର ଶତାବ୍ଦୀଗୁଡ଼ିକରେ ସକ୍ରେଟିସ୍, ବୁଦ୍ଧ, କଲମ୍ବସ, ଗାନ୍ଧୀ, ଆଇନ୍‌ଷ୍ଟାଇନ, ଟଲଷ୍ଟୟ, ବିଥୋଭେନ୍, କାଳିଦାସ, ଭର୍ତ୍ତୃହରି ଓ ସେକ୍‌ସପିୟରମାନେ ଜନ୍ମ ନିଅନ୍ତୁ; ମଣିଷର ସହଜାତ ପ୍ରତିଭା, ମଣିଷର ସହଜାତ ଚେତନା ମଣିଷର ହୋଇ ରହୁ, ଏଆଇର ନୁହେଁ। ମଣିଷକୁ କବନ୍ଧପ୍ରାୟ କରିବାର ଏ ଯେଉଁ ନିଶା ଆପଣଙ୍କୁ ଓ ଆପଣଙ୍କ ସତୀର୍ଥମାନଙ୍କୁ ଘାରିଛି, ସେ ନିଶାର ଶେଷ ହେଉ।"

(ଅବସରପ୍ରାପ୍ତ ଇଂରାଜୀ ପ୍ରାଧ୍ୟାପକ)
କୋଟିଆଁ ବାରଙ୍ଗ, ମୋ: ୯୮୫୩୩୫୫୧୦୭

# ଓଡ଼ିଶାରେ ସବୁଜ ଅର୍ଥନୀତିର ଭବିଷ୍ୟତ

**ଆଦିତ୍ୟ ମାଲହୋତ୍ରା**

ପ୍ରଧାନମନ୍ତ୍ରୀଙ୍କ ଦ୍ୱାରା ଜୁନ୍ ମାସରେ ଉନ୍ମୋଚିତ 'ଓଡ଼ିଶା ଭିଜନ ଡକ୍ୟୁମେଣ୍ଟ'ରେ ୨୦୩୬ ସୁଦ୍ଧା ରାଜ୍ୟକୁ ୫୦୦ ବିଲିୟନ ଆମେରିକୀୟ ଡଲାରର ଅର୍ଥନୀତି ଏବଂ ୨୦୪୭ ସୁଦ୍ଧା ୧.୫ ଟ୍ରିଲିୟନ ଆମେରିକୀୟ ଡଲାରର ଅର୍ଥନୀତିରେ ପରିଣତ କରିବା ପାଇଁ ଏକ ରୋଡମ୍ୟାପ୍ ପ୍ରସ୍ତୁତ କରାଯାଇଛି। ଏହି ଲକ୍ଷ୍ୟ ହାସଲ କରିବା ପାଇଁ ୨୦୪୭ ସୁଦ୍ଧା ଓଡ଼ିଶାକୁ ୧୦୦ ଲକ୍ଷ କୋଟି ଟଙ୍କାର ନିବେଶ ଆବଶ୍ୟକ ହେବ ଏବଂ ଏହାର ଏକ ପ୍ରମୁଖ ଅଂଶ ସବୁଜ ଅର୍ଥନୀତି ଆଡ଼କୁ ପ୍ରବାହିତ ହେବ। ଏକ ସବୁଜ ଅର୍ଥନୀତି ଓଡ଼ିଶାର ଅର୍ଥନୀତିକୁ ଅଭିବୃଦ୍ଧି କରିବା ସହିତ ପରିବେଶକୁ ସୁରକ୍ଷିତ ରଖିବ ଏବଂ ନିଯୁକ୍ତି ସୃଷ୍ଟି କରିବ, ଯଦ୍ୱାରା ବିବିଧତା ଓ ଅଭିବୃଦ୍ଧି ଲକ୍ଷ୍ୟକୁ ପୂରଣ କରାଯାଇପାରିବ।

ସବୁଜ ଅର୍ଥନୀତି, ଏକ ନୂତନ ଅର୍ଥନୈତିକ ସଂସ୍କରଣ, ଯାହା ସ୍ୱଚ୍ଛ ଶକ୍ତି କ୍ଷେତ୍ର ଅପେକ୍ଷା ବହୁତ ବଡ଼। ଏଥିରେ ପୁନଃଚକ୍ରିକରଣ ଅର୍ଥନୀତି, ଜୈବ-ଅର୍ଥନୀତି ଓ ପ୍ରକୃତି-ଆଧାରିତ ସମାଧାନ ଭଳି ନୂତନ କ୍ଷେତ୍ର ଅନ୍ତର୍ଭୁକ୍ତ। ଶକ୍ତି, ପରିବେଶ ଓ ଜଳ ପରିଷଦ (ସିଇଇଡବ୍ଲୁ) ଦ୍ୱାରା କରାଯାଇଥିବା ଗବେଷଣା, ଯାହା ରାଜ୍ୟ ସହିତ ଏକ ନେଟ୍-ଶୂନ୍ୟ କାର୍ବନ ରୋଡମ୍ୟାପ୍ ପ୍ରସ୍ତୁତ କରିବା ପାଇଁ କାର୍ଯ୍ୟ କରୁଛି, ସମ୍ପ୍ରତି ଆକଳନ କରିଛି ଯେ ଯଦି ଓଡ଼ିଶା ଏକ ସବୁଜ ଅର୍ଥନୀତିରେ ନିବେଶ କରେ, ତେବେ ଏହା ୧୦ ଲକ୍ଷରୁ ଅଧିକ ନିଯୁକ୍ତି ସୃଷ୍ଟି କରିପାରିବ। ରାଜ୍ୟର ଜିଡିପିରେ ୨ ଲକ୍ଷ କୋଟି ଟଙ୍କା ଯୋଡ଼ିପାରିବ ଏବଂ ୨୦୩୦ ସୁଦ୍ଧା ୩.୫ ଲକ୍ଷ କୋଟି ଟଙ୍କା ନିବେଶ ଆଣିପାରିବ। ଏହାର ଅର୍ଥ ହେଉଛି ଯେ ଓଡ଼ିଶାର ଜିଡିପିର ଅତିରିକ୍ତ ୨୦ ପ୍ରତିଶତରୁ ଅଧିକ ସବୁଜ କ୍ଷେତ୍ରରୁ ଆସିପାରିବ ଏବଂ ନିଯୁକ୍ତି ସୃଷ୍ଟି ମଧ୍ୟ କରିପାରିବ।

ରାଜ୍ୟ ସରକାର ଏହି କ୍ଷେତ୍ରର ବିକାଶ ପାଇଁ ଅନେକ ପଦକ୍ଷେପ ନେବା ଆରମ୍ଭ କରିସାରିଛନ୍ତି। ଓଡ଼ିଶାର ମହତାକାଂକ୍ଷୀ ସବୁଜ କ୍ଷେତ୍ରର ଅଭିବୃଦ୍ଧିକୁ ସମର୍ଥନ କରିବା ପାଇଁ ଏଠାରେ ତିନୋଟି ଉପାୟ ଅଛି। ପ୍ରଥମେ, ଓଡ଼ିଶାର ନିବେଶ ନୀତିଗୁଡ଼ିକ ସବୁଜ ଶକ୍ତି ନିବେଶକଙ୍କ ମଧ୍ୟରେ ବିଶ୍ୱାସ ସୃଷ୍ଟି କରିବା ଆବଶ୍ୟକ। ରାଜ୍ୟର ମହତାକାଂକ୍ଷୀ ଶିଳ୍ପ ନୀତି ସଂକଳ୍ପ ପୂର୍ବରୁ ସବୁଜ ଶକ୍ତି, ସବୁଜ ଉଦ୍‌ଜାନ ଓ ଜୈବିପ୍ରଯୁକ୍ତି ବିଦ୍ୟା ଭଳି ପ୍ରମୁଖ କ୍ଷେତ୍ର ପାଇଁ ୩୦ ପ୍ରତିଶତ ପର୍ଯ୍ୟନ୍ତ ପୁଞ୍ଜି ରିହାତି ସହିତ ଆର୍ଥିକ ଲାଭ ପ୍ରଦାନ କରେ। କିନ୍ତୁ ଉଦ୍ୟୋଗୀମାନଙ୍କୁ ଯୋଗ୍ୟ ହେବା ପାଇଁ ପୁନଃଚକ୍ରିକରଣ ଅର୍ଥନୀତି, ଜୈବ-ଅର୍ଥନୀତି ଓ ପ୍ରକୃତି-ଆଧାରିତ ଆହ୍ୱାନଗୁଡ଼ିକୁ ନିର୍ଦ୍ଦିଷ୍ଟ ଭାବରେ ଉଲ୍ଲେଖ କରାଯିବା ଆବଶ୍ୟକ।

ଲିଥିୟମ୍-ଆୟନ୍ ବ୍ୟାଟେରୀ ପୁନଃଚକ୍ରଣ ଏବଂ ଜୈବ-ଆଧାରିତ ଉତ୍ପାଦନ ଭଳି ଶିଳ୍ପଗୁଡ଼ିକ ପାଇଁ ଅଧିକ ପୁଞ୍ଜି ନିବେଶ ଆବଶ୍ୟକ। ଦ୍ୱିତୀୟତଃ, ଓଡ଼ିଶା ସବୁଜ କ୍ଷେତ୍ର ପାଇଁ ଯୋଗାଣ ଶୃଙ୍ଖଳ ହେବା ନିମନ୍ତେ 'ହବ୍ ଓ ସ୍ପୋକ୍' ମଡେଲ୍ ବିକଶିତ କରିବା ଉଚିତ। ଏକ କେନ୍ଦ୍ରୀୟ ହବ୍ ନିକଟସ୍ଥ ଅଞ୍ଚଳର ଛୋଟ ଉତ୍ପାଦକଙ୍କଠାରୁ ସାମଗ୍ରୀ ସଂଗ୍ରହ ଓ ପ୍ରକ୍ରିୟାକରଣ କରେ। ସେମାନଙ୍କୁ ବଡ଼ ବଜାର ସହିତ ସଂଯୋଗ କରିବାରେ ସାହାଯ୍ୟ କରେ। ଓଡ଼ିଶାରେ ପୂର୍ବରୁ ଡେରାସରେ ସାମୁଦ୍ରିକ ଖାଦ୍ୟ ପାର୍କ ଭଳି ଉଦାହରଣ ଅଛି। କିନ୍ତୁ ଏହା ଆହୁରି ଆଗକୁ ଯାଇପାରିବ। ଉଦାହରଣ ସ୍ୱରୂପ, ତାମିଲନାଡୁରେ ଏକ ବହୁମୁଖୀ ସାମୁଦ୍ରିକ ଖାଦ୍ୟ ପାର୍କ ଏକ ହବ୍ ଭାବରେ କାର୍ଯ୍ୟ କରେ ଏବଂ ଉପକୂଳରେ ଛୋଟ ସାମୁଦ୍ରିକ ଖାଦ୍ୟ ଫାର୍ମଗୁଡ଼ିକୁ ସମର୍ଥନ କରେ। ଏହି ପାର୍କ ସ୍ଥାନୀୟ ସମ୍ପ୍ରଦାୟ ପାଇଁ ଏକ ଗବେଷଣା ଓ ତାଲିମ କେନ୍ଦ୍ର ଭାବରେ ମଧ୍ୟ କାର୍ଯ୍ୟ କରେ। ଏହି ମଡେଲ୍ ଅନ୍ୟ ସ୍ଥାନରେ ଭଲ କାମ କରିଛି। ଜର୍ମାନୀରେ କଫି ବର୍ଜ୍ୟରୁ ଜୈବ-ଉତ୍ପାଦ ତିଆରି କରିବାଠାରୁ ଆରମ୍ଭ କରି କର୍ଣ୍ଣାଟକରେ କୃଷି-ଆବର୍ଜନାରୁ ଇଥାନଲ୍ ଉତ୍ପାଦନ ପର୍ଯ୍ୟନ୍ତ।

ତୃତୀୟତଃ, ରାଜ୍ୟ ସବୁଜ ଉତ୍ପାଦର ଚାହିଦା ବୃଦ୍ଧି କରିପାରିବ। ଗୋଟିଏ ଉପାୟ ହେଉଛି ସରକାରୀ ପ୍ରକଳ୍ପରେ ସବୁଜ ଶକ୍ତି ସାମଗ୍ରୀ କିଣିବା ପାଇଁ ସ୍ପଷ୍ଟ ନିୟମ ସ୍ଥିର କରିବା। ସରକାରୀ ଓ ଘରୋଇ କ୍ଷେତ୍ର ଉଭୟ ବିଭାଗକୁ ପ୍ରାକୃତିକ ଝଡ଼ ପ୍ରତିରୋଧୀ ଭାବରେ ହେନ୍ତାଳ ବନ, ଜୈବ-ସାର, ବାଉଁଶ ଫର୍ଣ୍ଣିଚର ଭଳି ଉତ୍ପାଦର ସର୍ବନିମ୍ନ ଅଂଶ ବ୍ୟବହାର କରିବାକୁ କୁହାଯାଇପାରେ। ଏହା ଭାରତର ଜାତୀୟ ପରିବେଶ ନୀତି ୨୦୦୬କୁ ଅନୁସରଣ କରେ, ଯାହା ବିଶେଷକରି ସରକାରୀ କ୍ଷେତ୍ର ଦ୍ୱାରା ପରିବେଶ ଅନୁକୂଳ ସାମଗ୍ରୀ କିଣିବାକୁ ଉତ୍ସାହିତ କରେ। ସରକାରୀ ବିଭାଗ, ଏମଏସଏମଇ ଏବଂ ଅନ୍ୟାନ୍ୟ କମ୍ପାନୀଗୁଡ଼ିକର ଆବଶ୍ୟକତା ପୂରଣ କରିବା ପାଇଁ ଓଡ଼ିଶା ଏକ ସବୁଜ ଚାହିଦା ସଂଗ୍ରହକାରୀ ପ୍ଲାଟଫର୍ମ ସୃଷ୍ଟି କରିପାରିବ। ଏହି ଧାରଣା ଭାରତର ରୁଫ୍ ଟପ୍ ସୋଲାର କ୍ଷେତ୍ରରେ ଭଲ କାମ କରିଛି। ଏହା ନବୀକରଣୀୟ ଶକ୍ତି ସମାଧାନର ଚାହିଦାକୁ ମିଶ୍ରଣ କରି ଖର୍ଚ୍ଚ ହ୍ରାସ କରିବା ଏବଂ ବ୍ୟବହାର ବୃଦ୍ଧି କରିବାରେ ସାହାଯ୍ୟ କରିଛି। ଏବେ ଶୂନ୍ୟ-ନିର୍ଗମନ ପରିବହନ ଇନ୍ଧନ ଏବଂ ଇକୋସିଷ୍ଟମ ସେବା ଯୋଗାଣକାରୀ ଭଳି ସ୍ଥାୟୀ ସମାଧାନ ପାଇଁ ମଧ୍ୟ ଚାହିଦା ସଂଗ୍ରହ ବ୍ୟବହାର କରାଯାଉଛି, ବିଶେଷକରି ପ୍ରକୃତି-ଆଧାରିତ ସମାଧାନକୁ ବୃଦ୍ଧି କରିବାରେ ଏହା ଉପଯୋଗୀ ହୋଇଛି।

୨୦୩୦ ସୁଦ୍ଧା ଓଡ଼ିଶାର ଅର୍ଥନୈତିକ ଉତ୍ପାଦନର ୨୦ ପ୍ରତିଶତକୁ ସବୁଜରେ ପରିଣତ କରିବା ଏକ ସାହସିକ ଲକ୍ଷ୍ୟ। କିନ୍ତୁ ଏହା ହାସଲ କରାଯାଇପାରିବ, ଯଦି ରାଜ୍ୟ ସବୁଜ କ୍ଷେତ୍ରରେ ସଠିକ୍ ନିବେଶକୁ ଆକର୍ଷିତ କରେ। ଏହା କେବଳ ନିଯୁକ୍ତି ଓ ଅଭିବୃଦ୍ଧିକୁ ନିଶ୍ଚିତ କରିବ ନାହିଁ ବରଂ ଏକ ସ୍ୱଚ୍ଛ, ଦୃଢ଼ ଓ ସ୍ଥାୟୀ ଭବିଷ୍ୟତ ମଧ୍ୟ ନିର୍ମାଣ କରିପାରିବ।

(ଶକ୍ତି, ପରିବେଶ ଓ ଜଳ ପରିଷଦର ପ୍ରୋଗ୍ରାମ ଆସୋସିଏଟ୍)
ନୂଆଦିଲ୍ଲୀ, ମୋ: ୯୩୧୩୧୨୯୯୪୧

# ତିବ୍ବତରେ ଲାମା

**ପ୍ରବୀର କୁମାର ପଟ୍ଟନାୟକ**

ପୂର୍ବପ୍ରକାଶିତ ଉତ୍ତାରୁ...

'ଲାମା'ବାଦ ଭାରତୀୟ ମହାଯାନ ବୌଦ୍ଧଧର୍ମର ଏକ କ୍ରମାନୁବୃତ୍ତି ପରମ୍ପରା, ଯେଉଁଥିରେ ସମସ୍ତ ଧାର୍ମିକ ତଥା ଆଧ୍ୟାତ୍ମିକ କାର୍ଯ୍ୟକଳାପରେ ଗୁରୁହିଁ ମୁଖ୍ୟ ତଥା କେନ୍ଦ୍ରସ୍ଥାନୀୟ। ଏହି ସମ୍ପର୍କ ରକ୍ତ ସମ୍ପର୍କଠାରୁ ଅଧିକ ଶକ୍ତିଶାଳୀ ଓ ଗୁରୁତ୍ୱପୂର୍ଣ୍ଣ ମଧ୍ୟ।

**ଦଲାଇଲାମା:** ଏକାଦଶ ଶତାବ୍ଦୀରେ ତିବ୍ବତର ବୌଦ୍ଧ ଧର୍ମାନୁଷ୍ଠାନ ମୁଖ୍ୟମାନେ ଏକ ପୁରୁଷାନୁକ୍ରମିକ କର୍ତ୍ତୃତ୍ୱ ସ୍ଥାପନ କରିବାରେ ସଫଳ ହୋଇଗଲେ। ଏହାଫଳରେ ସେମାନେ ତିବ୍ବତରେ ବିଭିନ୍ନ ଅଞ୍ଚଳର ରାଜା ବା ଶାସକମାନଙ୍କ ଉପରେ ପ୍ରଭୁତ୍ୱ ବିସ୍ତାର କରିବା ଆରମ୍ଭ କଲେ। ଦେଶର ପୁରୋହିତ ମଣ୍ଡଳୀ ତାଙ୍କ ହାତରେ ଉଭୟ ଆଧ୍ୟାତ୍ମିକ ଓ ଶାସକୀୟ ପ୍ରଭୁତ୍ୱ ଠୁଳ କରିବାରେ ସକ୍ଷମ ହୋଇଗଲେ। ଶାସନର ସୁଦୃଢ଼ତା ପାଇଁ କ୍ଷମତା ପରିବର୍ତ୍ତନ କ୍ରମରେ ନିରାପତ୍ତା ତଥା ନିୟମିତତା ପାଇଁ ସେମାନଙ୍କର ନିରବଚ୍ଛିନ୍ନ ଏକାଧିକତ୍ୟତାର ମଧ୍ୟ ଆବଶ୍ୟକତା ପଡ଼ିଲା।



ଯେହେତୁ ରକ୍ଷଣଶୀଳ ବୌଦ୍ଧଧର୍ମରେ ପୁରେହିତମାନଙ୍କ ପାଇଁ ଅନୂଢ଼ ଜୀବନ ବାଧ୍ୟବାଧକତା ଥିଲା, ଏହି ପ୍ରଥାକୁ କ୍ରମେ ଉଚ୍ଛେଦ କରାଯାଇ ପୁରୋହିତମାନେ ବିବାହ କରି ପାରିବାର ନିୟମ ଘୋଷଣା କରାଗଲା।

ଏହି ନୂତନ ପ୍ରଥା କ୍ରମେ ପୁରୋହିତ ମଣ୍ଡଳୀ ପ୍ରତି ଜନସାଧାରଣଙ୍କର ଆସ୍ଥା ଓ ସମ୍ମାନ ନଷ୍ଟ କରି ବସିଲା। ପରିବର୍ତ୍ତୀ ସମୟରେ ଏହି ଜନ ଅସନ୍ତୋଷ

## ଦ୍ୱିତୀୟ-ବୁଦ୍ଧ କଥା

ଏକ ଆନ୍ଦୋଳନରେ ପରିଣତ ହୋଇଗଲା। ପଞ୍ଚଦଶ ଶତାବ୍ଦୀରେ ବିଶିଷ୍ଟ ସମାଜ ସଂସ୍କାରକ ଓ ବୌଦ୍ଧ ସନ୍ନ୍ୟାସୀ ସଂଗ-ଖା-ପାଙ୍କର ଉଦ୍ୟମରେ ଏକ ସଂସ୍କାରିତ ଧର୍ମାନୁଷ୍ଠାନ ମଣ୍ଡଳୀ ଗଠିତ ହୋଇପାରିଥିଲା। ଏହି ନୂତନ ସଂପ୍ରଦାୟ 'ହଳଦିଆ ବା ପୀତବର୍ଣ୍ଣ ଧର୍ମଗୋଷ୍ଠୀ' ଭାବେ ନାମିତ ହେଲା। ପୁରାତନ ଗୋଷ୍ଠୀ 'ଲାଲରଙ୍ଗ ଧର୍ମଗୋଷ୍ଠୀ' ଭାବେ ନାମିତ ହୋଇଥିଲା। ଏ ଘଟଣା ଖ୍ରୀ ୧୪୫୦ କାଳର।

ସଂଗ-ଖା-ପା ଧର୍ମୀୟ ଗୋଷ୍ଠୀରେ ବିଭିନ୍ନ ପ୍ରକାର ନୂଆ ନୂଆ ନୀତିନିୟମ ପ୍ରଚଳନ କଲେ ଏବଂ ଅନେକ ପୁରାତନ ପ୍ରଥାର ଅଦଳବଦଳ କରାଇଲେ। ତାଙ୍କର ମୁଖ୍ୟ ଲକ୍ଷ୍ୟ ଥିଲା ପୁରାତନ ସଂପ୍ରଦାୟକୁ କ୍ଷମତାଶୂନ୍ୟ କରି ନିଜର ନୂତନ 'ହଳଦିଆ ଗୋଷ୍ଠୀ' ହାତରେ ସମସ୍ତ ପ୍ରକାର କ୍ଷମତା ଠୁଳ କରାଇବା। ସଙ୍ଗ-ଖା-ପା ଙ୍କର ଉଦ୍ୟମ ଓ ଲକ୍ଷ୍ୟ ଜନ ସମର୍ଥନ ଓ ସହଯୋଗ ହାସଲ କରି ପାରିଥିଲା ଏବ ତାହା ଏବେ ମଧ୍ୟ ଚାଲୁ ରହିଛି। ସଂଗ-ଖା-ପା ତାଙ୍କର ଏହି ସଂସ୍କାର ଉଦ୍ୟମରେ ଚୀନ ସରକାରଙ୍କ ସମର୍ଥନ ହାସଲ କରିଥିଲେ।

ସଂଗ-ଖା-ପା ତାଙ୍କର ଦୁଇ ପ୍ରଧାନ ଶିଷ୍ୟଙ୍କୁ ସମସ୍ତ କ୍ଷମତାର କେନ୍ଦ୍ର ଭାବରେ ପ୍ରତିଷ୍ଠିତ କରାଇଲେ। ଜଣେ ଶାସନ ମୁଖ୍ୟ ଓ ଅନ୍ୟଜଣକ ଧାର୍ମିକ ମୁଖ୍ୟ। ଶାସନ ମୁଖ୍ୟ ଜଣଙ୍କର ପଦବୀ ହେଲା 'ଦଲାଇ ଲାମା'। ଧାର୍ମିକ ମୁଖ୍ୟଙ୍କ ପଦବୀ ହେଲା 'ପଞ୍ଚେନ୍ ଲାମା'। ଏଇ ଦୁଇ ପଦବୀ କ୍ରମାଗତଭାବେ ଅବତାର ଭିତ୍ତିରେ ପରିବର୍ତ୍ତନ ହେବାର ନୂତନ ଘୋଷଣାନାମା ଜାରି କରାଗଲା। ଏହି ଦୁଇ ପଦବୀରୁ କେହି ଦେହ ତ୍ୟାଗ କଲେ ସେ ସଂଗେ ସଂଗେ ନୂତନ ଜନ୍ମ ଲାଭ କରିବେ। ମଣିଷଭାବେ ପିଢ଼ିକୁ ପିଢ଼ି ଏହି ଭଳି ଦେହ ତ୍ୟାଗ ପରେ ଅନ୍ୟ ଜଣେ ତୁରନ୍ତ ଗାଦିନସୀନ ହେବେ। ଦଲାଇଲାମା 'ଅବଲୋକିତେଶ୍ୱର' ଓ ପଞ୍ଚେନଲାମା 'ମଞ୍ଜୁଶ୍ରୀ'ଙ୍କ ଅବତାର ଭାବେ ପରିଚିତ ହୋଇଛନ୍ତି। ଏହି ଉତ୍ତରାଧିକାରୀ ମୃତ ଲାମାଙ୍କର ଦିବ୍ୟ ପ୍ରତିରୂପ ଭାବେ ଗୃହୀତ ହେଉଛନ୍ତି। ଏହି ପ୍ରଥା ଏପର୍ଯ୍ୟନ୍ତ ମଧ୍ୟ ଜାରି ରହିଛି।

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ନକଲି ସୁନା ଇଟା କାରବାର ରାକେଟ୍‌ର ପର୍ଦ୍ଦାଫାସ୍

### ୫ ଗିରଫ; ନକଲି ସୁନା ଇଟା ସହ ୨ ବାଇକ୍, ୪ ମୋବାଇଲ, ୩ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ଜବତ

ନୀଳଗିରି, ୫।୯ (ସମିସ): ବାଲେଶ୍ୱର ପୁଲିସ୍ ଏକ ନକଲି ସୁନାଇଟା କାରବାର ରାକେଟ୍‌ର ପର୍ଦ୍ଦାଫାସ କରିବା ସହ ୫ ଅଭିଯୁକ୍ତଙ୍କୁ ଗିରଫ କରିଛି । ସେମାନେ ହେଲେ, ନୀଳଗିରି ଥାନା ଅନ୍ତର୍ଗତ ବାଣପୁର ଗ୍ରାମର ବିଷ୍ଣୁ ମହାନ୍ତି, ଧୋବଶିଳା ଗ୍ରାମର ନଳିନୀ ମହାନ୍ତି, ସାରୁପାଳ ଗ୍ରାମର ଆଶିଷ ସ୍ୱାଇଁ, କେନ୍ଦ୍ରାପଡ଼ା ଅଞ୍ଚଳର ମୁନା । ବାଲେଶ୍ୱର ଚାନ୍ଦିପୁର ଅଞ୍ଚଳରୁ ଗିରଫ ଯୁବକଙ୍କ ନାମ ଜଣାପଡ଼ିନାହିଁ । ସେମାନଙ୍କ ନିକଟରୁ ୨ଟି ବାଇକ୍, ୪ଟି ମୋବାଇଲ ସହ ନଗଦ ୩ଲକ୍ଷ ୭୯ହଜାର ଟଙ୍କା ଜବତ କରାଯାଇଛି । ନୀଳଗିରି ଓ ବରହମ୍ପୁର ପୁଲିସ୍ ମିଳିତ ଚଢ଼଼ଉ କରି ଏହି ଅଭିଯୁକ୍ତମାନଙ୍କୁ ଧରିଛନ୍ତି ।

ସୂଚନାନୁଯାୟୀ, ବିଷ୍ଣୁ ଓ ତା'ର ସହଯୋଗୀ ପିତ୍ତଳ ଇଟା ତିଆରି କରି ସେଥିରେ ସୁନାପାଣି ଦେଉଥିଲେ । ତାହାକୁ ସୁନା ଇଟା ଦର୍ଶାଇ କମ୍ ଦାମରେ ଯୋଗାଇଦେବେ ବୋଲି କହି ଲୋକଙ୍କୁ ଚୂନ ମାରୁଥିଲେ । ଏହି କ୍ରମରେ ସେ ଗଞ୍ଜାମ ଜିଲ୍ଲାର ବୈଦ୍ୟନାଥପୁର ଥାନା ଅନ୍ତର୍ଗତ ସେବକନଗର ଗ୍ରାମର କୃଷ୍ଣ ନାୟକଙ୍କୁ ଫସାଇଥିଲେ । ତାଙ୍କୁ କମ୍ ଦାମରେ ସୁନାଇଟା ଦେବ ବୋଲି ବିଷ୍ଣୁ ପ୍ରଲୋଭିତ କରିଥିଲା । ସୁନାଇଟା ଦେବା ପାଇଁ ସେ ତାଙ୍କୁ ବରହମପୁର ଥାନା ଅନ୍ତର୍ଗତ ତେଲିପାଲ ଅଞ୍ଚଳକୁ ଡକାଇଥିଲା । ୧୬ ଲକ୍ଷ ଟଙ୍କାରେ ମୂଲଚାଲ ଛିଡ଼ିଥିଲା । କିନ୍ତୁ ସୁନାଇଟା ଦେବା ପରିବର୍ତ୍ତେ ବିଷ୍ଣୁ ଓ ତା'ର ସହଯୋଗୀମାନେ ସେଠାରେ କୃଷ୍ଣଙ୍କୁ ଆକ୍ରମଣ କରିଥିଲେ । ଜୀବନ ବିକଳରେ କୃଷ୍ଣ ସେଠାରୁ ଦୌଡ଼ି ପଳାଇଥିଲେ । ପରେ ତାଙ୍କୁ ମେଡିକାଲରେ ଭର୍ତ୍ତି କରାଯାଇଥିଲା । ଏ ସଂପର୍କରେ ସେ ୧ ତାରିଖରେ ନୀଳଗିରି ବରହମପୁର ଥାନାରେ ଅଭିଯୋଗ କରିବାରୁ ପୁଲିସ୍ ୧୧୨/୨୫ରେ ଏକ ମାମଲା ରୁଜୁ କରିଥିଲା । ପୁଲିସ୍ ଏହାର ତଦନ୍ତ କରି ମୁଖ୍ୟ ଅଭିଯୁକ୍ତ ବିଷ୍ଣୁଙ୍କୁ ଗିରଫ କରିବା ପରେ ରାକେଟ୍‌ର ପର୍ଦ୍ଦାଫାସ ହୋଇଥିଲା । ନୀଳଗିରି ଆଇଆଇସି ଗୋବର୍ଦ୍ଧନ ନାୟକ ଓ ବରହମପୁର ଆଇଆଇସି ପ୍ରେମଦା ନାୟକ ମିଳିତ ଭାବେ ଚଢ଼ଉ କରି ବିଷ୍ଣୁର ଘରୁ ନକଲି ସୁନା ଇଟା ସହ ନଗଦ ୩ଲକ୍ଷ ଟଙ୍କା ଜବତ କରିଥିଲେ । ପରେ ତା' ସୂଚନା ଆଧାରରେ କେନ୍ଦ୍ରାପଡ଼ା ଅଞ୍ଚଳର ମୁନାକୁ ଗିରଫ କରାଯାଇଥିଲା । ତା'ଠାରୁ ପୁଲିସ୍ ୧୧ହଜାର ଟଙ୍କା ଜବତ କରିଥିଲା । ସେହିପରି ବାଲେଶ୍ୱର ଚାନ୍ଦିପୁର ଅଞ୍ଚଳରୁ ଜଣେ ଯୁବକ ଏବଂ ନୀଳଗିରି ଥାନା ଅନ୍ତର୍ଗତ ଧୋବଶିଳା ଗ୍ରାମର ନଳିନୀ ମହାନ୍ତି ଓ ସାରୁପାଳ ଗ୍ରାମର ଆଶିଷ ସ୍ୱାଇଁଙ୍କୁ ପୁଲିସ ଗିରଫ କରିଥିଲା ।

## ଗୁରୁଦିବସରେ ଟଳିପଡ଼ିଲେ ଗୁରୁ

ଆନନ୍ଦପୁର, ୫।୯ (ସମିସ): ଗୁରୁ ଦିବସରେ ଟଳି ପଡ଼ିଲେ ଗୁରୁ । କେନ୍ଦୁଝର ଜିଲ୍ଲା ଆନନ୍ଦପୁର ବ୍ଲକ୍ ଅନ୍ତର୍ଗତ



ବାଉଁଶଗଡ଼ ଗ୍ରାମରେ ଆଜି ଏପରି ଏକ ଦୁଃଖଦ ଘଟଣା ଘଟିଛି । ମୃତ ଶିକ୍ଷକଜଣଙ୍କ ହେଲେ, ବିଜୟ ନାଇକ (୪୮) । ସେକୋଡ଼ପଡ଼ାସ୍ଥିତ ଜୋରଗାଡ଼ିଆ ବିଦ୍ୟାଳୟରେ କାର୍ଯ୍ୟରତ ଥିଲେ । ଆଜି ଗୁରୁଦିବସ ଉପଲକ୍ଷେ ସେ ନିତ୍ୟକର୍ମ ସାରି ସ୍କୁଲକୁ ଯିବାକୁ ପ୍ରସ୍ତୁତ ହେଉଥିବା ବେଳେ ହଠାତ୍ ଅସୁସ୍ଥ ହୋଇପଡ଼ିଥିଲେ । ପରିବାରଲୋକ ତାଙ୍କୁ ଆନନ୍ଦପୁର ଡାକ୍ତରଖାନାକୁ ନେବା ବେଳେ ବାଟରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା । ହୃଦ୍‌ଘାତ ଯୋଗୁଁ ତାଙ୍କର ମୃତ୍ୟୁ ହୋଇଥିବା କୁହାଯାଉଛି । ଆନନ୍ଦପୁର ପୁଲିସ ପ୍ରାଥମିକ ତଦନ୍ତ କରିବା ସହ ମୃତଦେହକୁ ବ୍ୟବଚ୍ଛେଦ କରାଇ ପରିବାରବର୍ଗଙ୍କୁ ହସ୍ତାନ୍ତର କରିଛି ।

### ଓହ୍ଲାଇ ପାରିଲାନି ବିମାନ

## କୋଲକାତା ଦେଇ ଦିଲ୍ଲୀରୁ ଫେରିଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, ୫।୯ (ସମିସ): ଦିଲ୍ଲୀ ଗସ୍ତ ସାରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଓଡ଼ିଶା ଫେରିଛନ୍ତି । ୪ ଦିନିଆ ଦିଲ୍ଲୀ ଗସ୍ତରେ ଯାଇଥିବା ମୁଖ୍ୟମନ୍ତ୍ରୀ ସେଠାରେ ଜିଏସ୍‌ଟି କାଉନ୍‌ସିଲ ବୈଠକରେ ଯୋଗଦେବା ସହ ରାଷ୍ଟ୍ରପତିଙ୍କ ସମେତ ଏକାଧିକ ମନ୍ତ୍ରୀଙ୍କୁ ସାକ୍ଷାତ କରିଥିଲେ । ତେବେ ଆଜି ଦିଲ୍ଲୀରୁ ଫେରିବା ବେଳେ ପାଗ ଖରାପ ଯୋଗୁଁ ମୁଖ୍ୟମନ୍ତ୍ରୀଙ୍କ ବିମାନ(ଏୟାର୍‌ଇଣ୍ଡିଆ ଏଆଇ-୪୭୩) ଭୁବନେଶ୍ୱରରେ ଅବତରଣ କରି ପାରିନଥିଲା । ଉକ୍ତ ବିମାନ କୋଲକାତା ପଳାଇଥିଲା । ପରେ ପାଗ ସୁଧୁରିବା ପରେ ମୁଖ୍ୟମନ୍ତ୍ରୀ ଉକ୍ତ ବିମାନରେ ଭୁବନେଶ୍ୱର ଫେରିଥିଲେ । ବିଜୁ ପଟ୍ଟନାୟକ ଅନ୍ତର୍ଜାତୀୟ ବିମାନବନ୍ଦରରେ ପହଞ୍ଚିବା ପରେ ମୁଖ୍ୟମନ୍ତ୍ରୀ ମୋହନ ମାଝୀ କହିଛନ୍ତି, ଦିଲ୍ଲୀରେ ଜିଏସ୍‌ଟି କାଉନସିଲ ବୈଠକରେ ବିଭିନ୍ନ ସଂସ୍କାରମୂଳକ ପଦକ୍ଷେପ ନିଆଯାଇଛି । ଏହାଦ୍ୱାରା କୃଷକ ଓ ମଧ୍ୟବିତ୍ତବର୍ଗ ଉପକୃତ ହେବେ । ୪ଟି ଜିଏସ୍‌ଟି ସ୍ଲାବ୍ ବଦଳରେ ୨ଟି ସ୍ଲାବ୍ ସ୍ୱାଗତଯୋଗ୍ୟ ପଦକ୍ଷେପ । ଏହାଦ୍ୱାରା ଅତ୍ୟାବଶ୍ୟକ ସାମଗ୍ରୀର ଦର ହ୍ରାସ ପାଇବ ବୋଲି ସେ କହିଛନ୍ତି ।

## ଏନ୍‌କାଉଣ୍ଟରରେ ୬ ମାଓବାଦୀ ନିହତ

ରାୟପୁର: ଶୁକ୍ରବାର ଛତିଶଗଡ଼ର ନାରାୟଣପୁର ଏବଂ ଦାନ୍ତେୱାଡା ଜିଲ୍ଲାର ସୀମାନ୍ତବର୍ତ୍ତୀ ଜଙ୍ଗଲରେ ସୁରକ୍ଷା ବାହିନୀ ସହିତ ଏନକାଉଣ୍ଟରରେ ୬ ଜଣ ମାଓବାଦୀଙ୍କ ମୃତ୍ୟୁ ଘଟିଥିବା କୁହାଯାଉଛି ।

ଅନ୍ୟପକ୍ଷରେ ସୁରକ୍ଷା କର୍ମୀମାନେ ଘଟଣାସ୍ଥଳରୁ ଏକେ-୪୭ ଏବଂ ସେଲ୍ଫ ଲୋଡିଂ ରାଇଫଲ ସମେତ ବହୁ ପରିମାଣର ଅସ୍ତ୍ରଶସ୍ତ୍ର ଜବତ କରିଛନ୍ତି । ସମ୍ପୃକ୍ତ ଅଞ୍ଚଳରେ ମାଓବାଦୀଙ୍କ ଉପସ୍ଥିତି ବିଷୟରେ ଗୁଇନ୍ଦା ସୂଚନା ପରେ ସୁରକ୍ଷା ବାହିନୀର ଏକ ମିଳିତ ଦଳକୁ ସର୍ଚ୍ଚ ଅପରେସନରେ ପଠାଯାଇଥିଲା । ଆଜି ଅପରାହ୍ନରୁ ସୁରକ୍ଷା ବାହିନୀ ଏବଂ ନକ୍ସଲବାଦୀଙ୍କ ମଧ୍ୟରେ ମଝିରେ ମଝିରେ ଗୁଳି ବିନିମୟ ଜାରି ରହିଛି । ଏପର୍ଯ୍ୟନ୍ତ ଘଟଣାସ୍ଥଳରୁ ଛଅ ଜଣ ମାଓବାଦୀଙ୍କ ମୃତଦେହ ଉଦ୍ଧାର କରାଯାଇଛି । ଏନକାଉଣ୍ଟର ସ୍ଥଳ ଏବଂ ଆଖପାଖ ଅଞ୍ଚଳରେ ସୁରକ୍ଷା ବାହିନୀ ଦ୍ୱାରା ଘନିଷ୍ଠ ତଲାସୀ ଜାରି ରହିଛି ।

## ରଥଯାତ୍ରାରେ ବଣ୍ଟା ଯାଇଥିଲା ୨୪,୭୫୦ ପାସ୍

### କେବଳ ଭିଆଇପି କର୍ଡନ ପାସ୍ ଦିଆଯାଇଥିଲା ୨,୫୦୦

ପୁରୀ, ୫।୯ (ସମିସ): ଚଳିତବର୍ଷ ରଥଯାତ୍ରାରେ ବ୍ୟାପକ ବିଭ୍ରାଟ ଦେଖାଦେଇଥିଲା । ସିଂହଦ୍ୱାରରୁ ଶରଧାବାଲି ପର୍ଯ୍ୟନ୍ତ ନାନା ପ୍ରକାର ବିଶୃଙ୍ଖଳା ସୃଷ୍ଟି ହୋଇଥିଲା । ଏବର୍ଷ ଗୁଣ୍ଡିଚା ମନ୍ଦିର ସମ୍ମୁଖରେ ଦଳାଚକଟାରେ ୩ଜଣ ଭକ୍ତଙ୍କ ମୃତ୍ୟୁ ମଧ୍ୟ ଘଟିଥିଲା । ବିଡ଼ମ୍ବନାର ବିଷୟ ଥିଲା, ଏଥର ନନ୍ଦିଘୋଷ ରଥ ସିଂହଦ୍ୱାରରୁ ରଥଯାତ୍ରା ଦିନ ଗଡ଼ି ପାରି ନଥିଲା । କର୍ଡନ ଭିତରେ ମାତ୍ରାଧିକ ପାସ୍‌ଧାରୀଙ୍କ ଯୋଗୁଁ ବିଶୃଙ୍ଖଳା ଏବଂ ବିଳମ୍ବ ହୋଇଥିଲା ବୋଲି ସାଧାରଣରେ ଚର୍ଚ୍ଚା ହୋଇଥିଲା । ତେବେ ଏବର୍ଷ ରଥଯାତ୍ରାରେ କେତେ ପାସ୍ ବଣ୍ଟନ କରାଯାଇଥିଲା, ଇତିମଧ୍ୟରେ ତାହାର ତଥ୍ୟ ଏବେ ପଦାକୁ ଆସିଛି । ସୂଚନା ଅଧିକାର ଆଇନ ବଳରେ ମିଳିଥିବା ତଥ୍ୟ ଅନୁଯାୟୀ, ଏ ବର୍ଷ ମୋଟ୍ ୨୪,୭୫୦ ପାସ୍ ବଣ୍ଟନ କରାଯାଇଛି । ଯେଉଁଥିରେ କାର୍ ପାସ୍, ଭେଇକିଲ ପାସ୍, ନଟ୍ ଟୁ ବି ଡିଟେନ୍, ବାଇକ୍ ସମେତ କର୍ଡନ ପାସ୍ ଆଦି ରହିଥିଲା । ମୋଟ୍ ପାସ୍ ଭିତରେ କେବଳ ୨,୫୦୦ ଭିଆଇପି କର୍ଡନ ପାସ୍ ରହିଥିଲା । ଅର୍ଥାତ୍ କର୍ଡନ ଭିତରେ ଅଢ଼େଇ ହଜାର ଲୋକଙ୍କୁ ରହିବା ପାଇଁ ପାସ୍ ବଣ୍ଟନ ହୋଇଥିଲା ।

## ସ୍କୁଲ ଛାତରୁ ପଲସ୍ତରା ଖସି ୩ ଛାତ୍ରୀ ଆହତ

ଭଦ୍ରକ/ବାସୁଦେବପୁର, ୫।୯ (ସମିସ): ଗୁରୁଦିବସରେ ଅଘଟଣ । ଗୁରୁପୂଜା ପାଇଁ ଯାଇଥିବା ଛାତ୍ରୀଙ୍କ ଉପରେ ଖସି ପଡ଼ିଲା ଛାତ ପଲସ୍ତରା । ଭଦ୍ରକ ଜିଲ୍ଲା ବାସୁଦେବପୁର ବ୍ଲକ୍ କିସ୍ମତ କୃଷ୍ଣପୁର ପଞ୍ଚାୟତ ବହୁମାଘେରୀ ସରକାରୀ ପ୍ରାଥମିକ ବିଦ୍ୟାଳୟରେ ଆଜି ଏହି ଘଟଣା ଘଟିଛି । ଏଥିରେ ୩ଜଣ ଛାତ୍ରୀ ଆହତ ହୋଇଛନ୍ତି । ସେମାନଙ୍କୁ ବାସୁଦେବପୁର ଡାକ୍ତରଖାନାରେ ପ୍ରାଥମିକ ଚିକିତ୍ସା ପରେ ଘରକୁ ପଠାଇ ଦିଆଯାଇଛି । ସ୍କୁଲରେ ମଧ୍ୟାହ୍ନଭୋଜନ ଖାଇବାକୁ ଦିଆଯାଉଥିବା ବେଳେ ଏହି ଅଘଟଣ ଘଟିଥିଲା । ଆହତ ଛାତ୍ରୀମାନେ ହେଲେ, ବାଲବାଟିକାର ଶକୁନ୍ତଳା ମଣ୍ଡଳ, ଶୁଭଶ୍ରୀ କଳା ଓ ତୃତୀୟଶ୍ରେଣୀ ଛାତ୍ରୀ ଶ୍ରାବଣୀ କଳା । ଶୁଭଶ୍ରୀଙ୍କ ମୁଣ୍ଡରେ ଆଘାତ ଲାଗିଥିବା ବେଳେ ଶକୁନ୍ତଳାଙ୍କ ମୁଣ୍ଡ ଫୁଲିଯାଇଛି । ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ପ୍ରଶାନ୍ତ କୁମାର ମାଝୀ ଆହତ ଛାତ୍ରୀଙ୍କୁ ତୁରନ୍ତ ବାସୁଦେବପୁର ଡାକ୍ତରଖାନାରେ ଭର୍ତ୍ତି କରିଥିଲେ । ମୁଣ୍ଡରେ ଆଘାତ ଲାଗି ଥିବାରୁ ଆବଶ୍ୟକ ସ୍ଥଳେ ସିଟି ସ୍କାନ୍ କରାଯାଇପାରେ ବୋଲି ଡାକ୍ତର କହିଛନ୍ତି ।

## କୃଷି ଓ ମୃତ୍ତିକା ସଂରକ୍ଷଣ ବିଭାଗରେ କର୍ମଚାରୀ ମରୁଡ଼ି

### ମାଳ ମାଳ ପଦବୀ ଖାଲି; ସରକାର ନିଦାବିଷ୍ଟ

### ସରକାରୀ ଯୋଜନାର ଲାଭ ପାଉନାହାନ୍ତି ଚାଷୀ

ଭୁବନେଶ୍ୱର, ୫।୯ (ସମିସ): ଓଡ଼ିଶା ଏକ କୃଷି ପ୍ରଧାନ ରାଜ୍ୟ । ମୋଟ ରାଜ୍ୟ ଘରୋଇ ଉତ୍ପାଦ(ଜିଏସ୍‌ଡିପି)କୁ କୃଷି କ୍ଷେତ୍ରରୁ ପାଖାପାଖି ୨୧ ପ୍ରତିଶତ ଅବଦାନ । ମାତ୍ର ସଂପୂର୍ଣ୍ଣ ସରକାରୀ ଅଣଦେଖାର ଶିକାର କୃଷି ବିଭାଗ । ବର୍ଷ ବର୍ଷ ଧରି ଏହି ବିଭାଗରେ ଶତାଧିକ ସଂଖ୍ୟାରେ ପଦବୀ ଖାଲି ପଡ଼ିଛି । ପଦବୀ ପୂରଣ ଦିଗରେ ସରକାର ସାମାନ୍ୟତମ ପଦକ୍ଷେପ ନେଉନାହାନ୍ତି । ଫଳସ୍ୱରୂପ ତୃଣମୂଳସ୍ତରରେ ଚାଷୀମାନେ ସଚେତନ ହୋଇପାରୁନାହାନ୍ତି । ଚାଷୀମାନଙ୍କ ପାଇଁ ସରକାର କରୁଥିବା ଯୋଜନାର ଲାଭ ବି ପାଉନାହାନ୍ତି । ଅଧିକାରୀ ନଥିବା କାରଣରୁ କୃଷକଙ୍କ ପାଖରେ କୃଷି ସୂଚନା ବି ଠିକ୍ ଭାବେ ପହଞ୍ଚିପାରୁନି । ତେଣୁ ଧାନ ସମେତ ଅନ୍ୟାନ୍ୟ ଫସଲ ଆଦି କରି ଚାଷୀର ଆର୍ଥିକ ଉନ୍ନତି ହୋଇପାରୁନଥିବା ଅଭିଯୋଗ ହେଉଛି ।

ସୂଚନାନୁସାରେ, ରାଜ୍ୟରେ ମୋଟ ୭୮୯ ମଞ୍ଜୁର ପ୍ରାପ୍ତ ସହକାରୀ କୃଷି ଅଧିକାରୀ ପଦବୀ ରହିଛି । ମାତ୍ର ଏଥିରୁ ୩୬୬ ପଦବୀ ଖାଲିପଡ଼ିଛି । ପାଖାପାଖି ୪୬ ପ୍ରତିଶତ ପଦବୀ ଫାଙ୍କା ପଡ଼ିଥିବାରୁ ଜିଲ୍ଲା ଏବଂ ବ୍ଲକ୍‌ସ୍ତରରେ କୃଷି ବିଭାଗର କାମ ସବୁ ଠପ୍ ହୋଇଯାଇଛି । ଚାଷୀଙ୍କୁ ସାର ଯୋଗାଣଠାରୁ ଆରମ୍ଭ କରି ଫସଲର ବିବିଧ ସୂଚନା ଚାଷୀ ପାଖରେ ପହଞ୍ଚୁନି । ଏଭଳି ସମସ୍ୟାର ପ୍ରତିକାର ପାଇଁ ସରକାର ଦୃଷ୍ଟିଦେଉନାହାନ୍ତି । ଏହାକୁ ନେଇ ଚାଷୀ ମହଲରେ ଅସନ୍ତୋଷ ବୃଦ୍ଧି ପାଉଛି । କୃଷି ବିଭାଗର ବୈଜ୍ଞାନିକ ପରାମର୍ଶକୁ ଆଧାର କରି ଅଧିକ ଅମଳ କରି ଶସ୍ୟ ଯୋଗାଇବ । ହେଲେ କୃଷି ବିଭାଗରେ କର୍ମଚାରୀ ମରୁଡ଼ି ଯୋଗୁ ଚାଷୀ ବୈଜ୍ଞାନିକ ପରାମର୍ଶ ପାଇବା ତ ଦୂରର କଥା ଆବଶ୍ୟକ ସୂଚନା ବି ପାଇପାରୁନି । ଏଭଳି ଅଚଳାବସ୍ଥା ଚାଷୀଙ୍କୁ ବିମୁଖ କରିଛି । ଅଧିକାରୀଙ୍କ ସଙ୍କଟ ଯୋଗୁଁ ସରକାରଙ୍କ ବିଭାଗର ବିଭିନ୍ନ ଜନହିତକର ଯୋଜନା ସଫଳ କାର୍ଯ୍ୟକାରିତାରେ ବାଧା ସୃଷ୍ଟି ହେଉଛି । କର୍ମଚାରୀ ସଙ୍କଟ ଯୋଗୁଁ କୃଷି ବିଭାଗର ଜଳନିଧି ଯୋଜନା, ଏନ୍‌ଏଫ୍‌ଏସ୍‌ଏମ୍, ମୁଗ ଯୋଜନା ଓ ଅଏଲସିଡ୍ ଚିନାବାଦାମ, ବିହନ ଯୋଗାଣ ଆଦି ଏକାଧିକ ଯୋଜନା କାର୍ଯ୍ୟକାରୀ କରିବାରେ ଅସୁବିଧା ସୃଷ୍ଟି ହେଉଛି ।

ଅନୁରୂପ ଭାବେ ରାଜ୍ୟରେ ସହକାରୀ ମୃତ୍ତିକା ସଂରକ୍ଷଣ ପଦବୀ ଗୁଡ଼ିକ ଖାଲି ପଡ଼ିଛି । ମୋଟାମୋଟି ଭାବେ ଦେଖିବାକୁ ଗଲେ, ଏହି ବିଭାଗରେ କର୍ମଚାରୀଙ୍କ ମରୁଡ଼ି ହୋଇଯାଇଛି । ମୋଟ ଉପରେ ୨୦୪ ଜଣ ସହକାରୀ ମୃତ୍ତିକା ସଂରକ୍ଷଣ ପଦବୀ ରହିଛି । ଏଥିରୁ ୧୯୧ଟି ପଦବୀ ଖାଲିପଡ଼ିଛି । ୯୩ ପ୍ରତିଶତ ପଦବୀ ଖାଲିପଡ଼ିଥିବାରୁ ବିଭାଗର କୌଣସି କାମ ହୋଇପାରୁନଥିବା ଅଭିଯୋଗ ହେଉଛି । କୃଷିକ୍ଷେତ୍ର ସହ ଜଙ୍ଗଲ ସମ୍ପଦ ଭଳି ମୃତ୍ତିକାକୁ ସଂରକ୍ଷଣକୁ ଗୁରୁତ୍ୱ ଦେବା ପାଇଁ ମୃତ୍ତିକା ସଂରକ୍ଷଣ ବିଭାଗ ଖୋଲାଯାଇଛି । ମାତ୍ର କର୍ମଚାରୀ ଅଭାବ କାରଣରୁ ବିଭାଗର କୌଣସି କାମ ହୋଇପାରୁନି । ଏହି ବିଭାଗ ବୃକ୍ଷରୋପଣଠାରୁ ଆରମ୍ଭ କରି ଜମିକୁ ଜଳସେଚନ କରିବା, ଚେକ୍ ଡ୍ୟାମ୍ ନିର୍ମାଣ ଆଦି କରୁଥିଲା । ଚାଷୀଙ୍କୁ ସ୍ୱାବଲମ୍ବୀ କରିବା ଲକ୍ଷ୍ୟ ନେଇ ବିଭିନ୍ନ ଔଷଧୀୟ ଚାରାବଣ୍ଟନ ସହ କୁକୁଡ଼ା ପାଳନ ପାଇଁ ବିଭାଗ ପକ୍ଷରୁ ଆର୍ଥିକ ପ୍ରୋତ୍ସାହନ ଯୋଗାଇ ଦିଆଯାଉଥିଲା । ଏଥିସହ ଗୋପାଳନ, ପୋଖରୀ ଖନନ, ଜଳ ସଂରକ୍ଷଣ ଆଦି କାର୍ଯ୍ୟ ଏହି ବିଭାଗ ଦାୟତ୍ୱରେ ରହିଛି । ମାତ୍ର କୌଣସି କାର୍ଯ୍ୟ ସଠିକ ଭାବେ ହୋଇପାରୁନି ।

ଏ ସମ୍ପର୍କରେ କୃଷି ବିଶେଷଜ୍ଞ ଦେବବ୍ରତ ପାଣିଗ୍ରାହୀ କହିଛନ୍ତି, ରାଜ୍ୟରେ ଆର୍ଥିକ ଉନ୍ନତିରେ ସବୁବେଳେ କୃଷିକ୍ଷେତ୍ରର ଭାଗିଦାରୀ ରହିଆସିଛି । ହରିୟାଣା, ପଞ୍ଜାବ, କେରଳ, ତାମିଲନାଡୁ ଆଦି ରାଜ୍ୟରେ ସରକାର କୃଷି କ୍ଷେତ୍ରକୁ ଫୋକସ୍ କରି ରାଜ୍ୟର ଅର୍ଥନୀତି ସୁଦୃଢ଼ କରିପାରିଛନ୍ତି । ମାତ୍ର ଆମ ରାଜ୍ୟରେ କୃଷି କ୍ଷେତ୍ରକୁ ଅବହେଳା କରାଯାଉଛି । ଫଳସ୍ୱରୂପ କୃଷକମାନେ କୃଷିରୁ ମୁହଁ ଫେରାଇ ନେଉଛନ୍ତି । ସରକାର ଏ ଦିଗରେ ଯଦି ଦୃଷ୍ଟି ନ ଦିଅନ୍ତି, ତେବେ ଭବିଷ୍ୟତରେ ଆମକୁ ଚାଉଳ ପାଇଁ ମଧ୍ୟ ଅନ୍ୟ ରାଜ୍ୟ ଉପରେ ନିର୍ଭର କରିବାକୁ ପଡ଼ିବ । ଏଥିସହ ଧାନ ସହ ବିବିଧ ଫସଲ କରିବା ନେଇ ଚାଷୀମାନଙ୍କୁ ସଚେତନ କରାଯିବା ସହ ଆର୍ଥିକ ପ୍ରୋତ୍ସାହନ ଦେବା ଜରୁରୀ । ତେଣୁ କୃଷି ବିଭାଗର ସମସ୍ତ ପଦବୀ ପୂରଣ ଦିଗରେ ସରକାର ଗୁରୁତ୍ୱ ଦେବା ଆବଶ୍ୟକ ବୋଲି ସେ କହିଛନ୍ତି ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବର୍ଷା ପରେ...

ହେଉଥିବାରୁ ବାଲେଶ୍ୱର ଜିଲ୍ଲାର ବସ୍ତା, ବାଲିଆପାଳ ଆଦି ବ୍ଲକ୍ ବନ୍ୟା ଦ୍ୱାରା ପ୍ରଭାବିତ ହୋଇଛି । ବୁଢ଼ାବଳଙ୍ଗ ଓ ସୁବର୍ଣ୍ଣରେଖାରେ ମଧ୍ୟ ଜଳ ଭରି ରହିଛି । ଫଳରେ ଉତ୍ତର ଓଡ଼ିଶାର ଅଧିକାଂଶ ସ୍ଥାନରେ ବନ୍ୟା ବିପଦ ଜାରି ରହିଛି । ମହାନଦୀ ସ୍ଥିତି ଏବେ ସବୁଠୁ ଜଟିଳ ହୋଇଛି ।

ଗତ ଲଘୁଚାପ ପ୍ରଭାବରେ ମହାନଦୀ ତଳମୁଣ୍ଡରେ ୫୬ ମିମି ବର୍ଷା ହୋଇଥିବା ବେଳେ ଉପମୁଣ୍ଡରେ ୮୭ ମିମି ବର୍ଷା ରେକର୍ଡ ହୋଇଛି । ତେଣୁ ମହାନଦୀ ପୂର୍ଣ୍ଣ ଅବସ୍ଥାରେ ଥିବା ବେଳେ ଡ୍ୟାମ୍‌ରୁ ନିଷ୍କାସିତ ହେଉଥିବା ଜଳ ନଦୀକୁ ଆହୁରି ଫୁଲାଉଛି । ବର୍ତ୍ତମାନ ସମ୍ବଲପୁର-ସୁବର୍ଣ୍ଣପୁର ୧୫ ନଂ ରାଜ୍ୟ ରାଜପଥରେ ବର୍ତ୍ତମାନ ବନ୍ୟା ପାଣି ପ୍ରବାହିତ ହେଉଛି । ଆସନ୍ତା ୩-୪ ଦିନ ପର୍ଯ୍ୟନ୍ତ ସମୁଦ୍ର ଭଲ ପାଣି ନ ନେବାର ଆଶଙ୍କା ରହିଥିବାରୁ ମହାନଦୀକୂଳିଆ କିଛି ଜିଲ୍ଲାରେ ସ୍ଥିତି ଚିନ୍ତାଜନକ ହେବାର ମଧ୍ୟ ଆଶଙ୍କା କରାଯାଉଛି । ଅନ୍ୟପକ୍ଷରେ ବଙ୍ଗୋପସାଗରରେ ସୃଷ୍ଟି ହୋଇଥିବା ଲଘୁଚାପ ବର୍ତ୍ତମାନ ଛତିଶଗଡ଼ ଅତିକ୍ରମ କରି ମଧ୍ୟପ୍ରଦେଶ ଉପରେ ରହିଛି । ତେବେ ଓଡ଼ିଶା ଉପରେ ବର୍ତ୍ତମାନ ମୌସୁମୀ ଟ୍ରଫ୍ ଥିବାରୁ ଏହାର ପ୍ରଭାବରେ ଶୁକ୍ରବାର ରାଜ୍ୟର ବିଭିନ୍ନ ସ୍ଥାନରେ ଭଲ ବର୍ଷା ହୋଇଛି । ସକାଳେ ଭୁବନେଶ୍ୱରରେ ୩୨ମିମି ଓ କଟକରେ ୫୦ ମିମି ବର୍ଷା ହୋଇଥିବା ରେକର୍ଡ୍ କରାଯାଇଛି । ଶନିବାର ଉପକୂଳବର୍ତ୍ତୀ ବିଭିନ୍ନ ଜିଲ୍ଲାରେ ସ୍ୱଳ୍ପରୁ ମଧ୍ୟମ ବର୍ଷା ହେବେ ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି । ୧୩ ତାରିଖରେ ବଙ୍ଗୋପସାଗରରେ ଆଉ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ଥିବାରୁ ବର୍ଷାର ପ୍ରଭାବ ବଢ଼ିପାରେ ବୋଲି ଆକଳନ କରାଯାଉଛି ।

ଜଳସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଚନ୍ଦ୍ରଶେଖର ପାଢ଼ୀ କହିଛନ୍ତି ଯେ ମହାନଦୀ ଉପରମୁଣ୍ଡରେ ପ୍ରବଳ ବର୍ଷା ଯୋଗୁଁ ହୀରାକୁଦରେ ଅଧିକ ଗେଟ୍ ଖୋଲାଯାଇଛି । ଆସନ୍ତା ୭ ତାରିଖ ବେଳକୁ ମୁଣ୍ଡଳୀରେ ସାଢ଼େ ୪ ଲକ୍ଷରୁ ୫ ଲକ୍ଷ କ୍ୟୁସେକ୍ ବନ୍ୟା ଜଳ ପହଞ୍ଚିବ । ଏବେ ଜଳକାକୁ ଛାଡ଼ି ଦେଲେ ଅନ୍ୟ କୌଣସି ନଦୀ ଏବେ ବିପଦ ସଙ୍କେତ ଉପରେ ନାହିଁ ବୋଲି ଶ୍ରୀ ପାଢ଼ୀ କହିଛନ୍ତି ।

### ୨୪ ଗେଟ୍‌ରେ ହୀରାକୁଦରୁ...

ଗେଟ୍ ଖୋଲା ରହିଛି । ଶୁକ୍ରବାର ସନ୍ଧ୍ୟା ସୁଦ୍ଧା ନଦୀବନ୍ଧର ଜଳସ୍ତର ୬୨୬.୫୮ ଫୁଟ୍‌ରେ ପହଞ୍ଚିଛି । ଜଳଭଣ୍ଡାରକୁ ବର୍ତ୍ତମାନ ସେକେଣ୍ଡ ପ୍ରତି ୩,୯୯,୨୯୫ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ପାୱାର ଚ୍ୟାନେଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ୪,୨୪,୭୦୫ କ୍ୟୁସେକ୍ ଜଳ ନିଷ୍କାସିତ ହେଉଛି । ସ୍ପିଲୱେ ଦେଇ ୩,୮୮,୩୬୮ ଘନଫୁଟ, ପାୱାର ଚ୍ୟାନେଲ ଦେଇ ୩୨,୦୮୯ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୧୪ ଘନଫୁଟ, କେନାଲ ପାଇଁ ୪,୦୩୪ ଘନଫୁଟ ଜଳ ନିଷ୍କାସିତ ହେଉଛି । ତଳମୁଣ୍ଡରେ ପଥର୍ଲାଠାରେ ୩୭୦୩୬ କ୍ୟୁସେକ୍ ଜଳ ପ୍ରବାହିତ ହେଉଥିବାବେଳେ ଖଇରମାଳଠାରେ ୪୧୮୦୦୦ କ୍ୟୁସେକ୍, ବାରମୁଲଠାରେ ୩୧୧୦୦୦ କ୍ୟୁସେକ୍ ଏବଂ ମୁଣ୍ଡଳୀଠାରେ ୧୯୬୦୨୬ କ୍ୟୁସେକ୍ ଜଳ ପ୍ରବାହିତ ହେଉଥିବା ସୂଚନା ମିଳିଛି । ଅପରପକ୍ଷେ, ଗତ ୨୪ ଘଣ୍ଟାରେ ଉପରମୁଣ୍ଡରେ ୧୧.୧୮ ମିମି ଏବଂ ତଳମୁଣ୍ଡରେ ୬.୮୦ ମିମି ବର୍ଷା ହୋଇଥିବା ଜଣାପଡ଼ିଛି ।

### ଆତଙ୍କୀ ଧମକ ପରେ...

ସାମଗ୍ରୀ, ଗାଡ଼ି ବା ସନ୍ଦିଗ୍ଧ ଗତିବିଧି ଦୃଷ୍ଟିଗୋଚର ହୁଏ; ତେବେ ଏ ସମ୍ପର୍କରେ ତୁରନ୍ତ ପୁଲିସକୁ ସୂଚନା ଦେବାକୁ ଅନୁରୋଧ କରାଯାଇଛି । ବିଭିନ୍ନ ସମୟରେ ମୁମ୍ବାଇରେ ଏକାଧିକ ବାର ସିରିଜ ବୋମା ବିସ୍ଫୋରଣ ହୋଇଛି । ତେଣୁ ପୁଲିସ ଏହାକୁ ଦୃଷ୍ଟିରେ ରଖି ଅତିମାତ୍ରାରେ ସତର୍କ ହୋଇଛି । ୧୯୯୩ ମାର୍ଚ୍ଚ ୧୨ରେ ମୁମ୍ବାଇରେ ସବୁଠାର ବଡ଼ ବିସ୍ଫୋରଣ ହୋଇଥିଲା । ଏଥିରେ ୨୫୭ ଲୋକ ମୃତ୍ୟୁବରଣ କରିଥିବା ବେଳେ ୭୦୦ରୁ ଅଧିକ ଲୋକ ଆହତ ହୋଇଥିଲେ ।

### ବୁଢ଼ା ହେଉଛି...

ଇନ୍ଧନ ଯୋଗାଉଥିବାବେଳେ ଅଧିକ ବୃଦ୍ଧ ଥିବା ରାଜ୍ୟଗୁଡ଼ିକରେ ଶ୍ରମ ଶକ୍ତି ସଙ୍କୁଚିତ ହୋଇପାରେ ବୋଲି ମଧ୍ୟ କିଛି ଆଶଙ୍କା କରିଛନ୍ତି । ଏହି ପରିପ୍ରେକ୍ଷୀରେ ଯଦି ବର୍ତ୍ତମାନର ଧାରା ଜାରି ରହେ, ତେବେ ଭାରତ ଖୁବ୍ ଶୀଘ୍ର ଚୀନ୍, ଜାପାନ ଏବଂ ୟୁରୋପ ପରି ସମାନ ଚ୍ୟାଲେଞ୍ଜର ସମ୍ମୁଖୀନ ହୋଇପାରେ ବୋଲି ଅନେକ ଆଶଙ୍କା କରୁଛନ୍ତି ।

### ଗୁରୁ ଦିବସରେ...

ପ୍ରଦାନ ଓ ସ୍ଥାୟୀ ନିଯୁକ୍ତି ପାଇଁ ଦୀର୍ଘ ଦିନରୁ ଦାବି ହେଉଛି । ଗତ ଅଗଷ୍ଟ ୧୬ ତାରିଖ ଶିକ୍ଷକ ଦାବି ଦିବସରେ ସମାନ ଦାବି ନେଇ ଗାନ୍ଧୀ ମାର୍ଗରେ ଏକ ଶିକ୍ଷକ ସମାବେଶ କରାଯାଇଥିଲା । ଅଗଷ୍ଟ ୩୦ ଏବଂ ସେପ୍ଟେମ୍ବର ୧ ଓ ୨ରେ ଜିଲ୍ଲା ଶିକ୍ଷାଧିକାରୀ(ଡିଇଓ)ଙ୍କ ମାଧ୍ୟମରେ ମୁଖ୍ୟମନ୍ତ୍ରୀଙ୍କ ସମେତ କେନ୍ଦ୍ର ଶିକ୍ଷାମନ୍ତ୍ରୀ, ପ୍ରଧାନମନ୍ତ୍ରୀ, ରାଜ୍ୟପାଳ ଓ ରାଷ୍ଟ୍ରପତିଙ୍କୁ ଦାବିପତ୍ର ପ୍ରଦାନ କରାଯାଇଛି । ହେଲେ ସରକାର କୌଣସି ପଦକ୍ଷେପ ଗ୍ରହଣ କରୁନାହାନ୍ତି । ଏଣୁ ନ୍ୟାଯ୍ୟ ଦାବି ପାଇଁ ନିର୍ଣ୍ଣାୟକ ଲଢ଼େଇ ଲଢ଼ିବାକୁ ଶିକ୍ଷକ ଓ କର୍ମଚାରୀମାନେ ମନସ୍ଥ କରି ରାଜରାସ୍ତାକୁ ଓହ୍ଲାଇଥିବା ସମିତିର ଆବାହକ ରଞ୍ଜନ କୁମାର ଦାସ କହିଛନ୍ତି ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ପୂର୍ବରୁ ବିରୋଧୀ ଦଳରେ ଥିବା ବେଳେ ଶିକ୍ଷକଙ୍କ ଆନ୍ଦୋଳନସ୍ଥଳକୁ ଯାଇ ସେମାନଙ୍କୁ ସମର୍ଥନ କରିବା ସହ ସେମାନଙ୍କ ଦାବି ଯୁକ୍ତିଯୁକ୍ତ ବୋଲି କହିଥିଲେ । ଏବେ ସରକାରକୁ ଆସିବା ପରେ ଶିକ୍ଷକଙ୍କ ଅସୁବିଧା କିପରି ତାଙ୍କୁ ଦେଖାଯାଉନାହିଁ ବୋଲି ବିକ୍ଷୋଭରତ ଶିକ୍ଷକ ଓ କର୍ମଚାରୀମାନେ ପ୍ରଶ୍ନ କରିଛନ୍ତି । ତେଣୁ, ମୁଖ୍ୟମନ୍ତ୍ରୀ ନିଜ କଥା ରଖି ଶିକ୍ଷକମାନଙ୍କ ଦାବି ଅବିଳମ୍ବେ ପୂରଣ କରନ୍ତୁ ବୋଲି ସେମାନେ କହିଛନ୍ତି । ସରକାର ତ୍ୱରିତ ପଦକ୍ଷେପ ନ ନେଲେ ଆସନ୍ତା ୨୫ ତାରିଖରେ ଜେଲଭରୋ ଆନ୍ଦୋଳନ କରାଯିବ ବୋଲି ଚେତାବନୀ ଦେଇଛନ୍ତି । ଖବର ଲେଖା ହେବା ପର୍ଯ୍ୟନ୍ତ ଶିକ୍ଷକମାନେ ବିଧାନସଭା ସମ୍ମୁଖ ଗାନ୍ଧୀମାର୍ଗରେ ଶୋଇ ବିକ୍ଷୋଭ ଜାରି ରଖିଛନ୍ତି ।

ଏହି ଅହୋରାତ୍ର ଧାରଣାରେ ସମିତିର ସଭାପତି ସୁକାନ୍ତ କୁମାର ବେହେରା, ଅକ୍ଷୟ କୁମାର ମିଶ୍ର, ବିକ୍ରମ କୁମାର ଦାସ, ପ୍ରମୋଦ କୁମାର ହୋତା, ହରେକୃଷ୍ଣ ପାଣିଗ୍ରାହୀ, ଅଜୟ କୁମାର ପତି, ଗରୁଡ଼ ଚନ୍ଦ୍ର ସାହୁ, ରଞ୍ଜନ କୁମାର ପଣ୍ଡା, ଏମ୍.ଏ. କାସିମ୍ ବେଗ୍, ପ୍ରଶାନ୍ତ କୁମାର ପତି, ସୁରେଶ ଚନ୍ଦ୍ର ଦାସ, ମଧୁସୂଦନ ଦେ'ଙ୍କ ସମେତ ବହୁ ଶିକ୍ଷକ ଯୋଗ ଦେଇଛନ୍ତି ।

### ମାରି ଫିଙ୍ଗିଦେଲା...

ଫେବୃୟାରୀ ମାସରୁ ପାତ୍ରପଡ଼ା ଶ୍ରୀକ୍ଷେତ୍ର ଗ୍ରୀନଉଡ୍ ଆପାର୍ଟମେଣ୍ଟରେ ରହୁଥିବା ସମରଜିତ ଜେନାଙ୍କ ଘରେ ଘରୋଇ ସହାୟିକା ଭାବେ କାମ କରୁଥିଲେ । ମିତା ଓ ମଝିଆଖଣ୍ଡର ଦେବାଶିଷ ମଧ୍ୟରେ ପୂର୍ବରୁ ବନ୍ଧୁତା ରହିଥିଲା । ଗତ ଜାନୁୟାରୀ ୨୪ ତାରିଖ ସକାଳେ ସମରଜିତଙ୍କ ପରିବାର ଭଞ୍ଜନଗର ଯାଇଥିବା ବେଳେ ମିତା ଏକାକୀ ଫ୍ଲାଟରେ ଥିଲେ । ମିତା ଦିନ ପ୍ରାୟ ୧୦ଟା ବେଳେ ସମରଜିତଙ୍କ ପତ୍ନୀଙ୍କୁ ଫୋନ୍ କରି ଘରକୁ ଯାଉଥିବା କହିଥିଲେ । ସହିଦ ନଗରରେ ଫୋନ୍ ମରାମତି କରିବା ପରେ ଦେବାଶିଷ ସହ ଖୋର୍ଦ୍ଧା ଆଡ଼କୁ ଯାଇଥିଲେ । ଅପରାହ୍ନ ପ୍ରାୟ ୪ଟା ବେଳେ ଖୋର୍ଦ୍ଧା ଅତିକ୍ରମ କରୁଥିବା ନେଇ ଘର ଲୋକଙ୍କୁ ଜଣାଇଥିଲେ ମଧ୍ୟ ଆଉ ଘରେ ପହଞ୍ଚି ନ ଥିଲେ । ଦେବାଶିଷ ଓ ମିତା ମିଶି ଖୋର୍ଦ୍ଧା ତାପଙ୍ଗ ଅଞ୍ଚଳକୁ ଯାଇଥିଲେ । ସେଠାରେ କଥାବାର୍ତ୍ତା ହେବା ବେଳେ କୌଣସି କଥାକୁ ନେଇ ଉଭୟଙ୍କ ମଧ୍ୟରେ ଯୁକ୍ତିତର୍କ ହୋଇଥିଲା । ସେଠାରେ ଦେବାଶିଷ ମିତାଙ୍କୁ ହତ୍ୟା କରିଥିଲା । ପ୍ରମାଣ ନଷ୍ଟ କରିବା ପାଇଁ ମିତାଙ୍କ ମୃତଦେହରେ ପଥର ବାନ୍ଧି କଳିଙ୍ଗ ମୁଣ୍ଡିଆକୁ ଫୋପାଡ଼ି ଦେଇଥିଲା । ହେଲେ ମୃତଦେହ ପାଣିରେ ପଡ଼ିବା ବଦଳରେ ନଟିରେ ଲାଗି ଯାଇଥିଲା । ମିତାଙ୍କୁ ହତ୍ୟା କରିବା ପରେ ଦେବାଶିଷ ତାଙ୍କ ଏଟିଏମ୍ କାର୍ଡ ନେଇ ଫେରାର ହୋଇ ଯାଇଥିଲା । ସେହି ଏଟିଏମ୍ କାର୍ଡ ଦ୍ୱାରା ମିତାଙ୍କ ଆକାଉଣ୍ଟରୁ ଜାନୁୟାରୀ ୨୫ ତାରିଖ ସନ୍ଧ୍ୟାରେ ୧୦ ହଜାର ଓ ୨୬ ତାରିଖ ୬୦ ହଜାର ଟଙ୍କା ଉଠାଇଥିଲା ।

ମିତାଙ୍କର ଖୋଜଖବର ନମିଳିବାରୁ ସମରଜିତ ଜେନା ଜାନୁୟାରୀ ୨୭ ତାରିଖରେ ଭରତପୁର ଥାନାରେ ଅଭିଯୋଗ କରିଥିଲେ । ପୁଲିସ ମ୍ୟାନ ମିସିଂ ରିପୋର୍ଟ (ଏମ୍‌ଏମ୍‌ଆର୍) ପଞ୍ଜୀକରଣ କରି ଦାୟିତ୍ୱ ସାରି ଦେଇଥିଲା । ସେପଟେ ଝିଅକୁ ନ ପାଇ ପରିବାର ଲୋକେ ବାର ଦୁଆର ହୋଇଥିଲେ । ଭରତପୁର, ରଣପୁର ଥାନା ଠାରୁ ଆରମ୍ଭ କରି ନୟାଗଡ଼ ଏସପି ଓ ଭୁବନେଶ୍ୱର ଡିସିପିଙ୍କ ନିକଟରେ ମଧ୍ୟ ଦ୍ୱାରସ୍ଥ ହୋଇଥିଲେ । ଦେବାଶିଷ ଉପରେ ସନ୍ଦେହ କରୁଥିବା ନେଇ ଅଭିଯୋଗ କରିଥିଲେ ପରିବାର ଲୋକେ । ଏମିତିକି ଦୁଇ ମିସ୍ ପୂର୍ବରୁ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ଅଭିଯୋଗ କରିଥିଲେ ମଧ୍ୟ କୌଣସି ସୁଫଳ ମିଳିନଥିଲା ।

ନିଖୋଜ ହେବାର ପରଦିନ ମିତାଙ୍କ ବ୍ୟାଙ୍କ ଆକାଉଣ୍ଟରୁ ୨ଟି ପର୍ଯ୍ୟାୟରେ ୭୦ ହଜାର ଟଙ୍କା ଉଠା ଯାଇଥିବା ପୁଲିସ ଜାଣିବାକୁ ପାଇଛି । ଦେବାଶିଷ ସେହି ଟଙ୍କା ଉଠାଇଥିବା ଜଣାପଡ଼ିବା ପରେ ଗତ ୩ ଦିନ ତଳେ ଭରତପୁର ଥାନା ପୁଲିସ ତାକୁ ଉଠାଇ ଆଣିଥିଲା । ନିଖୋଜ ଦିନ ମିତା ଓ ଦେବାଶିଷ ଫୋନ୍ ଯୋଗେ କଥାବାର୍ତ୍ତା ହୋଇଥିବାର ପ୍ରମାଣ ପୁଲିସ ହାତରେ ଲାଗିଥିଲା । ପୁଲିସର ଅଡୁଆ ପ୍ରଶ୍ନରେ ଦେବାଶିଷ ଫସି ଯାଇଥିଲା । ହତ୍ୟାକାଣ୍ଡ ଠାରୁ ଆରମ୍ଭ କରି ପ୍ରମାଣ ନଷ୍ଟ ପର୍ଯ୍ୟନ୍ତ ସବୁକଥା ପୁଲିସ ଆଗରେ ଓଗାଳିଥିଲା । ଆଜି ଭରତପୁର ଥାନା ପୁଲିସ ଦେବାଶିଷକୁ ନେଇ ଘଟଣାସ୍ଥଳରେ ସିନ୍ ରିକ୍ରିଏସନ୍ କରିଛି । ସେଠାରୁ ମିତାଙ୍କ ମୃତଦେହକୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ଏମସ ଡାକ୍ତରଖାନାରେ ଭର୍ତ୍ତି କରିଛି । ତେବେ ୭ ମାସ ପୂର୍ବରୁ ନିଖୋଜ ଏତଲା ଦିଆଯାଇଥିଲେ ମଧ୍ୟ ପୁଲିସର ନିଷ୍କ୍ରିୟତା ଯୋଗୁଁ ମିତାଙ୍କ ପତ୍ତା ମିଳିନଥିଲା । ଫଳରେ ପୁଲିସର ଭୂମିକାକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି । ସେପଟେ ହତ୍ୟାକାଣ୍ଡରେ ଦେବାଶିଷ ସହ ଆଉ ଜଣେ ସହଯୋଗୀ ରହିଥିବା ତଦନ୍ତ ବେଳେ ଜଣାପଡ଼ିଛି ।


**AFFIDAVIT**

By virtue of an affidavit sworn before Excutive Magistrate, Soro on 02.09.2025 I, Manga Prasad Behera, S/o Hadibandhu Behera, At/ Po-Gud, Ps-Soro, Balasore, declare that I have changed my name from Mangala Prasad Behera to Manga Prasada Behera. Henceforth, I shall be known as **Manga Prasad Behera** for all purposes.

**AFFIDAVIT**

I, Prince Shah, aged about 25 years, S/o- Gudra Prasad Saha, resident of At- Ward No-21, Near Kala Talav, Ps- Jharsuguda, Dist- Jharsuguda, Odisha, Pin- 768201 declare by this affidavit No.1807, dtd. 05.09.2025, that now onwards I shall be known as **PRINCE KUMAR SAHA** for all future purposes.

**AFFIDAVIT**

I, Bhagaban Natha, aged about 43 years, S/o- Late Bhabagrahi Nath, resident of At- Bhagabanpur, Kankadapal, Ps- Town, Dist- Dhenkanal, Odisha, Pin- 759013 declare by this affidavit No. 4996, dtd- 03/08/2023, that now onwards I shall be known as **BHAGABAN NATH** for all future purposes.

**DOCUMENT LOST**

I, **Prasnta Kumar Patra,** aged about 48 years, S/o Late Balabhadra Patra, resident of Somanath Nagar, 2nd lane, PS- B.Bazar, Dist- Ganjam, Odisha do hereby declare that, Original link document of Berhampur 1 registration office, (Mayuree Majestic Apartment) vide No. 1009/2010 which is purchased from J Venketeswar have been lost on 02.09.2025 while I was returning from Nimakhandi village to my home near Nimakhandi School in somewhere. If anyone finds it kindly contact to my address or my number: 9861222111.

**Prasnta Kumar Patra**

**ପୂର୍ବ ତଟ ରେଳପଥ**

ଇ-ଟେଣ୍ଡର ବିଜ୍ଞପ୍ତି ସଂ. STCVSKP-RGDA NewDiv-OT115, ତା.30.08.2025ରିଖ

**କାର୍ଯ୍ୟର ନାମ :** ପୂର୍ବ ତଟ ରେଳପଥରେ ରାୟଗଡ଼ା ମଣ୍ଡଳର ଅସ୍ଥାୟୀ ନିୟନ୍ତ୍ରଣ (Control) କାର୍ଯ୍ୟାଳୟ, ରାୟଗଡ଼ା ମଣ୍ଡଳର ଅସ୍ଥାୟୀ ମଣ୍ଡଳ ରେଳ ପ୍ରବନ୍ଧକ କାର୍ଯ୍ୟାଳୟ ସହିତ ନୂତନ ରାୟଗଡ଼ା ମଣ୍ଡଳ ମୁଖ୍ୟାଳୟର ସଂସ୍ଥାପନ ସମ୍ବନ୍ଧୀୟ ଦୂରସଂଚାର କାର୍ଯ୍ୟ ।

**କାର୍ଯ୍ୟର ଆନୁମାନିକ ମୂଲ୍ୟ :** ₹ 9,26,77,199.88, **EMD :** ₹ 6,13,400/-, **କାର୍ଯ୍ୟ ଶେଷ ହେବା ଅବଧି :** 18 (ଅଠର) ମାସ ।

**ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ :** ତା.22.09.2025ରିଖ 1530 ଘଟିକାରେ ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ । ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବସାଇଟ୍ **www.ireps.gov.in** ରେ ଉପଲବ୍ଧ ଅଟେ ।

**ଦ୍ରଷ୍ଟବ୍ୟ :** ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ / ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15 (ପନ୍ଦର) ଦିନ ପୂର୍ବରୁ ୱେବସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି । ଟେଣ୍ଡରଦାତା/ ବିଡ଼ରମାନଙ୍କ ପାଖରେ ନିଶ୍ଚିତ ଭାବେ କ୍ଲାସ-III ଡିଜିଟାଲ ସ୍ୱାକ୍ଷର ପ୍ରମାଣପତ୍ର ଥିବା ଆବଶ୍ୟକ ଏବଂ ସେମାନେ ନିଶ୍ଚିତ ଭାବେ IREPS ପୋର୍ଟାଲରେ ପଞ୍ଜୀକୃତ ହୋଇଥିବେ । କେବଳ ପଞ୍ଜୀକୃତ ଟେଣ୍ଡରଦାତା/ ବିଡ଼ରମାନେ ଇ-ଟେଣ୍ଡରିଙ୍ଗରେ ଅଂଶଗ୍ରହଣ କରିପାରିବେ ।

ଟେଣ୍ଡରଦାତାମାନେ ଟେଣ୍ଡରଦାତାମାନଙ୍କ ନିମନ୍ତେ ଉଦ୍ଦିଷ୍ଟ ସମସ୍ତ ନିର୍ଦ୍ଦେଶାବଳୀକୁ ସତର୍କତାର ସହିତ ପଢ଼ିବା ଉଚିତ ଏବଂ ଟେଣ୍ଡର ନଥିପତ୍ର ଉପରେ 2ର ଅନୁଲଗ୍ନକ-I, ଟେଣ୍ଡର ଫର୍ମ (ଦ୍ୱିତୀୟ ସିଟ୍)ର ଯାଞ୍ଚ ସୂଚୀ, ପାରା 3.1 (ଅତିରିକ୍ତ ଯାଞ୍ଚ ସୂଚୀ) ସହିତ ସମସ୍ତ ନିର୍ଦ୍ଦେଶାବଳୀଗୁଡ଼ିକୁ ଅନୁପାଳନ କରିବା ଆବଶ୍ୟକ ।

ଉପ ମୁଖ୍ୟ ସଙ୍କେତ ଏବଂ ଦୂରସଂଚାର ଯନ୍ତ୍ରୀ, (ନିର୍ମାଣ)/କୋରାପୁଟ

PR-98/CI/25-26

Infosys Navigate your next | SGI Sustainable Green Initiative Foundation | INFINITE SOLUTIONS | Gold Standard Climate Security & Sustainable Development

**ଖବରକାଗଜ ବିଜ୍ଞାପନ**

ଇନଫୋସିସ୍ ଲିମିଟେଡ୍, ସସ୍ଟେନେବଲ୍ ଗ୍ରିନ୍ ଇନିସିଆଟିଭ୍ (SGI) ଫାଉଣ୍ଡେସନ୍ ସହିତ ସହଯୋଗରେ ଏବଂ କାର୍ବନ୍ ପରାମର୍ଶଦାତା *ଇନଫିନିଟ୍ ଇନଭାଇରନ୍‌ମେଣ୍ଟାଲ୍ ସୋଲୁସନ୍ସ ଲିମିଟେଡ୍‌ଙ୍କ* ପ୍ରାୟୋଗିକ ସହାୟତାରେ, "ଭାରତରେ ଜୀବିକା ଏବଂ ଜଳବାୟୁ ସହନଶୀଳତା ପାଇଁ କୃଷିବନୀକରଣ: ଇନଫୋସିସ୍ ଏବଂ SGI ଫାଉଣ୍ଡେସନ୍‌ର ସଂଯୁକ୍ତ ପ୍ରୟାସ" (GS23373) ଶୀର୍ଷକରେ ଗୋଟିଏ କାର୍ଯ୍ୟକ୍ରମ (PoA) ଗଠନର ପ୍ରସ୍ତାବ ରଖିଛି।

ଏହି PoA ଅଧୀନରେ, "ଓଡ଼ିଶାରେ ଜୀବିକା ଏବଂ ଜଳବାୟୁ ସହନଶୀଳତା ପାଇଁ କୃଷିବନୀକରଣ: ଇନଫୋସିସ୍ ଏବଂ SGI ଫାଉଣ୍ଡେସନ୍‌ର ସଂଯୁକ୍ତ ପ୍ରୟାସ" (GS23374) ନାମରେ ଗୋଟିଏ ସ୍ୱଇଚ୍ଛିକ ପ୍ରକଳ୍ପ କାର୍ଯ୍ୟକଳାପ (VPA), ଲକ୍ଷ୍ୟଭିତ୍ତିକ କୃଷିବନୀକରଣ ଚାଷିବାଡ଼ି ପ୍ରତିଷ୍ଠାପନା କାର୍ଯ୍ୟକ୍ରମ ମାଧ୍ୟମରେ କାର୍ଯ୍ୟାନ୍ୱିତ କରାଯିବ। ଏହି ପ୍ରକଳ୍ପଟି ଗୋଲ୍ଡ ଷ୍ଟାଣ୍ଡାର୍ଡ ପ୍ରାଟିକାଳାରେ ସ୍ୱଇଚ୍ଛିକ କାର୍ବନ୍ ପ୍ରକଳ୍ପ ଭାବେ ନିବନ୍ଧିତ କରାଯିବାକୁ ଉଦ୍ଦିଷ୍ଟ।

ଏହି ପ୍ରୟାସଟି ବହୁ ସସ୍ଟେନେବଲ୍ ଡେଭଲପମେଣ୍ଟ ଗୋଲ୍ (SDGs) ପ୍ରାପ୍ତିରେ ଗୁରୁତ୍ୱପୂର୍ଣ୍ଣ ଅବଦାନ ରଖିବାକୁ ଆଶା କରାଯାଉଛି। ଗୋଲ୍ଡ ଷ୍ଟାଣ୍ଡାର୍ଡ ନୀତିମାଳା ଅନୁସାରେ ଏବଂ ପ୍ରକଳ୍ପର ଦୀର୍ଘମିଆଦୀ ସଫଳତା ସୁନିଶ୍ଚିତ କରିବାରେ ସ୍ଥାନୀୟ କୃଷକ ସମ୍ପ୍ରଦାୟର ଗୁରୁତ୍ୱପୂର୍ଣ୍ଣ ଭୂମିକାକୁ ଦୃଷ୍ଟିରେ ରଖି, ତାଙ୍କର ମତାମତ ସଂଗ୍ରହ କରିବା ଏବଂ ବର୍ତ୍ତମାନର ସ୍ୱଇଚ୍ଛିକ ପ୍ରକଳ୍ପ କାର୍ଯ୍ୟକଳାପ ସହିତ ସମ୍ପର୍କିତ କୌଣସି ଚିନ୍ତା ବିଷୟରେ ସ୍ୱଚ୍ଛତା ପ୍ରଦାନ କରିବା ଅତ୍ୟନ୍ତ ଆବଶ୍ୟକ।

ସେହିପାଇଁ, ସାର୍ବଜନୀନ ପରାମର୍ଶ (ସାର୍ବଜନୀନ ସଭା) ପାଇଁ ନିମ୍ନଲିଖିତ କାର୍ଯ୍ୟସୂଚୀ ଘୋଷଣା କରାଯାଉଛି —

ସଭାର ବିବରଣୀ:

1. ସ୍ଥାନ: କ୍ଷତ୍ରିୟ ସମାଜ ଭବନ, ୱାର୍ଡ୍ ନଂ-1, ଖରିଆର ସ୍ୱାୟତ୍ତଶାସିତ କଲେଜ୍ ସାମ୍ନାରେ, ରାଜଖରିଆର, ନୂଆପଡ଼ା, ଓଡ଼ିଶା, ଭାରତ
2. ତାରିଖ: ୦୬/୧୦/୨୦୨୫
3. ସମୟ: ପୂର୍ବାହ୍ନ ୧୧:୦୦

ସମସ୍ତ ସମ୍ପର୍କିତ କୃଷକମାନେ ଏବଂ ସ୍ଥାନୀୟ ଲୋକମାନଙ୍କୁ ସଭାରେ ଯୋଗଦେବାକୁ ନିମନ୍ତ୍ରଣ କରାଯାଉଛି।

ପ୍ରକଳ୍ପ କାର୍ଯ୍ୟକଳାପ ବିଷୟରେ ଅଧିକ ସୂଚନା କିମ୍ବା ସ୍ୱଚ୍ଛତା ପାଇଁ, ନିମ୍ନୋଲ୍ଲେଖିତ ଆମର ପ୍ରତିନିଧିଙ୍କ ସହିତ ସଂଯୋଗ ସ୍ଥାପନ କରନ୍ତୁ। ଯେଉଁମାନେ ବ୍ୟକ୍ତିଗତଭାବେ ସଭାରେ ଯୋଗଦେଇପାରିବେ ନାହିଁ, ସେମାନେ ତାଙ୍କର ସୂଚନା, ପ୍ରସ୍ତାବ କିମ୍ବା ଚିନ୍ତାବୋଧଗୁଡ଼ିକୁ ନିମ୍ନୋଲ୍ଲେଖିତ ଇ-ମେଲ୍ ଠିକଣାକୁ ପଠାଇପାରିବେ।

ଯୋଗାଯୋଗ ବିବରଣୀ:
ନାମ: ଶ୍ରୀଦୁର୍ଗେଶ୍ ରତୁରୀ
ସଂସ୍ଥା:SGIFoundation
ଇ-ମେଲ୍:info@sgi.foundation
ଫୋନ୍: +91 917848969985

ସକାଳ THE SAKALA



# କଳାହାଣ୍ଡି ଜିଲ୍ଲା କଂଗ୍ରେସ ସଭାପତି ଚୟନ ନେଇ ବଢୁଛି ବିବାଦ

**ଭବାନୀପାଟଣା, ୫।୯ (ସମିସ)**

ବରିଷ୍ଠ କଂଗ୍ରେସ ନେତା ଭକ୍ତଚରଣ ଦାସ ପ୍ରଦେଶ କଂଗ୍ରେସ କମିଟି ସଭାପତି ହେବାପରେ ରାଜ୍ୟ କଂଗ୍ରେସକୁ ସୁଦୃଢ କରିବାପାଇଁ ଲାଗିପଡ଼ିବା ସହ ଦଳ ଛାଡିଥିବା ନେତାଙ୍କୁ ଘର ବାହୁଡ଼ା ଓ ଜିଲ୍ଲାସ୍ତରରେ କଂଗ୍ରେସକୁ ମଜବୁତ କରିବା ପାଇଁ ପ୍ରୟାସ ଜାରି ରଖିଛନ୍ତି। କିନ୍ତୁ ଭକ୍ତ ଦାସ ଯେଉ ଜିଲ୍ଲାରୁ ଯାଇ ପିସିସି ସଭାପତି ହୋଇଛନ୍ତି ସେହି କଳାହାଣ୍ଡି ଜିଲ୍ଲାରେ ତୃଣମୂଳସ୍ତରରୁ ବିବାଦ ଦେଖାଦେଲାଣି। କିଛି କଂଗ୍ରେସ ନେତା ଅଭିଯୋଗ ଆଣିଛନ୍ତି ଯେ ରାଜ୍ୟରେ କୌଣସି ଜିଲ୍ଲାରେ ଜିଲ୍ଲା ସଭାପତି ଚୟନ ହୋଇନଥିବା ବେଳେ ଆଗତୁରିଆ କଳାହାଣ୍ଡି ଜିଲ୍ଲାର ବରିଷ୍ଠ ତଥା ପୂର୍ବତନ ବିଧାୟକ ଭାରତ ବେମାଲଙ୍କ ଠାରୁ ସଭାପତି ଦାୟିତ୍ୱ ଛଡାଇ ଜଣେ ବିବାଦୀୟ ଚାଉଳ ଏଜେଣ୍ଟ ତଥା ଭକ୍ତଙ୍କ ନିକଟତର କୁହାଯାଉଥିବା ଜଳନ୍ଧର ନାଏକଙ୍କୁ ସଭାପତି କରାଯାଇଥିଲା କିନ୍ତୁ ପରେ ଭକ୍ତଙ୍କ ମନଇଚ୍ଛା ନିଯୁକ୍ତିକୁ ନେଇ ଏଆଇସିସି ଏହି ସଭାପତି ଚୟନକୁ ଗ୍ରହଣ ନକରିବାରୁ ଜଳନ୍ଧର ନାଏକଙ୍କୁ ବର୍ତ୍ତମାନ କଂଗ୍ରେସ ଜିଲ୍ଲା ସଂଯୋଜକ ଭାବେ ଥଇଥାନ କରାଯାଉଛି। ରାଜ୍ୟରେ ଜିଲ୍ଲା ସଭାପତି ନିଯୁକ୍ତି ପ୍ରକ୍ରିୟା ଆରମ୍ଭ ହୋଇଥିବା ବେଳେ କଳାହାଣ୍ଡି ଜିଲ୍ଲାରେ ମଧ୍ୟ ଏଆଇସିସି ମୁସ୍ତାକ ଅଲ୍ଲି ଙ୍କ ନେତୃତ୍ୱରେ କଳାହାଣ୍ଡି କଂଗ୍ରେସ ପ୍ରଭାରୀ ତାରାପ୍ରସାଦ ବାହିନୀପତି ବ୍ଲକ ବୁଲି ସଭାପତି ପଦ ପାଇଁ କର୍ମିଙ୍କ ମତାମତ ଲୋଡୁଛନ୍ତି। ଅନ୍ୟପକ୍ଷରେ କଳାହାଣ୍ଡି ଜିଲ୍ଲା କଂଗେସର ୧୦୦ଜଣିଆ ଏକ୍ଟିଭ ମେମ୍ବର ଅସ୍ଥାୟୀ ସଭାପତି ଜଳନ୍ଧର ନାଏକଙ୍କ ନାଁ ସଭାପତି ପାଇଁ ସୁପାରିଶ କରିଥିବା ଜଣାପଡ଼ିଛି। କୁଆଡେ ଏହି ମେମ୍ବର ମନଙ୍କୁ ଉପରୁ ନିର୍ଦ୍ଦେଶ ଆସିଛି। ତେବେ ଜିଲ୍ଲା ର କର୍ମୀ ଓ ନେତା ମାନେ ଜଳନ୍ଧରଙ୍କ କାର୍ଯ୍ୟଦକ୍ଷତାକୁ ନେଇ ସନ୍ଦେହ ପ୍ରକାଶ କରିଚନ୍ତି। ଆଗକୁ ପଞ୍ଚାୟତ ନିର୍ବାଚନ ଥିବାବେଳେ ତୃଣମୂଳସ୍ତରରୁ ମଜବୁତ କରି ଜଣେ ନବାଗତଜିଲ୍ଲା ସଭାପତି ବିଜେଡ଼ି ଓ କଂଗ୍ରେସକୁ ମାତ୍ ଦେଇପାରିବେକି ନାହିଁ ତାହାକୁ ନେଇ ନେତା ମଧ୍ୟ ସନ୍ଦେହରେ ଯୁବ କଂଗ୍ରେସ, ଛାତ୍ର କଂଗ୍ରେସ୍, ମହିଳା କଂଗ୍ରେସ୍, କିସାନ କଂଗ୍ରେସ ଏପରିକି ଜିଲ୍ଲାବ୍ୟାପୀ କଂଗ୍ରେସ କର୍ମୀଙ୍କୁ ଏକତ୍ରିତ କରି ପଞ୍ଚାୟତ ଲଢ଼ିବା କଷ୍ଟକର ହୋଇପଡ଼ିବ। ଜିଲ୍ଲାର ତୃଣମୂଳ କର୍ମୀ କୁହାକହି ହେଉଥିବା ଅନୁଯାୟୀ ଜିଲ୍ଲା କଂଗ୍ରେସ ଅନେକ ବରିଷ୍ଠ ଓ ଅଭିଜ୍ଞ ନେତା ପୂର୍ବମନ୍ତ୍ରୀ ବଳଭଦ୍ର ମାଝୀ, ପୂର୍ବ ସଭାପତି ଭାରତ ବେମାଲ, ବରିଷ୍ଠ ନେତା ଚିତରଞ୍ଜନ ମଣ୍ଡଳ, ଦ୍ରୌପଦୀ ମାଝୀ, ଅଶୋକ ଚାନ୍ଦ, ରାମ କୁମାର ଜୈନ, ପୁରୁଷୋତ୍ତମ ପଣ୍ଡା, ଦେବେନ୍ଦ୍ର ନାୟକ ସନ୍ତୋଷ ମୁଣ୍ଡ ଭଳି ବରିଷ୍ଠ ନେତା ଥାଉ ଥାଉ ଜଣେ କନିଷ୍ଠ ଓ ନବାଗତଙ୍କୁ ଜିଲ୍ଲା ସଭାପତି ନିଯୁକ୍ତ କରିବା ଘଟଣା କୁ କର୍ମୀ ଓ ନେତା ସହଜରେ ଗ୍ରହଣ କରିପାରିନାହାନ୍ତି। ଜିଲ୍ଲାର ବରିଷ୍ଠ ନେତାମାନେ ଏହି ସଭପତି ପାଇଁ ମୋନୋନିତ ହେବାକୁ ଥିବା ଯୁବକଙ୍କୁ ମାନିବେକି ନା ଦଳ ଭାଗ ହେଉଛି ତାହା ଦେଖିବାକୁ ରହିଲା। ଯଦି ଏପରି ହୁଏ ତେବେ ଜିଲ୍ଲାରେ କଂଗେସ ଆସନ୍ତା ପଞ୍ଚାୟତ ନିର୍ବାଚନରେ ନୈରାଶ୍ୟ ଜନକ ଫଳ ପାଇବାକୁ ଯାଉଛି ବୋଲି କଂଗେସ କର୍ମୀ ମହଲରେ ଚର୍ଚ୍ଚା ହେଉଛି।

# ଯୁରିଆ ସାର ନେବା ପାଇଁ ଅସମ୍ଭାଳ ଭିଡ଼



**କର୍ଲାମୁଣ୍ଡା, ୫।୯ (ସମିସ):** କଳାହାଣ୍ଡି ଜିଲ୍ଲା କର୍ଲାମୁଣ୍ଡା ବ୍ଲକରେ ଥିବା ତିନି ପ୍ରାଥମିକ କୃଷି ସମବାୟ ସମିତିର ସାର ଗୋଦାମ ଗୃହ ମାନଙ୍କ ରେ ଯୁରିଆ ସାର ନେବା ଚାଷୀ ମାନଙ୍କ ପ୍ରବଳ ଭିଡ ରହିଥିବା ଓ ଚାଷୀମାନେ ସାର ନ ପାଇ ଅସନ୍ତୋଷ ଫେରୁଥିବା ଶୁକ୍ରବାର ଦେଖିବାକୁ ମିଳିଛି।ମିଳିଥିବା ସୂଚନା ମୁତାବକ ବ୍ଲକ ର ଜୋରାଡ଼ବରା, ରିଷିଡା, କର୍ଲାମୁଣ୍ଡା ପ୍ରାଥମିକ କୃଷି ସମବାୟ ସମିତି କୁ ମାର୍କଫେଡ ଜରିଆରେ ଗୁରୁବାର ୨୦୩୬ ବସ୍ତା ଓ ପୂର୍ବରୁ ଏହି ତିନିଟି ସମବାୟରେ ୧ହଜାର ୨ବସ୍ତା ଯୁରିଆ ସାର ମହଜୁଦ ଥିଲା।ତେବେ ତିନିଟି ସମବାୟ ରେ ଶୁକ୍ରବାର ହଜାର ହଜାର ଚାଷୀ ସାର ନେବା ଅପେକ୍ଷା କରିଥିବା ଦେଖିବାକୁ ମିଳିଥିଲା। ତେବେ ମହଜୁଦ ଥିବା ସାର କୁ ସମସ୍ତ ଚାଷୀଙ୍କୁ ଯୋଗେଇ ବାକୁ ପ୍ରଶାସନ ଚେଷ୍ଟା କରିଥିଲେ ହେଁ, ଚାଷୀ ସଂଖ୍ୟା ଅଧିକ ରୁ ଅଧିକ ହେଇଥିବାରୁ ସାର ଚାହୁଁଥିବାରୁ ସମସ୍ତଙ୍କୁ ସନ୍ତୋଷ ଜନକ ଭାବେ ସାର ଯୋଗେଇବାରେ ସମସ୍ୟା ସୃଷ୍ଟି ହୋଇଥିଲା। ଏହି ଘଟଣା ଜାଣିବା ପରେ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ଶୁଭେନ୍ଦୁ କର, ତହସିଲଦାର ଅରୁଣ ବର୍ଗେ, ସ୍କିମ ଅଫିସର ବିଶ୍ୱନାଥ ମହାପାତ୍ର, ବ୍ଲକ କୃଷି ଅଧିକାରୀ ଜିତେନ୍ଦ୍ର କୁମାର ସିଂ ବିଭିନ୍ନ ସମବାୟ ସମିତିକୁ ପରିଦର୍ଶନ କରି ସାର ମହଜୁଦ ଅଛି, ଆବଶ୍ୟକ ମୁତାବକ ସାର ଯୋଗେଇ ଦିଆଯିବ ବୋଲି ଚାଷୀ ମାନଙ୍କୁ ବୁଝାଇଥିଲେ। ଏନେଇ ବ୍ଲକ କୃଷି ଅଧିକାରୀ ଜିତେନ୍ଦ୍ର କୁମାର ସିଂଙ୍କୁ ପଚାରିବାରୁ ଜିଲ୍ଲା ପ୍ରଶାସନ ସହିତ ଆଲୋଚନା ସରିଛି, ଯଥା ଶୀଘ୍ର ଆହୁରି ସାର ଆସିବ ବୋଲି କହିବା ସହ ଆଜି ପ୍ରଥମ ଦିନରେ ୧୪୨୮ ବସ୍ତା ସାର ଚାଷୀ ଙ୍କୁ ଦିଆଯାଇଛି ଓ ୧୬୨୦ ବସ୍ତା ସାର ତିନିଟି ସମବାୟ ସମିତିରେ ମହଜୁଦ ରହିଛି ବୋଲି କହିଥିଲେ।

## 'ସକାଳ'ର ମହାପ୍ରଭାବ

# ପିଚୁ ରାସ୍ତା ପାଇଁ ପ୍ରତିଶ୍ରୁତି ଦେଲେ ବିଡିଓ

**ଧର୍ମଗଡ଼, ୫।୯ (ସମିସ):** ଗତ ୧ତାରିଖ ଦିନ ଧର୍ମଗଡ଼ ବ୍ଲକ ଜୟନ୍ତପୁର ପଞ୍ଚାୟତ ଅନ୍ତର୍ଗତ ରଇନଗୁଡା ଗ୍ରାମ ର ମୁଖ୍ୟ ସମସ୍ୟା ରାସ୍ତା ଖବର 'ସକାଳ'ରେ ପ୍ରକାଶ ହୋଇଥିଲା।ଖବରପ୍ରସାରଣର ମହାପ୍ରଭାବରେ ଧର୍ମଗଡ଼ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସଦାଶିବ ନାୟକ ଗାଁକୁ ପହଞ୍ଚି ଗ୍ରାମବାସୀଙ୍କ ସହ ଆଲୋଚନା କରିଥିଲେ। ସ୍ୱାଧୀନତାର ୭୯ବର୍ଷ ପୂର୍ତ୍ତି ହୋଇଥିଲେ ହିଁ ଗାଁକୁ ଆଜି ଯାଏ ପକ୍କା ରାସ୍ତା ଖଣ୍ଡିକ ନାହିଁ।ଲୋକେ ନାହିଁ ନ ଥିବା ସ୍ଥିତିରେ କାଦୁଅ ଓ ଆଣ୍ଠୁଏ ପାଣି ରାସ୍ତା ଦେଇ ଯାତାୟାତ କରୁଛନ୍ତି।ଏପରିକି ଗାଁରେ ଥିବା ଅଙ୍ଗନବାଡିକେନ୍ଦ୍ର ଓ ବିଦ୍ୟାଳୟ ର ଛାତ୍ରଛାତ୍ରୀ ବିପନ୍ନ ଭାବେ ଯାତାୟାତ କରୁଥିବା ନଜର ରହିଛି।ଜୟନ୍ତପୁର-ବେହେରା ମୁଖ୍ୟ ରାସ୍ତା ଠାରୁ ମାତ୍ର ୧କିମି ଦୂର ପଶ୍ଚିମରେ ଗାଁ ଅବସ୍ଥିତ ରହିଛି। ରାସ୍ତା ପାଇଁ ପ୍ରଶାସନ ଠାରୁ ଆରମ୍ଭ କରି ନେତା, ମନ୍ତ୍ରୀଙ୍କ ପର୍ଯ୍ୟନ୍ତ କଥା ଯାଇ ଥିଲେ ହିଁ ଆଜି ଯାଏ କୌଣସି ବ୍ୟବସ୍ଥା ହୋଇ ପାରିନି।ଏନେଇ 'ସକାଳ'ରେ ପ୍ରକାଶ ପରେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ସମସ୍ୟା ପରଖିବାକୁ ଆସି ଗାଁ ଲୋକଙ୍କ ସହ ଆଲୋଚନା କରି ଶେଷରେ ପ୍ରତିଶ୍ରୁତି ଦେଇଛନ୍ତି।ଗାଁ ଲୋକଙ୍କ କହିବା ମତେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଆସନ୍ତା ବର୍ଷ ବ୍ୟୟ ବରାଦରେ ରାସ୍ତା କାମ ଆରମ୍ଭ ହେବ-ଏଣିକି କାଦୁଅ ନୁହଁ ବରଂ ପିଚୁ ରାସ୍ତାରେ ଗ୍ରାମବାସୀ ଯାତାୟାତ କରିବେ ବୋଲି ଭରପୁର ପ୍ରତିଶ୍ରୁତି ଦେଇଛନ୍ତି।ଗୋଷ୍ଠୀ ଉନ୍ନୟନ ଅଧିକାରୀଙ୍କ ଦୃଷ୍ଟି ରଇନଗୁଡ଼ା ରାସ୍ତା ପ୍ରତି ପଡ଼ିଥିବା ଓ ଜଣେ କର୍ତ୍ତବ୍ୟ ନିଷ୍ଠା ଅଧିକାରୀ ହୋଇଥିବା ଯୋଗୁଁ ତାଙ୍କ ପ୍ରତିଶ୍ରୁତି ନିହାତି ସାକାର ହେବ ବୋଲି ଗ୍ରାମର ଜୟରାମ ଦୁରିଆ, ବୈଷ୍ଣବ ନାଏକ, ଲୋହିତ ଦୁରିଆ, ଶ୍ୱେତ ରାମ ନାଏକ, ମହେନ୍ଦ୍ର ଦୁର୍ଗା ପ୍ରମୁଖ ପ୍ରକାଶ କରିଛନ୍ତି।

## ଜେଡଆରୟୁସିସି ବୈଠକରେ କଳାହାଣ୍ଡି ରେଳ ଯାତ୍ରୀ ସଂଘର ମୁଖ୍ୟପରାମର୍ଶଦାତା

# ଅଞ୍ଚଳର ରେଳ ସମସ୍ୟା କଲେ ଉପସ୍ଥାପନ

**କେସିଙ୍ଗା, ୫।୯ (ସମିସ):** କଳାହାଣ୍ଡି ରେଳଯାତ୍ରୀ ସଂଘର ମୁଖ୍ୟ ପରାମର୍ଶଦାତା ତଥା କେସିଙ୍ଗା ସିଟିଜନ ଫୋରମ୍ ସଭାପତି ଡାକ୍ତର ହେମସାଗର ସାହା ଭୁବନେଶ୍ୱରରେ ଅନୁଷ୍ଠିତ ଜେଡ୍ ଆର ୟୁ ସି ସି ବୈଠକରେ ଯୋଗ ଦେଇ ଅଞ୍ଚଳର ବିଭିନ୍ନ ସମସ୍ୟା ରେଳ ସମସ୍ୟା ଉପରେ ଉପସ୍ଥିତ ରେଳ ବିଭାଗ ର ଉଚ୍ଚତମ ଅଧିକାରୀଙ୍କ ପାଖରେ ୧୩ଟି ମୁଖ୍ୟ ସମସ୍ୟା ଉପରେ ଅଧିକାରୀମାନଙ୍କର ଦୃଷ୍ଟି ଆକର୍ଷଣ କରିଥିଲେ।ଏଥିରେ ମୁଖ୍ୟତ କେସିଙ୍ଗା ରେଳ ଷ୍ଟେସନ ଓ ଆଖ ପାଖ ରେଳ ଷ୍ଟେସନରେ ଉପୁଜୁଥିବା ବିଭିନ୍ନ ସମସ୍ୟା ସମ୍ପର୍କରେ ଡାକ୍ତର ସାହା ଦାବି ଉପସ୍ଥାପନ କରିଥିଲେ।ଯେଉଁଥିରେ ରାଜଧାନୀ ପାଇଁ ସିଧାସଳଖ ଟ୍ରେନ, ପୁଣି କୋରାପୁଟ ରାୟଗଡ଼ା ଭାୟା ଟିଟଲାଗଡ଼ ଦେଇ ଭୁବନେଶ୍ୱରକୁ ଟ୍ରେନ, ସପ୍ତାହକୁ ତିନି ଦିନ ହାୱଡା ଇସ୍ପାତ ଏକ୍ସପ୍ରେସକୁ ଟିଟଲାଗଡ଼ ପରିବର୍ତ୍ତେ କେସିଙ୍ଗାକୁ ଏକ୍ସଟେନସନ୍, କେସିଙ୍ଗାରୁ ଜୁନାଗଡ଼ ଭଦ୍ରାଚଲମ୍ ରେଳ କରିଡ଼ରର ଶୀଘ୍ର କାମ ଆରମ୍ଭ, କେସିଙ୍ଗା ରେଳ ଷ୍ଟେସନ ରେ ପାର୍କିଂର ସୁବ୍ୟବସ୍ଥା ସାଙ୍ଗକୁ ପାର୍କିଂ ଫି ଦର କମାଇବା, କେସିଙ୍ଗା ଷ୍ଟେସନ ରେ ପ୍ଲାଟ ଫର୍ମ ନଂ ୧ରେ ଟିକେଟ ବୁକିଂ କାଉଣ୍ଟରର ବ୍ୟବସ୍ଥା, ପ୍ଲାଟ ଫାର୍ମ ନଂ ୨, ୩ ଓ ୪ରେ ଟି ଷ୍ଟଲର ବ୍ୟବସ୍ଥା, କେସିଙ୍ଗା ରେଳ ଷ୍ଟେସନରେ ରହୁଥିବା ସମସ୍ତ ଗାଡ଼ି ୨ ମିନିଟ ପରିବର୍ତ୍ତେ ୫ ମିନିଟ ରହିବାର ବ୍ୟବସ୍ଥା, କେସିଙ୍ଗାରେ ମାଲ ପରିବହନର ସୁଦୃଢ ବ୍ୟବସ୍ଥା, କେସିଙ୍ଗା ରେଳଷ୍ଟେସନରେ ଥିବା ଶୌଚାଳୟର ନବୀକରଣ, ସମ୍ବଲପୁର ରାୟଗଡ଼ା ତପସ୍ୱିନି ଏକ୍ସପ୍ରେସ ଦୁଇ ମିନିଟ୍ ପାଇଁ କାଣ୍ଡେଲ ରୋଡ ରେ ରହଣି, ଉକ୍ତ ଷ୍ଟେସନରେ ସୁଦୃଢ ଆଲୋକିକରଣ ଓ ପାନୀୟ ଜଳର ବ୍ୟବସ୍ଥା ଓ ଭକ୍ତମାନଙ୍କ ସୁବିଧା ପାଇଁ ସମ୍ବଲପୁର ପର୍ଯ୍ୟନ୍ତ ଆସୁଥିବା ମୟୁରାକ୍ଷି ଏକ୍ସପ୍ରେସକୁ ଟିଟଲାଗଡ଼ ଷ୍ଟେସନ ପର୍ଯ୍ୟନ୍ତ ଏକ୍ସଟେନସନ୍ ଦାବି ଉପସ୍ଥାପନ କରିଛନ୍ତି ସିଟିଜନ ଫୋରମ୍ ସଭାପତି ଦେଖିବାକୁ ବାକି ରହିଲା କେବେ ଦାବିଗୁଡ଼ିକ ପୂରଣ ହେଉଛି।

# ବିରଳ ପ୍ରଜାତିର ଏଣ୍ଡୁଅ ଉଦ୍ଧାର

**ଧର୍ମଗଡ଼, ୫।୯ (ସମିସ):** ଧର୍ମଗଡ଼ ସହର ସ୍ଥିତ ପାରଦେଶ୍ୱର ମନ୍ଦିର ଯିବା ରାସ୍ତା ଠାରେ ଏକ ଗଛରେ ବିରଳ ପ୍ରଜାତିର ଏକ ଏଣ୍ଡୁଅ ଉଦ୍ଧାର ହୋଇଛି। ଉକ୍ତ ଏଣ୍ଡୁଅକୁ ଦେଖିବା ପାଇଁ ଲୋକଙ୍କ ଭିଡ଼ ଦେଖିବାକୁ ମିଳିଥିଲା। ଏହା କେଉଁ ପ୍ରଜାତିର ଏଣ୍ଡୁଅ ଓ ଏହାର ବିଶେଷ କରି କେଉଁ ଅଞ୍ଚଳ ଗୁଡିକରେ ଦେଖାଦେଇଥାଏ ତାକୁ ନେଇ ଏବେ ସବୁଠି ଚର୍ଚ୍ଚା ର ମାହୋଲ ଦେଖିବାକୁ ମିଳିଛି। ସାଧାରଣତଃ ଭାବରେ ଆମେ ଘର, ଗଛ କିମ୍ବା ଅନ୍ୟ ଜାଗାରେ ବିଭିନ୍ନ ପ୍ରକାରର ଏଣ୍ଡୁଅ ଦେଖିଥାଉ ହେଲେ ଏଣ୍ଡୁଅ କିନ୍ତୁ ଭିନ୍ନ। ମାଙ୍କଡ଼ ଭଳି ଡିଆଁ ମାରୁଛି ଓ ଏ ଡାଳ ସେ ଡାଳ ହେଉଛି। ପରିବେଶ ଓ ପ୍ରାଣୀ ପ୍ରେମୀଙ୍କ କହିବାନୁସାରେ ବିଶେଷ କରି ଏହି ପ୍ରକାରର ଏଣ୍ଡୁଅ ଘଞ୍ଚ ଜଙ୍ଗଲରେ ରହିଥାଏ। କିନ୍ତୁ ସହର ମଧ୍ୟରେ ଦେଖିବା ଏହା ବହୁତ ନିଆରା ବୋଲି ପ୍ରକାଶ କରିଛନ୍ତି। ଏନେଇ ଖବର ପ୍ରଘଟ ହେବା ପରେ ସ୍ଥାନୀୟ ଜଙ୍ଗଲ ବିଭାଗର କର୍ମଚାରୀ ଏଣ୍ଡୁଅକୁ ଉଦ୍ଧାର କରି ଜଙ୍ଗଲରେ ଛାଡି ଦେଇଥିବା ଜଣାପଡ଼ିଛି।

# ପେଟେଣ୍ଟ ଡିଜାଇନରେ ଘନଶ୍ୟାମ ବେହେରାଙ୍କ ନାମ ପଞ୍ଜିକୃତ

**ଭବାନୀପାଟଣା, ୫।୯ (ସମିସ):** ମା' ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର କର୍ମଚାରୀମାନେ ବିଭିନ୍ନ ସମୟରେ ବିଭିନ୍ନ କ୍ଷେତ୍ରରେ ବିଶ୍ୱବିଦ୍ୟାଳୟ ପାଇଁ ଗୌରବ ଆଣିଛନ୍ତି। ସିଲ୍କ ନାନୋଜେଲ ଇଞ୍ଜେକ୍ଟର ଡିଭାଇସ୍ ଫର କଣ୍ଟ୍ରୋଲଡ୍ ଆଣ୍ଡ ଟାର୍ଗେଟେଡ୍ ଡ୍ରଗ ଡେଲିଭରି' ସହ ସମ୍ବନ୍ଧିତ ପେଟେଣ୍ଟ ଡିଜାଇନରେ ପଞ୍ଜିକୃତ ହୋଇଥିବା ୧୦ ଜଣ ବିଶେଷଜ୍ଞଙ୍କ ମଧ୍ୟରୁ କଳାହାଣ୍ଡି ଜିଲ୍ଲାର ମା ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟସ୍ଥିତ ଉଦ୍ଭିଦ ବିଜ୍ଞାନ ବିଭାଗର ମୁଖ୍ୟ ଡ. ଘନଶ୍ୟାମ ବେହେରାଙ୍କ ନାମ ମଧ୍ୟ ପ୍ରକାଶିତ ହୋଇଛି। ସୂଚନା ଥାଉ କି ପୂର୍ବରୁ ମା ମାଣିକେଶ୍ୱରୀ ବିଶ୍ୱବିଦ୍ୟାଳୟର ପୂର୍ବତନ କୁଳପତି ସ୍ୱର୍ଗତ କର୍ଣ୍ଣେଲ ପ୍ରଫେସର ସଞ୍ଜୟ କୁମାର ଶତପଥି 'ଚତୁର୍ଥ ମାଙ୍କଡ଼' ପାଇଁ କପି ରାଇଟ ପାଇଥିଲେ। ବର୍ତ୍ତମାନ ଶ୍ରୀ ବେହେରା ପେଟେଣ୍ଟ ଡିଜାଇନ ସହିତ ଯୋଡ଼ି ହୋଇଛନ୍ତି। ଏହା ବିଶ୍ୱବିଦ୍ୟାଳୟ ପାଇଁ ଭାରତ ବର୍ଷରେ ସମ୍ମାନ ଓ ପରିଚୟ ସୃଷ୍ଟି କରି ଗୌରବ ଆଣିଦେଇଛି। ସିଲ୍କ ନାନୋଜେଲ୍ ଇଞ୍ଜେକ୍ଟର ଡିଭାଇସ୍ ହେଉଛି ଏକ ନୂତନ ପ୍ଲାଟଫର୍ମ, ଯାହା ନିୟନ୍ତ୍ରିତ ଓ ଲକ୍ଷ୍ୟଭିତ୍ତିକ ଔଷଧ ପ୍ରଦାନ ପାଇଁ ବ୍ୟବହୃତ ହୁଏ। ସିଲ୍କ ଫାଇବ୍ରୋଇନ୍ ଆଧାରିତ ନାନୋଜେଲ୍ ବ୍ୟବହାର କରି ଔଷଧର ଗୁଣାତ୍ମକମାନ ବୃଦ୍ଧି କରାଯାଇପାରେ। ଏହାର ଜୀବସହିଷ୍ଣୁତା, ଜୀବ-ବିଲୟନଶୀଳତା ଓ ସମନ୍ୱୟଶୀଳ ଯାନ୍ତ୍ରିକ ଶକ୍ତି ଥାଏ, ଯାହା ନିରାପଦ ଔଷଧର ପ୍ରୟୋଗକୁ ସୁନିଶ୍ଚିତ କରେ। ଏହି ଇଞ୍ଜେକ୍ଟର ରୋଗାକ୍ରାନ୍ତ ତନ୍ତ୍ରକୁ



ସିଧାସଳଖ ଔଷଧ ଦେଇ ସାରା ଶରୀରରେ ହେବାକୁଥିବା ପ୍ରତିକୂଳ ପ୍ରଭାବକୁ କମାଇଥାଏ ଓ ଚିକିତ୍ସାକୁ ଅଧିକ କାର୍ଯ୍ୟକ୍ଷମ କରେ। ଏହାର ନାନୋ-ସ୍ତରୀୟ ଗଠନ ଦ୍ୱାରା ବିଭିନ୍ନ ପ୍ରକାର ଔଷଧ ପ୍ରୋଟିନ୍, ପେପ୍ଟାଇଡ୍ ଓ ସ୍ମଲ୍ ମଲିକ୍ୟୁଲ୍ କୁ ସହଜରେ ଗୋଟେଇ ଆବଦ୍ଧ କରାଯାଇ ଦୀର୍ଘକାଳୀନ ଓ ସ୍ଥାୟୀତ୍ୱ କରାଯାଇଥାଏ। ଏହି ପ୍ରଣାଳୀ କ୍ୟାନ୍ସର ଚିକିତ୍ସା, ଶାରୀରିକ କ୍ଷତ ଓ ପ୍ରତ୍ୟାରୋପଣ ଚିକିତ୍ସାରେ ବିଶେଷ ଉପକାରୀ। କାରଣ ଏହା ସଠିକ୍ ଭାବରେ ଔଷଧ ପ୍ରଦାନ କରି କମ୍ ଆକ୍ରାମକ ଉପାୟରେ ରୋଗୀଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ଉନ୍ନତ କରେ। ଡଃ. ବେହେରାଙ୍କ ନାମ ପଞ୍ଜିକୃତ ଖବର ପ୍ରଚାରିତ ହେବାପରେ ବିଶ୍ୱବିଦ୍ୟାଳୟରେ ଖୁସିର ଲହରୀ ଖେଳିଯାଇଛି।

# ସୂତା ରଙ୍ଗ ତାଲିମ ଶିବିର ଉଦ୍‌ଘାଟିତ

**ବୌଦ୍ଧ, ୫।୯ (ସମିସ):** ବୌଦ୍ଧ ବ୍ଲକ ତାଲସରଡ଼ା ପଞ୍ଚାୟତ କନେକପୁରରେ ମହିଳା ଦକ୍ଷତା ବୃଦ୍ଧି ପ୍ରଶିକ୍ଷଣ କାର୍ଯ୍ୟକ୍ରମ (ସୂତା ରଙ୍ଗ ତାଲିମ) ଉଦ୍‌ଘାଟିତ ହୋଇଯାଇଛି। ବରିଷ୍ଠ ବୁଣାକାର ସଭ୍ୟ ଯୋଗୀନ୍ଦ୍ର ମେହେର ଏଥିରେ ଅଧ୍ୟକ୍ଷତା କରିଥିଲେ। ଏଥିରେ ବୌଦ୍ଧ ସହକାରୀ ବୟନ ଶିଳ୍ପ ନିର୍ଦ୍ଦେଶକ ସୁଶାନ୍ତ ନାଏକ ମୁଖ୍ୟ ଅତିଥି ଭାବେ ଯୋଗଦେଇ ଏହି ମହିଳା ସୂତା ରଙ୍ଗ ତାଲିମ କାର୍ଯ୍ୟକ୍ରମର ଉଦ୍‌ଘାଟନ କରଥିଲେ। ବୁଣାକାର୍ଯ୍ୟରେ ଉତ୍ତମ ରଙ୍ଗର ବ୍ୟବହାର କରିବାକୁ ହେଲେ ଦକ୍ଷତା ବୃଦ୍ଧିର ଆବଶ୍ୟକ ରହିଛି ବୋଲି ସେ କହିଥିଲେ। ସମ୍ମାନିତ ଅତିଥି ଭାବେ କର୍ମ ନିଯୋଜନ ଅଧିକାରୀ ବୌଦ୍ଧର ହେମନ୍ତ ତିୱାରୀ ଯୋଗଦେଇ ହସ୍ତତନ୍ତ ହେଉଛି ଏକ ପ୍ରାଚୀନ କଳା। କୌଳିକ ବୃତ୍ତିର ଏକ ଅଙ୍ଗ। ତାକୁ ଆହୁରି ଉତ୍କର୍ଷ କରିବାକୁ ପଡ଼ିବ। ଆର୍ଥିକ ଅଭିବୃଦ୍ଧି ପାଇଁ ଦକ୍ଷତା ବୃଦ୍ଧି ଏକାନ୍ତ ଆବଶ୍ୟକ ବୋଲି କହିଥିଲେ। ଅନ୍ୟତମ ସମ୍ମାନୀତ ଅତିଥି ଭାବେ ବୟନ ତତ୍ତ୍ୱାବଧାରକ ଦେବେନ୍ଦ୍ର ଭୋଇ, ବୈଷୟିକ ସହାୟକ ଅଶୋକ ମେହେର, ସୌମ୍ୟରଞ୍ଜନ ସାହୁ, ବୟନ ନିରୀକ୍ଷକ ହରିହର ଦାସ ଏବଂ ପ୍ରଶିକ୍ଷଣଦାତା ଧରଣୀଧର ମେହେର ମଞ୍ଚାସୀନ ଥିଲେ। ରମେଶ ପ୍ରସାଦ ମେହେର ଅତିଥି ପରିଚୟ ଓ ତାଲିମ କାର୍ଯ୍ୟକ୍ରମ ଉଦ୍ଦେଶ୍ୟ ଉପରେ ବକ୍ତବ୍ୟ ରଖିବା ସହ ସଭାକାର୍ଯ୍ୟ ପରିଚାଳନା କରିଥିଲେ। ଏହି କାର୍ଯ୍ୟକ୍ରମରେ ୨୦ ଜଣ ମହିଳା ୨ ମାସ ଧରି ତାଲିମ ଗ୍ରହଣ କରିବେ। ବେଦବ୍ୟାସ ମେହେର, ରଘୁନାଥ ମେହେର, କାର୍ତ୍ତିକ ମେହେର, ହେମନ୍ତ ମେହେର, ଫକିର ମେହେର ପ୍ରମୁଖ ଯୋଗ ଦେଇଥିଲେ। ହସ୍ତତନ୍ତ, ବିକାଶ ଯୋଜନା (ପୋହି) ୨୦୨୪-୨୫ ଅଧୀନରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ବୟନ ଓ ହସ୍ତଶିଳ୍ପ ବିଭାଗ, ବୟନ ଶିଳ୍ପ ନିର୍ଦ୍ଦେଶାଳୟ, ବୌଦ୍ଧ ବୟନ ଶିଳ୍ପ ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟ ଏବଂ ଶ୍ରୀ ଶ୍ରୀ ଚନ୍ଦ୍ରଚୂଡ ତନ୍ତୁବାୟ ସହଯୋଗ ସମିତିର ମିଳିତ ଆୟୋଜନ କ୍ରମେ ଏହି ତାଲିମ ଶିବିର ଆରମ୍ଭ ହୋଇଛି।

# ବନ୍ଧାପଥର ପଞ୍ଚାୟତରେ ରୋଜଗାର ଦିବସ

**ବୌଦ୍ଧ, ୫।୯ (ସମିସ):** ବୌଦ୍ଧ ଜିଲ୍ଲା ହରଭଙ୍ଗା ବ୍ଲକ ବନ୍ଧାପଥର ପଞ୍ଚାୟତ କାର୍ଯ୍ୟାଳୟରେ ପଞ୍ଚାୟତସ୍ତରୀୟ ରୋଜଗାର ଦିବସ ପାଳିତ ହୋଇଛି। ସରପଞ୍ଚ ଲକ୍ଷ୍ମୀପ୍ରିୟା ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ପଞ୍ଚାୟତ ନିର୍ବାହୀ ଅଧିକାରୀ ଶ୍ରୀକାନ୍ତ ପ୍ରଧାନ, ଏଡିଇଓ ଆଲାଦିନୀ ସାହୁଙ୍କ ସମେତ ପଞ୍ଚାୟତର ବିଭିନ୍ନ ଗ୍ରାମର ଗାଁ ସାଥୀମାନେ ଉପସ୍ଥିତ ଥିଲେ। ମହାତ୍ମା ଗାନ୍ଧୀ ନିଶ୍ଚିତ କର୍ମ ନିଯୁକ୍ତି ଯୋଜନା ଅଧୀନ ପ୍ରକଳ୍ପଗୁଡିକ ସମ୍ପର୍କରେ ବୈଠକରେ ଆଲୋଚନା ହୋଇଥିଲା।

# ରାମଚନ୍ଦ୍ରପୁର ଦୁର୍ଗାପୂଜା ପାଇଁ ପ୍ରସ୍ତୁତି



**ଲାଞ୍ଜିଗଡ଼, ୫।୯ (ସମିସ):** ଲାଞ୍ଜିଗଡ଼ ବ୍ଲକ ଗୋବର୍ଦ୍ଧନପୁର ପଞ୍ଚାୟତ ରାମଚନ୍ଦ୍ରପୁର ଦୁର୍ଗାପୂଜା ପାଇଁ ପ୍ରସ୍ତୁତି ବୈଠକ ଦୁର୍ଗାମଣ୍ଡପ ଠାରେ ଅନୁଷ୍ଠିତ ହୋଇଯାଇଛି। କମିଟିର ସଭାପତି ବିକ୍ରମ ଛତ୍ରିଆଙ୍କ ସଭାପତିତ୍ୱରେ ଅନୁଷ୍ଠିତ ବୈଠକରେ ଚଳିତ ବର୍ଷ ଦୁର୍ଗାପୂଜାକୁ ଆହୁରି ସରସ ସୁନ୍ଦର କରିବାକୁ ଆଲୋଚନା କରାଯାଇ ନିଷ୍ପତ୍ତି ଗ୍ରହଣ କରାଯାଇଥିଲା।ପୂଜା ପରିଚାଳନା ପାଇଁ କମିଟିର ନୂତନ ସଭାପତି ଭାବେ ପ୍ରଭାତ ରଞ୍ଜନ ବେହେରା, ଉପସଭାପତି ଭାବେ ଅରୁଣ ପୁଟେଲ, ସାଧାରଣ ସମ୍ପାଦକ ଭାବେ ଉପେନ୍ଦ୍ର ସାହୁ ପ୍ରମୁଖଙ୍କୁ ମନୋନୀତ କରାଯାଇଥିଲା। ବୈଠକରେ ଚକ୍ରଧର ପଣ୍ଡା, ଦିଲୀପ ମିଶ୍ର, କିରଣ କୁମାର ମାଝୀ, ହୃଷିକେଶ ବଗର୍ତ୍ତି, ମନୋଜ ବେହେରା, ମହେନ୍ଦ୍ର ପଣ୍ଡା, କ୍ଷୀରସିନ୍ଧୁ ବାଗ, ଗଣେଶ ଗଉଡ଼, ଲମ୍ବୋଦର ପତି, ଘନଶ୍ୟାମ ସାହୁ, ପିତାମ୍ବର ସାହୁ, ସର୍ବେଶ୍ୱର ଗଉଡ଼ ପ୍ରମୁଖ ଉପସ୍ଥିତ ରହି ଆଲୋଚନାରେ ଭାଗ ନେଇଥିଲେ।

# ଜନକଲ୍ୟାଣ ସାମ୍ବାଦିକ ସଂଘର ବାର୍ଷିକ ଉତ୍ସବ

**ଗୋଲାମୁଣ୍ଡା, ୫।୯ (ସମିସ):** କଳାହାଣ୍ଡି ଜିଲ୍ଲା ଗୋଲାମୁଣ୍ଡା ବ୍ଲକ ଘୋଟିଆ ଧାନମଣ୍ଡିରେ ଜନକଲ୍ୟାଣ ସାମ୍ବାଦିକ ସଂଘର ଜନ୍ମ ବାର୍ଷିକ ଉତ୍ସବ ପାଳିତ ହୋଇଯାଇଛି। କାର୍ଯ୍ୟକ୍ରମରେ ସଂଘର କାଗଜପତ୍ର ସହ ରେଜିଷ୍ଟ୍ରେସନ ସାର୍ଟିଫିକେଟକୁ ପୂଜାର୍ଚ୍ଚନା କରି କେକ କଟାଯାଇଥିଲା। ଜନକଲ୍ୟାଣ ସାମ୍ବାଦିକ ସଂଘର ସଭାପତି ଲବଜୀ ପଟେଲ, ଉପ ସଭାପତି କୁମରମଣି ଦୁର୍ଗା, ସମ୍ପାଦକ ଈଶ୍ୱର ପୁଟେଲ, ସହ ସମ୍ପାଦକ ବ୍ରହ୍ମା ପ୍ରସାଦ କାଣ୍ଡ, କୋଷାଧ୍ୟକ୍ଷ ରବୀନ୍ଦ୍ର ରାଉତ, ସଭ୍ୟ ପ୍ରିୟକୃଷ୍ଣ ପଟେଲ, ବିସିକେଶନ ଜ୍ୟୋତିଷ, ମହେନ୍ଦ୍ର ଦାସ, ଚନ୍ଦ୍ରଧ୍ୱଜ କେତକୀ, କୃଷ୍ଣଚନ୍ଦ୍ର ମହାନନ୍ଦ, ଉପେନ୍ଦ୍ର ବଗର୍ତ୍ତି, ଧନେଶ୍ୱର ଭାଟି ପ୍ରମୁଖ ଉପସ୍ଥିତ ଥିଲେ।

# ଜଗନ୍ନାଥ ଛକ ଦୁର୍ଗାପୂଜା କମିଟିର ମାଟି ଅନୁକୂଳ

**ସିନାପାଲି, ୫।୯ (ସମିସ):** ଆଗକୁ ମାଁ ଦୁର୍ଗାଙ୍କ ଶାରଦୀୟ ପୂଜା। ପୂଜା ମଣ୍ଡପମାନଙ୍କରେ ବିରାଜିବେ ଜଗତଜନନୀ ମାଁ ଦୁର୍ଗା। ଏଥି ପାଇଁ ଚଳଚଞ୍ଚଳ ହେଲାଣି ସମସ୍ତ ପୂଜା କମିଟି। ସିନାପାଲି ଜଗନ୍ନାଥ ଛକ ଦୁର୍ଗାପୂଜା କମିଟି ତରଫରୁ ଚଳିତ ବର୍ଷର ଦୁର୍ଗାପୂଜାର ମୃଣ୍ମୟୀ ମୂର୍ତ୍ତି ତିଆରି ପାଇଁ ମାଟି ଅନୁକୂଳ କରାଯାଇଛି। ପରମ୍ପରା ଅନୁଯାୟୀ ସ୍ଥାନୀୟ କୁମ୍ଭାର ପଡ଼ାରେ ବିଧି ଅନୁସାରେ ମାଟିପୂଜା କରିବା ପରେ ଅଭିମନ୍ତ୍ରିତ ମାଟିକୁ ଧରି ପାରମ୍ପରିକ ବାଜା ସହ ଶୋଭାଯାତ୍ରାରେ ନଗର ପରିକ୍ରମା କରାଯାଇଥିଲା। ସ୍ଥାନୀୟ ଦୁର୍ଗା ମନ୍ଦିର, ଗ୍ରାମଦେବୀ ମନ୍ଦିରରେ ପୂଜା ଅର୍ଚ୍ଚନା କରାଯାଇ ପରେ ଅଭିମନ୍ତ୍ରିତ ମାଟିକୁ ଜଗନ୍ନାଥ



ଛକ ପୂଜାମଣ୍ଡପରେ ସ୍ଥାପନ କରାଯାଇଥିଲା। ଶୋଭାଯାତ୍ରାରେ କର୍ତ୍ତା ଦମ୍ପତ୍ତି ଉଗ୍ରେସନ ମେହେର ଓ ରୁକ୍ମିଣୀ ମେହେରଙ୍କ ସହ ପୂଜକ ଭାବରେ ବସନ୍ତ ପତି ଉପସ୍ଥିତ ଥିଲେ। ଚଳିତବର୍ଷ ଏହି କମିଟି ୪୮ତମ ପାର୍ବଣ ଉତ୍ସବ ପାଳନ କରିବାକୁ ଯାଉଥିବା ବେଳେ ଏଥର ସଭାପତି ଭାବରେ ଈଶ୍ୱର ପ୍ରସାଦ ମେହେର, ଉପସଭାପତି ରାମକୃଷ୍ଣ ମେହେର, ସମ୍ପାଦକ ଜିତେନ୍ଦ୍ର ମେହେର, ସହସମ୍ପାଦକ ଭୀଷ୍ମରାଜ ମେହେର ଓ ବେଣୁଧର ମେହେର ଏବଂ କୋଷାଧ୍ୟକ୍ଷ ଭାବରେ ମହେନ୍ଦ୍ର ମେହେର ରହିଛନ୍ତି।

# କଂଗ୍ରେସର ସାଂଗଠନିକ ବୈଠକ

**କର୍ଲାମୁଣ୍ଡା, ୫।୯ (ସମିସ):** କେସିଙ୍ଗା ବ୍ଲକ ବେଲଖଣ୍ଡି ଶୈବପୀଠରେ କର୍ଲାମୁଣ୍ଡା ବ୍ଲକ କଂଗ୍ରେସ ପକ୍ଷରୁ ସଂଗଠନ ସୃଜନ ଅଭିଯାନର ଲକ୍ଷ୍ୟ ଉଦେଶ୍ୟକୁ ନେକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। ସାମ୍ବାଦିକ ସମ୍ମିଳନୀ ରେ ଏଆଇସିସି ପର୍ଯ୍ୟବେକ୍ଷକ ମୁସ୍ତାନ



ଅଲ୍ଲୀ ଯୋଗଦେଇ କଂଗ୍ରେସର ଅଭିବୃଦ୍ଧି, ଦେଶ ପାଇଁ ବଳିଦାନ, କଂଗ୍ରେସ ସରକାର ସମୟରେ ହୋଇଥିବା ସାମଗ୍ରିକ ବିକାଶ ଉପରେ ସୂଚନା ରଖିବା ସହ ସାମ୍ପ୍ରଦାୟିକ ଭେଦଭାବ ଦୂରୀକରଣ ପାଇଁ କଂଗ୍ରେସ ଏକ ମାତ୍ର ବିକଳ୍ପ ବୋଲି ଅଭିହିତ କରିଥିଲେ।ସେ କର୍ମିମାନଙ୍କ ସହ ଦଳର ନେତୃତ୍ୱ ସିଧାସଳଖ ସମ୍ପର୍କ ରଖି ବ୍ଲକସ୍ତରରୁ ଜାତୀୟସ୍ତରୀୟ ପର୍ଯ୍ୟନ୍ତ କର୍ମକର୍ତ୍ତା ଚୟନ କରିବା ସହ ସଂଗଠନ ସୃଜନ ଅଭିଯାନମାଧ୍ୟମରେ କର୍ମୀ ଓ ସ୍ଥାନୀୟ ବିଭିନ୍ନ ସଂଗଠନ ସହିତ ଯୋଡ଼ି ହେଉଥିବା ପ୍ରକାଶ କରିଥିଲେ। ପ୍ରଦେଶ କଂଗ୍ରେସ କମିଟିର ପର୍ଯ୍ୟବେକ୍ଷକ ତଥା ପୂର୍ବତନ ବିଧାୟକ ଅଭିମନ୍ୟୁ ବେହେରା, କଳାହାଣ୍ଡି ଜିଲ୍ଲା ସଂଯୋଜକ ଜଳନ୍ଧର ନାଏକ, ପୂର୍ବତନ ଜିଲ୍ଲା ପରିଷଦ ଉପଧକ୍ଷ୍ୟା ଜ୍ୟୋଷ୍ଣା ମୟୀ ବଗର୍ତ୍ତି, କର୍ଲାମୁଣ୍ଡା ବ୍ଲକ କଂଗ୍ରେସ ସଭାପତି ତଥା ଜିଲ୍ଲା ପରିଷଦ ସଭ୍ୟ ସୁରେଶ ଚୌଧୁରୀ, କର୍ଲାମୁଣ୍ଡା ବ୍ଲକ ପୂର୍ବତନ ବ୍ଲକ ଅଧକ୍ଷ୍ୟା ମାଣିକ୍ୟ ସୁନା ଓ ଅରବିନ୍ଦ ଚୌଧୁରୀ ଉପସ୍ଥିତ ଥିଲେ। ଏହା ପରେ ଦଳର ବ୍ଲକ ପଦାଧିକାରୀ ଓ, କର୍ମୀମାନଙ୍କୁ ନେଇ ସଂଗଠନ ଉପରେ ଆଲୋଚନକ୍ଷ କରାଯାଇଥିଲା। କର୍ମୀମାନେ ଏକଜୁଟ ହୋଇ କାର୍ଯ୍ୟ କଲେ ଆଗାମୀ ନିର୍ବାଚନରେ ଦଳ ଶାସନକୁ ଆସିପାରିବ ବୋଲି ଦଳୀୟ ପର୍ଯ୍ୟବେକ୍ଷକ ମତ ପ୍ରକାଶ କରିଥିଲେ।

# ନାମକୁ ମାତ୍ର ଗ୍ରାମ୍ୟ ଜଳ ଓ ପରିମଳ କାର୍ଯ୍ୟାଳୟ

**କଳମପୁର, ୫।୯ (ସମିସ)**

ଗ୍ରାମ୍ୟଜଳ ଓ ପରିମଳ ବିଭାଗର କାମ ହେଲା ଜନସାଧାରଣଙ୍କୁ ବିଶୁଦ୍ଧପାନୀୟ ଜଳ ଯୋଗାଇବା ସହିତ ଲୋକଙ୍କୁ ବାହ୍ୟମଳ ମୂତ୍ର ଦ୍ୱାରା କଣ ହୋଇଥାଏ ଲୋକଙ୍କୁ ସଚେତନ କରିବା। ବିଭିନ୍ନ ପ୍ରକଳ୍ପ ନିର୍ମାଣ କରି ଲୋକଙ୍କୁ ସେବା ଯୋଗାଇବା ହେଲେ ଏସବୁ କାମରୁ ଦୂରେଇ ଯାଉଛି କଳାହାଣ୍ଡି ଜିଲ୍ଲା କଳମପୁର ବ୍ଲକ ଗ୍ରାମ୍ୟ ଜଳ ଓ ପରିମଳ ବିଭାଗ। ଯାହାକୁ ନେଇ ଅସନ୍ତୋଷ ବ୍ୟକ୍ତ କରି ଜନସାଧାରଣରେ ଆନ୍ଦୋଳନ ଦାନା ବାନ୍ଧିବାରେ ଲାଗିଛି। କିଛି ଦିନ ତଳେ 'ଜଳ ବଦଳରେ ଜହର ପିଉଛନ୍ତି କଳମପୁର ଗ୍ରାମବାସୀ' ଶିର୍ଷକ ଖବର 'ସକାଳ'ପ୍ରକାଶିତ ହୋଇଥିଲା। ଏହି ପ୍ରସଙ୍ଗକୁ କିନ୍ତୁ ବିଭାଗୀୟ ଯନ୍ତ୍ରୀ ଦୁଃଖୀ ବନ୍ଧୁ ରାଉଳ ଏଡାଇ ଦେଇଥିଲେ। କିନ୍ତୁ ବ୍ଲକ ଅଧକ୍ଷା ଜ୍ୟୋତି ନାଏକ ଏସମ୍ପର୍କରେ ମୁଁ ବିଡ଼ିଓଙ୍କ ସହିତ ଆଲୋଚନା କରିବି ବୋଲି ମତ ପ୍ରକାଶ କରିଥିଲେ। ପ୍ରଶ୍ନ ଥିଲା କେଉଁ କାରଣରୁ ଘରକୁ ଘର ଯୋଗାଣ ହେଉଥିବା ପାନୀୟ ଜଳ ବେରଙ୍ଗ ହୋଇ ଯାଉଛି, ଏହି ଜଳ ପାନ କରିବା ପାଇଁ ଯୋଗ୍ୟ କି, ଏହାର ନମୁନା ଯାଞ୍ଚ ହୋଇଛି କି ନାହିଁ, ଯଦି ଯାଞ୍ଚ ହୋଇଛି ତେବେ କେବେ ହୋଇଛି ଓ କ'ଣ ନିଷ୍କର୍ଷ ବାହାରିଛି। ଏସବୁର ଉତ୍ତର ସମସ୍ତେ ଯାଣିବା ଦରକାର ଓ ଯନ୍ତ୍ରୀ ଉତ୍ତରଦାୟୀ ଭାବେ ପ୍ରଶ୍ନର ଉତ୍ତର ଦେବାକୁ ଏକ ପ୍ରକାର ବାଧ୍ୟ। ହେଲେ ଯନ୍ତ୍ରୀ ଉତ୍ତର ଦେବାକୁ ଅରାଜି ହେଉଛନ୍ତି କାହିଁକି ବୋଲି ପ୍ରଶ୍ନ ଉଠୁଛି। କଳମପୁର ଗ୍ରାମ୍ୟ ଜଳ ଓ ପରିମଳ ବିଭାଗରେ ଦୁଇଜଣ ଯନ୍ତ୍ରୀ ନିୟୋଜିତ ହୋଇଛନ୍ତି, ଜଣେ ମରାମତି କାର୍ଯ୍ୟ ବୁଝୁଥିବା ବେଳେ ଆଉଜଣେ ନିର୍ମାଣ କାର୍ଯ୍ୟ ବୁଝୁଛନ୍ତି। ହେଲେ ବିଡ଼ମ୍ବନା ଯେ ଏହି ଅଞ୍ଚଳରେ କେତେ ନଳକୂପ ଅଛି, କେତେ ସଚଳ ଓ କେତେ ଅଚଳ ଏବଂ କେତେ ନଳକୂପର ଜଳ ପାନୀୟ ରୂପେ ଅନୁପଯୋଗି ଏ ପ୍ରଶ୍ନର ଉତ୍ତର ମଧ୍ୟ ସେମାନଙ୍କ ଠାରୁ ମିଳି ପାରୁନାହିଁ। ଏହି ଯନ୍ତ୍ରୀମାନଙ୍କ ସମୟରେ ଅନେକ ପାନୀୟ ଜଳ ପ୍ରକଳ୍ପ ନିର୍ମିତ ହୋଇଛି। ସେଥିମଧ୍ୟରୁ ଅଧିକାଂଶ ପ୍ରକଳ୍ପ ଅଚଳ ହୋଇ ପଡ଼ିଛି, କେତେକ ପ୍ରକଳ୍ପ କାର୍ଯ୍ୟକ୍ଷମ ମଧ୍ୟ ହୋଇ ପାରି ନାହିଁ। କଳମପୁର ବ୍ଲକ ୧୧ଟି ପଞ୍ଚାୟତକୁ ନେଇ ଗଠିତ, ପୂର୍ବତନ ସରକାର ବସୁଧା ଯୋଜନା ମାଧ୍ୟମରେ ପ୍ରତି ପଞ୍ଚାୟତରେ ଏକରୁ ଅଧିକ ପ୍ରକଳ୍ପ ନିର୍ମିତ କରିଥିଲେ।, ପ୍ରତି ପ୍ରକଳ୍ପର ଅଟକଳ ପ୍ରାୟ ମୂଲ୍ୟ ୫ଲକ୍ଷ ରହିଥିଲା। ଏହି ବ୍ଲକ ଅଞ୍ଚଳରେ ୧୧ରୁ ଊର୍ଦ୍ଧ୍ୱ ନିର୍ମିତ ବସୁଧା ଥଣ୍ଡା ପାନୀୟଜଳ ପ୍ରକଳ୍ପ ମଧ୍ୟରୁ ଏବେ ୩/୪ ଟି ପ୍ରକଳ୍ପ କାର୍ଯ୍ୟକ୍ଷମ ଅଛି, ତେବେ ଏତେ ସବୁ ପ୍ରକଳ୍ପ ସ୍ୱଳ୍ପସମୟ ମଧ୍ୟରେ କିପରି ଅଚଳ ହୋଇ ପଡ଼ିଲା ତଦନ୍ତ ସାପେକ୍ଷ। ଏହି ଅଞ୍ଚଳରେ ଏହି ଯନ୍ତ୍ରୀମାନଙ୍କ ଅମଳରେ ଓଭରହେଡ ଟାଙ୍କି ବିଭିନ୍ନ ସ୍ଥାନରେ ନିର୍ମିତ ହୋଇଛି, ଯାହାର ଅଟକଳ ମୂଲ୍ୟ ଅଧକୋଟି ବୋଲି କୁହାଯାଉଛି। ସେହି ଟ୍ୟାଙ୍କି ଲକ୍ଷାଧିକ ଲିଟର କ୍ଷମତା ବିଶିଷ୍ଟ ହୋଇଥିବା ବେଳେ ସେହି ଟ୍ୟାଙ୍କିରେ ସ୍ୱଚ୍ଛ ପିଇବା ପାଣି ବୋଲି ବଡ଼ବଡ଼ ଅକ୍ଷରରେ ଲେଖା ଯାଇଛି। ପରିତାପର ବିଷୟ ଏହି ଯେ ବନ୍ଧକନା ସାପ୍ତାହିକ ବଜାର ନିକଟରେ ନିର୍ମିତ ଟ୍ୟାଙ୍କି ଲୋକାର୍ପିତ ପୂର୍ବରୁ ପାଣି ଝରୁଛି, ସେହିଭଳି ବର୍ଚ୍ଛିମଣ୍ଡି ନିକଟରେ ନିର୍ମିତ ଟାଙ୍କ ମଧ୍ୟ ପାଣି ଝରୁଛି, ପାତ୍ରବସା ହାତିନଦୀ ଘାଟରେ ନିର୍ମିତ ହୋଇଛି କେବଳ ଟାଙ୍କି, ତିନିବର୍ଷ ହେଲା ସଠାରେ ଅନ୍ୟକିଛି କାମ କରାଯାଇ ନାହିଁ, ଗାଁ ଲୋକେ ଅନାଇ ଅନାଇ ଜଳକଷ୍ଟ ଭୋଗି ଚାଲିଛନ୍ତି, ଦେପୁର ଟାଙ୍କି ମଧ୍ୟ ପାଣି ଝରୁଛି, ବଡକୁଟ୍ଟ ଟାଙ୍କି ମୂଳରୁ ଅଚଳ, ଏତେ ସବୁ ଘଟଣା ପରେ ବି ବିଭାଗ ପାଖରେ ତଦନ୍ତ ପହଞ୍ଚି ପାରୁନାହିଁ।

## କେନାଲ ଭିତରକୁ ପଶିଲା କାର୍, ଚାଳକ ମୃତ

**ଡୁଙ୍ଗୁରିପାଲି, ୫।୯ (ସମିସ):** ଭାରସାମ୍ୟ ଏକ ହରାଇ ଏକ କାର୍ ବଡ଼ କେନାଲକୁ ପଶିଯିବା ଫଳରେ ଚାଳକଙ୍କ ମୃତ୍ୟୁ ଘଟିଛି। ସୁବର୍ଣ୍ଣପୁର ଜିଲ୍ଲା ରାମପୁର ଥାନା ସାହାଯବାହାଲ ବଡ଼କେନାଲକୁ କାର୍ ଟି ପଶି ଯାଇଥିଲା। ସ୍ଥାନୀୟଲୋକେ ଦେଖି ସଙ୍ଗେସଙ୍ଗେ ପୁଲିସକୁ ଖବର ଦଇଥିଲେ। ରାମପୁର ପୁଲିସ ଓ ଅଗ୍ନିଶମ ବାହିନୀ ପହଞ୍ଚି କାର୍ ଭିତରୁ ଚାଳକକୁ ଉଦ୍ଧାର କରି ଡୁଙ୍ଗୁରିପାଲି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଆଣିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷାଣ କରୁଥିବା ସୂଚନା ମିଳିଛି। ମୃତକ ହେଲେ ବରଗଡ଼ ଜିଲ୍ଲା ବରପାଲି ଥାନା କଦଳୀ ପାଲି ଗ୍ରାମର ସରୋଜ ମହାନନ୍ଦ। ତାଙ୍କ ନିକଟରୁ ଏକ ମନିପର୍ସ ମିଳିଛି।



## ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ଉପନିର୍ଦ୍ଦେଶକଙ୍କ ବୌଦ୍ଧ ଜିଲ୍ଲା ଗସ୍ତ

**ବୌଦ୍ଧ, ୫।୯ (ସମିସ):** ପ୍ରାଥମିକ ଶିକ୍ଷା ନିର୍ଦ୍ଦେଶାଳୟ ପକ୍ଷରୁ ଉପନିର୍ଦ୍ଦେଶକ ଜୟଶ୍ରୀ ଦୋରା ବୌଦ୍ଧ ଜିଲ୍ଲାକୁ ୩ଦିନିଆ ଗସ୍ତରେ ଆସି ହରଭଙ୍ଗା ବ୍ଲକର ବିଭିନ୍ନ ବିଦ୍ୟାଳୟ ବୁଲି ଦେଖିଛନ୍ତି। ସେ ସରକାରୀ ବାଳିକା କସ୍ତୁରବା ଗାନ୍ଧୀ ପୁରୁଣାକଟକ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ଲୁଣିବାହାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ବିରନରସିଂହପୁର ସାଧୁ ଚରଣ ଉଚ୍ଚ ମାଧମିକ ବିଦ୍ୟାଳୟ ପରିଦର୍ଶନ କରିଛନ୍ତି। ଜିଲ୍ଲା ଶିକ୍ଷାଧିକାରୀ ଟେମଲାଲ ଦୁବେ, ଅତିରିକ୍ତ ଶିକ୍ଷାଧିକାରୀ ଚୂଡ଼ାମଣି ବାରିକ, ଜ୍ୟୋତିକାନ୍ତ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।



# ଗୁରୁଦିବସରେ ଶିକ୍ଷକ, ଶିକ୍ଷୟିତ୍ରୀଙ୍କୁ ବନ୍ଦାବନା







**ବୌଦ୍ଧ, ୫।୯ (ସମିସ)**

ସ୍ଥାନୀୟ ଟାଉନହଲ୍‌ରେ ଜିଲ୍ଲାସ୍ତରୀୟ ଗୁରୁଦିବସ ପାଳିତ ହୋଇଛି। ଏହାସହ ଏହାସହ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ସମାରୋହ ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନଙ୍କ ସଭାପତିତ୍ୱରେ ଆୟୋଜିତ ଏହି ସମାରୋହରେ ବୌଦ୍ଧ ବିଧାୟକ ସରୋଜ ପ୍ରଧାନ, ଯୁଗଳ କିଶୋର ସାମଲ, ବୌଦ୍ଧ ବିଜ୍ଞାପିତ ଅଞ୍ଚଳ ପରିଷଦର ଅଧ୍ୟକ୍ଷ ମୃତ୍ୟୁଞ୍ଜୟ ମିଶ୍ର, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଜ୍ୟୋତିକାନ୍ତ ସାହୁ, ଜିଲ୍ଲା ଶିକ୍ଷା ଓ ଶିକ୍ଷକ ପ୍ରତିଷ୍ଠାନର ଅଧ୍ୟକ୍ଷ ପୂର୍ଣ୍ଣାନନ୍ଦ ସିଂ ଏବଂ ଜିଲ୍ଲା ଶିକ୍ଷା ଅଧିକାରୀ ଟେମଲାଲ ଦୁବେ ପ୍ରମୁଖ ମଞ୍ଚାସୀନ ଥିଲେ। ଏହି ଅବସରରେ ୧୧ ଜଣ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ଟ୍ରଫି, ମାନପତ୍ର ଓ ଉପଢୌକନ ଦେଇ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ସମ୍ମାନରେ ସମ୍ମାନୀତ କରାଯାଇଥିଲା। ତେଲିବନ୍ଧ ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟର ରଶ୍ମିତା ସାହୁ, ନୂଆଁପାଲି ଆଦିବାସୀ ଉଚ୍ଚବିଦ୍ୟାଳୟର ଜବରସିଂ ବନଛୋର, ମେଣ୍ଡିମାଳ ସରକାରୀ ଏସ୍‌ଏସ୍‌ଡି ଉଚ୍ଚ ବିଦ୍ୟାଳୟର ପ୍ରମୋଦ ପ୍ରଧାନ, କୁଣ୍ଢାମାଳ ସରକାରୀ ଉନ୍ନୀତ ଉଚ୍ଚ ବିଦ୍ୟାଳୟର ତନୟା ମଲିକ ଓ ଉମାକାନ୍ତ ପଣ୍ଡା, ଧଳପୁର ଆରଏନ ହାଇସ୍କୁଲର ଆଦର୍ଶ ଚନ୍ଦ୍ର ପୁହାଣ, ଦହ୍ୟା ନୋଡାଳ ଉଚ୍ଚ ବିଦ୍ୟାଳୟର ସୁଶାନ୍ତ ବେଜୀଙ୍କୁ ମାଧ୍ୟମିକ ଶିକ୍ଷକ ପୁରସ୍କାର ପ୍ରଦାନ କରା ଯାଇଥିଲା। ଏଲିମେଣ୍ଟାରୀ ବିଭାଗର ବଡ଼କୁଶଙ୍ଗ ସିଆରସିସି ଗନ୍ଧର୍ବ ସାହୁଙ୍କୁ ସିଆରସିସି ପୁରସ୍କାର ଏବଂ ଚଣ୍ଡିଗଡ଼ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଗୋପାଳ ଅମାତ, ହରେକୃଷ୍ଣପୁର ପ୍ରାଥମିକ ବିଦ୍ୟାଳୟର ଭବାନୀ ଶଙ୍କର କହଁର ଓ ବଉଲସିଙ୍ଗା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଦିଲ୍ଲୀପ ମହାନ୍ତିଙ୍କୁ ପ୍ରାଥମିକ ଶିକ୍ଷକ ପୁରସ୍କାର ପ୍ରଦାନ କରାଯାଇଥିଲା। ଶିକ୍ଷକ ସନ୍ତୋଷ କର୍ଣ୍ଣ ମଞ୍ଚ ପରିଚାଳନା କରିଥିଲେ। ବୁଟୁପାଲି ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ଖଲିଆବଗିଚା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ ଓ ବଲାସିଙ୍ଗା ଉଚ୍ଚ ପ୍ରାଥମିକ ବିଦ୍ୟାଳୟର ଛାତ୍ର ଛାତ୍ରୀ ସାଂସ୍କୃତିକ କାର୍ଯ୍ୟକ୍ରମ ପ୍ରଦର୍ଶନ କରିଥିଲେ।

ଅନ୍ୟପକ୍ଷେ ବୌଦ୍ଧ ବ୍ଲକ ମୁଣ୍ଡାପଡ଼ା କଲ୍ୟାଣ ମଣ୍ଡପରେ ସ୍ୱେଚ୍ଛାସେବୀ ଅନୁଷ୍ଠାନ ୱାଇସିଡିଓ ପକ୍ଷରୁ ଗୁରୁଦିବସ ପାଳିତ ହୋଇଯାଇଛି। ନିର୍ଦ୍ଦେଶକ ଅରୁଣ ପ୍ରଧାନ ସଭାପତିତ୍ୱ କରିଥିଲେ। ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ଧନେଶ୍ୱର ଅମାତ, ଅବସରପ୍ରାପ୍ତ ଶିକ୍ଷକ ବସନ୍ତ ସାହୁ, ଶିକ୍ଷୟତ୍ରୀ କାଦମ୍ବିନୀ ବିଶ୍ୱାଳ, ସରପଞ୍ଚ ସୁମନ୍ତ ନାଏକ ଯୋଗ ଦେଇଥିଲେ। ତୋଫାନ ପରିଡ଼ା ମଞ୍ଚ ପରିଚାଳନା କରିଥିଲେ। ଶୁଭଲକ୍ଷ୍ମୀ ବାରିକ, ମହେଶ ମେହେର, ପିଣ୍ଟୁ ମେହେର ସହଯୋଗ କରିଥିଲେ।

**ବୀରମହାରାଜପୁର:** ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ମହାବିଦ୍ୟାଳୟରେ ଆଜି ଡ. ସର୍ବପଲ୍ଲୀ ରାଧାକ୍ରିଷ୍ଣନଙ୍କ ଜନ୍ମଦିନ ଅବସରରେ ଗୁରୁଦିବସ ପାଳନ ହୋଇଯାଇଛି। କଲେଜର ଅଧ୍ୟକ୍ଷ ହିମାଂଶୁ ଶେଖର ପାଢ଼ୀ ଅଧ୍ୟକ୍ଷତା କରିଥିବାବେଳେ ବୀରମହାରାଜପୁର ପଞ୍ଚାୟତ ସମିତି ଉପାଧ୍ୟକ୍ଷ ନାରାୟଣଲୁହା ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଏହି ଅବସରରେ ବିଦ୍ୟାଳୟରେ ଅଧ୍ୟାପକ ଅଧ୍ୟାପିକା ମାନେ ଗୁରୁଶିଷ୍ୟ ଭିତର ସୁ-ସମ୍ପର୍କ ସ୍ଥାପନ ରଖିଲେ ଶିକ୍ଷାର ମାନଦଣ୍ଡ ଆଗକୁ ବଢ଼ିପକ୍ଷରିବ, ଏକ ସୁସ୍ଥ ସମାଜ ଗଠନ ପାଇଁ ସହାୟକ ହେବ ବୋଲି ନିଜ ନିଜ ଅଭିଭାଷଣରେ ବକ୍ତବ୍ୟ ରଖିଥିଲେ।

**ଶଗଡ଼ା:** ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ଘଣ୍ଟାପଡ଼ାସ୍ଥିତ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରରେ ଗୁରୁଦିବସ ପାଳିତ ହୋଇଯାଇଛି। ସହକାରୀ ଆଚାର୍ଯ୍ୟା ରଶ୍ମିତା ରଣାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଗୁରୁଦିବସରେ ମୁଖ୍ୟ ଅତିଥି ଭାବେ ଶିଶୁ ମନ୍ଦିରର ପ୍ରତିଷ୍ଠାତା ସଦସ୍ୟ ବାବା ଗଜପତି ଦାସ, ସମ୍ମାନୀତ ଅତିଥି ଭାବେ ପରିଚାଳନା ସମିତି ସଭାପତି ଅଗସ୍ତି ମଲିକ, ସମ୍ପାଦକ ରଞ୍ଜିତ ରଣା, କୋଷାଧ୍ୟକ ଦେବେନ୍ଦ୍ରନାଥ ରଣା, ପୂର୍ବ ସମ୍ପାଦକ ବିରେନ୍ଦ୍ର ଦେହୁରୀ ଓ ପ୍ରଭାତ ସାହୁ ଯୋଗ ଦେଇଥିଲେ। ସେହିପରି ଘଣ୍ଟାପଡ଼ା କଲେଜ, ହାଇସ୍କୁଲ, ପ୍ରାଥମିକ ବିଦ୍ୟାଳୟ ସହ ଅଞ୍ଚଳର ସମସ୍ତ ଶିକ୍ଷାନୁଷ୍ଠାନରେ ଗୁରୁଦିବସ ପାଳନ କରାଯାଇଛି।

**ପଲଶାଗୋରା:** ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ପଲଶାଗୋରା ଅଞ୍ଚଳର ସମସ୍ତ ବିଦ୍ୟାଳୟରେ ଗୁରୁଦିବସ ପାଳିତ ହୋଇଛି। ପଲଶାଗୋରା ମିଳିତ ଗ୍ରାମ ପଞ୍ଚାୟତ ଉଚ୍ଚ ବିଦ୍ୟାଳୟରେ ଗୁରୁଦିବସ ଉତ୍ସବରେ ପ୍ରଧାନ ଶିକ୍ଷକ ସଞ୍ଜୀବ ପ୍ରହରାଜ ଅଧ୍ୟକ୍ଷତା କରିଥିଲେ। ବିଦ୍ୟାଳୟର ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ ଉପସ୍ଥିତ ଥିଲେ।

## କଳା ଦିବସ ପାଳିଲେ ଅଧ୍ୟାପକ, କର୍ମଚାରୀ




**ଶଗଡ଼ା:** ଓଡ଼ିଶା ରାଜ୍ୟ ବେସରକାରୀ ଅଧ୍ୟାପକ ଓ କର୍ମଚାରୀ ସଙ୍ଘର ଆହ୍ୱାନ କ୍ରମେ ବୌଦ୍ଧ ଜିଲ୍ଲା ସଂଯୋଜକ ସୁବାଷ ବାରିକ, କଣ୍ଟାମାଳ ଖଣ୍ଡ ସଂଯୋଜକ ଶିବଦତ୍ତ ପୁରୋହିତ ଏବଂ ଅଧ୍ୟାପକ ସୁନୀଲ ହରିପାଳଙ୍କ ତତ୍ତ୍ୱାବଧାନରେ କଣ୍ଟାମାଳରେ ଗୁରୁଦିବସକୁ କଳା ଦିବସ ରୂପେ ପାଳନ କରାଯାଇଛି। ସରକାରଙ୍କ ସହ ବାରମ୍ବାର ଆଲୋଚନା ତଥା ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର ପ୍ରଦାନ କରାଯାଇଥିଲେ ମଧ୍ୟ କୌଣସି ସୁଫଳ ମିଳିନାହିଁ। ସ୍ୱଳ୍ପ ଦରମାରେ ପାଠପଢ଼ା ସହ ମହାବିଦ୍ୟାଳୟର ଅନ୍ୟାନ୍ୟ ସରକାରୀ କାର୍ଯ୍ୟ କରୁଥିଲେ ମଧ୍ୟ ସରକାର ନୂତନ ଅନୁଦାନ ନୀତି ପ୍ରତି କର୍ଣ୍ଣପାତ କରୁନାହାନ୍ତି ବୋଲି ଅଭିଯୋଗ କରି ଅଧ୍ୟାପକ ଓ କର୍ମଚାରୀମାନେ କାର୍ଯ୍ୟବନ୍ଦ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ତୁରନ୍ତ ଏହାର ସମାଧାନ ପାଇଁ ସରକାର ବିଧିବଦ୍ଧ ନିଷ୍ପତ୍ତି ଗ୍ରହଣ ନ କଲେ ଆଗକୁ ଏହି ଆନ୍ଦୋଳନ ତୀବ୍ର ରୂପ ନେବ। ଏଥିରେ କଣ୍ଟାମାଳ ବ୍ଲକର ସମସ୍ତ ୨୦୦୮ ରୁ ୨୦୧୮ ମଧ୍ୟରେ ପରିଚାଳନା ସମିତି ଦ୍ୱାରା ନିଯୁକ୍ତ ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ, ଅଭିଭାବକ ଓ ଛାତ୍ରଛାତ୍ରୀ ମଧ୍ୟ ଯୋଗ ଦେବେବୋଲି ସୂଚନା ଦିଆ ଯାଇଛି।

## ବାଇକ୍ ଦୁର୍ଘଟଣାରେ ଜଣେ ମୃତ, ଜଣେ ଗୁରୁତର

**ଶଗଡ଼ା, ୫।୯ (ସମିସ):** ମନମୁଣ୍ଡା ଥାନା ଗୋପାଳପୁର ନିକଟରେ ଏକ ବାଇକ ଭାରସାମ୍ୟ ହରାଇ ଦୁର୍ଘଟଣାଗ୍ରସ୍ତ ହୋଇଛି। ତେବେ ମୃତ ଓ ଆହତଙ୍କ କୌଣସି ପରିଚୟ ମିଳି ପାରି ନାହିଁ। ଶୁକ୍ରବାର ସନ୍ଧ୍ୟାରେ ମନମୁଣ୍ଡା-ଶଗଡ଼ା ରାସ୍ତାର ଗୋପାଳପୁର ବୁଲାଣି ନିକଟରେ ଶଗଡ଼ା ପଟରୁ ଆସୁଥିବା ଏକ ବାଇକ ଭାରସାମ୍ୟ ହରାଇ ଦୁର୍ଘଟଣାଗ୍ରସ୍ତ ହୋଇଥିଲା। ବାଇକ୍‌ରେ ବସିଥିବା ୩ ଜଣଙ୍କ ମଧ୍ୟରୁ ଜଣଙ୍କର ମୃତ୍ୟୁ ଘଟିଥିବା ବେଳେ ଆଉ ଜଣେ ଗୁରୁତର ଆହତ ହୋଇଛନ୍ତି। ସ୍ଥାନୀୟ ଲୋକେ ସମସ୍ତଙ୍କୁ ଉଦ୍ଧାର କରି ଆମ୍ବୁଲାନ୍ସ ଯୋଗେ ସୋନପୁର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟକୁ ପଠାଇଥିଲେ। ଗୁରୁତର ଆହତଙ୍କ ଅବସ୍ଥା ସଂକଟାପନ୍ନ ହେବାରୁ ତାଙ୍କୁ ବୁର୍ଲା ମେଡିକାଲ ସ୍ଥାନାନ୍ତର କରାଯାଇଛି। ଖବର ପାଇ ମନମୁଣ୍ଡା ପୁଲିସ ଘଟଣା ସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।

## ଜଟେସିଂହା ପଞ୍ଚାୟତରେ ଜନସୁରକ୍ଷା ଅଭିଯାନ

**ବୀରମହାରାଜପୁର, ୫।୯ (ସମିସ):** ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁର ବ୍ଲକ ଜଟେସିଂହା ପଞ୍ଚାୟତ ପରିସରରେ ଜନସୁରକ୍ଷା ଅଭିଯାନ ଅନ୍ତର୍ଗତ ଆର୍ଥିକ ଅନ୍ତର୍ଭୂକ୍ତି କରଣ ପରିପୂର୍ଣ୍ଣ ଶିବିର ଅନୁଷ୍ଠିତ ହୋଇଛି। ଏହି ଶିବିରରେ ଭାରତୀୟ ରିଜର୍ଭ ବ୍ୟାଙ୍କର ଆଞ୍ଚଳିକ ନିର୍ଦ୍ଦେଶକ ଓ ସାରଦା ପ୍ରସନ୍ନ ମହାନ୍ତି ମୂଖ୍ୟ ଅତିଥି ଭାବେ ଯୋଗ ଦେଇ ସାମାଜିକ ସୁରକ୍ଷା ଯୋଜନା, ଇ-କେୱାଇସି, ପ୍ରଧାନମନ୍ତ୍ରୀ ଧନଜନ ଯୋଜନା, ପ୍ରଧାନମନ୍ତ୍ରୀ ସୁରକ୍ଷା ଜୋଜନା, ଅଟଳ ପେନସନ ଯୋଜନା, ଜିବନ ଜ୍ୟୋତି ଯୋଜନା, ତଥା ସାଇବର ଠକେଇ ସମ୍ପର୍କରେ ଆଲୋଚନା କରିଥିଲେ। ସ୍ଥାନୀୟ ସରପଞ୍ଚ ସୁନୀତା ପଧାନ ଓ ଷ୍ଟେଟବ୍ୟାଙ୍କ୍ ର ସହ ମହାପ୍ରବନ୍ଧକ ରଶ୍ମୀରଞ୍ଜନ ପାଣିଗ୍ରାହୀ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଇଣ୍ଡିଆନ ଓଭର୍ ସିଜ୍ ବ୍ୟାଙ୍କ, ଓଡ଼ିଶା ଗ୍ରାମ୍ୟ ବ୍ୟାଙ୍କ୍ ଓ ପଞ୍ଜାବ ନ୍ୟାସନାଲ ବ୍ୟାଙ୍କ୍ ର ଅଧିକାରୀମାନେ ମଧ୍ୟ ଉପସ୍ଥିତ ଥିଲେ। ସୁବର୍ଣ୍ଣପୁର ଏଲଡିଏମ କର୍ତ୍ତିକେଶ୍ୱର୍ ପଣ୍ଡା ପରିଚାଳନା କରିଥିଲେ। ଏହି ଅବସରରେ କାଳିଆ ଖୁର୍ଦ୍ଦିଆଙ୍କୁ ପ୍ରଧାନମନ୍ତ୍ରୀ ଜୀବନଜ୍ୟୋତି ଯୋଜନାରେ ୨ଲକ୍ଷ ଟଙ୍କା ସହାୟତା ଯୋଗାଇ ଦିଆଯାଇଥିଲା।

## ସାର ପାଇଁ ରାସ୍ତା ଅବରୋଧ



**ସୁବଳୟା, ୫।୯ (ସମିସ):** ସୁବର୍ଣ୍ଣପୁର ଜିଲ୍ଲା ବୀରମହାରାଜପୁରରେ ବର୍ତ୍ତମାନ ୟୁରିଆ ସାର ମିଳୁନଥିବାରୁ ବହୁ ଚାଷୀ ଶୁକ୍ରବାର ମୁଖ୍ୟ ରାସ୍ତା ଅବରୋଧ କରିଥିଲେ। ୟୁରିଆ ସାର ଅଭାବ ଦେଖା ଦେବାରୁ ସ୍ଥାନୀୟ ଅଞ୍ଚଳରେ କଳାବଜାରୀ ବଢ଼ିବାରେ ଲାଗିଥିଲା। ଯାହା ଫଳରେ ଚାଷୀ ଗୋଟିଏ ବସ୍ତା ପିଛା ୮୦୦ ରୁ ୧୦୦୦ ଟଙ୍କା ଦେଇ କିଣିବାକୁ ବାଧ୍ୟ ହେଉଥିଲା। ଏନେଇ ପ୍ରଶାସନକୁ ବାରମ୍ବାର ଦାବି ଆପତ୍ତି କରୁଥିଲେ ମଧ୍ୟ ଶୁଣୁ ନଥିବା ବହୁ ଚାଷୀ ଅଭିଯୋଗ କରିଥିଲେ। ସେଥିପାଇଁ ଅଞ୍ଚଳର ଶତାଧିକ ଚାଷୀ ଶୁକ୍ରବାର ପୂର୍ବାହ୍ନ ସମୟରେ ଗୁନିପଡ଼ା ସ୍ଥିତ ବୀରମହାରାଜପୁର - ସମ୍ବଲପୁର ମୁଖ୍ୟ ରାସ୍ତାକୁ ଅବରୋଧ କରି ପ୍ରତିବାଦ କରିଥିଲେ। ବର୍ତ୍ତମାନ ଠିକ୍ ଚାଷ ସମୟରେ ସାର ମିଳୁନଥିବାରୁ ଚାଷୀ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ସାରର ଅଭାବ ଦେଖି କିଛି ଲୋକ ନକଲି ସାର ବିକ୍ରି କରୁଥିବା ଅଭିଯୋଗ ମଧ୍ୟ ହେଉଛି। ରାସ୍ତାରୋକ ଯୋଗୁଁ ବିରମହାରାଜପୁର -ସମ୍ବଲପୁର ରାସ୍ତାର ଉଭୟ ପାର୍ଶ୍ୱରେ ଶତାଧିକ ଗାଡିମଟର ଅଟକି ଥିବା ଦେଖିବାକୁ ମିଳିଥିଲା।

## ମନମୁଣ୍ଡାରେ ବିଜେପିର ନୂଆଁଖାଇ ଭେଟ୍‌ଘାଟ୍

**ମନମୁଣ୍ଡା, ୫।୯ (ସମିସ):** ମନମୁଣ୍ଡା ନିୟନ୍ତ୍ରିତ ବଜାର କମିଟି ମଣ୍ଡପରେ କଣ୍ଟାମାଳ ବିଧାନସଭାସ୍ତରୀୟ ବିଜେପି କାର୍ଯ୍ୟକର୍ତ୍ତାଙ୍କ ନୂଆଁଖାଇ ଭେଟଘାଟ କାର୍ଯ୍ୟକ୍ରମ ପାଳିତ ହୋଇଛି। କଣ୍ଟାମାଳ ବିଧାୟକ କହ୍ନେଇ ଚରଣ ଡ଼ାଙ୍ଗ, ଆଇନଜୀବୀ ସଚ୍ଚିଦାନନ୍ଦ ଦଲାଲ, ବୌଦ୍ଧ ଜିଲ୍ଲା ବିଜେପି ସଭାପତି କୃଷ୍ଣଚନ୍ଦ୍ର ମିଶ୍ର, ପୂର୍ବତନ ବିଜେପି ଜିଲ୍ଲା ସଭାପତି ବିପ୍ରଚରଣ ମହାନ୍ତି, ଜିଲ୍ଲା ପରିଷଦ ସଭ୍ୟ ରାକେଶ ତ୍ରିପାଠୀ, ପଦ୍ମାଳୟା ପ୍ରଧାନ, ଶ୍ରୀକାନ୍ତ ଭୋଇ, ମାଗୁଣି ଗାଇଗୌରିଆ, ଶେଷ ମେହେର, ଚିତ୍ର ପାତ୍ର, ଅଟଳ ପ୍ରଧାନ, ସୁଶାନ୍ତ ବାଘ, ଅନିଲ ପ୍ରଧାନ, ସୁଧାଂଶୁ ଡ଼ାଙ୍ଗ, ଗୋପୀନାଥ କହଁର, ଶରତ କର୍ଣ୍ଣ, ଯୀଶୁ ପ୍ରଧାନ, ଶାନ୍ତନୁ ଥାଟି, କିଶୋର ମେହେର, ଖଲିଆପାଲି ସମିତି ସଭ୍ୟ କେଦାର ସାହୁ, ନିରଞ୍ଜନ କର୍ଣ୍ଣ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ଶିବ ନାରାୟଣ ଚୌଲିଆ, ଡମ୍ବରୁଧର କହଁର, ରଞ୍ଜନ ପଟ୍ଟନାୟକ, ରାଜୁ ନାଏକ, ହାଡିବନ୍ଧୁ ବାଘ, ପ୍ରକାଶ ମଲ୍ଲିକ, ଗଗନ ସେଠୀ ପ୍ରମୁଖ ସହଯୋଗ କରିଥିଲେ।

## ୪୫୧କେଜି ଗଞ୍ଜେଇ ଜବତ



**ଶଗଡ଼ା, ୫।୯ (ସମିସ):** ନାରାୟଣପ୍ରସାଦ ପଞ୍ଚାୟତ ଗୁଡ଼ମେଣ୍ଡା ଗ୍ରାମ ନିକଟସ୍ଥ ଜଙ୍ଗଲରୁ ଘଣ୍ଟାପଡ଼ା ଥାନା ପୁଲିସ ୩୫୦ କେଜି ଗଞ୍ଜେଇ ଜବତ କରିଛି। ଗଞ୍ଜେଇ ଚୋରା ଚାଲାଣ ଲାଗି ପ୍ରସ୍ତୁତି ଚାଲିଥିବା ସମୟରେ ଖବର ପାଇ ପୁଲିସ ପହଞ୍ଚିଥିଲା। ପୁଲିସକୁ ଦେଖି ଚୋରା ଚାଲାଣକାରୀମାନେ ଦୌଡ଼ି ଫେରାର ମାରିଥିଲେ। ଅନ୍ୟପକ୍ଷେ କଣ୍ଟାମାଳ ପୁଲିସ ଦୁଇଟି ପୃଥକ ସ୍ଥାନରେ ଚଢ଼ଉ କରି ୮୮ କେଜି ଗଞ୍ଜେଇ ସହ ଏକ ଗାଡି ଜବତ କରିଛି। ଏହି ଘଟଣାରେ ଜଣେ ମାଫିଆକୁ ଗିରଫ କରିଛି। ଉଦେପୁର ନିକଟରେ ଗଞ୍ଜେଇ ଚୋରାଚାଲାଣ ହେଉଥିବା ବେଳେ ପୁଲିସ ଚଢଉ କରିଥିଲା। ଏକ ଗାଡିରୁ ୮୮ କେଜି ଗଞ୍ଜେଇ ବାହାରିଥିଲା। ତେବେ ଘଟଣା ସ୍ଥଳରୁ ଗାଡି ଚାଳକ ଚମ୍ପଟ ମାରିଥିଲା। ସେହିପରି ରୁଣ୍ଡିମହୁଲ ଗ୍ରାମରେ ଚଢ଼ଉ କରି ଆନନ୍ଦ ଖଟୁଆ ନିକଟରୁ ୧୩ କେଜି ଗଞ୍ଜେଇ ଜବତ ହୋଇଛି।

## କଣ୍ଟାମାଳରେ ବ୍ରହ୍ମ ସମାଜର ଅନନ୍ତମୁଖୀ ମହାଯଜ୍ଞ

**ଶଗଡ଼ା, ୫।୯ (ସମିସ):** ବୌଦ୍ଧ ଜିଲ୍ଲା କଣ୍ଟାମାଳ ବ୍ଲକ ବ୍ରାହ୍ମଣ ସମାଜ ଆନୁକୂଲ୍ୟରେ ବ୍ଲକ ଛକ ଶ୍ରୀରାମ ମନ୍ଦିରରେ ଅନନ୍ତମୁଖୀ ମହାଯଜ୍ଞ ଅନୁଷ୍ଠିତ ହୋଇଛି। ସନ୍ତୋଷ ବିଶିଙ୍କ ତତ୍ତ୍ୱାବଧାନରେ ଶ୍ରୀମଦ ଭାଗବତ ଗୀତା, ବିଷ୍ଣୁ ସହସ୍ର ନାମ ପାଠ କରାଯାଇଥିଲା। ବସନ୍ତ ପାଢ଼ୀ, ପ୍ରତିମା ମିଶ୍ର ଯଜ୍ଞ କର୍ତ୍ତା ଦାୟିତ୍ୱ ତୁଲାଇଥିଲେ। ସନତ ମିଶ୍ର ପୌରୋହିତ୍ୟ କରିଥଲେ। ବାଲକୃଷ୍ଣ ମିଶ୍ର ଓ ଆନନ୍ଦ ଚନ୍ଦ୍ର ପାଢ଼ୀ ମନ୍ଦିର ପୂଜା ଦାୟିତ୍ୱ ତୁଲାଇଥିଲେ। ନବୀନ ବିଶି, ରଘୁନାଥ ପାଣିଗ୍ରାହୀ, ବିଜୟ ପାଣିଗ୍ରାହୀ, ଆନନ୍ଦ ମିଶ୍ର, ସଞ୍ଜୟ ପଣ୍ଡା, ବେଦବର ପାଣି, ନାରାୟଣ ମିଶ୍ର



ରାଜକିଶୋର ମିଶ୍ର, ରଞ୍ଜନ ମିଶ୍ର, ମଧୁସୂଦନ ଦାସ, ସ୍ୱପ୍ନେଶ୍ୱର ପଣ୍ଡା, ସାନୁଜିତ ନନ୍ଦ, ବିରୂପାକ୍ଷ ମିଶ୍ର, ସତ୍ୟବାନ ମିଶ୍ର, ଗିରିଶ ଚନ୍ଦ୍ର ମିଶ୍ର, ଜୟକୃଷ୍ଣ ମିଶ୍ର, ଭକ୍ତଚରଣ ମିଶ୍ର, ସୁରେନ୍ଦ୍ର ମିଶ୍ର, ପଦ୍ମନାଭ ମିଶ୍ର, ସଞ୍ଜୟ ପ୍ରସାଦ ଦାସ, ତ୍ରିନାଥ ମିଶ୍ର, ଅର୍ଜୁନ ଦାସ, ଈଶ୍ୱରଚନ୍ଦ୍ର ପଣ୍ଡା, ନବଘନ ପାଣିଗ୍ରାହୀ, ମୀନକେତନ ରଥ, ଜୟକୃଷ୍ଣ ମିଶ୍ର, ବସନ୍ତ ପାଢ଼ୀ, ଭାଗ୍ୟଧର ମିଶ୍ର, ଯଜ୍ଞ ମିଶ୍ର, ବିଭୀଷଣ ହୋତା, ସନ୍ତୋଷ ମହାପାତ୍ର, ସୁବାସ ରଥ ପ୍ରମୁଖ ଭାଗବତ ପାଠ କରିଥିଲେ। ଘନଶ୍ୟାମ ମିଶ୍ର, ଜୟକୃଷ୍ଣ ମିଶ୍ର, ସତ୍ୟନାରାୟଣ ପାଢ଼ୀ ପ୍ରମୁଖ ସହଯୋଗ କରିଥିଲେ।

## ଦୁଇ ବାଇକ୍ ଧକ୍କା: ୪ ଆହତ

**ଡୁଙ୍ଗୁରିପାଲି, ୫।୯ (ସମିସ):** ସୁବର୍ଣ୍ଣପୁର ଜିଲ୍ଲା ଡୁଙ୍ଗୁରିପାଲି ଅଧୀନ ବୈଦୁପାଲିଠାରେ ଦୁଇ ବାଇକ୍ ମଧ୍ୟରେ ମୁହାଁମୁହିଁ ଧକ୍କା ହେବାରୁ ଚାରି ଜଣ ଆହତ ହୋଇଥିବାବେଳେ ଜଣେ ଗୁରୁତର ବୋଲି ଜଣାପଡ଼ିଛି। ଗୋଟିଏ ବାଇକ୍ ଚେରୁପାଲି ଆସୁଥିବାବେଳେ ଆଉ ଗୋଟିଏ ବାଇକ୍ ଡୁଙ୍ଗୁରିପାଲି ପଟୁ ଯାଉଥିବାବେଳେ ମୁହାଁମୁହିଁ ହୋଇଥିଲା। ଅଗ୍ନିଶମ ବାହିନୀ ଆସି ଡୁଙ୍ଗୁରିପାଲି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରିଥିଲା। ଦୁର୍ଘଟଣାରେ ଆହତ ଓ ଗୁରୁତର ବ୍ୟକ୍ତି ହେଲେ ଶୁଖା ଗ୍ରାମର ସତ୍ୟ ମେହେର, ସାବ ବିଶ୍ୱାଲ ଓ ବୈଦୁପାଲି ରାକେଶ କୁମ୍ଭାର, ଶତ୍ରୁଘନ ତାଣ୍ଡି ଏବଂ ରମେଶ ଦୀପ।

## ବୀରମହାରାଜପୁର ମହାବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କୁ ସ୍ୱାଗତ




**ସୁବଳୟା, ୫।୯ (ସମିସ):** ବୀରମହାରାଜପୁର ମହାବିଦ୍ୟାଳୟର ଯୁକ୍ତ ତିନି ପ୍ରଥମ ବର୍ଷ ଛାତ୍ରଛାତ୍ରୀଙ୍କୁ ସ୍ୱାଗତ କରାଯାଇଛି। ଏହି ଅବସରରେ ଅଧ୍ୟକ୍ଷ ଡ. ହିମାଂଶୁ ଶେଖର ପାଢ଼ୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉତ୍ସବରେ ଅଧ୍ୟାପକ ସୁନୀଲ ତ୍ରିପାଠୀ, ଡ. ସୁଶ୍ରୀ ପ୍ରିୟଦର୍ଶିନୀ ପଣ୍ଡା, ଅଧ୍ୟାପିକା ବିଦ୍ୟୁତ ପ୍ରଭା ରଥ ଓ ବଳରାମ ତ୍ରିପାଠୀ ପ୍ରମୁଖ ଯୋଗ ଦେଇଥିଲେ। ଅଧ୍ୟାପକ ଦୀପକ ଟୋପୋ, ଅଧ୍ୟାପିକା ସୁପ୍ରଭା ନନ୍ଦ ଓ ନିତାରାଣୀ ପଧାନ ପ୍ରମୁଖ ଉପସ୍ଥିତ ଥିଲେ। କ୍ରିଷ୍ଣା କର୍ମୀ, ସାନ୍ୟା ଶେଖ, ଜୀବନ ଜ୍ୟୋତି ଜେନା, କୃପାସିନ୍ଧୁ ମହାନନ୍ଦ, ଶୁଭମ ବଘାର, ଦେବଯାନୀ କଳତା ପ୍ରମୁଖ ଛାତ୍ରଛାତ୍ରୀ ଅଭିଭାଷଣ ପ୍ରଦାନ କରିଥିଲେ। ସ୍ମରଣିକା ଦାଶ, ଚନ୍ଦନ ପଧାନ ସଭା ସଂଯୋଜନା କରିଥିଲେ। ମଧୁସ୍ମିତା ମେହେର ଧନ୍ୟବାଦ ଅର୍ପଣ କରିଥିଲେ। କିଶୋର ନାଗ, ମଦନ ଝାଙ୍କର, ତୋଷରଞ୍ଜନ ମେହେର ଓ କାର୍ତ୍ତିକ ପଧାନ ପ୍ରମୁଖ ସହଯୋଗ କରିଥିଲେ।

## ଗଣେଶ ପୂଜା କମିଟି ପକ୍ଷରୁ ନୂଆଁଖାଇ ଭେଟ୍‌ଘାଟ୍




**ଡୁଙ୍ଗୁରିପାଲି, ୫।୯ (ସମିସ):** ସୁବର୍ଣ୍ଣପୁର ଜିଲ୍ଲା ଡୁଙ୍ଗୁରିପାଲି ମା’ ସମଲେଶ୍ୱରୀ ଗଣେଶ ପୂଜା କମିଟି ଆନୁକୂଲ୍ୟରେ ନୂଆଁଖାଇ ଭେଟଘାଟ କାର୍ଯ୍ୟକ୍ରମ ସ୍ଥାନୀୟ କୁଦେଇପଡ଼ା ଛକରେ ଆୟୋଜିତ ହୋଇଯାଇଛି। ଉଦ୍‌ଘାଟନୀ ସଭାରେ ମୁଖ୍ୟ ଅତିଥି ଭାବରେ ପୂର୍ବତନ ଜିଲ୍ଲାପରିଷଦ ସଭ୍ୟ ବିଜୟାନନ୍ଦ ମିଶ୍ର ଯୋଗ ଦେଇଥିବାବେଳେ ସମ୍ମାନିତ ଅତିଥି ଭାବରେ ଯୁବ ନେତା ଆକାଶ ମିଶ୍ର, ଯୁବକ ସଂଘର ଉପଦେଷ୍ଟା ସନ୍ତୋଷ କୁଦେଇ, କୋଶଲ ସେନାର ସରୋଜ ପଧାନ, କ୍ଲବ୍ ସଭପତି ଯଦୁମଣି କୁଦେଇ ଯୋଗଦେଇ ଥିଲେ। କାର୍ଯ୍ୟକ୍ରମରେ ୭୦ ଜଣ ପ୍ରତିଯୋଗୀ ବିଭିନ୍ନ ବର୍ଗ ରେ ଭାଗ ନେଇ ନୃତ୍ୟ ପରିବେଷଣ କରିଥିଲେ। ସରପଞ୍ଚ ଚିତ୍ତରଞ୍ଜନ ମିଶ୍ର, ସମ୍ମାନିତ ଅତିଥି ଭାବରେ ଧର୍ମେନ୍ଦ୍ର ବିଶ୍ୱାଳ, ଜିଲ୍ଲା ଟ୍ରକ୍ ମାଲିକ ସଂଘ ସଭାପତି ମୃତ୍ୟୁଞ୍ଜୟ ମିଶ୍ର, ବରିଷ୍ଠ ସାମ୍ବାଦିକ ଦୀନବନ୍ଧୁ ସୁନା, ପବିତ୍ର ମୋହନ ପାଣ୍ଡିଆ, ପ୍ରଶାନ୍ତ ସେଟ, ପ୍ରକାଶ ହାତୀ, ମୁକେଶ ଭୋଇ, ସୁଦାମ ସାହୁ, ବନମାଳୀ ପୋଢ଼, ଉମାକାନ୍ତ ବାଗ, ମାହାଦେବ ଗଡ଼ତିଆ, ପ୍ରଶାନ୍ତ ସେଟ ଯୋଗଦେଇ ନୂଆଁଖାଇ ଭେଟଘାଟ ଉପରେ ସୁନ୍ଦର ବକ୍ତବ୍ୟ ରଖିଥିଲେ। ନୃତ୍ୟ କାର୍ଯ୍ୟକ୍ରମ ସମସ୍ତ ଦର୍ଶକ ମାନଙ୍କ ମନ ମୋହିଥିଲା। ଏହି ଅବସରରେ ବିଭିନ୍ନ ପ୍ରତିଯୋଗିତାରେ କୃତୀମାନଙ୍କୁ ପୁରସ୍କୃତ କରାଯାଇଥିଲା। ବିଚାରକ ଭାବେ ଆଲବମ କଳାକାର ସୁଜିତସାହୁ, ସୁବର୍ଣ୍ଣା ସାହୁ ଏବଂ ପ୍ରମୋଦ ବଗର୍ତ୍ତୀ ଯୋଗଦେଇଥିବା ବେଳେ ଅମୂଲ୍ୟ କୁମାର ବେହେରା, ରୀଙ୍କୁ ଦରଜୀ ଓ ଶଙ୍କର ମହାଲିଙ୍ଗ ମଞ୍ଚ ପରିଚାଳନା କରିଥିଲେ। ସମ୍ପାଦକ ସୌମ୍ୟରଞ୍ଜନ ମହାନ୍ତି ପରିଶେଷରେ ସମସ୍ତଙ୍କୁ ଧନ୍ୟବାଦ ଜଣାଇଥିଲେ।

# ହାତୀପଲଙ୍କ ଦ୍ୱାରା ଧାନଚାଷ ନଷ୍ଟ

**ସୁବଳୟା, ୫।୯ (ସମିସ)**

ସୁବର୍ଣ୍ଣପୁର ବନଖଣ୍ଡ ଅଧୀନ ବୀରମହାରାଜପୁର ରେଞ୍ଜ ଅଞ୍ଚଳରୁ ଯାଉ ନାହାଁନ୍ତି ହାତୀପଲ। ଅଞ୍ଚଳର ବିଭିନ୍ନ ଗ୍ରାମରେ ପ୍ରାୟ ଚାରିଦିନ ହେଲା ଉକ୍ତ ହାତୀପଲ ବ୍ୟାପକ ଧାନଚାଷ ନଷ୍ଟ କରୁଛନ୍ତି। ଉକ୍ତ ହାତୀପଲରେ ପ୍ରାୟ ୧୦ ଟି ହାତୀ ଥିବା ଜଣାପଡ଼ିଛି। ଗୁରୁବାର ବିଳମ୍ବିତ ରାତିରେ କମିରା ପଞ୍ଚାୟତର ବିକଳପୁର ଗ୍ରାମରେ ପ୍ରାୟ ଆଠ ଏକର ଚାଷ ଜମିରେ ଧାନ ଚାଷ ନଷ୍ଟ କରିଥିବା ଅଭିଯୋଗ ହୋଇଛି। ଗ୍ରାମର ନେପାଳ ମେହେର, ଗୋପାଳ ମେହେର, ବେଣୁ ମେହେର, ଯଶୋବନ୍ତ ମେହେର, ଦାମୋଦର ପ୍ରଧାନ, ଈଶ୍ୱର ପ୍ରଧାନ, ଦୁଃଖୁ ପ୍ରଧାନ, ଶଙ୍କର ଭୋଇ, ଚୈତନ୍ୟ ପ୍ରଧାନ ପ୍ରମୁଖଙ୍କ ବ୍ୟାପକ ଧାନ ଚାଷ କୁ ଦଳି ଚକଟି ନଷ୍ଟ କରିଛନ୍ତି। ଏନେଇ ବୀରମହାରାଜପୁର ସହକାରୀ ବନ ସଂରକ୍ଷକ ତଥା ଅତିରିକ୍ତ ରେଞ୍ଜ ଦାୟିତ୍ୱରେ ଥିବା ରେଞ୍ଜ ଅଧିକାରୀ ଅବିନାଶ ବରିହାଙ୍କୁ ପଚାରିବାରୁ ବନ ବିଭାଗ ହାତୀପଲ କୁ ଘଉଡ଼ାଇବାକୁ ଚେଷ୍ଟା କରାଯାଉଛି। ଯେଉଁ ସ୍ଥାନରେ ହାତୀପଲ ଚାଷୀ ଙ୍କ ଧାନ ଚାଷ ନଷ୍ଟ କହିଛନ୍ତି, ସେଠାରେ କ୍ଷୟକ୍ଷତିର ଆକଳନ କରି କ୍ଷତିପୂରଣ ପ୍ରଦାନ କରାଯିବ ବୋଲି ପ୍ରକାଶ କରିଛନ୍ତି।

**ବୀରମହାରାଜପୁର:** ସେହିପରି ବୀରମହାରାଜପୁର ବନାଞ୍ଚଳ ଅଧୀନ ପିତାମହୁଲ ପଞ୍ଚାୟତର ବିଭିନ୍ନ ଅଞ୍ଚଳର ଦୂର୍ଦ୍ଦୁରା ଗାଆଁ ପାଖଧାନ ବିଲରେ ହାତୀପଲ ବ୍ୟାପକ ଧାନ ଚାଷ ନଷ୍ଟ କରିଥିବା ଅଭିଯୋଗ ହୋଇଛି। ଉକ୍ତ ହାତୀପଲରେ ପ୍ରାୟ ୧୦ ଟି ହାତିଥିବା ଲୋକେ କହିଛନ୍ତି। ଉକ୍ତ ହାତୀପଲ ଗତକାଲି ଖଣ୍ଡହତା ବନଖଣ୍ଡ ଅଞ୍ଚଳର ଜଙ୍ଗଲ ରୁ ଆସି ବୀରମହାରାଜପୁର ବନାଞ୍ଚଳ ଅଧିନସ୍ଥ ର ସିମାନ୍ତର ଦୂର୍ଦୂରା, ପିତାମହୁଲ୍, ତୁଲେଶ୍ୱର ଆଦି ଗ୍ରାମର ଚାଷ ଜମି କୁ ଯାଇ ଦଳି ଚକଟି ଧାନ ଚାଷ ନଷ୍ଟ କରିଛନ୍ତି। ଫଳରେ ଚାଷୀ ଚିନ୍ତାରେ ପଡ଼ିଯାଇଛି। ଦୁର୍ଦ୍ଦୁରା ଗ୍ରାମର ନିକଟ ଦେଇ ଏହି ହାତୀପଲ ଧାନ ବିଲରେ ଧାନ ଫସଲ ନଷ୍ଟ କରିଥିବା ଅଭିଯୋଗ ହୋଇଛି। ହାତୀପଲଙ୍କୁ ଘଉଡାଇବାରେ ଗ୍ରାମବାସୀ ବିଫଳ ହେବାରୁ ବନ ବିଭାଗକୁ ଖବର ଦେଇଥିଲେ। ସୁବଳୟା ବନବିଭାଗର ଅତିରିକ୍ତ ରେଞ୍ଜ ଦାୟିତ୍ୱରେ ଥିବା ଅବିନାଶ ବରିହାଙ୍କ ତତ୍ତ୍ୱାବଧାନରେ ବନବିଭାଗର କର୍ମଚାରୀମାନେ ଆସି ହାତୀପଲଙ୍କୁ ଘଉଡାଉଛନ୍ତି। ଉକ୍ତ ହାତୀପଲ ପିତାମହୁଲ୍ ସଂରକ୍ଷିତ ଜଙ୍ଗଲର ଦୂରଦୁରା ଅଞ୍ଚଳରେ ଥିବା ବନ ବିଭାଗ ସୂଚନା ଦେଇଛି।

# ସବୁଠି ଗୁରୁଙ୍କୁ ସମ୍ମାନ, ପୂଜାର୍ଚ୍ଚନା

## ଜିଲ୍ଲାସ୍ତରୀୟ ଗୁରୁ ଦିବସ ଓ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ସମାରୋହରେ ୪୪ ଶିକ୍ଷକ, ଶିକ୍ଷୟିତ୍ରୀ ପୁରସ୍କୃତ





ବଲାଙ୍ଗିର,୫।୯(ସମିସ): ବଲାଙ୍ଗିର ଜିଲ୍ଲା ଶିକ୍ଷା ଅଧିକାରୀ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ଗୁରୁ ଦିବସ ଉତ୍ସବ ଓ ମୁଖ୍ୟମନ୍ତ୍ରୀ ଶିକ୍ଷକ ପୁରସ୍କାର ସମାରୋହ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରଦୀପ ନାଗଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ଅତିଥି ଭାବେ ରାଜ୍ୟସଭା ସାଂସଦ ନିରଞ୍ଜନ ବିଶି, ଜିଲ୍ଲା ପରିଷଦ ଅଧ୍ୟକ୍ଷା ଦେବକୀ ସାହୁ, ସ୍ୱାସ୍ଥ୍ୟମନ୍ତ୍ରୀଙ୍କ ପ୍ରତିନିଧି ରାଜେନ୍ଦ୍ର ବିଜୟ ସାହୁ, ସ୍ଥାନୀୟ ବିଧାୟକଙ୍କ ପ୍ରତିନିଧି ବିଧୂଭୁଷଣ ତ୍ରିପାଠୀ, ଅତିରିକ୍ତ ଜିଲ୍ଲାପାଳ ପବିତ୍ର ବେହେରା, ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ପ୍ରବୀର ପଣ୍ଡା, ରୀନା କୁମାରୀ ବେହେରା, ସେବାଶ୍ରୀ ଭୋଇ, ସ୍ଥାନୀୟ ଡିଆଇଇଟି ଅଧ୍ୟକ୍ଷ ଜ୍ୟୋତିପ୍ରକାଶ ଦାସ ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ଜିଲ୍ଲାରୁ ମନୋନୀତ ହୋଇଥିବା ୪୪ ଜଣ ଶିକ୍ଷକ ଶିକ୍ଷୟିତ୍ରୀଙ୍କୁ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପ୍ରଦାନ କରାଯାଇଥିଲା। ଜିଲ୍ଲାସ୍ତରୀୟ ମୁଖ୍ୟମନ୍ତ୍ରୀ ଶିକ୍ଷା ପୁରସ୍କାର ପାଇଥିବା ଶିକ୍ଷକ ଶିକ୍ଷୟିତ୍ରୀମାନେ ହେଲେ ମାଧ୍ୟମିକ ଶିକ୍ଷା ବର୍ଗରେ ଭାଗ୍ୟବାନ ବାଗ, ଶକ୍ତିବାଇ ପଣ୍ଡା, ଶନିଶ୍ଚର ଭୋଇ, ଧୃବ ଚରଣ ସାହୁ, ବିକାଶ ରଞ୍ଜନ ସାହୁ, ପିତାମ୍ବର ପଧାନ, ମିନାକ୍ଷୀ ରାଣୀ ମିଶ୍ର, ଅଶୁତୋଷ ପୂଝାରୀ, ଭକ୍ତ ଚରଣ ନାଏକ, ଉମାକାନ୍ତ ପଟେଲ, ଅମର ସାହୁ, ଅମିତ ବାଗ, ଶରତ ଚନ୍ଦ୍ର ମେହେର, ମାନସ ରଞ୍ଜନ ପଧାନ, ଶର୍ମିଷ୍ଠାରାଣୀ ହୋତା, ନୃସିଂହ ଶିକା, ଦିଲ୍ଲୀପ ଧଳ, ଜଗଦୀଶ ଚନ୍ଦ୍ର ମିଶ୍ର, ଅମ୍ବୁଜ ପଟେଲ, ସ୍ୱର୍ଣ୍ଣପ୍ରଭା ସ୍ୱାଇଁ, ଜ୍ୟୋତିଷ ମେହେର, ରମାଇ ରଞ୍ଜନ ସା, ରାମ ନାରାୟଣ ଦାସ, ଅନାକର ସାହୁ, ପୁରନ୍ଦର ସେଠ, ସସ୍ମିତା ଗଡତ୍ୟା, ସନ୍ତୋହ ମେହେର, ସଞ୍ଜିବ ସାହୁ। ସେହିପରି ଏଲିମେଣ୍ଟାରୀ ଶିକ୍ଷା ବର୍ଗରେ ଦେବକାନ୍ତ ମେହେର, ନିରୁପମା ତ୍ରିପାଠୀ, ସୁଶୀଲ ମହଲା, ଫଣିନ୍ଦ୍ର ମୋହନ ଥନାପତି, ଅମରକାନ୍ତ ବେହେରା, ମୁକେଶ ବାରିକ, ଛନ୍ଦଧ୍ୱଜ ମେହେର, ଭାସ୍କର ଭୋଇ, ସଂଯୁକ୍ତା ପାଢୀ, ଗୌରୀ ମହାକୁର, ପ୍ରକାଶ ପ୍ରଧାନ, ବଳଦେବ ପାଢୀ, ଅନୁସୟା ପଧାନ। ସିଆରସିସି ରଞ୍ଜିତ ମିଶ୍ର, ଶାଳିନୀ ଶତପଥୀ ଓ ଚିନ୍ତାମଣୀ ପାଢୀଙ୍କୁ ମଧ୍ୟ ଏହି ପୁରସ୍କାର ପ୍ରଦାନ କରାଯାଇଛି।

### ● ନିଖିଳ ଉତ୍କଳ ପ୍ରାଥମିକ ଶିକ୍ଷକ ସଂଘ

ବଲାଙ୍ଗିର,୫।୯(ସମିସ): ଦି ନ୍ୟୁ ଲାଇଫ୍ ଏସେମ୍ବ୍ଲି ହଲ୍, ମିଶନ କମ୍ପାଉଣ୍ଡଠାରେ ନିଖିଳ ଉତ୍କଳ ପ୍ରାଥମିକ ଶିକ୍ଷକ ସଂଘ ପକ୍ଷରୁ ଗୁରୁ ଦିବଦ ପାଳିତ ହୋଇଛି। ବଲାଙ୍ଗିର ଜିଲ୍ଲା ସଂଘର ସାଧାରଣ ସଭାପତି ତୁଷାର କର୍ମୀଙ୍କ ଆହ୍ୱାନକ୍ରମେ ଶାନ୍ତିଲତା ସାହୁଙ୍କ ଅଧ୍ୟକ୍ଷତାରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଜିଲ୍ଲା ଶିକ୍ଷାଧିକାରୀ ପ୍ରଦୀପ ନାଗ, ଉପଦେଷ୍ଟା ଆ.ର୍ଯ୍ୟ ସୁଚିତ୍ର ସୁନା, ଆନନ୍ଦ ଯୋଷୀ, ଗୋଷ୍ଠୀ ଶିକ୍ଷା ଅଧିକାରୀ ଦିଲ୍ଲୀପ ଯୋଷୀ, ଶ୍ୟାମ ସୁନ୍ଦର ଦାଶ, ସଚ୍ଚିଦାନନ୍ଦ ହନୁମାନ, ଦିଲୀପ ବୈଦାର, ସନ୍ତୋଷ ସାହୁ, ବବୃ ବାହନ ଭୋଇ, ନୂଆପଡାରୁ ସନ୍ତୋଷ ପାଢୀ, ଦେବଗଡରୁ ଘନଶ୍ୟାମ ସାହୁ, ସମ୍ବଲପୁରରୁ ଭୁବନେଶ୍ୱର ଦ୍ୱିବେଦୀ, ବଉଦରୁ ଶିଶିର ଖଟୁଆ, ସୁବର୍ଣ୍ଣପୁରରୁ ଦିଗାମ୍ବର ବିଶି, ନବରଙ୍ଗପୁରରୁ ନିରୁପମା ସ୍ୱାଇଁ, ପ୍ରମୋଦା ଦାସ, କଳାହାଣ୍ଡିରୁ ପ୍ରଦୀପ ସାହୁ ପ୍ରମୁଖ ସଭାରେ ଉପସ୍ଥିତ ଥିଲେ। ଶିକ୍ଷକ ଓମ୍‌ପ୍ରକାଶ ସାହୁ, ଅନ୍ନପୂର୍ଣ୍ଣା ନନ୍ଦ, ମନମୋହନ ଲିମା, ଅବସରପ୍ରାପ୍ତ ଶିକ୍ଷକ ଆଦିତ୍ୟ ଦାନୀ, ବିପିନ ବୁଡେକ, ଅଜିତ ମିଶ୍ରଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

### ● ଖପ୍ରାଖୋଲ କସ୍ତୁରବା ଗାନ୍ଧୀ ବାଳିକା ବିଦ୍ୟାଳୟ

ଖପ୍ରାଖୋଲ,୫।୯(ସମିସ): ବଲାଙ୍ଗିର ଜିଲ୍ଲା ଖପ୍ରାଖୋଲ ବ୍ଲକରେ ଥିବା କସ୍ତୁରବା ଗାନ୍ଧୀ ବାଳିକା ବିଦ୍ୟାଳୟରେ ଗୁରୁ ଦିବସ ପାଳିତ ହୋଇଛି। ୱାର୍ଡେନ୍ ଅନିତା ମହାପାତ୍ର, ଶିକ୍ଷୟିତ୍ରୀ ରୀତା ବେହେରା, ରୀତା ସାହୁ, ଆଟେଣ୍ଡେଣ୍ଟ ଲିଲିଜା ବନଛୋର, ନୀଳ ମାଧବ ସାହୁ, ଶ୍ରଦ୍ଧାଞ୍ଜଳି ରାଉତ, ରାଜକୁମାରୀ ବରିହା, ଗୀତା ବାଗ ପ୍ରମୁଖ ଉପସ୍ଥିତ ଥିଲେ।



### ● ରାଜବୈଦ୍ୟ ଚିନ୍ତାମଣି ବେହେରା ସ୍ମୃତି ପରିଷଦ

ବେଲପଡା,୫।୯(ସମିସ): ବେଲପଡା ପଞ୍ଚାୟତ ସମିତି ମହାବିଦ୍ୟାଳୟରେ ରାଜବୈଦ୍ୟ ଚିନ୍ତାମଣି ବେହେରା ସ୍ମୃତି ପରିଷଦ ପକ୍ଷରୁ ରାଜ୍ୟସ୍ତରୀୟ ଗୁରୁ ପୂଜନ ଓ ନୂଆଁଖାଇ ଭେଟଘାଟ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ଶିକ୍ଷକରତ୍ନ ତ୍ରିବିକ୍ରମ ମହାଖୁଡ଼ ଉଦ୍‌ଘାଟନ କରିଥିଲେ। ଏଥିରେ ବେଲପଡା



ଜବାହର ନବୋଦୟ ବିଦ୍ୟାଳୟର ଅଧ୍ୟକ୍ଷ ରାଜନାରାୟଣ ମେହେର, ବାଗ୍ମୀ ରାଜମଣୀ ସାହୁ, ଡକ୍ଟର ଗୋବର୍ଦ୍ଧନ ନାୟକ, ପ୍ରଧ୍ୟାପକ ଦୁର୍ବଳତା ଘିଭେଲା, ଡକ୍ଟର ଝସକେତନ ଗୁରୁ, ଡକ୍ଟର ଚିତ୍ତରଞ୍ଜନ ମିଶ୍ର ପ୍ରମୁଖ ମଞ୍ଚାସୀନ ଥିଲେ। ଏହି ଅବସରରେ ପଣ୍ଡିତ ମୋହନ ଦାସ ଠାକୁର, ବନମାଳୀ ପାଣିଗ୍ରାହୀ, କୃଷ୍ଣଚନ୍ଦ୍ର ପାଣିଗ୍ରାହୀ, ସଦାସିବ ମେହେର, ନିରଞ୍ଜନ ବେହେରା, ଗୋବର୍ଦ୍ଧନ ନାୟକ, କୁଞ୍ଜମଣୀ ମେହେର, ଚାଣକ୍ୟ ସାହୁ, ନବୀନ ମେହେର, ସୁରେଶ ଚନ୍ଦ୍ର ମେହେର ଓ ରାଜମଣୀ ସାହୁଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କଲେଜ ଅଧ୍ୟକ୍ଷ ସୁରେଶ ଚନ୍ଦ୍ର ମେହେର ସଭାପତିତ୍ୱ କରିଥିଲେ। ନବକିଶୋର ବେହେରା ଅତିଥି ପରିଚୟ ପ୍ରଦାନ କରିଥିଲେ। ଶେଷରେ ଅମ୍ବରିଶ ଦାସ ଧନ୍ୟବାଦ ଅର୍ପଣ କରିଥିଲେ।

### ● କଣ୍ଟାବାଞ୍ଜି ନୋଡାଲ ସ୍କୁଲ

କଣ୍ଟାବାଞ୍ଜି,୫।୯(ସମିସ): କଣ୍ଟାବାଞ୍ଜି ନୋଡାଲ ସ୍କୁଲ୍‌ରେ ଗୁରୁଦିବସ ଓ ନୂଆଁଖାଇ ଭେଟଘାଟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କଣ୍ଟାବାଞ୍ଜି ଆଞ୍ଚଳିକ ସାଧନ କେନ୍ଦ୍ର ସଂଯୋଜକ ଦିନେଶ ମହାନନ୍ଦ, ବିଦ୍ୟାଳୟ ପରିଚାଳନା କମିଟି ସଭାପତି ଘନଶ୍ୟାମ ଗହିର ଅତିଥି ରୂପେ ଯୋଗ ଦେଇଥିଲେ। ପ୍ରଧାନ ଶିକ୍ଷୟିତ୍ରୀ ସବିତା ମହାପାତ୍ର, ରମେଶ ସାହୁ, ଶିକ୍ଷୟିତ୍ରୀ ସୁନନ୍ଦା ପୁରୋହିତ, ଦୀପାଞ୍ଜଳି ଭୋଇ, ପୂଜା ଜାଲ, ମୁକ୍ତା ବେଜ, କାନ୍ତିଲତା ବର୍ଗେ ପ୍ରମୁଖ ଉପସ୍ଥିତ ଥିଲେ।

ରୋଟାରି ଏଲିଟର ଉଡାନ (୫୨୨)

ବଲାଙ୍ଗିର,୫।୯(ସମିସ): ସ୍ଥାନୀୟ ପିପି ଏକାଡେମୀରେ ରୋଟାରି ଏଲିଟର ଉଡାନ ତରଫରୁ ଗୁରୁ ଦିବସ ପାଳିତ ହୋଇଛି। ଏଥିରେ ମୁଖ୍ୟ ଅତିଥି ଭାବରେ ବଲାଙ୍ଗିର ସରକାରୀ ମହିଳା ମହାବିଦ୍ୟାଳୟର ସଂସ୍କୃତ ବିଭାଗର ଅଧ୍ୟାପକ ଡ. ସଦାଶିବ ମଲ୍ଲିକ ଯୋଗ ଦେଇଥିଲେ। ଉଡାନର ବରିଷ୍ଠ ଶିକ୍ଷକ ନବୀନ ନାୟକ, ଦିଗାମ୍ବର ଯୋଗ ଦେଇଥିଲେ। କେଦାର ବଡ଼ଜେନା, ଅବିନାଶ ଭୋଇ, ରୁପେଶ ଷାଣ୍ଡ, ଅନ୍ତରାମ ପଧାନ, ତ୍ରିଲୋଚନ ବାଗ, ଯୁଧିଷ୍ଠୀର ବଘାର, ନିରାକାର ବଘାର ପ୍ରମୁଖ ଉପସ୍ଥିତ ଥିଲେ।

## ଗୁରୁଦିବସକୁ କଳାଦିବସ ଭାବେ ପାଳିଲେ ଗୁରୁ

ବଙ୍ଗୋମୁଣ୍ଡା,୫।୯(ସମିସ): ସ୍ଥାନୀୟ ପଞ୍ଚାୟତ ସମିତି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଗୁରୁ ଦିବସକୁ କଳା ଦିବସ ଭାବେ ପାଳନ କରାଯାଇଛି। କଣ୍ଟାବାଞ୍ଜି ନିର୍ବାଚନ ମଣ୍ଡଳୀର ବିଭିନ୍ନ ଉଚ୍ଚମାଧ୍ୟମିକ ବିଦ୍ୟାଳୟ ଓ ସ୍ନାତକ ମହାବିଦ୍ୟାଳୟର ୨୦୦୮ରୁ ୨୦୧୮ ମସିହା ମଧ୍ୟରେ ପରିଚାଳନା କମିଟି ଦ୍ୱାରା ନିଯୁକ୍ତି ପାଇଥିବା କର୍ମଚାରୀ ସରକାରୀ ଅନୁଦାନରୁ ବଞ୍ଚିତ ହୋଇଛନ୍ତି। ଏହାର ପ୍ରତିବଦରେ ସେମାନେ ଗୁରୁ ଦିବସକୁ କଳା ଦିବସ ଭାବେ ପାଳନ କରିଛନ୍ତି। ଲକ୍ଷ୍ମଣ ବାରିକ କାର୍ଯ୍ୟକ୍ରମରେ ସଂଯୋଜନା କରିଥିଲେ। କଣ୍ଟାବାଞ୍ଜି, ବଙ୍ଗୋମୁଣ୍ଡା, ମୁରିବାହାଲ, ତୁରେକେଲା, ସିନ୍ଧେକେଲା, ଭାଲୁମୁଣ୍ଡାଠାରେ ୪୪ କର୍ମଚାରୀ ଧାରଣାରେ ବସିଥିଲେ। ଦୀର୍ଘଦିନ ଧରି ସରକାରଙ୍କ ନିକଟରେ ଏହି କର୍ମଚାରୀ ଅନୁଦାନ ପରିସରଭୁକ୍ତ ହେବାପାଇଁ ଦାବି କରିଆସୁଥିଲେ ସୁଦ୍ଧା ସରକାର ଏମାନଙ୍କ ଦାବି ଗ୍ରହଣ କରୁନାହାନ୍ତି ବୋଲି ଅଭିଯୋଗ କରିଛନ୍ତି।





### ● ଗୁଞ୍ଜିତରା ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ମୁରିବାହାଲ ଗୋପବନ୍ଧୁ ଯୁବକ ସଂଘ

ମୁରିବାହାଲ, ୫।୯(ସମିସ): ତେନ୍ତୁଳୀଖୁଣ୍ଟି ପଞ୍ଚାୟତ ଗୁଞ୍ଜିତରା ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଗୁରୁ ଦିବସ ପାଳିତ ହୋଇଛି। ପ୍ରଧାନଶିକ୍ଷୟତ୍ରୀ ଶ୍ରଦ୍ଧାଞ୍ଜଳି ମହାନ୍ତି, ଶିକ୍ଷକ ଶିକ୍ଷୟିତ୍ରୀ ସଫଳା ମିଶ୍ର, ଜୟମାଳିନୀ ପଟ୍ଟନାୟକ, ସରୋଜିନୀ ମିଶ୍ର, ପ୍ରିୟଦର୍ଶିନୀ ସ୍ୱାଇଁ, ନୀଳମଣି ଦୀପଙ୍କ ସମେତ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ସେହିପରି ମୁରିବାହାଲ ଗୋପବନ୍ଧୁ ଯୁବକ ସଂଘରେ ମଧ୍ୟ ଗୁରୁ ଦିବସ ପାଳନ କରାଯାଇଛି। ଅଜିତ ତରିଆ, ବରିଷ୍ଠ ଶିକ୍ଷାବିତ୍ ଜିତେନ୍ଦ୍ରୀୟ ଭୋଇ, ଅକ୍ଷୟ ଭୋଇ ପ୍ରମୁଖ ତ୍ରିପାଠୀ, ପୀତବାସ ପଣ୍ଡା, ବୃଷକେତୁ ସାହୁ, ଗୋପଭୂଷଣ ନାଥ, ସିନୁ ସୁନ୍ଦର ପାଢ଼ୀ, ବିକାଶ ସାହୁ, ନୂତନ ନାୟକ, ଜୟନ୍ତ ମେହେର, ଅଭୟ ମିଶ୍ର, ଗନ୍ଧର୍ବ ପାତ୍ର, ସୁବାସ ଚନ୍ଦ୍ର ପଣ୍ଡା ପ୍ରମୁଖଙ୍କୁ ଫୁଲ ଚନ୍ଦନ ଦେଇ ସମ୍ମାନିତ କରାଯାଇଥିଲା। ଛାତ୍ରୀ ଦମୟନ୍ତୀ ଖୁଆସ, ସ୍ୱସ୍ତିକା କୁମାର, ଶ୍ରିୟଙ୍କା ସୁନା, ଝଲସି କୁମ୍ଭାର, ମାନସିରାଣୀ ଦାଶ, ସ୍ମୃତିପ୍ରିୟା ସାହୁ, ତୃପ୍ତି ତମନ୍ନା ସାହୁ ଓ ମନୀଷା ବାରିକ ପ୍ରମୁଖ ଉପସ୍ଥିତ ଥିଲେ। ଧର୍ମେନ୍ଦ୍ର ନନ୍ଦ କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ସଭାପତି ଦର୍ଶନ ଭମର ଧନ୍ୟବାଦ ଅର୍ପଣ କରିଥିଲେ।





## ପ୍ରଫେଟ ମହମ୍ମଦଙ୍କ ଜନ୍ମଦିନ ଉପଲକ୍ଷେ ଶୋଭାଯାତ୍ରା





ଟିଟିଲାଗଡ଼,୫।୯(ସମିସ): ମୁସଲିମ ସମ୍ପ୍ରଦାୟର ଧର୍ମ ଗୁରୁ ପ୍ରଫେଟ ମହମ୍ମଦଙ୍କ ୧୫ଶହ ତମ ଜୟନ୍ତୀ ପାଳିତ ହୋଇଛି। ଏହି ଜୟନ୍ତୀ ପାଳନ ଅବସରରେ ସକାଳୁ ସମସ୍ତ ମୁସଲିମ ସମ୍ପ୍ରଦାୟର ଭାଇମାନେ ପ୍ରଥମେ ମସଜିଦକୁ ଆସି ନମାଜ ପାଠ କରିଥିଲେ। ପରେ ସେଠାରୁ ଏକ ବିରାଟ ଶାନ୍ତି ଶୋଭାଯାତ୍ରାରେ ବାହାରି ସହର ପରିକ୍ରମା କରିଥିଲେ। ଶୋଭାଯାତ୍ରୀ ଦଳକୁ ଟିଟିଲାଗଡ଼ ବିଧାୟକ ନବୀନ ଜୈନ ଶୁଭେଚ୍ଛା ଜଣାଇଥିଲେ। ଏହି ଶୋଭାଯାତ୍ରାରେ ମୁସଲିମ ସମ୍ପ୍ରଦାୟର ବରିଷ୍ଠ ସଦସ୍ୟ ତଥା ସହରର ବରିଷ୍ଠ ଆଇନଜୀବୀ ହାଜି ମହମ୍ମଦ ମୁସ୍ତାକ ଖାଁ, ଶେଖ୍ ପିରୁ, ସେଖ ସଫିକ, ଆତା ଉଲାହ ଖାଁ, ରଫିକ ଉଲ୍ଲା ଖାଁ, ରିୟାଜ ମହମ୍ମଦ, ଇଞ୍ଜିନିୟର ମହମ୍ମଦ ଆବାସ ଖାଁ, ହିଫ ଜୁଲ ରେହେମାନ, ଜାଫର ଖାଁ, ଘୁଫ୍ରାନ ବେଜ, ଅଜମଲ ଖାଁ, ଫାରୁଖ ଖାଁ, ନଜିର ମହମ୍ମଦ, ଇଞ୍ଜିନିୟର ମହମ୍ମଦ ମୁକ୍ତାର ଖାଁ, ଅସ୍ୱାକ ଖାଁ, ମହମ୍ମଦ ଅଜମତ ଖାଁ, କ୍ୱାଜ ମହମ୍ମଦ, ଖଲିଦ ଖାଁ, ଶୋହେଲ ଖାଁ, ମହମ୍ମଦ ମୋସିନ ଖାଁ, ମହମ୍ମଦ ତୋଷିଫ ଖାଁ, ଇମ୍ରାନ ଖାଁ, କମରୁଦ୍ଦିନ ଅଲି ଅହମଦ, ଏହେମଦ ମେମନଙ୍କ ସମେତ ପ୍ରାୟ ୧୫୦୦ରୁ ଅଧିକ ଲୋକ ସାମିଲ ହୋଇଥିଲେ।

## ଦୁର୍ଗାପୂଜା ପାଇଁ ଶୁଭସ୍ତମ୍ଭ ସ୍ଥାପନ



ସଇଁନ୍ତଲା,୫।୯(ସମିସ): ସଇଁନ୍ତଲାରେ ଦୁର୍ଗାପୂଜା ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଛି। ସ୍ଥାନୀୟ ଶ୍ରୀରାମ ମନ୍ଦିର ପରିସରରେ ମାଟି ପୂଜା ପରେ ସଂଗ୍ରହ କରି ମଣ୍ଡପକୁ ଅଣାଯାଇଥିଲା। ପରେ ପୂଜା ମଣ୍ଡପ ସମ୍ମୁଖରେ ପୂଜାର୍ଚ୍ଚନା ପରେ ମଣ୍ଡପ ସମ୍ମୁଖରେ ଶୁଭସ୍ତମ୍ଭ ସ୍ଥାପନ କରାଯାଇଥିଲା। ମୁଖ୍ୟ ପୂଜକ କିରଣ ମିଶ୍ର ଓ ନବଘନ ଷଡଙ୍ଗୀ ପୂଜାର୍ଚ୍ଚନା କରିଥିଲେ। ପୂଜା କମିଟି ସଭାପତି ତଥା ପୂର୍ବତନ ମନ୍ତ୍ରୀ ସୁରେନ୍ଦ୍ର ସିଂ ଭୋଇ, ସମ୍ପାଦକ ତଥା ଆଇନଜୀବୀ ସୁବୋଧ ମିଶ୍ର, ଝସ ମନହିରା, ଶେଷଦେବ ଯାନୀ, ଭୀମସେନ ସ୍ୱାଇଁ, ନିମାଇଁ ସ୍ୱାଇଁ, ବିନୟ ଭୋଇ, ଦୁର୍ଗେଶ ସାହୁ, ପ୍ରଶାନ୍ତ ପୃସେଠ, ଲଲାଟ ପୃସେଠ, ସମ୍ପଦ ମହାକୁର, କିଷାନ ପଟ୍ଟନାୟକ, ଅମିତ ରଥ, ପବନ ଅଗ୍ରୱାଲ ପ୍ରମୁଖ କାର୍ଯ୍ୟକ୍ରମରେ ସାମିଲ ହେଇଥିଲେ।

## ବିଶ୍ୱାମ୍ ଚେତନା ପରିଷଦର ରକ୍ତଦାନ ଶିବିର



ବଲାଙ୍ଗିର,୫।୯(ସମିସ): ଖୁଜେନପାଲି ବିଶ୍ୱାମ୍ ଚେତନା ପରିଷଦ ଆନୁକୂଲ୍ୟରେ ଆନନ୍ଦ ନିକେତନ ବିଦ୍ୟା ମନ୍ଦିରରେ ରକ୍ତଦାନ ଶିବିର ଆୟୋଜିତ ହୋଇଯାଇଛି। ଏଥିରେ ୪୦ ୟୁନିଟ୍ ରକ୍ତ ସଂଗ୍ରହ ହୋଇଥିଲା। ପୂଜ୍ୟପାଦ ସଦ ଗୁରୁଦେବ ପରମହଂସ ସ୍ୱାମୀ ଶ୍ରୀ ସତ୍ୟ ପ୍ରଜ୍ଞାନନ୍ଦ ସରସ୍ୱତୀଜୀ ମହାରାଜଙ୍କ ୭୦ତମ ଜନ୍ମ ଦିବସ ଉପଲକ୍ଷେ ଏହି ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଥିଲା। ରାଜ୍ୟସଭା ସାଂସଦ ନିରଞ୍ଜନ ବିଶି ଅତିଥି ଭାବେ ଯୋଗଦେଇ ଏହି ରକ୍ତଦାନ ଶିବିରକୁ ଉଦ୍‌ଘାଟନ କରିଥିଲେ। ପୂଜ୍ୟ ସ୍ୱାମୀ ସତ୍ୟଦେବାନନ୍ଦ ସରସ୍ୱତୀଜୀ ସ୍ୱାଗତ ସମ୍ଭାଷଣ ଦେଇଥିଲେ। ପୂଜ୍ୟ ସ୍ୱାମୀ ସତ୍ୟପ୍ରେମାନନ୍ଦ ସରସ୍ୱତୀଜୀ, ଡ. ପ୍ରକାଶ ଦାସ, ଗୋପାଳଜୀ ପାଣିଗ୍ରାହୀ ପ୍ରମୁଖ ଉପସ୍ଥିତ ଥିଲେ। ସୁଶାନ୍ତ ପ୍ରଧାନ, ପ୍ରଧାନ ଆଚାର୍ଯ୍ୟ ତରୁଣ ତ୍ରିପାଠୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସମ୍ବିତ କୁମାର ଧନ୍ୟବାଦ ଅର୍ପଣ କରିଥିଲେ।

## ଲୋକ କଳାକାର ଇନ୍ଦ୍ର ଧରୁଆଙ୍କ ପରଲୋକ



ବଲାଙ୍ଗିର,୫।୯(ସମିସ): ବଲାଙ୍ଗିର ଜିଲ୍ଲା ଚନ୍ଦନଭାଟୀ ପଞ୍ଚାୟତ ସାଲେପାଲି ଗ୍ରାମର ଲୋକ କଳାକାର ଇନ୍ଦ୍ର ଧରୁଆଙ୍କ ଶୁକ୍ରବାର ୪୯ ବର୍ଷ ବୟସରେ ପରଲୋକ ହୋଇଯାଇଛି। କିଛିଦିନ ହେବ ବୁର୍ଲାର ଏକ ଘରୋଇ ଡାକ୍ତରଖାନାରେ ସେ ଚିକିତ୍ସିତ ହେଉଥିଲେ। ଗାଁକୁ ମରଶରୀର ଆସିବାପରେ ଶୋକାକୁଳ ପରିବେଶ ଦେଖିବାକୁ ମିଳିଥିଲା।

## ଯୋଗୀସର୍ଡା ଶୈବପୀଠରୁ ମୂର୍ତ୍ତି ଚୋରି

ଲୋଇସିଂହା,୫।୯(ସମିସ): ବଲାଙ୍ଗିର ଜିଲ୍ଲା ଲୋଇସିଂହା ଥାନା ଅଧୀନ ପ୍ରସିଦ୍ଧ ଶୈବପୀଠ ଯୋଗୀସର୍ଡା ମନ୍ଦିରରୁ ଚୋରି ହୋଇଥିବା ନେଇ ଅଭିଯୋଗ ହୋଇଛି। ମନ୍ଦିରରେ ଥିବା ବହୁ ପୁରୁଣା ତଥା ମୂଲ୍ୟବାନ ଧାତୁରେ ତିଆରି ହୋଇଥିବା ଶିବ ଓ ପାର୍ବତୀଙ୍କ ମୂର୍ତ୍ତି ଚୋରି ହୋଇଥିବା ଲୋଇସିଂହା ଥାନାରେ ଅଭିଯୋଗ ହୋଇଛି। ଗୁରୁବାର ରାତିରେ ଏହି ଚୋରି ହୋଇଛି। ଅଭିଯୋଗ ପାଇବା ପରେ ଥାନା ଅଧିକାରୀ ଯାଜ୍ଞସେନୀ ନାୟକ ମନ୍ଦିରକୁ ଯାଇ ଘଟଣାର ତଦନ୍ତ ଆରମ୍ଭ କରିଛନ୍ତି।

## କାର୍‌ରୁ ୩୦ କେଜି ଗଞ୍ଜେଇ ଜବତ

ଦେଓଗାଁ,୫।୯(ସମିସ): ବଲାଙ୍ଗିର ଜିଲ୍ଲା ଦେଓଗାଁ ଥାନା ଅଧୀନ ନାଇକେନସିରା ଛକରେ ଶୁକ୍ରବାର ସକାଳେ ଏକ କାରରୁ ୩୦କେଜି ଗଞ୍ଜେଇ ଜବତ ହୋଇଛି। ଏଥିରେ ସଂପୃକ୍ତି ୨ଜଣକୁ ପୁଲିସ ଗିରଫ କରଚି। ଅଭିଯୁକ୍ତ ଦ୍ୱୟ ହେଲେ ଅଭିଯୁକ୍ତ ଛତିଶଗଡ ରାଜ୍ୟ କୋର୍ବା ଜିଲ୍ଲା କାନବା ଗାଁର ପ୍ରବୀଣ ମହାପାତ୍ର(୨୭) ଓ ବିଳାସପୁର ଜିଲ୍ଲା ତଖଟପୁର ଗାଁର ପରମେଶ୍ୱର ଦାଶ। ଥାନା ଅଧିକାରୀ ବୁଲୁ ମୁଣ୍ଡା ସୂଚନା ଦେଇଛନ୍ତି ଯେ, କାରଟି ଗଞ୍ଜେଇ ନେଇ ତୁଷୁରାପଟରୁ ଛତିଶଗଡ ଅଭିମୁଖେ ଯାଉଥିଲା। ଦେଓଗାଁ ପୁଲିସ ଖବର ପାଇ ନାଇକେନସିରା ଛକରେ ଜଗି ରହିଥିଲା। ଯାଞ୍ଚବେଳେ ଗଞ୍ଜେଇ ମିଳିଥିଲା। ଏହାସହ କାରରେ ୨ଟି ନମ୍ବର (ଓଡି୦୩ବିୱାଇ୭୬୮୯ ଏବଂ ସିଜି୧୨ବିଆର୦୨୫୩) ଲାଗିଥିଲା।



# ତୃଣମୂଳରୁ ସଙ୍ଗଠନ ସଙ୍ଗଠିତ କରିବ କଂଗ୍ରେସ

ବଲାଙ୍ଗିର,୫।୯(ସମିସ)





ବଲାଙ୍ଗିର ସାମ୍ବାଦିକ ଭବନରେ କଂଗ୍ରେସ ପକ୍ଷରୁ ସଙ୍ଗଠନ ସୃଜନୀ ସଂପର୍କିତ ଏକ ସାମ୍ବାଦିକ ସମ୍ମିଳନୀ ଅନୁଷ୍ଠିତ ହୋଇଯାଇଛି। କଂଗ୍ରେସ ସଙ୍ଗଠନକୁ ତୃଣମୂଳ ସ୍ତରରୁ ସଙ୍ଗଠିତ କରିବା ପାଇଁ ଦଳ ପକ୍ଷରୁ ଆରମ୍ଭ କରାଯାଇଥିବା ଏହି ଅଭିଯାନର ରୂପରେଖ ଉପରେ ପର୍ଯ୍ୟବେକ୍ଷକମାନେ ସ୍ପଷ୍ଟ କରିଥିଲେ। ଜିଲ୍ଲା କଂଗ୍ରେସ ଷ୍ଟିଅରିଂ କମିଟି ସଂଯୋଜକ ଅନିଲ ମେହେରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ସାମ୍ବାଦିକ ସମ୍ମିଳନୀରେ ଏଆଇସିସି ପର୍ଯ୍ୟବେକ୍ଷକ ସିଡି ମୟପ୍ପନ ଜିଲ୍ଲା କଂଗ୍ରେସ ସଭାପତି ମନୋନୟନ ପାଇଁ କଂଗ୍ରେସ ପକ୍ଷରୁ ନିଆଯାଇଥିବା ଅଭିନବ କାର୍ଯ୍ୟକ୍ରମ ବିଷୟରେ ପ୍ରକାଶ କରିଥିଲେ। ପର୍ଯ୍ୟବେକ୍ଷକ ଟିମ୍ ବଲାଙ୍ଗିରର ସମସ୍ତ ନିର୍ବାଚନମଣ୍ଡଳୀ, ବ୍ଲକ୍ ବୁଲି କଂଗ୍ରେସ କର୍ମୀ ତଥା ବିଭିନ୍ନ ବର୍ଗର ଲୋକଙ୍କ ଭେଟି ଜିଲ୍ଲା କଂଗ୍ରେସ ସଭାପତି ପଦବୀ ପାଇଁ ଆଲୋଚନା କରିବେ। ଏହି ଅଭିଯାନ ପ୍ରଥମେ ଗୁଜୁରାଟରେ କରାଯାଇଥିବା ବେଳେ ପରବର୍ତ୍ତୀ ସମୟରେ କଂଗ୍ରେସ ଅଧ୍ୟକ୍ଷ ମଲିକାର୍ଜୁନ ଖଡଗେ ଓ କେନ୍ଦ୍ର ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀଙ୍କ ନିର୍ଦ୍ଦେଶକ୍ରମେ ଓଡିଶାରେ ମଧ୍ୟ କରାଯାଉଥିବା ସେ ପ୍ରକାଶ କରିଥିଲେ। ପ୍ରଥମେ ଜିଲ୍ଲା କଂଗ୍ରେସ ସଭାପତି ଓ ପରେ ବ୍ଲକ ଓ ଅନ୍ୟ କମିଟି ସଭାପତି ମଧ୍ୟ ଚୟନ କରାଯିବ। ଏହି ସାମ୍ବାଦିକ ସମ୍ମଳନୀରେ ଅନ୍ୟମାନଙ୍କ ମଧ୍ୟରେ ପୂର୍ବତନ ମନ୍ତ୍ରୀ ଶରତ ରାଉତ, ପିସିସି ପର୍ଯ୍ୟବେକ୍ଷକ ନିମାଇଁ ସରକାର, ଅମିତା ବିଶ୍ୱାଳ, ସମରେନ୍ଦ୍ର ମିଶ୍ର, ମନୋଜ ମିଶ୍ର, ରାଜ୍ୟ ମୁଖପାତ୍ର ଅଭିଷେକ ମହାନନ୍ଦ ପ୍ରମୁଖ ଏହି ସାମ୍ବାଦିକ ସମ୍ମିଳନୀରେ ଉପସ୍ଥିତ ଥିଲେ। ସ୍ଥାନୀୟ ବରିଷ୍ଠ ନେତାମାନଙ୍କ ସହଯୋଗ ଓ ପରାମର୍ଶକ୍ରମେ କଂଗ୍ରେସ ଦଳକୁ ପୁଣି ଥରେ ଜିଲ୍ଲାରେ ସଙ୍ଗଠିତ କରାଯିବ ବୋଲି ପୂର୍ବତନ ମନ୍ତ୍ରୀ ଶରତ ରାଉତ କହିଥିଲେ।

# ଆଦି କର୍ମଯୋଗୀ ଅଭିଯାନର ପ୍ରଶିକ୍ଷଣ କର୍ମଶାଳା

ବଲାଙ୍ଗିର,୫।୯(ସମିସ): ବଲାଙ୍ଗିର ଜିଲ୍ଲା ପଞ୍ଚାୟତ ସାଧନ କେନ୍ଦ୍ରରେ ଜିଲ୍ଲା ପ୍ରଶାସନ ଦ୍ୱାରା 'ଆଦି କର୍ମଯୋଗୀ ଅଭିଯାନ'ର ଜିଲ୍ଲାସ୍ତରୀୟ ପ୍ରଶିକ୍ଷଣ କର୍ମଶାଳା ଆରମ୍ଭ ହୋଇଛି। ଏହ ୩ ଦିନିଆ କର୍ମଶାଳାକୁ ଅତିରିକ୍ତ ଜିଲ୍ଲାପାଳ ପବିତ୍ର ବେହେରା ଉଦ୍‌ଘାଟନ କରିଥିଲେ। ଜିଲ୍ଲାର ୨୫୮ଟି ଜନଜାତି ବହୁଳ ଗ୍ରାମ ଏହି ଯୋଜନାରେ ଅନ୍ତର୍ଭୁକ୍ତ ହୋଇଛି। ୭ଟି ପ୍ରମୁଖ ବିଭାଗ ପଞ୍ଚାୟତିରାଜ ଓ ପାନୀୟଜଳ, ଗ୍ରାମ୍ୟ ଉନ୍ନୟନ, ସ୍ୱାସ୍ଥ୍ୟ, ଜଙ୍ଗଲ ପରିବେଶ ଓ ଜଳବାୟୁ ପରିବର୍ତ୍ତନ, ଗଣଶିକ୍ଷା, ମହିଳା ଓ ଶିଶୁବିକାଶ, ଅନୁସୂଚିତ ଜନଜାତି ଓ ଜାତି ଉନ୍ନୟନ ବିଭାଗର ୭୬ଜଣ ଅଧିକାରୀ ବା ଆଦି କର୍ମଯୋଗୀ ଶିବିରରେ ପ୍ରଶିକ୍ଷଣ ନେଉଛନ୍ତି। ଗ୍ରାମୀଣ ଜନଭାଗି ଦ୍ୱାରା ଜନଜାତି ବହୁଳ ଗ୍ରାମଗୁଡିକରେ ଏହି ଯୋଜନା ମାଧ୍ୟମରେ ସମୂହ ବିକାଶ କରାଯିବ। ବଲାଙ୍ଗିର ଜିଲ୍ଲା ପରିଷଦ ନିର୍ବାହୀ ଅଧିକାରୀ ତଥା ମୁଖ୍ୟ ଉନ୍ନୟନ ଅଧିକାରୀ ତରଣୀ ସୁନାଙ୍କ ତତ୍ତ୍ୱାବଧାନରେ ଜିଲ୍ଲା ମଙ୍ଗଳ ଅଧିକାରୀ ପ୍ରତାପ ଚନ୍ଦ୍ର ମହାନ୍ତି, ତୁରେକେଲା ବିଡିଓ ପୂର୍ଣ୍ଣଚନ୍ଦ୍ର ପଟେଲ, ଗୁଡଭେଲା ଅତିରିକ୍ତ ବିଡିଓ ରାମଦତ୍ତ ଭୋଇ, ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଆନନ୍ଦ ମିଶ୍ର, ଅତିରିକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀ ଦାମୋଦର ବିଶ୍ୱାଳ, ପାନୀୟ ଜଳ ବିଭାଗର ସହକାରୀ ଯନ୍ତ୍ରୀ ଖଗେନ୍ଦ୍ର ବାରିକ, ସମାଜିକ କଲ୍ୟାଣ ଅଧିକାରୀ ଏସ୍. ଗୀତା ପ୍ରମୁଖ ତାଲିମ ପ୍ରଦାନ କରୁଛନ୍ତି। ଜିଲ୍ଲା ମଙ୍ଗଳ କାର୍ଯ୍ୟାଳୟର ସମସ୍ତ କର୍ମଚାରୀ ସହଯୋଗ କରୁଛନ୍ତି। କେନ୍ଦ୍ର ଜନଜାତି ବ୍ୟାପାର ମନ୍ତ୍ରାଳୟ ଓ ଓଡ଼ିଶା ସରକାରଙ୍କ ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗ ଆନୁକୂଲ୍ୟରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି।





## ଆଜିର ରାଶିଫଳ

**ମେଷ:** ଆଜିର ଦିନଟି ଆପଣଙ୍କ ପାଇଁ ବହୁତ ଭଲ। ପରିଶ୍ରମ ଅନୁସାରେ ଫଳ ମିଳିବ। ମାନସମ୍ମାନ ବୃଦ୍ଧି ପାଇବ। ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ।

**ବୃଷ:** ଦୂର ଯାତ୍ରା ଯୋଗ ଅଛି। ଯାନବାହନ କିଣିପାରନ୍ତି। ନିବେଶରୁ ଦୂରେଇ ରୁହନ୍ତୁ। ଛାତ୍ରଛାତ୍ରୀ ମନପସନ୍ଦ କାର୍ଯ୍ୟରେ ସମୟ ଅତିବାହିତ କରିବେ। ବନ୍ଧୁଙ୍କ ସହ ମନୋମାଳିନ୍ୟ ଦେଖା ଦେବ।

**ମିଥୁନ:** କ୍ୟାରିୟରକୁ ଗୁରୁତ୍ୱ ଦେବେ। ମହିଳାମାନେ ଅଳଙ୍କାର କିଣାକିଣିରେ ସମୟ ଅତିବାହିତ କରିବେ। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିପାରେ। ଆୟ ଅନୁସାରେ ବ୍ୟୟ ହେବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ଚାକିରିରେ ସଫଳତା ମିଳିବ। ନୂତନ ଜମି କ୍ରୟ କରିପାରନ୍ତି। ପରିବାର ସହିତ ହସଖୁସିର ସମୟ ବିତାଇବେ। ଜୀବନସାଥୀଙ୍କ ସହଯୋଗ ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେଇପାରେ। ଘରେ ପୂଜାପାଠ ଆୟୋଜନ କରିବେ। ଆୟର ନୂଆ ଅବସର ପ୍ରାପ୍ତ ହେବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିପାରେ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ଦୀର୍ଘ ଦିନର ଆଶା ପୂରଣ ହେବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିରୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଉଧାର ଟଙ୍କା ଫେରି ପାଇବେ। ଅପ୍ରିୟ ସତ କହି ସମସ୍ୟାରେ ପଡ଼ିପାରନ୍ତି। କଳା ଓ ସାହିତ୍ୟ ପ୍ରତି ରୁଚି ବଢ଼ିବ। ରାଜନେତାଙ୍କ ପାଇଁ ଦିନଟି ଭଲ। ଅଫିସ୍ କାମ ପାଇଁ ଦୂର ସ୍ଥାନକୁ ଯାତ୍ରା ଯୋଗ ଅଛି।

## ଆଜିର ଇତିହାସ

- ୧୯୧୬- ପ୍ରଥମ ସୁପର୍ ମାର୍କେଟ୍ ଆମେରିକାର ଟେନେସିରେ ଖୋଲିଲା।
- ୧୯୪୮- ଜୁଲିଆନା ନେଦରଲ୍ୟାଣ୍ଡର ମହାରାଣୀ ହେଲେ।
- ୧୯୭୫: ତୁର୍କୀରେ ହୋଇଥିବା ଭୂମିକମ୍ପରେ ୨୦୦୦ ବ୍ୟକ୍ତିଙ୍କ ମୃତ୍ୟୁ ହୋଇଥିଲା।
- ୧୯୯୭- ସପ୍ତାହେ ଧରି ଶୋକ ପାଳନ ପରେ ଯୁବରାଣୀ ଡାଏନାଙ୍କୁ ବ୍ରିଟେନ୍ ସହ ବିଶ୍ୱବାସୀ ଶେଷ ବିଦାୟ ଦେଇଥିଲେ।




### ଭିନ୍ନ ଜଣେ ବ୍ୟକ୍ତି

## କଳରେ ଜାକିଛନ୍ତି ୧୫୦ରୁ ଅଧିକ ପିନ୍

ଅନେକ ଲୋକ ଅଛନ୍ତି ଯେଉଁମାନେ ସେମାନଙ୍କର ବଦଭ୍ୟାସ ପାଇଁ ମଧ ଚର୍ଚ୍ଚାରେ ରହିଥାନ୍ତି। ସେମିତି ଜଣେ ବ୍ୟକ୍ତି ହେଲେ, ମଧ୍ୟପ୍ରଦେଶ ସତନାର ସଞ୍ଜୟ ବିଶ୍ୱକର୍ମା। ୪୫ ବର୍ଷୀୟ ସଞ୍ଜୟ ପାଟିକଳରେ ୧୫୦ରୁ ଅଧିକ ପିନ୍ ଜାକି ରଖିଥାନ୍ତି। ଗୁରୁତ୍ୱପୂର୍ଣ୍ଣ କଥାଟି ହେଲା, ଏପରି କରିବା ସତ୍ତ୍ୱେ ତାଙ୍କର ଖାଦ୍ୟପେୟରେ କୌଣସି ସମସ୍ୟା ହୋଇନାହିଁ କି ତାଙ୍କର ଦନ୍ତଜନିତ ସମସ୍ୟା ମଧ ନାହିଁ। ତେବେ ଏନେଇ ସଞ୍ଜୟଙ୍କ କହିବା କଥା, 'ପାନରେ ଚୂନ ଅଧିକ ହୋଇଗଲେ କଳ ଖାଇଯିବା ଆଶଙ୍କା ଥାଏ। ପିନ୍ ଥିଲେ ପାଟି ଭିତରେ ଏଭଳି ସମସ୍ୟା ଉପୁଜେ ନାହିଁ।' ସଞ୍ଜୟ ୧୨ ବର୍ଷ ବୟସରୁ ପାନ ଖାଇବା ଆରମ୍ଭ କରିଥିଲେ। ପାନ ଖାଇବା ସମୟରେ ସେ ଦାନ୍ତରେ ଲାଖି ରହୁଥିବା ଗୁଆକୁ କାଢ଼ିବା ପାଇଁ ଦିଆସିଲି କିମ୍ବା ଧୂପକାଠିକୁ ବ୍ୟବହାର କରୁଥିଲେ। ହେଲେ ଏହା ଜଲ୍‌ଦି ଭାଙ୍ଗିଯାଉଥିଲା। ଏହାର ବିକଳ୍ପ ଭାବେ ସେ ପିନ୍‌କୁ ବାଛିଥିଲେ। ଧୀରେ ଧୀରେ ସେ ପିନ୍‌କୁ ପାଟିରେ ଜାକି ରଖିବା ଆରମ୍ଭ କଲେ। ଏହା ତାଙ୍କର ଅଭ୍ୟାସରେ ପରିଣତ ହୋଇଥିଲା। ଦିନକୁ ଦିନ ଏହି ପିନ୍ ସଂଖ୍ୟା ବଢ଼ିଲା। ତାଙ୍କ କହିବାନୁଯାୟୀ, ସେ ଏଥିପାଇଁ କେବେହେଲେ ପିନ୍ କିଣି ନାହାନ୍ତି। ସେ ଡ୍ରେସ୍ ଦୋକାନ, ଅଫିସ୍‌ଗୁଡ଼ିକରୁ ପିନ୍ ଲୁଚାଇ ନେଇ ଆସନ୍ତି। ସମୟ କ୍ରମେ ତାଙ୍କ ପାଖରେ ପିତ୍ତଳ, ଷ୍ଟିଲ୍, ଲୁହା ସମେତ ବିଭିନ୍ନ ଡିଜାଇନ୍‌ର ପିନ୍ ବଢ଼ିବାକୁ ଲାଗିଲା। ଲୋକେ ତାଙ୍କୁ ଏବେ ତାଙ୍କର ଏହି ସ୍ୱଭାବ ପାଇଁ ଜାଣୁଛନ୍ତି। ତାଙ୍କର ଏହି ନିଆରା ଅଭ୍ୟାସ ସ୍ଥାନୀୟ ଅଞ୍ଚଳରେ ଚର୍ଚ୍ଚାର ପ୍ରସଙ୍ଗ ପାଲଟିଛି। ଦାନ୍ତଘଷିବା, ଭୋଜନ ଏପରିକି ଗାଧୋଇବା ସମୟରେ ମଧ କଳରେ ସେ ପିନ୍ ଜାକିଥାନ୍ତି। କିଛି ବର୍ଷ ପୂର୍ବେ କିଛି ଗଣମାଧ୍ୟମ ପ୍ରତିନିଧି ତାଙ୍କୁ ଜବଲପୁର ଚିକିତ୍ସାଳୟକୁ ନେଇ ତାଙ୍କ ପାଟିର ଯାଞ୍ଚ କରାଇଥିଲେ। ଡାକ୍ତରମାନେ ତାଙ୍କୁ ଦେଖି ବିସ୍ମିତ ହୋଇଥିଲେ। ସେ ଯେଉଁ କଳରେ ପାନ ଖାଉଥିଲେ ସେହି କଳ ତାଙ୍କର ଖାଇ ଯାଇଥିଲା। ହେଲେ ଯେଉଁ କଳରେ ସେ ପିନ୍ ଜାକିଥିଲେ ସେଥିରେ କୌଣସି ସମସ୍ୟା ନ ଥିଲା। ତାହା ସମ୍ପୂର୍ଣ୍ଣ ସୁରକ୍ଷିତ ଥିଲା। ପ୍ରଥମେ ପ୍ରଥମେ ତାଙ୍କର ଏପରି ଅଭ୍ୟାସ ଦେଖି ସଞ୍ଜୟଙ୍କ ପିତାମାତା ବିରକ୍ତ ହେଉଥିଲେ। ଧୀରେ ଧୀରେ ସେମାନେ ଏହାକୁ ଅଣଦେଖା କରି ଦେଇଥିଲେ। ସେହିପରି ସଞ୍ଜୟଙ୍କ କହିବାନୁଯାୟୀ ସ୍କୁଲ୍, କଲେଜ ସମୟରେ ସେ ତାଙ୍କର ଏହି ଅଭ୍ୟାସକୁ କାହାରିକୁ ଜଣାଇ ନ ଥିଲେ। ଏବେ କିନ୍ତୁ ଲୋକେ ତାଙ୍କୁ ଏବାବଦରେ ଖୁଲମ୍‌ଖୁଲ୍ଲା ପଚାରୁଛନ୍ତି।

## ଆସିବ 'ଫୋର୍ସ ୩'



ବଲିଉଡ୍ ଅଭିନେତା ଜନ୍ ଆବ୍ରାହମ୍‌ଙ୍କ ଆକ୍ସନ୍‌ଭିତ୍ତିକ ଚଳଚ୍ଚିତ୍ର 'ଫୋର୍ସ' ଓ 'ଫୋର୍ସ ୨' ଦୁଇଟି ଯାକ ଫିଲ୍ମ ବକ୍ସ ଅଫିସ୍‌ରେ ହିଟ୍ ହୋଇଛି। ଏହି ଦୁଇଟି ଫିଲ୍ମରେ ଜନ୍ ଦମ୍‌ଦାର୍ ଅବତାରରେ ନଜର ଆସିଥିଲେ। ଏହାର ଦ୍ୱିତୀୟ ପାର୍ଟ ୨୦୧୬ରେ ଆସିଥିଲା। ସେବେଠାରୁ ଦର୍ଶକେ ଏହି ସିରିଜ୍‌ର ତୃତୀୟ ଫିଲ୍ମକୁ ଅପେକ୍ଷା କରିଛନ୍ତି। ଖୁବ୍‌ଶୀଘ୍ର ଦର୍ଶକେ ଏହି ସିରିଜ୍‌ର ତୃତୀୟ ଫିଲ୍ମ ଦେଖିବାକୁ ପାଇବେ ବୋଲି ଜଣାପଡ଼ିଛି। ଏହି ଫିଲ୍ମ ମାଧ୍ୟମରେ ଜନ୍ ଏସିପି ଯଶବର୍ଦ୍ଧନ ସିଂହ ଭୂମିକାରେ ପୁଣିଥରେ ଦର୍ଶକଙ୍କ ନିକଟକୁ ଫେରିବେ। 'ଖାକି- ଦ ବିହାର ଚାପ୍ଟର' ୱେବ୍ ସିରିଜ୍ ନିର୍ଦ୍ଦେଶନା ଦେଇଥିବା ଭବ୍ୟ ଧୂଲିଆଙ୍କ ସହ ଜନ୍ ଏହି ଫିଲ୍ମର କାମ ମଧ ଆରମ୍ଭ କରିଦେଇଛନ୍ତି। ଚଳିତବର୍ଷ ଶେଷ ଆଡ଼କୁ ଏହାର ସୁଟିଂ ଆରମ୍ଭ ହୋଇପାରେ। 'ଫୋର୍ସ' ସିରିଜ୍‌ର ଅନ୍ୟ ଦୁଇଟି ଫିଲ୍ମ ଭଳି ଜନ୍ ଏଥିରେ ହିରୋ ଭୂମିକାରେ ଦେଖାଯିବେ। ତେବେ ଏଥିରେ ଖଳନାୟକ ଭୂମିକା ପାଇଁ ସେ ଜଣେ ଭଲ କଳାକାର ସନ୍ଧାନରେ ଅଛନ୍ତି। ଜନ୍‌ଙ୍କ କାମ କଥା କହିବାକୁ ଗଲେ ସେ ଶେଷ ଥର ପାଇଁ 'ତେହରାନ୍' ଫିଲ୍ମରେ ନଜର ଆସିଥିଲେ। ଏହା ଓଟିଟି ପ୍ଲାଟଫର୍ମ ନେଟ୍‌ଫ୍ଲିକ୍ସରେ ରିଲିଜ୍ ହୋଇଥିଲା।

## ବିଶ୍ୱର ସବୁଠୁ ଓଜନିଆ ବାଇଗଣ

ବାଇଗଣକୁ କେବଳ ଭାରତ ନୁହେଁ, ବିଶ୍ୱର ବିଭିନ୍ନ ଦେଶର ଲୋକେ ଖାଆନ୍ତି। ଏହି କ୍ରମରେ ଆମେରିକାର ଜଣେ ବ୍ୟକ୍ତି ଏକ ବିଶାଳକାୟ ବାଇଗଣ ଫଳାଇ ଗିନିଜ୍ ବିଶ୍ୱ ରେକର୍ଡ କରିଛନ୍ତି। ଏରିକ୍ ଗନସ୍ଟ୍ରୋମ ନାମକ ଏହି ଚାଷୀ ଜଣକ ଆମେରିକାର ପେନସିଲଭାନିଆରେ ରୁହନ୍ତି। ସେ ଏକ ବିଲେଇ ଓଜନର ବାଇଗଣ ଫଳାଇଛନ୍ତି। ଏହାର ଓଜନ ୩.୯୬୯ କେଜି ରହିଛି। ଗତ ଅଗଷ୍ଟ ୧୯ରେ ଗନସ୍ଟ୍ରୋମ ଏହି ରେକର୍ଡ କରିଥିଲେ। ଗ୍ରେଟ୍ ପମ୍ପକିନ୍ କମନୱେଲଥର ବିଶାଳ ଫଳ ଓ ପନିପରିବା ବିଶେଷଜ୍ଞ ଏହି ବାଇଗଣକୁ ଓଜନ କରି ଏହାକୁ ବିଶ୍ୱର ସବୁଠୁ ଓଜନଦାର ବାଇଗଣ ବୋଲି ଘୋଷଣା କରିଛନ୍ତି। ଗନସ୍ଟ୍ରୋମ ବିଗତ ତିନିବର୍ଷ ହେଲାଣି ତାଙ୍କ ଜମିରେ ଏଭଳି ବିଶାଳକାୟ ପନିପରିବା ଓ ଫଳ ଚାଷ କରି ଆସୁଛନ୍ତି। ଏହା ଏବେ ତାଙ୍କର ଏକ ନିଶା ପାଲଟିଛି। ଦୁଇ ଦଶନ୍ଧି ପୂର୍ବରୁ ସେ ପ୍ରଥମେ ବିଶାଳକାୟ କଖାରୁ ଫଳାଇବା ଆରମ୍ଭ କରିଥିଲେ। ଏହି ସମୟରେ ସେ ଅନେକଗୁଡ଼ିଏ ବିଶାଳକାୟ କଖାରୁ ତାଙ୍କ ଜମିରେ ଫଳାଇଥିଲେ। ତେବେ ଗନସ୍ଟ୍ରୋମ ବିଶ୍ୱ ରେକର୍ଡ ପାଇଁ ଦୁଇଟି ବାଇଗଣ ନେଇଥିଲେ। ଗୋଟିକର ଓଜନ ୩.୯୦୦ କେଜି ହୋଇଥିବାବେଳେ ଅନ୍ୟଟି ୩.୯୬୯ ଓଜନର ଥିଲା। ତେବେ ଚଳିତବର୍ଷ ବାରମ୍ବାର ପାଗ ବଦଳିବାରୁ ଗନସ୍ଟ୍ରୋମଙ୍କୁ ଏହି ବାଇଗଣ ଫଳାଇବାକୁ ବହୁତ କଷ୍ଟ କରିବାକୁ ପଡ଼ିଥିଲା ବୋଲି ସେ କହିଛନ୍ତି।



## ସହଜେ ଶରତ କାଳ



ନିରଞ୍ଜନ ସାହୁ

ଶରତ ଆସିଲା ମରତ ପୁରକୁ
ସୁଷମା ଭଣ୍ଡାର ଧରି
ଶୋଭାପଣେ କିଏ ଶରତ ସହିତ
କଦାପି ହେବନି ସରି ।
ବରଷାର ଭାଉ ରହିବନି ଆଉ
ବାଟ ଭାଙ୍ଗିଯିବ ଚାଲି
ପଚରପଚର ଗାଁ ଦାଣ୍ଡ ଆଉ
ହୋଇବନି ଆଜିକାଲି ।
ବଉଦର ରଙ୍ଗ କଳା ବଦଳରେ
ଧୀରେ ହୋଇଯିବ ଧଳା
ସରସୀର ଜଳ କାଚକେନ୍ଦୁ ପରି
ଦିଶିବ ଘୁମର କଳା ।
ସୁନୀଳ ଆକାଶ ସୁନ୍ଦର ଦିଶିବ
ଧଳା ମେଘ ଭାସୁଥିବ
ତୋଫା ଜହ୍ନ ତହିଁ ବାଦଲ ଉହାଡୁ
ଉଙ୍କି ମାରି ଲୁଚିଯିବ ।
ନଈର ପଠାରେ କାଶତଣ୍ଡୀ ଫୁଟି
ଦିଶିବ ଅପୂର୍ବ ଶୋଭା
ଶ୍ୟାମଳିମା ପାଟ ପିନ୍ଧି ବସୁନ୍ଧରା
ସାଜିଥିବ ମନଲୋଭା ।
ସରସୀରେ କଇଁ, ପଦ୍ମ ଫୁଟିଥିବେ
ଦେଖାଇ ଅପୂର୍ବ ଠାଣି
ଦେବୀ ଆଗମନ କରିବେ ଏକାଳେ
ଭକତଙ୍କ ମନ ଜାଣି ।
ଶରତ କାଳୀନ କୁସୁମ ଫୁଟିବେ
ସୁନ୍ଦର ଦିଶିବ ଧରା
ବାଡ଼ି ବଗିଚା ଯେ ପନିପରିବାରେ
ହୋଇଯାଇଥିବେ ଭରା ।
ଶରତ କାଳୀନ ପ୍ରାକୃତିକ ଶୋଭା
ସଭିଙ୍କର ଜିଣେ ମନ
ଶରତ ସୁଷମା ବଡ଼ ଅନୁପମା
ଯୁଗେଯୁଗେ ପ୍ରତି ସନ ।■

ନିହଲ ପ୍ରସାଦ, ଢେଙ୍କାନାଳ
ମୋ- ୯୯୩୮୭୪୧୫୮୩



## ଦେଖାନ୍ତି ଆମକୁ ଆଲୋକ ପଥ



ସୁଜିତ କୁମାର ମିଶ୍ର

ଦେଖାନ୍ତି ଆମକୁ ଆଲୋକ ପଥ ଯେ
ଅନ୍ଧକାର କରି ଦୂର,
ସିଏ ଆମ ଗୁରୁ ଶିକ୍ଷାରେ ତାଙ୍କର
ଥାଏ ସମାଜର ସ୍ୱର ।
ହାତ ଧରି ଗୁରୁ ଶିଖାନ୍ତି ସଂସାରେ
ଶିକ୍ଷଣୀୟ କଥା ବହୁ,
ବଚନ ତାଙ୍କର କୋମଳ ଆଦର
ଭରିରହିଥାଏ ମହୁ ।
ଆକଟ କରନ୍ତି ପାଶେ ପାଶେ ରହି
ଆମ ହିତ ପାଇଁ ନିତି,
ଭୁଲ ଠିକ ସବୁ ବୁଝାଇ ଦିଅନ୍ତି
ଜାଳି ତାଙ୍କ ଜ୍ଞାନବତୀ ।
ଚଗଲା ହୋଇଲେ ଶ୍ରେଣୀ କକ୍ଷେ ଆମେ
ପିଠିରେ ବସାନ୍ତି ଛାଟ,
ଆମେ ଅରଜିଲେ ଯଶ ଓ କୀରତି
ଛାତି ତାଙ୍କ କୁଣ୍ଢେ ମୋଟ ।
ଆଶିଷ ଦିଅନ୍ତି ହୃଦୟରୁ ତାଙ୍କ
ଆପଣା ସନ୍ତାନ ପରି,
ଆମ ନାଆର ସେ ପରା ସେ ନାଉରୀ
ବିପଦକୁ ନିଜେ ବରି ।
ତୁମେ ପ୍ରେରଣାର ବାରିଧାରା ଆମ
ରହି ତୁମ ତପୋବନେ,
ତୁମ ଚରଣରେ ଗୁହାରି ମୋହର
ଘେନ ଭକ୍ତି ପ୍ରତିକ୍ଷଣେ ।■

ଜନାର୍ଦ୍ଦନପୁର ଶାସନ
କେନ୍ଦୁଝର
ମୋ-୭୬୮୩୮୬୭୭୪୨



# ସୁମନ

## ଏକତା ହିଁ ବଳ





ଲଳିତ ମୋହନ ମିଶ୍ର

ଲଖାରି ଜଙ୍ଗଲରେ ଟୁମ୍ପୁ ପେଚା ରହୁଥିଲା। ରାତି ହେଲେ ଖାଦ୍ୟ ଖୋଜିବାକୁ ଯାଉଥିଲା। ହଠାତ୍ ଦିନେ ସେ ଜଙ୍ଗଲରେ ତମ୍ବୁ ଟଣା ହୋଇଥିବାର ଦେଖିଲା। ତମ୍ବୁ ପାଖରେ ଗୋଟିଏ ଗାଡ଼ି । ଟୁମ୍ପୁ ତମ୍ବୁକୁ ଦେଖି ଡରିଗଲା । ଭାବିଲା ଏହା ଆମ ପାଇଁ ବିପଦ । ସକାଳ ହେବା ପୂର୍ବରୁ, ସେ ଶବ୍ଦ କରି ସମସ୍ତଙ୍କୁ ଉଠାଇଲା । ଗାଡ଼ି ବିଷୟରେ ଅବଗତ କରାଇଲା । ବ୍ଲାକି ଭାଲୁ ମନୁଷ୍ୟମାନଙ୍କ ଆଚରଣ ବିଷୟରେ ପରିଚିତ । କାରଣ ସେ ଏକ ସର୍କସ ଦଳରୁ ଖସି ଆସି ଜଙ୍ଗଲରେ ରହୁଛି । ସେ ଦେଖିଲା କିଛି ଲୋକ ତମ୍ବୁ ଭିତରେ ଶୋଇଛନ୍ତି । ସେମାନଙ୍କ ପାଖରେ ବିଭିନ୍ନ ପ୍ରକାରର ହତିଆର ରହିଛି । ସେମାନେ ଗଛ କାଟିବାକୁ ଜଙ୍ଗଲକୁ ଆସିଛନ୍ତି । ଜ୍ୟାକିଂ ହରିଣ ଏକଥା ଶୁଣି ଥରି ଉଠିଲା । କହିଲା - ଯଦି ଗଛ କଟାଯାଏ, ତେବେ ଆମେ କେଉଁଠି ରହିବା? 'ମଣିଷ ବଡ଼ ସ୍ୱାର୍ଥପର। ତା'ର ଜଙ୍ଗଲି କାଠ ପ୍ରତି ଭାରି ଲୋଭ । ମନୁଷ୍ୟ ଗଛ କାଟି ନିଜକୁ କ୍ଷତି ପହଞ୍ଚାଉଛି । ଗଛରୁ ଜଙ୍ଗଲ ସୃଷ୍ଟି ହୁଏ, ଆମେ ପଶୁ ପକ୍ଷୀମାନଙ୍କ ରହିବା ପାଇଁ ସ୍ଥାନ ମିଳେ । ଗଛ ଦ୍ୱାରା ବର୍ଷା ହୁଏ । ବୃକ୍ଷର ମୂଳ ଉର୍ବର ମାଟିକୁ ଧରି ରଖେ। ବର୍ଷାରେ ଏହାକୁ ଧୋଇ ହେବାକୁ ଦିଏ ନାହିଁ। କେବଳ ଗଛରୁ ହିଁ ସ୍ୱଚ୍ଛ ବାୟୁ ମିଳିଥାଏ', ଚିକୁ ଠେକୁଆ କହିଲା। 'ଖାଦ୍ୟ, ଔଷଧ ଏବଂ ଅନ୍ୟାନ୍ୟ ଜିନିଷ ବୃକ୍ଷରୁ ହିଁ ମିଳିଥାଏ' ବୋଲି ଜମ୍ପି ମାଙ୍କଡ଼ କହିଲା। "ମଣିଷ କ'ଣ ଏସବୁ ବୁଝି ପାରୁନାହିଁ କି ଜାଣି ପାରୁନାହିଁ । ଆମେ ସେମାନଙ୍କୁ ଗଛ କାଟିବାକୁ ଦେବା ନାହିଁ" ଜମ୍ବୋ ହାତୀ ରାଗି କରି କହିଲା। "ସେମାନଙ୍କ ପାଖରେ ବନ୍ଧୁକ ଅଛି। ସେମାନେ ଆମକୁ ମାରି ଦେଇ ପାରିବେ" ବୋଲି ବ୍ଲାକି ଭାଲୁ କହିଲା। ଜମ୍ପି ମାଙ୍କଡ଼ ବହୁତ ସାହସୀ। ସେ ସମସ୍ତଙ୍କୁ କହିଲା,ଯଦି ଆମେ ଏପରି ଭୟଭୀତ ହୋଇ ପଡ଼ିବା ତେବେ କାମ କିଛି ହେବନାହିଁ। ଆମକୁ ଏକାଠି ଯୋଜନା କରିବାକୁ ପଡ଼ିବ । ଆମେ ଜଙ୍ଗଲକୁ ସୁରକ୍ଷିତ ରଖିବା। "ଯାହା କରୁଛ ଶୀଘ୍ର କର, ସେମାନେ ଉଠିଲେ ଗଛ କାଟିବା ଆରମ୍ଭ କରିଦେବେ" ବୋଲି ଜମ୍ବୋ କହିଲା। ଚିକୁ ଠେକୁଆ ମନରେ ଏକ ଯୋଜନା କଲା, ଯଦି ଏହି ହାତ-ହତିଆର ଆମର କରାୟତ ହୋଇଯିବ, ତେବେ ସେମାନେ କିଛି କରି ପାରିବେ ନାହିଁ । ସମସ୍ତଙ୍କୁ ଏହି କଥାଟି ପସନ୍ଦ ଆସିଲା। ସେହି ଅନୁସାରେ ସମସ୍ତେ କାମ କଲେ । ମଣ୍ଟୁ ମୂଷା ଓ କାନ୍ଦୁରୀ ବିରାଡ଼ି ନିଜ ଦାନ୍ତରେ ତମ୍ବୁକୁ ଟିକ୍ ଟିକ୍ କରି କାଟିଦେଲେ । ତମ୍ବୁଟି କଣା ହୋଇଯିବା ପରେ ବ୍ଲାକି ଭାଲୁ ଓ ଜମ୍ପି ମାଙ୍କଡ଼ ଭିତରେ ପଶି ବନ୍ଧୁକ ଏବଂ ହତିଆରଗୁଡ଼ିକୁ ଗୋଟି ଗୋଟି କରି ଜ୍ୟାକିଂ ହରିଣକୁ ବଢ଼ାଇ ଦେଲେ । ଜମ୍ବୋ ହାତୀ ତା'ର ଶୁଣ୍ଢରେ ସେଗୁଡ଼ିକୁ ନେଇ ନଦୀକୁ ଫିଙ୍ଗି ଦେଲା। କିଛି ସମୟ ପରେ ମଣିଷମାନଙ୍କର ନିଦ ଭାଙ୍ଗିଲା । ସମସ୍ତ ପଶୁ ତମ୍ବୁ ଚାରିପାଖରେ ଘେରି ରହିଥିବାର ଦେଖି ସେମାନେ ଭୟଭୀତ ହୋଇଗଲେ। ସେଥିରୁ ଜଣେ ବ୍ୟକ୍ତି କହିଲେ, ଶୀଘ୍ର ବନ୍ଧୁକ ଆଣ । କିନ୍ତୁ ବନ୍ଧୁକ ଏଠାରେ ନାହିଁ। ସେଗୁଡ଼ିକ ଗାଡିରେ । ପଶୁମାନଙ୍କୁ ଦେଖି ସେମାନେ ଭୟରେ ଥରୁଥିଲେ। ତା'ପରେ ବ୍ଲାକିର ଇଶାରାରେ ସମସ୍ତେ ମିଶି ମଣିଷମାନଙ୍କୁ ଆକ୍ରମଣ କଲେ। ମାଙ୍କଡ଼ମାନେ ସେମାନଙ୍କ ହାତ ଏବଂ ଗୋଡ଼ କାମୁଡ଼ି ଦେଲେ । ବିରାଡ଼ି ସେମାନଙ୍କ ନଖରେ ସେମାନଙ୍କୁ ରାମ୍ପି ପକାଇଲେ। ପକ୍ଷୀମାନେ ସବୁଠାରୁ ଅଧିକ ରାଗିଥିଲେ। କାରଣ ଗଛ କାଟିବା ଦ୍ୱାରା ସେମାନଙ୍କ ବସା ନଷ୍ଟ ହୋଇଯାଉଥିଲା। ସେମାନେ ସେମାନଙ୍କର ଥଣ୍ଟରେ ଆଖିକୁ ଆକ୍ରମଣ କଲେ। ମଣିଷମାନେ ଭୟରେ ଚିତ୍କାର କରିବାକୁ ଲାଗିଲେ। ତା'ପରେ ଜମ୍ବୋ ହାତୀ ସମସ୍ତଙ୍କୁ ଅଟକାଇଲା । ଆମେ ସେମାନଙ୍କୁ ମାରିବା ନାହିଁ । ସେମାନଙ୍କୁ ଏଠାରୁ ପଳାଇ ଯିବାକୁ ଦିଅ । ଯାହା ଫଳରେ ସେମାନଙ୍କର ଏହିପରି ଅବସ୍ଥା ଦେଖି ଆଉ କେହି ଏଠାକୁ ଆସିବାକୁ ସାହସ କରିବେ ନାହିଁ। ସମସ୍ତ ପଶୁ ଏବଂ ପକ୍ଷୀ ଏକ ସ୍ଥାନକୁ ଚାଲିଗଲେ। ମଣିଷମାନେ ଗାଡ଼ିରେ କୌଣସି ପ୍ରକାରେ ବସି ପଳାଇଗଲେ। ବ୍ଲାକି ଭାଲୁ କହିଲା, ଆମେ ଏକାଠି ହୋଇ ବୁଦ୍ଧିର ସହିତ କାର୍ଯ୍ୟ କରିବା ଦ୍ୱାରା ଶକ୍ତିଶାଳୀ ହୋଇପାରିଲେ ଏବଂ ସେମାନଙ୍କୁ ପରାସ୍ତ କଲେ। ଆମ ଜଙ୍ଗଲକୁ ଆମେ ସୁରକ୍ଷିତ ରଖି ପାରିଲେ । ତେଣୁ ଏକତା ହିଁ ବଳ ।■

ନୟାଗଡ଼
ମୋ- ୯୪୩୭୯୮୫୮୬୬

## ସକାଳ ଶିଶୁ କୁଇଜ୍-୧୭୫

(୧) କ୍ଷେତ୍ରଫଳ ଦୃଷ୍ଟିରୁ ବିଶ୍ୱର ସବୁଠୁ ବଡ଼ ଦେଶର ନାମ କ'ଣ?
ଉତ୍ତର: ____________

(୨) କୋଟା ସହର କେଉଁ ନଦୀ କୂଳରେ ଅବସ୍ଥିତ?
ଉତ୍ତର: ____________

(୩) ଦୁଇ ଥର ନୋବେଲ ପୁରସ୍କାର ଜିତିଥିବା ପ୍ରଥମ ବ୍ୟକ୍ତି କିଏ ଥିଲେ?
ଉତ୍ତର: ____________

(୪) ଅୟପ୍ପା ମନ୍ଦିର ଭାରତର କେଉଁ ରାଜ୍ୟରେ ଅଛି?
ଉତ୍ତର: ____________


(୫) ମାନବ ଶରୀରର ସବୁ ଛୋଟ ଗ୍ରନ୍ଥିର ନାମ କ'ଣ?
ଉତ୍ତର: ____________

**ଗତ ସପ୍ତାହର କୁଇଜ୍ ବିଜେତା**
- ଦେବାଶିଷ କର, ଆଙ୍ଗପଦା, ଭଦ୍ରକ
- ଦେବାଶିଷ ବଡ୍ଡୁ, ବସ୍ତା, ବାଲେଶ୍ୱର
- ସୁନୀତା ସାହୁ, ମଞ୍ଚେଶ୍ୱର, ଭୁବନେଶ୍ୱର

ସକାଳ ଶିଶୁ କୁଇଜ୍‌ରେ ଅଂଶଗ୍ରହଣ କରୁଥିବା ଛାତ୍ରଛାତ୍ରୀମାନେ ଏବେ ସେମାନଙ୍କ ଉତ୍ତରକୁ sakalasishu@gmail.comରେ ପଠାଇବାକୁ ଅନୁରୋଧ। ତିନିଜଣ ସଠିକ୍ ଉତ୍ତରଦାତାଙ୍କ ନାମ ଏହି ପୃଷ୍ଠାରେ ପ୍ରକାଶ ପାଇବ।


**ଆମର ଯୋଗାଯୋଗ ଠିକଣା**
ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଇଡ୍‌କୋ ପ୍ଲଟ୍ ନଂ- ୯୦-୯୧, ଭଗବାନପୁର, ଭୁବନେଶ୍ୱର-୭୫୧୦୧୯






ଗୌରୀ ପାଇକ
ସପ୍ତମ ଶ୍ରେଣୀ
ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ
ଚନ୍ଦନପାଲା, ନବରଙ୍ଗପୁର






ଦମୟନ୍ତୀ ଟୁଡୁ
ଚତୁର୍ଥ ଶ୍ରେଣୀ
ସରକାରୀ ଉଚ୍ଚ ବିଦ୍ୟାଳୟ
ଅଦାପାଳ, ମୟୂରଭଞ୍ଜ





ପ୍ରୀତିରାଜ୍ ଦାସ
ପଞ୍ଚମ ଶ୍ରେଣୀ
ସେଣ୍ଟ ଜାଭିୟର୍ସ ହାଇସ୍କୁଲ
ଜୋବ୍ରା, କଟକ





ସାଇ ସ୍ୱରୂପ ମହାପାତ୍ର
ତୃତୀୟ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ନିମାପଡ଼ା



# କ୍ରୀଡ଼ା





● ଦୁଲୀପ୍ ଟ୍ରଫି ସେମିଫାଇନାଲ

## କେନ୍ଦ୍ରାଞ୍ଚଳର ଲଢୁଆ ଜବାବ

ବେଙ୍ଗାଲୁରୁ,୫।୯ (ଏଜେନ୍ସି): ଏଠାରେ ଚାଲିଥିବା ପଶ୍ଚିମାଞ୍ଚଳ ବିପକ୍ଷ ଦୁଲୀପ୍ ଟ୍ରଫିର ପ୍ରଥମ ସେମିଫାଇନାଲରେ କେନ୍ଦ୍ରାଞ୍ଚଳ ଲଢୁଆ ଜବାବ ଦେଇଛି। ପ୍ରଥମ ଇନିଂସରେ ପଶ୍ଚିମାଞ୍ଚଳର ୪୩୮ ରନ୍ ଜବାବରେ ଦ୍ୱିତୀୟ ଦିନ ଖେଳ ଶେଷସୁଦ୍ଧା କେନ୍ଦ୍ରାଞ୍ଚଳ ୨ ୱିକେଟରେ ୨୨୯ ରନ୍ ସଂଗ୍ରହ କରିଛି। ଷ୍ଟମ୍ପ ଅପସାରଣ ବେଳକୁ ଶୁଭମ ଶର୍ମା ୬୦ ଓ ଅଧିନାୟକ ରଜତ ପାଟିଦାର ୪୭ ରନ୍‌ରେ ଅପରାଜିତ ରହିଛନ୍ତି। ଉତ୍ତର-ପୂର୍ବାଞ୍ଚଳ ବିପକ୍ଷରେ ଦ୍ୱିଶତକ ହାସଲ କରିଥିବା ଡାନିସ ମାଲେୱର ୭୬ ଓ ଆୟୁଷ ପାଣ୍ଡେ ୪୦ ରନ୍‌ରେ ଆଉଟ ହୋଇଛନ୍ତି। ପୂର୍ବରୁ ତନୁସ କୋଟିଆନଙ୍କ ୭୬ ଓ ଅଧିନାୟକ ଶାର୍ଦ୍ଦୁଳ ଠାକୁରଙ୍କ ୬୪ ରନ୍ ସହାୟତାରେ ପ୍ରଥମେ ବ୍ୟାଟିଂ କରିଥିବା ପଶ୍ଚିମାଞ୍ଚଳ ୪୩୮ ରନ୍‌ରେ ଅଲଆଉଟ ହୋଇଥିଲା। ଦଳ ପକ୍ଷରୁ ଋତୁରାଜ ଗାଏକ୍ୱାଡ ସର୍ବାଧିକ ୧୮୪ ରନ୍ କରିଥିଲେ। କେନ୍ଦ୍ରାଞ୍ଚଳର ସାରାଂଶ ଜୈନ ଓ ହର୍ଷ ଦୁବେ ୩ଟି ଲେଖାଏଁ, ଖଲୀଲ ଅହମ୍ମଦ୍ ୨ଟି ୱିକେଟ ପାଇଥିଲେ।

■ ଦକ୍ଷିଣାଞ୍ଚଳର ବିଶାଳ ସ୍କୋର

ଉତ୍ତରାଞ୍ଚଳ ବିପକ୍ଷ ଦ୍ୱିତୀୟ ସେମିଫାଇନାଲରେ ପ୍ରଥମେ ବ୍ୟାଟିଂ କରିଥିବା ଦକ୍ଷିଣାଞ୍ଚଳ ପ୍ରଥମ ଇନିଂସରେ ୫୩୬ ରନ୍ କରି ଅଲଆଉଟ ହୋଇଯାଇଛି। ଦଳ ପକ୍ଷରୁ ତାମିଲନାଡୁ ଓପନର ଏନ୍ ଜଗଦୀଶନ ସର୍ବାଧିକ ୧୯୭ ରନ୍ କରି ମାତ୍ର ୩ ରନ୍ ଲାଗି ଦ୍ୱିଶତକରୁ ବଞ୍ଚିତ ହୋଇଛନ୍ତି। ଅନ୍ୟମାନଙ୍କ ମଧ୍ୟରେ ତନୟ ତ୍ୟାଗରାଜନ (୫୮), ରିକି ଭୂଇ (୫୪) ଓ ଦେବଦତ୍ତ ପଡିକାଲ (୫୭) ଅର୍ଦ୍ଧଶତକ ହାସଲ କରିଥିଲେ। ଉତ୍ତରାଞ୍ଚଳ ପକ୍ଷରୁ ଯୁବ ସ୍ପିନ ଅଲରାଉଣ୍ଡର ନିଶାନ୍ତ ସିନ୍ଧୁଙ୍କୁ ସର୍ବାଧିକ ୫ଟି ଓ ଅଂଶୁଲ କାମ୍ବୋଜଙ୍କୁ ୨ଟି ୱିକେଟ ମିଳିଥିଲା।

## ଅବସରର ୩ ବର୍ଷ ପରେ ଟେଲରଙ୍କ ପ୍ରତ୍ୟାବର୍ତ୍ତନ

ଆପିଆ, ୫।୯ (ଏଜେନ୍ସି): ନ୍ୟୁଜିଲାଣ୍ଡର ମହାନ କ୍ରିକେଟର୍ ରସ୍ ଟେଲର୍ ଅବସର ନେବାର ୩ ବର୍ଷ ପରେ ନିଷ୍ପତ୍ତିରେ ୟୁ ଟର୍ନ ନେଇଛନ୍ତି। ୪୧ ବର୍ଷୀୟ ଟେଲର ପୁଣିଥରେ ଅନ୍ତର୍ଜାତୀୟ କ୍ରିକେଟ୍ ଖେଳିବାକୁ ନିଷ୍ପତ୍ତି ନେଇଛନ୍ତି। ଟେଲର ଏଥର ନ୍ୟୁଜିଲାଣ୍ଡ ପାଇଁ ନୁହେଁ ବରଂ ଓସେନିଆର ଦ୍ୱୀପ ରାଷ୍ଟ୍ର ସମୋଆ ପାଇଁ ୨୦୨୬ ଟି-୨୦ ବିଶ୍ୱକପ୍ ଯୋଗ୍ୟତା ପର୍ଯ୍ୟାୟ ମ୍ୟାଚ୍ ଖେଳିବେ। ଏଥିଲାଗି ଶୁକ୍ରବାର ଘୋଷିତ ୧୫ ଜଣିଆ ସମୋଆ ଦଳରେ ଟେଲରଙ୍କୁ ସୁଯୋଗ ଦିଆଯାଇଛି। ଟେଲରଙ୍କ ମା ସମୋଆର ନାଗରିକ ହୋଇଥିବାରୁ ତାଙ୍କୁ ସହଜରେ ଏହି ଦ୍ୱୀପରାଷ୍ଟ୍ରର ପାସପୋର୍ଟ ମିଳିଯାଇଥିଲା। ସେହିଭଳି ନ୍ୟୁଜିଲାଣ୍ଡ କ୍ରିକେଟ୍ ବୋର୍ଡର ନିୟମ ଅନୁଯାୟୀ, ଅବସରର ୩ ବର୍ଷ ଅର୍ଥାତ୍ 'କୁଲିଂ ଅଫ୍ ପିରିୟଡ' ପରେ ଜଣେ ଖେଳାଳି ଅନ୍ୟ ଦେଶରୁ ଖେଳିବାକୁ ଯୋଗ୍ୟ ହୋଇଥାଏ। ଯାହାକୁ ଟେଲର ପୂରଣ କରିଥିଲେ। ଉଲ୍ଲେଖଯୋଗ୍ୟ, ଟେଲର ୨୦୨୨ରେ ଅନ୍ତର୍ଜାତୀୟ କ୍ରିକେଟ୍‌ରୁ ଅବସର ନେଇଥିଲେ। ୧୬ ବର୍ଷର କ୍ୟାରିୟରରେ ସେ ନ୍ୟୁଜିଲାଣ୍ଡ ପାଇଁ ୧୧୨ ଟେଷ୍ଟ, ୨୩୬ ଦିନିକିଆ ଓ ୧୦୨ ଟି-୨୦ ମ୍ୟାଚ୍ ଖେଳିଥିଲେ। ତିନୋଟିଯାକ ଫର୍ମାଟ୍‌ରେ ସେ ୧୮ ହଜାରରୁ ଊର୍ଦ୍ଧ୍ୱ ରନ ସଂଗ୍ରହ କରିଛନ୍ତି। ତାଙ୍କ ନାମରେ ମୋଟ୍ ୪୦ଟି ଶତକ ଲିପିବଦ୍ଧ ରହିଛି। ନ୍ୟୁଜିଲାଣ୍ଡର ଏକମାତ୍ର କ୍ରିକେଟର୍ ଭାବେ ସେ ୩ଟି ଯାକ ଫର୍ମାଟ୍‌ରେ ୧୦୦ରୁ ଊର୍ଦ୍ଧ୍ୱ ମ୍ୟାଚ୍ ଖେଳିବାର ସୌଭାଗ୍ୟ ଲାଭ କରିଥିଲେ।

## ଘରୋଇ ମାଟିରେ ଶେଷ ମ୍ୟାଚ୍ ଖେଳିଲେ ମେସି!


ବୁଏନ୍ସ ଆଇରେସ, ୫।୯ (ଏଜେନ୍ସି): ୨୦୨୬ ଫିଫା ବିଶ୍ୱକପ୍ ଯୋଗ୍ୟତା ପର୍ଯ୍ୟାୟର ଏକ ମ୍ୟାଚରେ ଘରୋଇ ଆର୍ଜେଣ୍ଟିନା ୩-୦ ଗୋଲ୍‌ରେ ଭେନେଜୁଏଲାକୁ ପରାସ୍ତ କରିଛି। ଆର୍ଜେଣ୍ଟିନାର ମହାନ ଖେଳାଳି ଲିଓନେଲ୍ ମେସି ଏହି ମ୍ୟାଚରେ ୨ଟି ଗୋଲ୍ ଦେଇଥିଲେ। ବିଶ୍ୱକପ୍ ପୂର୍ବରୁ ଘରୋଇ ମାଟିରେ ଆର୍ଜେଣ୍ଟିନାର ଏହା ଶେଷ ମ୍ୟାଚ୍ ଥିଲା।



ଅଫିସିଆଲ୍ ଭାବେ ୩୮ ବର୍ଷୀୟ ମେସି ନିଜ ଅବସର ନେଇ କୌଣସି ଆନୁଷ୍ଠାନିକ ଘୋଷଣା କରିନାହାନ୍ତି। କିନ୍ତୁ ଘରୋଇ ମାଟିରେ ମେସିଙ୍କ ଏହା ଶେଷ ମ୍ୟାଚ୍ ଥିଲା ବୋଲି ଚର୍ଚ୍ଚା ଜୋର୍ ଧରିଛି। ସେହିଭଳି ମ୍ୟାଚ୍ ପୂର୍ବରୁ ମେସି ମଧ୍ୟ ବେଶ୍ ଭାବବିହ୍ୱଳ ହୋଇପଡ଼ିଥିଲେ। ତିନି ସନ୍ତାନ ଥିଆଗୋ, ମାଟେଓ ଓ କିରୋଙ୍କ ସହ ମେସି ଷ୍ଟାଡିୟମରେ ୮୦ ହଜାର ଦର୍ଶକଙ୍କଠାରୁ ଅଭିବାଦନ ଗ୍ରହଣ କରିଥିଲେ। ଉଲ୍ଲେଖଯୋଗ୍ୟ, ମେସି ଆର୍ଜେଣ୍ଟିନା ପାଇଁ ୧୯୪ ମ୍ୟାଚ୍ ଖେଳି ରେକର୍ଡ ୧୧୪ଟି ଗୋଲ୍ ଦେଇଛନ୍ତି।

ୟୁଏସ୍ ଓପନ୍ ଗ୍ରାଣ୍ଡସ୍ଲାମ୍ ଟେନିସ୍

# ଆନିସିମୋଭା-ସାବାଲେଙ୍କା ମହିଳା ଫାଇନାଲ





ନ୍ୟୁୟର୍କ,୫।୯ (ଏଜେନ୍ସି)

ବିଶ୍ୱର ନଂ-୧ ଖେଳାଳି ବେଲାରୁଷର ଆରିନା ସାବାଲେଙ୍କା ଓ ୮ମ ସିଡ୍ ଆମେରିକାର ଆମାଣ୍ଡା ଆନିସିମୋଭାଙ୍କ ମଧ୍ୟରେ ୟୁଏସ୍ ଓପନ ମହିଳା ଏକକ ଫାଇନାଲ ମୁକାବିଲା ଖେଳାଯିବ। ଆମେରିକାରେ ଗୁରୁବାର ରାତିରେ ଖେଳାଯାଇଥିବା ସେମିଫାଇନାଲ ମୁକାବିଲାରେ ଟପ୍ ସିଡ୍ ସାବାଲେଙ୍କା ୨-୧ ସେଟ୍‌ରେ ଚତୁର୍ଥ ସିଡ ଆମେରିକାର ଜେସିକା ପେଗୁଲାଙ୍କୁ ପରାସ୍ତ କରି ପ୍ରଥମ ଖେଳାଳିଭାବେ ଫାଇନାଲରେ ପ୍ରବେଶ କରିଥିଲେ। ସାବାଲେଙ୍କାର ଏହା କ୍ରମାଗତ ତୃତୀୟ ୟୁଏସ୍ ଓପନ ଫାଇନାଲ। ସେହିପରି ଫର୍ମକୁ ଫେରିଥିବା ଜାପାନର ନାଓମି ଓସାକାଙ୍କୁ ୨-୧ ସେଟ୍‌ରେ ହରାଇ ଆମେରିକାର ଆନିସିମୋଭା ଦ୍ୱିତୀୟ ଗ୍ରାଣ୍ଡସ୍ଲାମ୍ ଟେନିସ ଫାଇନାଲରେ ପ୍ରବେଶ କରିଛନ୍ତି। ଶନିବାର ରାତିରେ ଫାଇନାଲ ମୁକାବିଲା ଖେଳାଯିବ।


ମହିଳା ବିଭାଗରେ ବିଶ୍ୱର ନଂ-୧ ଖେଳାଳି ସାବାଲେଙ୍କା ସେମିଫାଇନାଲରେ ନଂ-୪ ପେଗୁଲାଙ୍କଠାରୁ ବଡ଼ ପ୍ରତିରୋଧର ସମ୍ମୁଖୀନ ହୋଇ ନ ଥିଲେ। ଘରୋଇ ମାଟିରେ ଖେଳୁଥିବା ପେଗୁଲା ଆରମ୍ଭରୁ ଆକ୍ରମଣାତ୍ମକ ଖେଳି ପ୍ରଥମ ସେଟ୍‌କୁ ୬-୪ରେ ଜିତିନେଇଥିଲେ। ଏହାପରେ ସାବାଲେଙ୍କା ଖେଳକୁ ନିଜ ନିୟନ୍ତ୍ରଣରେ ରଖିଥିଲେ। ପେଗୁଲାଙ୍କୁ ସେ ଆଉ କୌଣସି ସୁଯୋଗ ନ ଦେଇ ପରବର୍ତ୍ତୀ ଦୁଇଟି ସେଟ୍‌କୁ ୬-୩, ୬-୪ରେ ଜିତିବା ସହ ଫାଇନାଲରେ ପ୍ରବେଶ କରିଥିଲେ। ଫାଇନାଲରେ ସେ ଯଦି ଘରୋଇ ଦଳର ଆଉ ଜଣେ ଖେଳାଳି ଆନିସିମୋଭାଙ୍କୁ ହରାଇପାରନ୍ତି ତେବେ ୨୦୧୪ ପରେ କ୍ରମାଗତ ଟାଇଟଲ ଜିତିବାରେ ପ୍ରଥମ ମହିଳା ଖେଳାଳି ହେବେ। ୨୦୧୪ରେ ଶେଷଥର ସେରେନା ୱିଲିୟମ୍ସ କ୍ରମାଗତ ଟାଇଟଲ ଜିତିଥିଲେ। ସେହିପରି ଓସାକା ଓ ଆନିସିମୋଭାଙ୍କ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ମୁକାବିଲା ଜୋରଦାର ହୋଇଥିଲା। ପ୍ରଥମେ ଓସାକା ଆକ୍ରମଣାତ୍ମକ ଖେଳି ଟାଇବ୍ରେକରରେ ପ୍ରଥମ ସେଟ୍‌କୁ ଜିତିନେଇଥିଲେ। ଓସାକା ୭-୬ରେ ପ୍ରଥମ ଓ ଆନିସିମୋଭା ୭-୬ ଟାଇବ୍ରେକରରେ ଜିତିନେଇଥିଲେ। ଫଳରେ ମୁକାବିଲା ୧-୧ ସମାନସ୍ତରରେ ରହିଥିଲା। ତୃତୀୟ ତଥା ନିର୍ଣ୍ଣାୟକ ସେଟ୍‌ରେ ଆନିସିମୋଭା ୬-୩ରେ ଜିତିବା ସହ ଫାଇନାଲରେ ପ୍ରବେଶ କରିଥିଲେ।

### ପୁରୁଷ ସେମିଫାଇନାଲ

ୟୁଏସ୍ ଓପନ ପୁରୁଷ ବିଭାଗ ଏକକ ସେମିଫାଇନାଲ ଆଜି ରାତିରେ ଖେଳାଯିବ। ପ୍ରଥମ ସେମିଫାଇନାଲରେ ଉଦୀୟମାନ ତଥା ବିଶ୍ୱର ନଂ-୨ ଖେଳାଳି ସ୍ପେନ୍‌ର କାର୍ଲୋସ ଆଲକାରାଜ ଓ ୭ମ ସିଡ୍ ସର୍ବିଆର ନୋଭାକ ଜୋକୋଭିଚ୍‌ଙ୍କ ମଧ୍ୟରେ ଖେଳାଯିବ। ଏହି ମୁକାବିଲା ଜୋରଦାର କରିବାକୁ ୨୪ଟି ଗ୍ରାଣ୍ଡସ୍ଲାମ୍ ଟାଇଟଲ ଜିତିଥିବା ଜୋକୋଭିଚ୍ ଏଠାରେ ରେକର୍ଡ କରିବାକୁ ଆଶାୟୀ ଅଛନ୍ତି। ଅନ୍ୟପକ୍ଷରେ ବିଶ୍ୱର ନଂ-୧ ଖେଳାଳି ଜାନିକ ସିନ୍ନର ଓ ବିପର୍ଯ୍ୟୟ ସୃଷ୍ଟି କରିଥିବା କାନାଡାର ଫେଲିକ୍ସ ଅଗର-ଆଲିଆସିମେଙ୍କ ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ମୁକାବିଲା ଅନୁଷ୍ଠିତ ହେବ। ଏହି ମ୍ୟାଚ୍‌ରେ ସିନ୍ନରଙ୍କୁ ଫେଭରାଇଟ୍ ବିବେଚନା କରାଯାଉଛି।

### ସେମିରେ ହାରିଲେ ଭାମ୍ବ୍ରୀ-ଭେନସ

ପୁରୁଷ ଯୁଗଳ ସେମିରେ ୟୁକି ଭାମ୍ବ୍ରୀ ଓ ମାଇକେଲ ଭେନସଙ୍କ ଯୋଡି ପରାଜିତ ହୋଇଛନ୍ତି। ଗୁରୁବାର ରାତିରେ ଖେଳାଯାଇଥିବା ଏହି ମୁକାବିଲାରେ ୬ଷ୍ଠ ସିଡ୍ ଗ୍ରେଟବ୍ରିଟେନର ନିଲ ସ୍କୁପସ୍କି ଓ ଜୋ ସାଲିସବରୀଙ୍କ ଯୋଡି ୬-୭, ୭-୬, ୬-୪ ସେଟ୍‌ରେ ଭାମ୍ବ୍ରୀ-ଭେନସଙ୍କୁ ପରାସ୍ତ କରି ଫାଇନାଲରେ ପ୍ରବେଶ କରିଥିଲେ। ୩ଟି ମଧ୍ୟରୁ ୨ଟି ସେଟ୍ ଟାଇବ୍ରେକରରେ ଶେଷ ହୋଇଥିଲେ ମଧ୍ୟ ଭାମ୍ବ୍ରୀ-ଭେନସ ସେମାନଙ୍କଠାରୁ ଅଧିକ ଅଭିଜ୍ଞ ଓ ଶକ୍ତିଶାଳୀ ଯୋଡିଙ୍କୁ ଏଥର ପରାଜିତ କରିବାରେ ସମର୍ଥ ହୋଇ ନ ଥିଲେ। ଭାମ୍ବ୍ରୀଙ୍କ ପରାଜୟ ସହ ଚଳିତ ୟୁଏସ୍ ଓପନରୁ ଭାରତର ପ୍ରତିନିଧିତ୍ୱ ଶେଷ ହୋଇଛି। କିନ୍ତୁ ଭାମ୍ବ୍ରୀ ଭାରତୀୟ ଟେନିସର ନୂଆ ଧ୍ୱଜା ବାହକ ସାବ୍ୟସ୍ତ ହୋଇଛନ୍ତି।



ଏସିଆ କପ୍ ମହିଳା ହକି

## ଭାରତର ବୃହତ୍ ବିଜୟ

ନୂଆଦିଲ୍ଲୀ,୫।୯ (ଏଜେନ୍ସି): ଚୀନ୍‌ର ହାଙ୍ଗଝୋଉଠାରେ ଆଜିଠାରୁ ଆରମ୍ଭ ହୋଇଥିବା ମହିଳା ଏସିଆ କପ୍ ମହିଳା ହକିର ପ୍ରଥମ ମ୍ୟାଚ୍‌ରେ ଭାରତ ବୃହତ ବ୍ୟବଧାନରେ ବିଜୟୀ ହୋଇଛି। ପୁଲ-ବି'ରେ ସ୍ଥାନ ପାଇଥିବା ଭାରତ ତାହାର ପ୍ରଥମ ମୁକାବିଲାରେ ଥାଇଲାଣ୍ଡକୁ ୧୧-୦ ଗୋଲରେ ପରାସ୍ତ କରିଛି। ବିଜୟୀ ଭାରତୀୟ ଦଳ ପକ୍ଷରୁ ମମ୍‌ତାଜ ଖାନ୍, ଉଦିତା ଓ ବିଉଟି ଡୁଙ୍ଗଡୁଙ୍ଗ ୨ଟି ଲେଖାଏଁ ଗୋଲ ସ୍କୋର କରିଥିଲେ। ସଙ୍ଗିତା, ନବନୀତ, ଲାଲରେମସିଆମି, ଶର୍ମିଳା ଓ ଋତୁଜା ଗୋଟିଏ ଲେଖାଏଁ ଗୋଲ ସ୍କୋର କରିଥିଲେ। ପ୍ରଥମାର୍ଦ୍ଧ ଖେଳ ଶେଷ ସୁଦ୍ଧା ଭାରତ ୫-୦ରେ ଆଗୁଆ ରହିଥିଲା ଓ ଚତୁର୍ଥ ତଥା ଶେଷ କ୍ୱାର୍ଟରରେ ଦଳ ଆଉ ୫ଟି ଗୋଲ ସ୍କୋର କରିଥିଲା। ଆସନ୍ତାକାଲି ସନ୍ଧ୍ୟା ୫ଟାରେ ଜାପାନ ସହ ଭାରତ ତାହାର ଦ୍ୱିତୀୟ ପୁଲ-ବି ଲିଗ୍ ମ୍ୟାଚ୍ ଖେଳିବ। ଆଜି ଏହି ପୁଲ୍‌ରେ ଜାପାନ ୯-୦ ଗୋଲରେ ସିଙ୍ଗାପୁରକୁ ପରାସ୍ତ କରିଛି। ସେପ୍ଟେମ୍ବର ୮ ତାରିଖ ଅପରାହ୍ଣ ୨ଟା୩୦ ମିନିଟ୍‌ରେ ସିଙ୍ଗାପୁର ସହ ଭାରତ ଶେଷ ଲିଗ୍ ମ୍ୟାଚ୍ ଖେଳିବ। ସେହିପରି ପୁଲ-ଏ'ର ପ୍ରଥମ ମ୍ୟାଚ୍‌ରେ ଦକ୍ଷିଣ କୋରିଆ ୯-୦ରେ ଚାଇନିଜ୍ ତାଇପେକୁ ପରାସ୍ତ କରିଛି। ଚୀନ୍ ଓ ମାଲେସିଆ ମଧ୍ୟରେ ଦ୍ୱିତୀୟ ଲିଗ୍ ମ୍ୟାଚ୍ ଖେଳାଯାଉଛି। ଏହି ଟୁର୍ଣ୍ଣାମେଣ୍ଟରେ ଚାମ୍ପିଅନ ଦଳ ସିଧାସଳଖ ବିଶ୍ୱକପ୍ ମହିଳା ହକିରେ ଖେଳିବାକୁ ଯୋଗ୍ୟତା ଅର୍ଜନ କରିବ। ଟୁର୍ଣ୍ଣାମେଣ୍ଟରେ ୮ଟି ଦଳ ଅଂଶଗ୍ରହଣ କରୁଛନ୍ତି। ସେପ୍ଟେମ୍ବର ୮ ଯାଏ ଲିଗ୍, ୧୦ରୁ ୧୩ ସୁପର-୪ ଓ ୧୪ରେ ଫାଇନାଲ ମ୍ୟାଚ୍ ଖେଳାଯିବାର କାର୍ଯ୍ୟକ୍ରମ ରହିଛି।



ଜାତୀୟ ବାସ୍କେଟବଲ୍

## ଓଡ଼ିଶା ବାଳିକା ପୁଲ୍ ବିଜେତା

କଟକ,୫।୯ (ସମିସ): ପଞ୍ଜାବ ଲୁଧିଆନାର ବାସ୍କେଟବଲ ଇଣ୍ଡୋର ଷ୍ଟାଡିୟମରେ ଚାଲିଥିବା ୭୫ତମ ଜାତୀୟ କନିଷ୍ଠ ବାସ୍କେଟବଲ ପ୍ରତିଯୋଗିତାରେ ଓଡିଶା ବାଳିକା ଦଳ ପୁଲ୍ ପର୍ଯ୍ୟାୟର ୩ଟି ଯାକ ମ୍ୟାଚ୍ ବିଜୟୀ ହୋଇଛି। ପ୍ରଥମ ମ୍ୟାଚ୍‌ରେ ଆସାମକୁ ୪୫-୩୪ ପଏଣ୍ଟରେ, ଦ୍ୱିତୀୟ ମ୍ୟାଚ୍‌ରେ ବିହାରକୁ ୭୪-୪୧ ପଏଣ୍ଟରେ ଓ ପୁଲ୍ ପର୍ଯ୍ୟାୟର ଶେଷ ଲିଗ୍‌ରେ ମେଘାଳୟକୁ ୭୨-୬୮ ପଏଣ୍ଟରେ ହରାଇଛି। ମେଘାଳୟ ବିପକ୍ଷରେ ରାଜ୍ୟ ଅଧିନାୟିକା କାଜଲ ବାରିକ ୪୨ ପଏଣ୍ଟ ସ୍କୋର କରିଥିବାବେଳେ ନାବ୍ୟା ସାଇଶ୍ରୀ ୧୨ ପଏଣ୍ଟ ସ୍କୋର କରିଥିଲେ। ଓଡିଶା ବାସ୍କେଟବଲ ସଂଘର ସାଧାରଣ ସମ୍ପାଦକ ଅଶୋକ କୁମାର ସାହୁ ଓ ସଭାପତି ଜ୍ଞାନରଞ୍ଜନ ପରିଡା ଦଳର ସମସ୍ତ ଖେଳାଳି ଓ ପ୍ରଶିକ୍ଷକଙ୍କୁ ଶୁଭେଚ୍ଛା ଜଣାଇଛନ୍ତି।

## ଚନ୍ଦ୍ରଶେଖରଙ୍କୁ ଦ୍ୱିମୁକୁଟ

ଭୁବନେଶ୍ୱର,୫।୯ (ସମିସ): ପୁରୀରେ ଆଜି ଶେଷ ହୋଇଥିବା ୧୪ ବର୍ଷରୁ କମ୍ ଏଆଇଟିଏ-ଓଟିଏ ଚାମ୍ପିଅନସିପ୍ ସିରିଜ୍ (ସିଏସ୍୭)ରେ ଓଡ଼ିଆ ଖେଳାଳି ଚନ୍ଦ୍ରଶେଖର ମହାନ୍ତି ଦ୍ୱିମୁକୁଟ ହାସଲ କରିଛନ୍ତି। ୧୪ ବର୍ଷରୁ କମ୍ ବାଳକ ଏକକରେ ଆସାମ ପକ୍ଷରୁ ପ୍ରତିନିଧିତ୍ୱ କରୁଥିବା ଚନ୍ଦ୍ରଶେଖର ୬-୨, ୬-୦ ସେଟ୍‌ରେ ଓଡ଼ିଶାର ସୂୟାସ ପଟ୍ଟନାୟକଙ୍କୁ ହରାଇ ଟାଇଟଲ ଜିତିଥିଲେ। ସେହିପରି ଯୁଗଳରେ ସୂୟାସଙ୍କୁ ସାଥିକରି ଖେଳିଥିବା ଚନ୍ଦ୍ରଶେଖର ୬-୦, ୬-୦ରେ ପଶ୍ଚିମବଙ୍ଗର ରିଷଭ ସେନ ଓ ଓଡ଼ିଶାର ବିରାଂଶ ଶିବାନୀଙ୍କୁ ହରାଇ ଟାଇଟଲ ବିଜୟୀ ହୋଇଛନ୍ତି। ପୁରୀ କ୍ଲବ୍‌ରେ ଆୟୋଜିତ ଏହି ପ୍ରତିଯୋଗିତାରେ ୮ଟି ରାଜ୍ୟରୁ ୩୦ଜଣ ଖେଳାଳି ଅଂଶଗ୍ରହଣ କରିଥିଲେ। ଏହାକୁ ଓଡ଼ିଶା ଓ ପୁରୀ ଜିଲ୍ଲା ଟେନିସ ସଂଘ ପକ୍ଷରୁ ମିଳିତଭାବେ ସେପ୍ଟେମ୍ବର ୧ରୁ ୫ ତାରିଖଯାଏ ଆୟୋଜିତ ହୋଇଥିଲା। ପୁରୀ ଜିଲ୍ଲା ସଂଘ ସମ୍ପାଦକ ସୁନୀଲ କୁମାର ମହାପାତ୍ର ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ଟୁର୍ଣ୍ଣାମେଣ୍ଟ ରେଫରୀ ଦାୟିତ୍ୱ ତୁଲାଇଥିଲେ ଯତୀନ ବସ୍ୱୀ। ଏଥିରେ ଚାମ୍ପିଅନ ଖେଳାଳିଙ୍କୁ ୨୫ ଓ ରନର୍ସଅପଙ୍କୁ ୨୦ ଏଆଇଟିଏ ର୍‍ୟାଙ୍କିଙ୍ଗ୍ ପଏଣ୍ଟ ମିଳିଛି।



## ଜାତୀୟ କ୍ୟାଡେଟ ଅସିଚାଳନାରେ ଭାଗନେବ ଓଡ଼ିଶା



ଭୁବନେଶ୍ୱର, ୫।୯ (ସମିସ): ଉତ୍ତରାଖଣ୍ଡରେ ସେପ୍ଟେମ୍ବର ୧୩ରୁ ଜାତୀୟ କ୍ୟାଡେଟ୍ ଅସି ଚାଳନା ପ୍ରତିଯୋଗିତା ଆରମ୍ଭ ହେବ। ଏଥିଲାଗି ୯ ଜଣିଆ ଓଡ଼ିଶା ଦଳ ଘୋଷଣା କରାଯାଇଛି। ନିତିନ ସ୍ୱାଇଁ ଓ ରୋଶନ ସାହୁ ଦଳର ପ୍ରଶିକ୍ଷକ ରହିଛନ୍ତି। ଏହି ଅବସରରେ ଓଡ଼ିଶା ଅସି ଚାଳନା ସଂଘର ସମ୍ପାଦକ ଦେବେନ୍ଦ୍ର ସାହୁ, ସାଂଗଠନିକ ସମ୍ପାଦକ ସୁମିତ ରଞ୍ଜନ ପୁରୋହିତ ରାଜ୍ୟ ଦଳକୁ ଶୁଭେଚ୍ଛା ଜଣାଇଛନ୍ତି। **ଘୋଷିତ ଓଡ଼ିଶା ବାଳକ କ୍ୟାଡେଟ୍ ଦଳ**: ମାନସ ପ୍ରଧାନ, ସ୍ୱାଗତ ପଟେଲ, ଅଭିନାଶ ସ୍ୱାଇଁ, ବିଭୂପ୍ରସାଦ ସେନାପତି, ସମୀର ପରାଭୋଏ, ଆୟୁଷ ସୁମନ୍ତ ଦାସ, ଦେବାଶିଷ ପଟେଲ ଓ ପ୍ରୋମଜିତ୍ ବେଶରା।

## ରାଜ୍ୟ କ୍ଲବ୍ ଶକ୍ତିଉତ୍ତୋଳନ ଉଦ୍‌ଘାଟିତ

ଭୁବନେଶ୍ୱର,୫।୯ (ସମିସ)

୮୦ ହଜାର ଟଙ୍କା ପୁରସ୍କାର, ଦେଢ଼ ଲକ୍ଷ ଟଙ୍କାର ସପ୍ଲିମେଣ୍ଟ



ରାଜ୍ୟ କ୍ଲବ୍ ଶକ୍ତିଉତ୍ତୋଳନ ଚାମ୍ପିଅନସିପ୍‌ର ତୃତୀୟ ସଂସ୍କରଣ ସ୍ଥାନୀୟ ଉତ୍କଳ କରାଟେ ସ୍କୁଲ ପରିସରରେ ଶୁକ୍ରବାର ଆରମ୍ଭ ହୋଇଛି। ରାଜ୍ୟ ଶକ୍ତିଉତ୍ତୋଳନ ସଂଘ ଓ ଉତ୍କଳ କରାଟେ ସ୍କୁଲ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ କୃତି ପ୍ରତିଯୋଗୀମାନଙ୍କୁ ୮୦ ହଜାର ଟଙ୍କାର ପୁରସ୍କାର, ଦେଢ଼ ଲକ୍ଷ ଟଙ୍କାର ଫୁଡ୍ ସପ୍ଲିମେଣ୍ଟ ଓ ଆପାରେଲ ପ୍ରଦାନ କରାଯିବ ବୋଲି ସଂଘ ପକ୍ଷରୁ ସୂଚନା ଦିଆଯାଇଛି।

ସମଗ୍ର ରାଜ୍ୟରୁ ୨୦୦ରୁ ଅଧିକ ପ୍ରତିଯୋଗୀ ଅଂଶଗ୍ରହଣ କରିଛନ୍ତି। ପ୍ରତିଯୋଗିତାର ପ୍ରଥମ ଦିନରେ ୫୩ କିଗ୍ରା ସବ୍‌ଜୁନିଅରରେ ଦାସ ଫିଟନେସର ବେଦାନ୍ତ ସାହୁ ପ୍ରଥମ ହୋଇଛନ୍ତି। ୫୯ କିଗ୍ରା ଜୁନିଅରରେ ଫିଟନେସ ବକ୍ସର ସନ୍ତୋଷ ସ୍ୱାଇଁ, ସବ୍‌ଜୁନିଅରରେ ମହାବୀର ଫିଟ୍‌ନେସର ଶକ୍ତିରଞ୍ଜନ ସାହୁ ଓ ପୁରୁଷ ବିଭାଗରେ ଫିଟ୍‌ନେସ ମନ୍ତ୍ରାର ପି ଶ୍ରୀନିବାସ ଟାଇଟଲ ଜିତିଛନ୍ତି। ୬୬ କିଗ୍ରା ଜୁନିଅରରେ ୟୁକେଏସ୍ ଜିମ୍‌ର ସୌମେନ ସେନାପତି, ସିନିଅରରେ ଏଚ୍‌ପିଏନ୍ ଜିମ୍‌ର ସୂର୍ଯ୍ୟକାନ୍ତ ପ୍ରଧାନ ଓ ସବ୍‌ଜୁନିଅରରେ ଷ୍ଟାର୍କ ଜିମ୍‌ର ଧୀରେନ୍ଦ୍ର ସ୍ୱାଇଁ ପ୍ରଥମ ସ୍ଥାନ ଅଧିକାର କରିଛନ୍ତି।

## ଜାତୀୟ ଏରୋବିକ୍ ଜିମ୍ନାଷ୍ଟିକରେ ଓଡ଼ିଶାରୁ ୬




ଭୁବନେଶ୍ୱର, ୫।୯ (ସମିସ): ଜାତୀୟ ଏରୋବିକ ଜିମ୍ନାଷ୍ଟିକ ଚାମ୍ପିଅନସିପ୍ ସେପ୍ଟେମ୍ବର ୮ରୁ କେରଳରେ ଆରମ୍ଭ ହେବାକୁ ଯାଉଛି। ଏଥିରେ ୬ ଜଣିଆ ଓଡ଼ିଶା ଦଳ ଅଂଶଗ୍ରହଣ କରିବ। ଦଳରେ ଭୁବନେଶ୍ୱର ଜିମ୍ନାଷ୍ଟିକ ସଂଘର ରଶ୍ମୀରେଖା ସାହୁ, ରତିକାନ୍ତ ପ୍ରଧାନ ଓ ବିଘ୍ନେଶା ଦାସ ସ୍ଥାନ ପାଇଛନ୍ତି। ଅନ୍ୟ ୩ଜଣ ଖେଳାଳି ହେଲେ ଅନିଲ ପରିଡ଼ା, ନୀତୀଶ ମିଶ୍ର ଓ ସାଏଦ୍ ଆଫ୍ରିଦୀ ଅଲି। ରାଜ୍ୟ ଦଳ ଚୟନ ଲାଗି ଅଗଷ୍ଟ ୨୨ରୁ ୨୬ ତାରିଖ ପର୍ଯ୍ୟନ୍ତ ପୁରୀ ଜିଲ୍ଲା ସ୍କୁଲଠାରେ ଶିବିର ଆୟୋଜିତ ହୋଇଥିଲା। ଏହି ଅବସରରେ ଓଡ଼ିଶା ଜିମ୍ନାଷ୍ଟିକ ସଂଘର ସମ୍ପାଦକ ଅଶୋକ ସାହୁ, ଭୁବନେଶ୍ୱର ସଂଘର ସଭାପତି ସୁରେଶ କୁମାର ରାଉତରାୟ, ସମ୍ପାଦକ ନରେନ୍ଦ୍ର ସେଠୀ, ଯୁଗ୍ମ ସମ୍ପାଦକ ଗୁରୁପ୍ରସାଦ ପଟ୍ଟନାୟକ, ଉପସଭାପତି ମୀରାରାଣୀ ଦାସ, ସଦସ୍ୟ ଯଶୋବନ୍ତ ଦାସ ରାଜ୍ୟ ଦଳର ସମସ୍ତ ଖେଳାଳିଙ୍କୁ ଶୁଭେଚ୍ଛା ଓ ଶୁଭକାମନା ଜଣାଇଛନ୍ତି।

ନନ୍ଦିଘୋଷ

'ନନ୍ଦିଘୋଷ ଟିଭି'

ନିମ୍ନଲିଖିତ ପଦବୀ ନିମନ୍ତେ ଦରଖାସ୍ତ ଆହ୍ୱାନ କରୁଛନ୍ତି।
ଆଶାୟୀ ପ୍ରାର୍ଥୀମାନେ ଏଥିପାଇଁ ଆବେଦନ କରିପାରିବେ।

| ପଦବୀ | ଅଭିଜ୍ଞତା |
| --- | --- |
| ୧) ସ୍କ୍ରଲ୍ କପି ଏଡିଟର | ୩ ବର୍ଷର ଅଭିଜ୍ଞତା |
| ୨) ଇନପୁଟ୍ କପି ଏଡିଟର | ୩ ବର୍ଷର ଅଭିଜ୍ଞତା |
| ୩) ବୁଲେଟିନ ପ୍ରଡ୍ୟୁସର | ୫ ବର୍ଷର ଅଭିଜ୍ଞତା |

ନିଜର ସମ୍ପୂର୍ଣ୍ଣ ଶିକ୍ଷାଗତ ଓ ଅନ୍ୟାନ୍ୟ ଯୋଗ୍ୟତା ପ୍ରମାଣପତ୍ର, ସଦ୍ୟ ପାସପୋର୍ଟ ଫଟୋ ସହିତ ୭ ସେପ୍ଟେମ୍ବର ୨୦୨୫ ସୁଦ୍ଧା hr@nandighoshatv.com ଇମେଲ୍ ଯୋଗେ ଆବେଦନ କରିପାରିବେ।

*କେବଳ ନିର୍ବାଚିତ ଆବେଦନଗୁଡିକୁ ସାକ୍ଷାତକାର ପାଇଁ ଡକାଯିବ।

ଯୋଗାଯୋଗ: ୯୪୩୭୦୧୬୪୯୯

ସ୍ୱା/- ମାନବ ସମ୍ବଳ ବିଭାଗ

ନନ୍ଦିଘୋଷ ନେଟ୍‌ୱର୍କ ପ୍ରାଇଭେଟ୍ ଲିମିଟେଡ୍
ଠିକଣା: ପ୍ଲଟ୍ ନଂ.: ୯୦ / ୯୧, ଭଗବାନପୁର ଇଣ୍ଡଷ୍ଟ୍ରିଆଲ୍ ଇଷ୍ଟେଟ୍, ଭୁବନେଶ୍ୱର-୭୫୧୦୧୯

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS